RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

JEYPORE | VOLUME- 43 ISSUE-81 SUNDAY 14 SEPTEMBER 2025 PAGE-12 ₹ 6.00

ବର୍ଷ-୪୩ ସଂଖ୍ୟା-୮୧ ରବିବାର ୧୪ ସେପ୍ଟେମ୍ବର ୨୦୨୫ ପୃଷ୍ଠା-୧୨ ଟ.୬.୦୦


## ବିଶ୍ୱର ପ୍ରଥମ ଏଆଇ ମନ୍ତ୍ରୀ ‘ଡାଏଲା’



### ଦୁର୍ନୀତି ରୋକିବାକୁ ନିଯୁକ୍ତ କଲା ଆଲ୍‌ବେନିଆ

■ **ଟିରାନ,୧୩।୯(ଏଜେନ୍ସି):** ବିଶ୍ୱର ପ୍ରଥମ ଦେଶ ଭାବେ ଆଲ୍‌ବେନିଆ ଏକ ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ (ଏଆଇ) ମନ୍ତ୍ରୀକୁ ନିଯୁକ୍ତି ଦେଇଛି। ୟୁରୋପୀୟ ଦେଶ ଆଲ୍‌ବେନିଆର ଏହି ଏଆଇ ମନ୍ତ୍ରୀଙ୍କୁ ନେଇ ଚର୍ଚ୍ଚା ଆରମ୍ଭ ହୋଇଛି। କୌଣସି ବ୍ୟକ୍ତି ଏହି ମନ୍ତ୍ରୀପଦରେ ନାହାନ୍ତି। ବରଂ ଏହା ପିକ୍ସଲ ଓ କୋଡ୍ ଦ୍ୱାରା ତିଆରି ହୋଇଥିବା ଏକ ଅଭାସୀ ମନ୍ତ୍ରୀ। ଏହା ସମ୍ପୂର୍ଣ୍ଣ ଭାବେ ଏଆଇ ଦ୍ୱାରା କାମ କରିବ। ଏହାର ନାମ ‘ଡାଏଲା’ ରଖାଯାଇଛି। ଆଲ୍‌ବେନିଆ ଭାଷାରେ ‘ଡାଏଲା’ ଅର୍ଥ ଖରା ବା ସୂର୍ଯ୍ୟ। ଦୁର୍ନୀତି ରୋକିବାକୁ ଆଲ୍‌ବେନିଆ ଏହି ଅଭିନବ ଉପାୟ ଅବଲମ୍ବନ କରିଛି। ପ୍ରଧାନମନ୍ତ୍ରୀ ଏଡି ରାମା ଚତୁର୍ଥଥର ପାଇଁ ନିର୍ବାଚନ ଜିତିବା ପରେ କିଛିମାସ ପରେ ଡାଏଲାକୁ ନିଜ କ୍ୟାବିନେଟ୍‌ରେ ସାମିଲ କରିଛନ୍ତି। ଡାଏଲାକୁ ସରକାରୀ ପାଣ୍ଠି ପ୍ରକଳ୍ପ ଓ ପବ୍ଲିକ ଟେଣ୍ଡରରେ ଦୁର୍ନୀତି ରୋକିବାକୁ ଦାୟିତ୍ୱ ପ୍ରଦାନ କରାଯାଇଛି। କିନ୍ତୁ ବିରୋଧୀ ଦଳ ଡେମୋକ୍ରାଟିକ ପାର୍ଟି ଏହାକୁ ସମାଲୋଚନା କରିଛି ଓ ଏହାକୁ ପବ୍ଲିସିଟି ଷ୍ଟଣ୍ଟ ଅର୍ଥାତ ପ୍ରଚାର ସର୍ବସ୍ୱ ବୋଲି ଅଭିହିତ କରିଛି। ଏହାପୂର୍ବରୁ ଡାଏଲା ଆଲ୍‌ବେନିଆରେ କାର୍ଯ୍ୟ କରିଛି। ସେ ଏକ ଏଆଇ ଆଭାସୀ ଆସିଷ୍ଟାଣ୍ଟ ଭାବେ ନାଗରିକଙ୍କୁ ସରକାରୀ କାଗଜପତ୍ର ଦେବାରେ ସହାୟତା ପ୍ରଦାନ କରିଛି। ଏହି କ୍ରମରେ ସେ ୧୦ ଲକ୍ଷ ଲୋକଙ୍କୁ ସାହାଯ୍ୟ କରିଛି ଓ ଆଲ୍‌ବେନିଆ ନାଗରିକ ଡାଏଲା ସହ ପୂର୍ବରୁ ପରିଚିତ ଅଛନ୍ତି।

# ରାଜସ୍ଥାନରୁ ୧୫ରେ ମୌସୁମୀର ଲେଉଟାଣି

### ଏଥର ୭ ପ୍ରତିଶତ ଅଧିକ ବର୍ଷା ହେଲାଣି

### ହିମାଚଳରେ ପୁଣି ବାଦଲ୍‌ଫଟା ବର୍ଷା

■ **ନୂଆଦିଲ୍ଲୀ, ୧୩।୯(ଏଜେନ୍ସି):** ଏଥର ଦେଶରେ ରାଜସ୍ଥାନରୁ ହିଁ ମୌସୁମୀ ବିଦାୟ ନେବା ପ୍ରକ୍ରିୟା ଆରମ୍ଭ କରିବ। ସେପ୍ଟେମ୍ବର ୧୫ରୁ ମୌସୁମୀ ଭାରତ ଏହି ଉତ୍ତରପଶ୍ଚିମ ରାଜ୍ୟରୁ ମେଲାଣି ନେବା ଆରମ୍ଭ କରିବାର ଯଥେଷ୍ଟ ସମ୍ଭାବନା ରହିଛି। ସାଧରଣତଃ ମୌସୁମୀ ଉତ୍ତରପଶ୍ଚିମ ଭାରତରେ ସେପ୍ଟେମ୍ବର ୧୭ରେ ଫେରିବା ଆରମ୍ଭ କରିଥାଏ ଓ ଅକ୍ଟୋବର ୧୫ରେ ଦେଶରୁ ସମ୍ପୂର୍ଣ୍ଣ ଭାବେ ବିଦାୟ ନେଇଥାଏ। ଏଥର ମୌସୁମୀ ମେ ୨୪ରେ କେରଳରେ ପ୍ରଥମେ ପ୍ରବେଶ କରିଥିଲା। ୨୦୦୯ ପରେ ସବୁଠାରୁ ଶୀଘ୍ର ଅର୍ଥାତ ୮ ଦିନ ପୂର୍ବରୁ ଆସିଥିଲା। ▶ପୃଷ୍ଠା-୧୦



### ଭାରତ, ଚୀନ ଉପରେ କଠୋର କଟକଣା ପାଇଁ ମସୁଧା

# ସହଯୋଗୀ ଖୋଜୁଛନ୍ତି ଟ୍ରମ୍ପ



### ଜି-୭, ନାଟୋର ସହାୟତା ଲୋଡ଼ିଲେ

■ **ୱାସିଂଟନ, ୧୩।୯ (ଏଜେନ୍ସି):** ବ୍ୟସ୍ତ ବିବ୍ରତ ହୋଇପଡ଼ିଲେଣି ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ। ଯେତେ ଯାହା କଲେ ମଧ୍ୟ ରୁଷ-ୟୁକ୍ରେନ ଯୁଦ୍ଧ ଅଟକାଇ ପାରୁ ନାହାନ୍ତି। ନୋବେଲ ଶାନ୍ତି ପୁରସ୍କାର ପାଇଁ ବ୍ୟାକୁଳ ଥିବା ଟ୍ରମ୍ପ ତାଙ୍କର ସମସ୍ତ ରାଗ ଭାରତ ଉପରେ ଶୁଝାଉଛନ୍ତି। ରୁଷ ଉପରେ ଚାପ ପକାଇବା ଉଦ୍ଦେଶ୍ୟରେ ଭାରତୀୟ ସାମଗ୍ରୀ ଉପରେ ସେ ୫୦ ପ୍ରତିଶତ ଶୁଳ୍କ ମଧ୍ୟ ଲଗାଇଛନ୍ତି। ଏହାସତ୍ତ୍ୱେ ରୁଷରୁ ତେଲ କିଣିବା ଅବ୍ୟାହତ ରଖିବା ସହିତ ଚୀନ ଓ ରୁଷ ସହିତ ବନ୍ଧୁତା ବଢ଼ାଇ ଚାଲିଛି ଭାରତ। ଏହାକୁ ନେଇ ଅସହାୟ ହୋଇପଡ଼ିଛନ୍ତି ଟ୍ରମ୍ପ। ତେଣୁ ଆମେରିକା ଭଳି ଭାରତ ଓ ଚୀନ ଉପରେ ଅଧିକ ଶୁଳ୍କ ଧାର୍ଯ୍ୟ କରିବା ଲାଗି ସେ ଜି-୭ ରାଷ୍ଟ୍ର ଓ ୟୁରୋପୀୟ ୟୁନିଅନ୍ ଉପରେ ଚାପ ପକାଉଛନ୍ତି। ଦରକାର ପଡ଼ିଲେ ଏହି ଦେଶମାନଙ୍କ ଉପରେ ଶହେ ପ୍ରତିଶତ ଶୁଳ୍କ ବସାଇବାକୁ ସେ ମେ ଦେଇଛନ୍ତି।

ରାଷ୍ଟ୍ରପତି ଟ୍ରମ୍ପଙ୍କ ନିର୍ଦ୍ଦେଶ କ୍ରମେ ଆମରେକାର ଅର୍ଥ ମନ୍ତ୍ରୀ ସ୍କଟ୍ ବେସେଣ୍ଟ ଏବଂ ବାଣିଜ୍ୟ ପ୍ରତିନିଧି ଜେମିସନ୍ ଆଜି ଜି-୭ ଦେଶର ମନ୍ତ୍ରୀମାନଙ୍କୁ ଭେଟି ଟ୍ରମ୍ପଙ୍କ ବାର୍ତ୍ତା ଶୁଣାଇଛନ୍ତି। ସେମାନେ କହିଥିଲେ ଯେ ୟୁକ୍ରେନ ଉପରେ ରୁଷ ଯୁଦ୍ଧ ଶେଷ କରିବାକୁ ହେଲେ ରୁଷରୁ ତେଲ କିଣୁଥିବା ଦେଶମାନଙ୍କ ଉପରେ କଠୋର କଟକଣା ଜାରି କରାଯିବାର ଆବଶ୍ୟକତା ରହିଛି। ସେମାନେ ଭାରତ ଓ ଚୀନକୁ ଟାର୍ଗେଟ କରି ଏହି ଅଭିଯାନ ଚଳାଇଛନ୍ତି। ଏହି ଜି-୭ ସଂଗଠନରେ ଆମେରିକା ସମେତ ବ୍ରିଟେନ, କାନାଡା, ଫ୍ରାନ୍ସ, ଜର୍ମାନୀ, ଇଟାଲୀ ଓ ଜାପାନ ଭଳି ବିକଶିତ ଓ ଶିଳ୍ପ ସମୃଦ୍ଧ ରାଷ୍ଟ୍ର ଅଛନ୍ତି। ଆମେରିକା ସେମାନଙ୍କୁ ବୁଝାଇଛି ଯେ ଜି-୭ ସହଯୋଗ ନକଲେ ଆମେରିକାର କଟକଣା କାମ ଦେବନାହିଁ।

ଗୋଟିଏ ପଟେ ଭାରତ ଏବଂ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ପ୍ରଶଂସା କରି ସମ୍ପର୍କ ସୁଧାରିବା ପାଇଁ ଟ୍ରମ୍ପ ପ୍ରୟାସ କରୁଥିବା ବେଳେ ଅନ୍ୟପଟେ ଜି-୭ ରାଷ୍ଟ୍ର ସହ ମିଶି ଭାରତ ବିରୋଧୀ ଷଡ଼ଯନ୍ତ୍ର କରୁଥିବା ଏଥିରୁ ସ୍ପଷ୍ଟ ହୋଇଯାଉଛି। ଶୁଳ୍କ ଲଗାଇ ବିଶ୍ୱକୁ ଅସ୍ଥିରତା ମଧ୍ୟକୁ ଠେଲି ଦେଇଥିବା ଆମେରିକା ରାଷ୍ଟ୍ରପତି ଜି-୭ ରାଷ୍ଟ୍ର ଗୋଷ୍ଠୀଙ୍କୁ ମଧ୍ୟ ଏପରି କରିବାକୁ ପ୍ରବର୍ତ୍ତାଉଛନ୍ତି। ଏହା ମଧ୍ୟରେ ରୁଷଠୁ ତେଲ କିଣିବାକୁ ନେଇ ଜି-୭ ରାଷ୍ଟ୍ରଙ୍କ ବୈଦେଶିକ ମନ୍ତ୍ରୀ ଭାରତ ସହ ଆଲୋଚନା କରିବେ ବୋଲି ଜଣାପଡ଼ିଛି। ଜି-୭ ଆଲୋଚନା ପରେ ଆମେରିକା ଅର୍ଥ ବିଭାଗ ପକ୍ଷରୁ କୁହାଯାଇଛି ଯେ ସେମାନେ ରାଷ୍ଟ୍ରପତି ଟ୍ରମ୍ପଙ୍କ ବାର୍ତ୍ତା ରଖିଥିଲେ। ୟୁକ୍ରେନ ଯୁଦ୍ଧ ବନ୍ଦ କରିବାକୁ ଚାହୁଁଥିଲେ ରୁଷଠୁ ତେଲ କିଣୁଥିବା ରାଷ୍ଟ୍ର ଉପରେ ଶୁଳ୍କ ଲଗାଇବା ଜରୁରୀ ବୋଲି କହିଥିଲେ। ଏନେଇ ଆମେରିକାକୁ ସହଯୋଗ କରିବା ଆବଶ୍ୟକ। ତେବେ ବିବୃତିରେ କୌଣସି ଦେଶର ନାମ ନିଆଯାଇ ନ ଥିଲା। କିନ୍ତୁ ଭାରତ ଏବଂ ଚୀନ୍‌କୁ ଆମେରିକା ଦୋଷ ଦେଇ ଆସୁଛି। ରୁଷ ଠାରୁ ଚୀନ୍ ସର୍ବାଧିକ ତେଲ କିଣୁଥିବା ବେଳେ ଟ୍ରମ୍ପ କେବଳ ଭାରତ ଉପରେ ଶୁଳ୍କ ଲଗାଇଛନ୍ତି।

ଟ୍ରମ୍ପ ଆଜି ନାଟୋ ଦେଶମାନଙ୍କୁ ମଧ୍ୟ ଭାରତ ଓ ଚୀନ ଉପରେ କଟକଣା ଲଗାଇବାକୁ ଅନୁରୋଧ କରିଛନ୍ତି। ନାଟୋ ସଂଗଠନର ସଭ୍ୟମାନଙ୍କୁ ପତ୍ର ଲେଖି ସେ କହିଛନ୍ତି ଯେ ସେମାନେ ମଧ୍ୟ ରୁଷ ଠାରୁ ତେଲ କିଣିବା ବନ୍ଦ କରନ୍ତୁ। ୟୁକ୍ରେନ ଉପରେ ରୁଷ ଆକ୍ରମଣ ବନ୍ଦ ନକରିବା ପର୍ଯ୍ୟନ୍ତ ଚୀନ ଓ ଭାରତ ଉପରେ ୫୦ରୁ ୧୦୦ ପ୍ରତିଶତ ଶୁଳ୍କ ଧାର୍ଯ୍ୟ କରିବାକୁ ସେ ଚାପ ପକାଇଛନ୍ତି। କାରଣ ଏହି ଦୁଇ ଦେଶ ରୁଷରୁ ସର୍ବାଧିକ ତେଲ କିଣୁଛନ୍ତି। ନାଟୋ ଏଥିରେ ସହଯୋଗ କଲେ ସେ ରୁଷ ଉପରେ ଅଧିକ କଠୋର କଟକଣା ଲଗାଇବାକୁ ପ୍ରସ୍ତୁତ ବୋଲି ଟ୍ରମ୍ପ କହିଛନ୍ତି। ତେବେ ନାଟୋ ଦେଶଙ୍କ ପ୍ରତିକ୍ରିୟା ମିଳିନାହିଁ।

### ଏସିଆ କପ୍ କ୍ରିକେଟ

# ଭାରତ-ପାକ୍ ମୁକାବିଲା ଆଜି




### ମ୍ୟାଚ୍ ବର୍ଜନ ପାଇଁ ଭାରତରେ ଅଭିଯାନ

### ଦୁବାଇ ଯିବେନି ବିସିସିଆଇ କର୍ମକର୍ତ୍ତା

■ **ଦୁବାଇ, ୧୩।୯ (ଏଜେନ୍ସି):** ଟି-୨୦ ବିଶ୍ୱ ଚାମ୍ପିଅନ ଓ ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ପାକିସ୍ତାନ ମଧ୍ୟରେ ଏଠାରେ ଚାଲିଥିବା ଏସିଆ କପ୍ କ୍ରିକେଟ ପ୍ରତିଯୋଗିତାରେ ଆସନ୍ତାକାଲି ମୁକାବିଲା ହେବ। ଏହି ପ୍ରତିଯୋଗିତା ଲାଗି ଉଭୟ ଦଳର ଖେଳାଳି, ସମର୍ଥକ ଓ କର୍ମକର୍ତ୍ତା ପ୍ରସ୍ତୁତ ଥିଲାବେଳେ ଟିକଟ ବିକ୍ରି ହୋଇ ନ ଥିବାରୁ ଏହି ମ୍ୟାଚ୍ ଆକର୍ଷଣ ହରାଇବ ବୋଲି ଆଶଙ୍କା ପ୍ରକାଶ ପାଇଛି। ଆସନ୍ତାକାଲିର ମୁକାବିଲା ଭାରତୀୟ ସମୟ ରାତି ୮ଟାରୁ ଆରମ୍ଭ ହେବ। ଏହି ମ୍ୟାଚ୍‌ର ସିଧାପ୍ରସାରଣ ସୋନି ଟିଭି ନେଟ୍‌ୱର୍କରେ ପ୍ରସାରିତ ହେବ।

ଅନ୍ୟପକ୍ଷରେ ପହଲଗାମ୍ ଆତଙ୍କବାଦୀ ଆକ୍ରମଣ ଏବଂ ଅପରେସନ ସିନ୍ଦୂର ପରିପ୍ରେକ୍ଷୀରେ ଭାରତ-ପାକିସ୍ତାନ ମଧ୍ୟରେ ହେବାକୁ ଥିବା ଏହି ମ୍ୟାଚ୍‌କୁ ବର୍ଜନ ଲାଗି ଦେଶ ଭିତରେ ବଡ଼ ଧରଣର ଅଭିଯାନ ଚାଲିଛି। ବିଶେଷ କରି ବିରୋଧୀ ଦଳ ଏହାର ନେତୃତ୍ୱ ନେଉଛନ୍ତି। ଏଥିରେ କ୍ରିକେଟ ପ୍ରଶଂସକ ମଧ୍ୟ ସାମିଲ ହୋଇଛନ୍ତି। ସେମାନେ ଯୁକ୍ତି କରିଛନ୍ତି ଯେ ପହଲଗାମରେ ପାକିସ୍ତାନୀ ଆତଙ୍କବାଦୀ ଅକ୍ରମଣର ଶିକାର ହୋଇଥିବା ପରିବାର ଆଖିରୁ ଲୁହ ଶୁଖି ନଥିବା ବେଳେ ପାକିସ୍ତାନ ସହ ମ୍ୟାଚ୍ ସେମାନଙ୍କର ଭାବନା ପ୍ରତି ଅସମ୍ମାନ। କେବଳ ଏତିକି ନୁହେଁ; ଏହା ସମଗ୍ର ଦେଶବାସୀଙ୍କ ପ୍ରତି ମଧ୍ୟ ଅପମାନ ଏହାକୁ ବର୍ଜନ କରିବା ପାଇଁ ସେମାନେ ଆହ୍ୱାନ ଜଣାଇଛନ୍ତି। କଂଗ୍ରେସ, ଆପ୍ ଏବଂ ଶିବସେନା (ଉଦ୍ଧବ) ପକ୍ଷରୁ ▶ପୃଷ୍ଠା-୧୦

### ୨୭ରେ ଆସୁଛନ୍ତି ପ୍ରଧାନମନ୍ତ୍ରୀ ମୋଦୀ

# ବ୍ରହ୍ମପୁର ସମାବେଶରେ ଯୋଗଦେବେ

### ଚଳିତ ମାସରେ ବହୁତ କିଛି ହେବ: ତୋମାର

### ପୁଣି ବଢ଼ିଲା ମନ୍ତ୍ରିମଣ୍ଡଳ ପୁନର୍ଗଠନ ଚର୍ଚ୍ଚା



■ **ଭୁବନେଶ୍ୱର, ୧୩।୯ (ସମିସ):** ଆସନ୍ତା ୨୭ ତାରିଖରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓଡ଼ିଶା ଗସ୍ତରେ ଆସୁଛନ୍ତି। ବ୍ରହ୍ମପୁରରେ ଏକ ଜନସମାବେଶରେ ପ୍ରଧାନମନ୍ତ୍ରୀ ଯୋଗଦେବେ। ଖୁବ୍‌ଶୀଘ୍ର ଏନେଇ କାର୍ଯ୍ୟକ୍ରମ ସ୍ଥିର ହେବ ବୋଲି ବିଜେପିର ଓଡ଼ିଶା ପ୍ରଭାରୀ ବିଜୟ ପାଲ୍ ସିଂ ତୋମାର ସୂଚନା ଦେଇଛନ୍ତି। ସେ କହିଛନ୍ତି ଯେ ପ୍ରଧାନମନ୍ତ୍ରୀ ଯେତେବେଳେ ଓଡ଼ିଶା ଗସ୍ତରେ ଆସନ୍ତି, ସେତେବେଳେ ଓଡ଼ିଶାକୁ କିଛି ନା କିଛି ଦେଇକରି ଯାଇଥା'ନ୍ତି। ସବୁ ସମୟରେ ପ୍ରଧାନମନ୍ତ୍ରୀଙ୍କ ଫୋକସ୍‌ରେ ଓଡ଼ିଶା ରହିଥାଏ। ପ୍ରଧାନମନ୍ତ୍ରୀ ସବୁବେଳେ ଯୁବ ଓ ମହିଳା ବର୍ଗକୁ ପ୍ରାଥମିକତା ଦେଇଆସିଛନ୍ତି ବୋଲି ତୋମାର କହିଛନ୍ତି।

ଅପରପକ୍ଷେ ରାଜ୍ୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ, ନିଗମ, ବୋର୍ଡରେ ନିଯୁକ୍ତି ନେଇ ଚର୍ଚ୍ଚା ଥମୁ ନଥିବା ସମ୍ପର୍କରେ ସାମ୍ବାଦିକଙ୍କ ପ୍ରଶ୍ନ ଉପରେ ପ୍ରତିକ୍ରିୟା ରଖି ଶ୍ରୀ ତୋମାର କହିଛନ୍ତି, ଏହି ମାସରେ ରାଜ୍ୟରେ ବହୁତ କିଛି ହେବ। ଶ୍ରୀ ତୋମାରଙ୍କ ଏପରି ବୟାନ ପରେ ଚଳିତ ମାସ ଶେଷ ଆଡ଼କୁ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ସହ କିଛି ନିଗମ ଓ ବୋର୍ଡରେ ନିଯୁକ୍ତି ହୋଇପାରେ ବୋଲି ଦଳୀୟ ମହଲରେ ଆଲୋଚନା ଜୋର୍ ଧରିଛି। ବିଜେପିର ଓଡ଼ିଶା ପ୍ରଭାରୀ ଶ୍ରୀ ତୋମାରଙ୍କ ବକ୍ତବ୍ୟ ପରିପ୍ରେକ୍ଷୀରେ ପ୍ରଧାନମନ୍ତ୍ରୀଙ୍କ ଓଡ଼ିଶା ଗସ୍ତ କାର୍ଯ୍ୟକ୍ରମକୁ ରାଜନୈତିକ ବିଶ୍ଳେଷକମାନେ ମଧ୍ୟ ଭିନ୍ନ ଦୃଷ୍ଟିରେ ଆକଳନ କରୁଛନ୍ତି।

### ଉପନିର୍ବାଚନ ପ୍ରକ୍ରିୟା ଆରମ୍ଭ

# ନୂଆପଡ଼ାରେ ହେବ ଏସ୍ଏସ୍ଆର୍

### ଅକ୍ଟୋବର ୯ରେ ପ୍ରକାଶ ପାଇବ ଚୂଡ଼ାନ୍ତ ସଂଶୋଧିତ ଭୋଟର ତାଲିକା

■ **ଭୁବନେଶ୍ୱର, ୧୩।୯ (ସମିସ):** ନୂଆପଡ଼ା ବିଧାୟକ ରାଜେନ୍ଦ୍ର ଢୋଲକିଆଙ୍କ ଦେହାନ୍ତ ପରେ ଉକ୍ତ ବିଧାନସଭା ଆସନରେ ଉପନିର୍ବାଚନ ପାଇଁ ବିଧିବଦ୍ଧ ଭାବେ ପ୍ରକ୍ରିୟା ଆରମ୍ଭ ହୋଇଛି। ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ପକ୍ଷରୁ ଏହି ନିର୍ବାଚନ ମଣ୍ଡଳୀରେ ଏକ ସ୍ୱତନ୍ତ୍ର ସଂକ୍ଷିପ୍ତ ସଂଶୋଧନ (ଏସଏସଆର) ପାଇଁ କାର୍ଯ୍ୟସୂଚୀ ଜାରି କରାଯାଇଛି। ୨୦୨୫ ଜୁଲାଇ ୧ ତାରିଖକୁ ଯୋଗ୍ୟତା ତାରିଖ ଭାବେ ବିବେଚନା କରି ଜନପ୍ରତିନିଧିତ୍ୱ ଆଇନ, ୧୯୫୦ର ଧାରା ୨୧ ଅନୁଯାୟୀ ଏହି ଭୋଟର ତାଲିକା ସ୍ୱତନ୍ତ୍ର ସଂକ୍ଷିପ୍ତ ସଂଶୋଧନ କରାଯିବ ବୋଲି ମୁଖ୍ୟ ନିର୍ବାଚନ ଅଧିକାରୀ ସ୍ପଷ୍ଟ କରିଛନ୍ତି। ▶ପୃଷ୍ଠା-୧୦

# ଭୁଶୁଡ଼ିଲା ମାର୍କେଟ୍ କମ୍ପ୍ଲେକ୍ସ; ଜଣେ ମୃତ



■ **କୋରାପୁଟ, ୧୩।୯ (ସମିସ):** ଜିଲ୍ଲା ପୁଲିସ ମୁଖ୍ୟାଳୟ ସମ୍ମୁଖ କୋରାପୁଟ ପୌରପରିଷଦର ବିଶ୍ୱାସ ରାୟ ମାର୍କେଟ୍ କମ୍ପ୍ଲେକ୍ସରେ ଏକ ଛାତ ଭୁଶୁଡ଼ି ପଡିବାରୁ ଜଣଙ୍କର ମୃତ୍ୟୁ ଘଟିଛି। ଏହି ଦୁର୍ଘଟଣାରୁ ଅନେକ ଅଳ୍ପକେ ବର୍ତ୍ତି ଯାଇଛନ୍ତି। ମୃତକ ହେଲେ, ଲୋକନାଥ ପାତ୍ର (୬୨)। ସୂଚନାନୁଯାୟୀ, ଉକ୍ତ କମ୍ପେଲକ୍ସର ହରି ପାତ୍ର ବେକେରୀରେ ମରାମତି କାର୍ଯ୍ୟ ଚାଲୁଥିଲା ବେଳେ ଅଚାନକ ଛାତ ଭୁଶୁଡ଼ି ▶ପୃଷ୍ଠା-୧୦









### ରାଜଧାନୀରେ ଲଜ୍ଜା

# ମେଲୋଡି ଗାର୍ଲଙ୍କୁ ଗଣଦୁଷ୍କର୍ମ

### ଥଣ୍ଡା ପାନୀୟରେ ନିଶା ଦେଇଥିଲେ

### ଗୀତ ଶିଖାଇବା ଆଳରେ ଗେଷ୍ଟହାଉସ୍‌କୁ ଡକାଇଥିଲେ

### ୩ ଅଭିଯୁକ୍ତ ଗିରଫ



■ **ଭୁବନେଶ୍ୱର, ୧୩।୯ (ସମିସ):** ରାଜଧାନୀରେ ପୁଣି ଲଜ୍ଜା। ଗୀତ ଶିଖାଇବା ନାଁରେ ଓୟୋରେ ଯୁବତୀଙ୍କୁ ଗଣଦୁଷ୍କର୍ମ। ଚନ୍ଦ୍ରଶେଖରପୁର ଥାନା ଅଞ୍ଚଳରେ ଗତ ବୁଧବାର ଏଭଳି ଏକ ଲଜ୍ଜାଜନକ ଘଟଣା ଘଟିଥିବା ବେଳେ ଆଜି ପଦାକୁ ଆସିଛି। ଏହି ଘଟଣାରେ ପୁଲିସ ୩ ଜଣଙ୍କୁ ଗିରଫ କରି କୋର୍ଟଚାଲାଣ କରିଛି। ସେମାନେ ହେଲେ, ଜଗତସିଂହପୁର ଜିଲ୍ଲା ବିରିଡ଼ି ଥାନା ଚାଷୀଖଣ୍ଡା ଗାଁର ଚନ୍ଦନ କୁମାର ହାତୀ (୨୫) ଓରଫ୍ ଚନ୍ଦୁ, ପ୍ରସନ୍ନ କୁମାର ଆଚାର୍ଯ୍ୟ (୩୭) ଓ ଶ୍ରୀମାର୍ଗ ଗେଷ୍ଟହାଉସ୍ କେୟାରଟେକର୍ ରାଜେଶ କୁମାର ଦାସ (୩୨)। ଚନ୍ଦନ ଓ ପ୍ରସନ୍ନ ଦୁଇ ସାଙ୍ଗ।

ପୁଲିସ ସୂଚନା ଅନୁସାରେ, ବଡ଼ ଭଉଣୀ ସହ ଭୁବନେଶ୍ୱରରେ ରହୁଥିବା ଯୁବତୀଜଣଙ୍କ ମେଲୋଡି କାର୍ଯ୍ୟକ୍ରମରେ କଣ୍ଠଶିଳ୍ପୀ ଭାବେ କାମ କରନ୍ତି। କିଛି ଦିନ ତଳେ ସାମାଜିକ ଗଣମାଧ୍ୟମ ଜରିଆରେ ସେ ଚନ୍ଦନ ସହ ପରିଚିତ ହୋଇଥିଲେ। ଚନ୍ଦନ ଏକ ପ୍ରତିଷ୍ଠିତ ଚ୍ୟାନେଲର ଷ୍ଟୁଡିଓରେ ସଙ୍ଗୀତ ସମ୍ବନ୍ଧୀୟ କାମ କରୁଛି ବୋଲି କହିଥିଲା। ଚନ୍ଦନ କିଛି ଦିନ କଥା ହେବା ପରେ ସଙ୍ଗୀତ ରେକର୍ଡିଂ ଓ ଫଟୋ ସୁଟ୍ କରିବା ବାହାନାରେ ଯୁବତୀଙ୍କୁ ଚନ୍ଦ୍ରଶେଖରପୁର ▶ପୃଷ୍ଠା-୧୦




ସକାଳ
THE SAKALA
www.sakalaepaper.com

# ଆତ୍ମସମର୍ପଣ କଲେ ମାଓ ନେତା କିଶେନ୍‌ଜୀଙ୍କ ପତ୍ନୀ

ହାଇଦରାବାଦ୍‌, ୧୩।୯ (ଏଜେନ୍ସି): ଏକ ଉଲ୍ଲେଖନୀୟ ଘଟଣାକ୍ରମରେ ଦିଂବଗତ ମାଓନେତା ତଥା କମାଣ୍ଡର କିଶେନଜୀଙ୍କ ପତ୍ନୀ ପଥୁଲା ପଦ୍ମାବତୀ ଓରଫ୍‌ କଳ୍ପନା ଶନିବାର ତେଲଙ୍ଗାନା ପୁଲିସ ଡିଜି ଜିତେନ୍ଦରଙ୍କ ନିକଟରେ ଆତ୍ମସମର୍ପଣ କରିଛନ୍ତି। ୧୯୮୨ରୁ ପଦ୍ମାବତୀ ଅଣ୍ଡରଗ୍ରାଉଣ୍ଡ ହୋଇ ରହିଥିଲେ। ୬୨ ବର୍ଷୀୟ ପଦ୍ମାବତୀଙ୍କ ଉପରେ ଏକ କୋଟି ଟଙ୍କାର ପୁରସ୍କାର ଘୋଷଣା କରାଯାଇଥିଲା। ସେ ମାଓ ସଂଗଠନରେ ଗୁରୁତ୍ୱପୂର୍ଣ୍ଣ ପଦବୀରେ ରହି ଦାୟିତ୍ୱ ସମ୍ପାଦନ କରୁଥିଲେ। ସେ ସଂଗଠନର ସାଉଥ ସବ୍‌- ଜୋନାଲ ବ୍ୟୁରୋ ସେକ୍ରେଟାରୀ ଥିଲେ। ସେ ମଧ୍ୟ ଦଣ୍ଡକାରଣ୍ୟ ସ୍ପେଶିଆଲ ଜୋନାଲ କମିଟିରେ ଜନତା ସରକାରର କାର୍ଯ୍ୟବାହୀ ମୁଖ୍ୟ ଥିଲେ। ସେ ମଧ୍ୟ ସିପିଆଇ (ମାଓଷ୍ଟ) କେନ୍ଦ୍ରୀୟ କମିଟିର ସଦସ୍ୟ ଥିଲେ। ତେଲେଙ୍ଗାନାର ଜୋଗୁଲାମ୍ବା ଗଡ଼ୱାଲ ଜିଲ୍ଲାରେ ସେ ଏକ ଚାଷୀ ପରିବାରରେ ଜନ୍ମଗ୍ରହଣ କରିଥିଲେ। ସେ ବରିଷ୍ଠ ମାଓନେତା ମାଲୋଜୁଲା କୋଟେଶ୍ୱର ରାଓ ଓରଫ୍‌ କିଶେନଜୀଙ୍କୁ ବିବାହ କରିଥିଲେ। ନିଜର ସମ୍ପର୍କୀୟ ଭାଇଙ୍କଠାରୁ ପ୍ରେରଣା ପାଇ ମାଓ ଆନ୍ଦୋଳନରେ ଯୋଗ ଦେଇଥିଲେ। ଛତିଶଗଡ଼, ମହାରାଷ୍ଟ୍ର, ତେଲଙ୍ଗାନା ଓ ଓଡ଼ିଶା ପୁଲିସ ତାଙ୍କୁ ଖୋଜୁଥିଲା।

# ୧୧୪ ରାଫେଲ ପାଇଁ ବାୟୁସେନାର ବରାଦ

ନୂଆଦିଲ୍ଲୀ, ୧୩।୯ (ଏଜେନ୍ସି): ଭାରତୀୟ ବାୟୁସେନାକୁ ଏବେ ୧୧୪ଟି ମେଡ୍‌ ଇନ୍‌ ଇଣ୍ଡିଆ ତଥା ସ୍ୱଦେଶୀ ଲଢୁଆ ରାଫେଲ ବିମାନ ଆବଶ୍ୟକ। ଏଥିପାଇଁ ବାୟୁସେନା ତରଫରୁ ପ୍ରତିରକ୍ଷା ମନ୍ତ୍ରଣାଳୟକୁ ପ୍ରସ୍ତାବ ଦିଆଯାଇଛି। ଏହି ବିମାନଗୁଡିକୁ ଫ୍ରାନ୍ସର ଡାସଲ୍ଟ ଅଭିଏସନ କମ୍ପାନୀ ଓ ଭାରତୀୟ ଏରୋସ୍ପେଶ କମ୍ପାନୀ ମିଶିକରି ପ୍ରସ୍ତୁତ କରିବେ। ପାକିସ୍ତାନ ବିପକ୍ଷରେ ଅପରେସନ ସିନ୍ଦୂରରେ ରାଫେଲର ଦମ୍‌ଦାର ପ୍ରଦର୍ଶନ ପରେ ଏହି ନିଷ୍ପତ୍ତି ନିଆଯାଇଛି। ଏହି ପ୍ରସ୍ତାବ ଅନୁସାରେ ୧୧୪ଟି ରାଫେଲ ବିମାନ ନିର୍ମାଣ କରିବାକୁ ପାଖାପାଖି ୨ ଲକ୍ଷ କୋଟି ଟଙ୍କା ବ୍ୟୟ ହେବ। ବୟୁସେନା ତରଫରୁ ଦିଆଯାଇଥିବା ଏହି ପ୍ରସ୍ତାବ ମନ୍ତ୍ରଣାଳୟ ନିକଟରେ ପହଞ୍ଚିଛି। ଏ ନେଇ ବିଚାର କରାଯାଉଛି ବୋଲି ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। ଭାରତୀୟ ବାୟୁସେନା ପାଖରେ ଏବେ ୩୬ଟି ରାଫେଲ ବିମାନ ରହିଛି। ଭାରତୀୟ ନୌସେନା ମଧ୍ୟ ୨୬ଟି ରାଫେଲ ମେରିନର ଅର୍ଡର ଦେଇଛି। ୧୧୪ଟି ବିମାନ ମିଳିବା ପରେ ଭାରତ ପାଖରେ ମୋଟ୍‌ ୧୭୬ଟି ରାଫଲେ ବିମାନ ଉପଲବ୍ଧ ହେବ। ଗତ ଜୁନ୍‌ ମାସରେ ଭାରତ ୨୬ଟି ରାଫେଲ ମେରିନ୍‌ ନେଇ ଫ୍ରାନ୍ସ ସହ ୬୩, ୦୦୦ କୋଟି ଟଙ୍କାର ଡିଲ୍‌ କରିଥିଲା।

# ଏଡିଆର୍‌ ପ୍ରତିଷ୍ଠାତା ଜଗଦୀପଙ୍କ ପରଲୋକ

ନୂଆଦିଲ୍ଲୀ, ୧୩।୯ (ଏଜେନ୍ସି): ଆସୋସିଏସନ ଫର ଡେମୋକ୍ରାଟିକ୍‌ ରିଫର୍ମ୍ସ (ଏଡିଆର) ର ସହ ପ୍ରତିଷ୍ଠାତା ଜଗଦୀପ ଏସ୍‌ ଛୋକର ଶୁକ୍ରବାର ଦିଲ୍ଲୀରେ ହୃଦ୍‌ଘାତ୍‌ରେ ୮୦ ବର୍ଷ ବୟସରେ ପରଲୋକଗମନ କରିଛନ୍ତି। ନିର୍ବାଚନ ପ୍ରକ୍ରିୟାରେ ସଂସ୍କାର ଆଣିବାରେ ଏହି ସଂଗଠନ ଏଡିଆର ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିଛି। ଇଚ୍ଛା ଅନୁସାରେ ତାଙ୍କ ମରଶରୀରକୁ ରିସର୍ଚ୍ଚ ପାଇଁ ଲେଡି ହାର୍ଡିଙ୍ଗେ ମେଡିକାଲ କଲେଜକୁ ପ୍ରଦାନ କରାଯାଇଛି। ଆଇଆଇଏମ୍‌ ଅହମଦାବାଦ୍‌ରେ ପ୍ରଫେସର ଭାବେ ଶିକ୍ଷାଦାନ କରିଥିବା ଛୋକର ୧୯୯୯ରେ ଏଡିଆର ସ୍ଥାପନ କରିଥିଲେ। ଏହି ସଂଗଠନ ଜରିଆରେ ନିର୍ବାଚନ ପ୍ରକ୍ରିୟାକୁ ସୁଧାରିବାରେ ସେ ଆଇନଗତ ଲଢ଼େଇ ଲଢିଥିଲେ। ନିର୍ବାଚନରେ ପ୍ରାର୍ଥୀଙ୍କ ପୃଷ୍ଠଭୂମି ଓ ଇଲେକଟୋରାଲ ବଣ୍ଡ ସ୍କିମକୁ ରଦ୍ଦ କରିବାକୁ ସେ ପ୍ରୟାସ କରିଥିଲେ। ୧୯୪୪ ନଭେମ୍ବର ୨୫ରେ ଜନ୍ମଗ୍ରହଣ କରିଥିବା ଛୋକର ଭାରତୀୟ ରେଳବାଇରେ ନିଜର କ୍ୟାରିଅର ଆରମ୍ଭ କରିଥିଲେ। ଏହାପରେ ସେ ଦିଲ୍ଲୀ ବିଶ୍ୱବିଦ୍ୟାଳୟରେ ଫ୍ୟାକଲ୍ଟି ଅଫ୍‌ ମ୍ୟାନେଜମେଣ୍ଟ ଷ୍ଟଡିଜରେ ଏମ୍‌ବିଏ, ଆମେରିକାର ଲୋଇସିଆନା ଷ୍ଟେଟ ବିଶ୍ୱବିଦ୍ୟାଳୟରେ ପିଏଚ୍‌ଡି କରିବାର ପରେ ଆଇଆଇଏମ୍‌ ଅହମଦାବାଦ୍‌ରେ ୧୯୮୫ରେ ପ୍ରଫେସର ଭାବେ ଯୋଗ ଦେଇଥିଲେ।

# ୧୨ ମହଲାରୁ ଖସି ମା'-ପୁଅ ମୃତ

ନୋଏଡା, ୧୩।୯ (ଏଜେନ୍ସି): ନୋଏଡାର ଗୌତମ ବୁଦ୍ଧ ନଗରରେ ଶନିବାର ସକାଳେ ଏକ ବିଲ୍ଡିଂର ଦ୍ୱାଦଶ ମହଲାରୁ ଖସିପଡ଼ି ଜଣେ ୧୨ ବର୍ଷୀୟ ପୁଅ ଓ ତା'ର ମା ମୃତ୍ୟୁବରଣ କରିଛନ୍ତି। ଦର୍ପନ ଚାୱଲା ନାମକ ଜଣେ ମାନସିକ ଅଗ୍ରସର ବାଳକ ରହୁଥିଲା। ସେ ଦ୍ରୁତଗତି ଦୌଡି ଆସି ବାଲକୋନୀ ଉପରୁ ତଳକୁ ଖସିପଡ଼ିଥିଲା। ତାକୁ ବଞ୍ଚାଇବାକୁ ଯାଇ ତା'ର ମା ୩୮ ବର୍ଷୀୟା ସାକ୍ଷୀ ଚାୱଲା ମଧ୍ୟ ତଳକୁ ଖସିପଡ଼ିଥିଲେ ବୋଲି ବିସରାଖ ଭାରପ୍ରାପ୍ତ ଥାନା ଅଧିକାରୀ ମନୋଜ କୁମାର ସିଂ କହିଛନ୍ତି। ପୁଲିସ ଦୁଇଜଣଙ୍କ ମୃତଦେହକୁ ବ୍ୟବଚ୍ଛେଦ ପାଇଁ ପଠାଯାଇଛି। ଘଟଣା ବେଳେ ଦର୍ପନ ଅଲଗା ପ୍ରକୋଷ୍ଠରେ ଥିଲା। ଏହି ଘଟଣା ସ୍ଥାନୀୟ ଅଞ୍ଚଳରେ ଶୋକ ଖେଳାଇ ଦେଇଛି।

# ମେଘାଳୟର ପୂର୍ବତନ ମୁଖ୍ୟମନ୍ତ୍ରୀଙ୍କ ପରଲୋକ

ନୂଆଦିଲ୍ଲୀ, ୧୩।୯ (ଏଜେନ୍ସି): ଉତ୍ତରପୂର୍ବ ରାଜ୍ୟ ମେଘାଳୟର ପୂର୍ବତନ ମୁଖ୍ୟମନ୍ତ୍ରୀ ଡିଡି ଲାପାଙ୍ଗ ଶୁକ୍ରବାର ରାତିରେ ୯୨ ବର୍ଷ ବୟସରେ ପରଲୋକଗମନ କରିଛନ୍ତି। ୧୯୩୪ ଏପ୍ରିଲ ୧୦ରେ ଜନ୍ମିତ ଲାପାଙ୍ଗ ୧୯୯୨ରୁ ୨୦୦୮ ମଧ୍ୟରେ ୪ ଥର ମୁଖ୍ୟମନ୍ତ୍ରୀ ଭାବେ ସଫଳତାର ସହ ଦାୟିତ୍ୱ ସମ୍ପାଦନ କରିଥିଲେ। ରାଜଧାନୀ ଶିଲଂର ଏକ ହସ୍ପିଟାଲରେ ସେ ଶେଷ ନିଃଶ୍ୱାସ ତ୍ୟାଗ କରିଛନ୍ତି। ୧୯୭୨ରେ ତାଙ୍କର ରାଜନୈତିକ ଯାତ୍ରା ଆରମ୍ଭ ହୋଇଥିଲା। ସେ ଜଣେ ସ୍ୱାଧୀନ ପ୍ରାର୍ଥୀ ଭାବେ ପ୍ରଥମେ ନୋଙ୍ଗପୋ ନିର୍ବାଚନ ମଣ୍ଡଳୀରୁ ବିଧାୟକ ଭାବେ ନିର୍ବାଚିତ ହୋଇଥିଲେ। ମୁଖ୍ୟମନ୍ତ୍ରୀ ଭାବେ ଦାୟିତ୍ୱ ନେବା ପୂର୍ବରୁ ସେ ଏକାଧିକବାର ବିଭିନ୍ନ ବିଭାଗରେ ମନ୍ତ୍ରୀ ଭାବେ କାର୍ଯ୍ୟ କରିଥିଲେ। ଏକ ସାଧରଣ ପରିବାରରେ ଜନ୍ମଗ୍ରହଣ କରିଥିଲେ ମଧ୍ୟ ସେ ୪ ଥର ରାଜ୍ୟର ମୁଖ୍ୟମନ୍ତ୍ରୀ ହେବାର ସୌଭାଗ୍ୟ ଲାଭ କରିଥିଲେ।

# ନେପାଳର ବିତାଡିତ ପ୍ରଧାନମନ୍ତ୍ରୀଙ୍କ ବିରୋଧରେ ଏତଲା



କଠମାଣ୍ଡୁ, ୧୩।୯ (ଏଜେନ୍ସି): ନେପାଳର ବିତାଡିତ ପ୍ରଧାନମନ୍ତ୍ରୀ କେପି ଶର୍ମା ଓଲିଙ୍କ ବିରୋଧରେ ଶନିବାର ରାଜଧାନୀ କାଠମାଣ୍ଡୁରେ ଏଫ୍‌ଆଇଆର ବା ଏତଲା ଦିଆଯାଇଛି। ସେପ୍ଟେମ୍ବର ୮ରେ ଯେତେବେଳେ ଆନ୍ଦୋଳନ ଆରମ୍ଭ ହେଲା ସେ ପ୍ରଦର୍ଶନକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଓ ଆକ୍ରମଣ କରିବାକୁ ପୁଲିସକୁ ନିର୍ଦ୍ଦେଶ ଦେଇଥିବାର ଅଭିଯୋଗ ହୋଇଛି। ସେ ୯ ତାରିଖରେ ଚାପର ସମ୍ମୁଖୀନ ହୋଇ ନପାରି ପ୍ରଧାନମନ୍ତ୍ରୀ ପଦରୁ ଇସ୍ତଫା ଦେଇଥିଲେ। ସେବେଠାରୁ ସେ ସେନା ସୁରକ୍ଷା ବଳୟ ମଧ୍ୟରେ ଶରଣ ନେଇଛନ୍ତି। ସେପଟେ ନେପାଳର ମଧ୍ୟବର୍ତ୍ତୀକାଳୀନ ପ୍ରଧାନମନ୍ତ୍ରୀ ସୁଶୀଲା କାର୍କି ଆହତ ହୋଇଥିବା ଆନ୍ଦୋଳନାକାରୀଙ୍କୁ ଭେଟିବା ପାଇଁ କାଠମାଣ୍ଡୁର ହସ୍ପିଟାଲରେ ପହଞ୍ଚିଛନ୍ତି। ସେ ଶୁକ୍ରବାର କାମଚଳା ପ୍ରଧାନମନ୍ତ୍ରୀ ଭାବେ ଶପଥ ଗ୍ରହଣ କରିଥିଲେ। ୨୦୨୬ ମାର୍ଚ୍ଚ ୫ ପର୍ଯ୍ୟନ୍ତ ସେ ସଂସଦୀୟ ନିର୍ବାଚନ କରାଇବେ ଦାୟିତ୍ୱ ନେଇଛନ୍ତି। ଇତିମଧ୍ୟରେ ୬ ଦିନର ହିଂସା ପରେ କାଠମାଣ୍ଡୁ କେତକ ଅଞ୍ଚଳରେ କର୍ଫ୍ୟୁକୁ ହଟାଇ ଦିଆଯାଇଛି। କିନ୍ତୁ ୬ଟି ସ୍ଥାନରେ ଏବେବି କର୍ଫ୍ୟୁ ଜାରି ରହିଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ମଧ୍ୟ ସୁଶୀଳାଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

# ବ୍ରିଟେନରେ ଶିଖ୍‌ ଯୁବତୀଙ୍କୁ ଗଣଦୁଷ୍କର୍ମ



ଜଳନ୍ଧର, ୧୩।୯ (ଏଜେନ୍ସି): ବ୍ରିଟେନର ଓଲ୍ଡବୁରୀ ଟାଉନ୍‌ରେ ଜଣେ ୨୦ ବର୍ଷୀୟା ଭାରତୀୟ ଶିଖ ଯୁବତୀ ଗଣଦୁଷ୍କର୍ମର ଶିକାର ହୋଇଛନ୍ତି। ଦୁଇଜଣ ବ୍ୟକ୍ତି ତାଙ୍କୁ ବର୍ଣ୍ଣବୈଷମ୍ୟ ଆକ୍ଷେପ କରିବା ସହ ଏକ ପାର୍କରେ ଏହି କାଣ୍ଡ ଘଟାଇଛନ୍ତି। ପୁଣି ସେମାନେ ଯୁବତୀଙ୍କୁ ସ୍ୱଦେଶ ଫେରିଯିବାକୁ ଚେତାବନୀ ଦେଇଛନ୍ତି। ଏଠାରେ ତମେ ରହିବାର କୌଣସି ଆବଶ୍ୟକତା ନାହିଁ ବୋଲି ଦୁହେଁ କହିଥିଲେ। ଗତ ମଙ୍ଗଳବାର ସକାଳ ୮.୩୦ରେ ଓଲ୍ଡବୁରୀର ଟେମ୍‌ ରୋଡ୍‌ରେ ଏହି ଯୁବତୀ ଜଣକ ଦୁଷ୍କର୍ମର ଶିକାର ହୋଇଥିଲେ। ସିସିଟିଭି ଫୁଟେଜକୁ ଆଧାର କରି ପୁଲିସ ଦୁଇ ଅଭିଯୁକ୍ତଙ୍କୁ ଖୋଜିବା ଆରମ୍ଭ କରିଛି। ତେବେ ଏହି ଦୁଇ ଅଭିଯୁକ୍ତ ଇଂରେଜ ନଥିଲେ ବୋଲି ପୁଲିସ ସ୍ପଷ୍ଟ କରିଛି। କିନ୍ତୁ ଏହି ଦୁଇ ଜଣ ଡେଙ୍ଗା ଚଉଡା ବ୍ରିଟେନର ଯୁବକ ଥିଲେ ବୋଲି ଯୁବତୀ ଜଣକ କହିଛନ୍ତି। ୟୁନାଇଟେଡ କିଙ୍ଗଡ଼ମ୍‌ର ଶିଖ ଫେଡେରେସନ ଏହି ଘଟଣାକୁ କଡ଼ା ଭାଷାରେ ନିନ୍ଦା କରିଛି। ଫରେନ୍‌ସିକ ଟିମ୍‌ ଏହାର ଯାଞ୍ଚ କରୁଛି। ଏହି ଘଟଣା ପରେ ସ୍ଥାନୀୟ ସମୁଦାୟ ମଧ୍ୟରେ ଆକ୍ରୋଶ ଦେଖିବାକୁ ମିଳିଛି। ବ୍ରିଟେନର ଶିଖ ସାଂସଦ ପ୍ରୀତ କୌର ଏହି ଘଟଣାକୁ ନିନ୍ଦା କରିଛନ୍ତି। ସେହିପରି ଲେବର ପାର୍ଟିର ସାଂସଦ ଗୁରିନ୍ଦର ସିଂ ଜୋସାନ ମଧ୍ୟ ସାମାଜିକ ଗଣମାଧ୍ୟମରେ ପୋଷ୍ଟ କରି ଏହି ଘଟଣା ନିହାତି ଭୟାଭୟ ବୋଲି କହିଛନ୍ତି।

# ରୁଷରେ ପୁଣି ୭.୪ ତୀବ୍ରତାର ଭୂକମ୍ପ

**ଜାରି ହେଲା ସୁନାମୀ ସତର୍କତା**

**୩ ମାସରେ ୭ ତୀବ୍ରତାର ଆସିଲା ୩ ଭୂକମ୍ପ**

**ଗତ ୬ ମାସରେ ବିଶ୍ୱରେ ୧ ଲକ୍ଷରୁ ଅଧିକ ଭୂକମ୍ପ**



ମସ୍କୋ, ୧୩।୯ (ଏଜେନ୍ସି): ରୁଷିଆର ସୁଦୂର ପୂର୍ବ ଉପକୂଳରେ ଥିବା କାମ୍‌ଚଟକାରେ ଶନିବାର ଏକ ବଡ଼ ଧରଣର ଭୂକମ୍ପ ଆସିଥିଲା। ଏହାର ତୀବ୍ରତା ୭.୪ ଥିଲା। ଭୂକମ୍ପ ପରେ ଏହି ଅଞ୍ଚଳରେ ସୁନାମୀ ସତର୍କତା ଜାରି କରାଯାଇଛି। ଏହି ଭୂକମ୍ପ ଭୂପୃଷ୍ଠର ୩୯.୫ କିମି ଗଭୀରରେ ହୋଇଥିଲା। ୟୁନାଇଟେଡ ଷ୍ଟେଟ୍ସ ଜିଓଲୋଜିକାଲ ସର୍ଭେ (ୟୁଏସ୍‌ଜିଏସ୍‌) ପ୍ରଥମେ ଭୂକମ୍ପର ତୀବ୍ରତା ୭.୫ ବୋଲି କହିଥିଲା। କିନ୍ତୁ ପରେ ଏହାକୁ ସଂଶୋଧନ କରି ୭.୪ ବୋଲି ସୂଚନା ଦେଇଥିଲା। ଏହି ଭୂକମ୍ପ ଫଳରେ ରୁଷିଆର ପୂର୍ବ ଉପକୂଳରେ ୩୦୦ କିମି ଅଞ୍ଚଳରେ ସମୁଦ୍ରରୁ ବିପଜ୍ଜନକ ଲହରି ତଥା ସୁନାମୀ ଆସିବ ବୋଲି ପ୍ୟାସିଫିକ ସୁନାମୀ ଚେତାବନୀ କେନ୍ଦ୍ର ସତର୍କତା ଜାରି କରିଛି। ଏପର୍ଯ୍ୟନ୍ତ କେହି ମୃତାହତ ହୋଇଥିବାର ଖବର ଆସିନାହିଁ। ଏହାପୂର୍ବରୁ ଜୁଲାଇ ୩୦ରେ ରୁଷିଆରେ ୮.୯ ତୀବ୍ରତାର ଭୂକମ୍ପ ଆସିଥିଲା ଓ ଏହାକୁ ବିଶ୍ୱର ଷଷ୍ଠ ସର୍ବବୃହତ ଭୂକମ୍ପ ବୋଲି କୁହାଯାଇଥିଲା। କାମଚଟକାରେ ଗତ ୩ ମାସ ମଧ୍ୟରେ ୭ରୁ ଅଧିକ ତୀବ୍ରତାରେ ୩ଟି ଭୂକମ୍ପ ଆସିଛି। ଚଳିତ ବର୍ଷ ଏହି ଅଞ୍ଚଳରେ ମୋଟ୍‌ ୧, ୨୦୦ରୁ ଅଧିକ ଭୂକମ୍ପ ଆସିବା ୟୁଏସ୍‌ଜିଏସ୍‌ ତରଫରୁ କୁହାଯାଇଛି। ଏଥିମଧ୍ୟରୁ ଅଧିକାଂଶ ଛୋଟଛୋଟ ଭୂକମ୍ପ ସାମିଲ ରହିଛି। କିନ୍ତୁ ୪ରୁ ଅଧିକ ତୀବ୍ରତାର ଭୂକମ୍ପର ସଂଖ୍ୟା ୧୫୦ରୁ ଅଧିକ ଥିଲା। କାମଚଟକା ଦକ୍ଷିଣରେ ଜାପାନ, ପୂର୍ବରେ ଆମେରିକା ଓ ଦକ୍ଷିଣ ପଶ୍ଚିମରେ ଚୀନ୍‌ ରହିଛି। ତେବେ ଜାପାନ ଏହି ଭୂକମ୍ପ ପାଇଁ କୌଣସି ସୁନାମୀ ସତର୍କତା ଜାରି କରିନାହିଁ।

ଗତ ୬ ମାସ ମଧ୍ୟରେ ବିଶ୍ୱରେ ବହୁ ସଂଖ୍ୟାରେ ଭୂକମ୍ପ ଆସିଛି। ମାର୍ଚ୍ଚରୁ ସେପ୍ଟେମ୍ବର ୧୩ ମଧ୍ୟରେ ବିଶ୍ୱରେ ଭୂକମ୍ପର ପ୍ରକ୍ରିୟା ଜାରି ରହିଛି। ଏହି ସମୟ ଅବଧିରେ ପାଖାପାଖି ୧ ଲକ୍ଷ ୧୦ ହଜାର ଭୂକମ୍ପ ଆସିଛି ବୋଲି ୟୁଏସ୍‌ଜିଏସ୍‌ ତରଫରୁ କୁହାଯାଇଛି। ଗତ ଅଗଷ୍ଟ ୩୧ରେ ଆଫଗାନିସ୍ତାନର ପୂର୍ବାଞ୍ଚଳରେ ୬.୦ ତୀବ୍ରତାର ଭୂକମ୍ପ ଆସିଥିଲା ଓ ଏଥିରେ ୩ ହଜାରରୁ ଊର୍ଦ୍ଧ୍ୱ ଲୋକ ମୃତ୍ୟୁବରଣ କରିଥିଲେ। ସେହିପରି ଗତ ମାର୍ଚ୍ଚ ୨୮ରେ ମିଆଁମାରରେ ୭.୭ରୁ ୭.୯ ତ୍ରୀବ୍ରତାର ଭୂକମ୍ପ ଆସିଥିଲା ଓ ଏଥିରେ ୨ ହଜାର ଲୋକ ପ୍ରାଣ ହରାଇଥିଲେ। ଅଗଷ୍ଟ ୩୦ରେ ଆଣ୍ଟାର୍କିଟିକା ନିକଟସ୍ଥ ଦକ୍ଷିଣ ଆଣ୍ଟାଲଟିକ ମହାସାଗରରେ ଥିବା ସାଉଥ ସେଟଲାଣ୍ଡ ଦୀପରେ ୭.୫ ତୀବ୍ରତାର ଭୂକମ୍ପ ଆସିଥିଲା।

# ଟ୍ରକ୍‌ ଚକ ତଳେ ଫସି ୯ ମୃତ, ୨୨ ଆହତ

ବେଙ୍ଗାଲୁରୁ, ୧୩।୯ (ଏଜେନ୍ସି): କର୍ଣ୍ଣାଟକର ହାସନ ଜିଲ୍ଲାରେ ଶୁକ୍ରବାର ରାତିରେ ଏକ ଗଣେଶ ବିସର୍ଜନ ଶୋଭାଯାତ୍ରା ଅବସରରେ ବଡ଼ଧରଣ ଦୁର୍ଘଟଣା ଘଟିଛି। ନିୟନ୍ତ୍ରଣ ହରାଇ ଏକ ଟ୍ରକ ଏହି ଶୋଭାଯାତ୍ରା ଭିତରକୁ ପଶିଯାଇଥିଲା। ଫଳରେ ଟ୍ରକ୍‌ ଚକ ତଳେ ଆସି ୯ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୨୨ ଜଣ ଆହତ ହୋଇଛନ୍ତି। ହୋସାହଲ୍ଲୀ ଗାଁରେ ରାତି ପାଖପାଖି ୮.୪୫ରେ ଏହି ଦୁର୍ଘଟଣା ଘଟିଛି। ମୃତକଙ୍କ ମଧ୍ୟରେ ଅଧିକ ଯୁବକ ରହିଛନ୍ତି। ଆହତଙ୍କୁ ହାସନ ଇନଷ୍ଟିଚ୍ୟୁଟ ଅଫ୍‌ ମେଡିକାଲ ସାଇନ୍ସରେ ଭର୍ତ୍ତି କରାଯାଇଛି। ଆହତ ହୋଇଥିବା ଟ୍ରକ୍‌ ଚାଳକଙ୍କୁ ଗିରଫ କରାଯାଇଛି। ଟ୍ରକ୍‌ଟି ଅରକଲାଗୁଡୁ ଆଡୁ ଆସୁଥିଲା। ଲୋକେ ଡିଜେ ବଜାଇ ନୃତ୍ୟ କରୁଥିଲେ। ଶୋଭାଯାତ୍ରାର ନିକଟତର ହେବା ମାତ୍ରେ ଟ୍ରକ୍‌ ଚାଳକ ନିୟନ୍ତ୍ରଣ ହରାଇଥିଲେ। ଲୋକ ଚକ ତଳକୁ ଆସିଥିଲେ। ଏହି ଘଟଣାରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦୁଃଖ ପ୍ରକାଶ କରିଛନ୍ତି। ମୃତକଙ୍କ ପରିଜନକୁ ୨ ଲକ୍ଷ ଟଙ୍କା ଓ ଆହତଙ୍କୁ ୫୦, ୦୦୦ ଟଙ୍କା ଅନୁକମ୍ପାମୂଳକ ରାଶି ଦେବାକୁ ଘୋଷଣା କରିଛନ୍ତି।

# ମଣିପୁରରେ ମୋଦୀ, କ୍ଷତିଗ୍ରସ୍ତଙ୍କୁ ଭେଟିଲେ



**ଶାନ୍ତିର ରାସ୍ତା ଆପଣାଇବାକୁ ଜନତାଙ୍କୁ ନିବେଦନ**

**ହେଲିକପ୍ଟର ବଦଳରେ ଗାଡ଼ିରେ ଗଲେ ଚୁରାଚାନ୍ଦପୁର**

ଇମ୍ଫାଲ, ୧୩।୯ (ଏଜେନ୍ସି): ସଂରକ୍ଷଣକୁ ନେଇ ୨୦୨୩ ମେ' ୩ରୁ ମଣିପୁରରେ କୁକି ଏବଂ ମେଇତି ସମ୍ପ୍ରଦାୟ ମଧ୍ୟରେ ହିଂସା ଲାଗି ରହିଛି। ଏହି ହିଂସାରେ ଏ ପର୍ଯ୍ୟନ୍ତ ୨୬୦ରୁ ଅଧିକ ଲୋକଙ୍କ ଜୀବନ ଗଲାଣି। ୭୦ ହଜାରରୁ ଊର୍ଦ୍ଧ୍ୱ ବିସ୍ଥାପିତ ହେଲେଣି। ହିଂସାର ଦୁଇ ବର୍ଷ ପରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶନିବାର ମଣିପୁର ଗସ୍ତ କରିଛନ୍ତି। ସେ ଚୁରାଚାନ୍ଦପୁର ଏବଂ ଇମ୍ଫାଲରେ ପହଞ୍ଚିଛନ୍ତି। ଚୁରାଚାନ୍ଦପୁରରେ ୭,୩୦୦ କୋଟି ଏବଂ ଇମ୍ଫାଲରେ ୧୨୦୦ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ବିକାଶ ପ୍ରକଳ୍ପଗୁଡିକର ଉଦ୍‌ଘାଟନ ଓ ଶିଳାନ୍ୟାସ କରିଛନ୍ତି। ସେ ଇମ୍ଫାଲରେ ଜନସାଧାରଣଙ୍କୁ ସମ୍ବୋଧନ କରି ହିଂସାକୁ ଦୁର୍ଭାଗ୍ୟଜନକ କହିଛନ୍ତି। ଇମ୍ଫାଲ ହେଉଛି ସମ୍ଭାବନାର ସହର। ଏକବିଂଶ ଶତାବ୍ଦୀ ଉତ୍ତର-ପୂର୍ବ ରାଜ୍ୟଗୁଡିକର ହେବ। ଆମକୁ ରାଜ୍ୟକୁ ଶାନ୍ତି ଏବଂ ବିକାଶର ମାର୍ଗରେ ନେବାକୁ ହେବ। ମୋଦୀ ସବୁ ସଂଗଠନଗୁଡିକୁ ଶାନ୍ତିର ମାର୍ଗରେ ଯିବା ପାଇଁ ନିବେଦନ କରିଛନ୍ତି। ସମସ୍ତଙ୍କ ସହ ରହିବି ବୋଲି ପ୍ରତିଶ୍ରୁତି ଦେଇଛନ୍ତି।

ମୋଦୀ ଇମ୍ଫାଲ ବିମାନବନ୍ଦରରେ ଅବତରଣ କରିଥିଲେ। ସେ ପ୍ରଥମେ ଚୁରାଚାନ୍ଦପୁର ଯିବାର ଥିଲା। ମାତ୍ର ଇମ୍ଫାଲରେ ପ୍ରବଳ ବର୍ଷା ହେଉଥିଲା। ହେଲିକପ୍ଟରର ଉଡ଼ାଣ ପାଇଁ ପାଗ ଅନୁକୂଳ ନ ଥିଲା। ତେଣୁ ପ୍ରଧାନମନ୍ତ୍ରୀ ସଡ଼କ ମାର୍ଗରେ ୬୪ କିମି ଯାତ୍ରା କରି ଦେଢ଼ ଘଣ୍ଟାରେ ଚୁରାଚାନ୍ଦପୁରରେ ପହଞ୍ଚି ଥିଲେ। ପ୍ରଥମେ ଚୁରାଚାନ୍ଦପୁରରେ କାର୍ଯ୍ୟକ୍ରମ ସାରି ଇମ୍ଫାଲ ଆସିଥିଲେ। ମୋଦୀ ଚୁରାଚାନ୍ଦପୁରର ରିଲିଫ କ୍ୟାମ୍ପରେ ପୀଡ଼ିତଙ୍କୁ ଭେଟି ଥିଲେ। ସେ କାର୍ଯ୍ୟକ୍ରମ ସ୍ଥଳରେ ହିଂସା ପୀଡ଼ିତଙ୍କ ସହ ଆଲୋଚନା କରିଥିଲେ। ଚୁରାଚାନ୍ଦପୁର କୁକି ଏବଂ ଇମ୍ଫାଲ ମେଇତି ବହୁଳ ପାହାଡି ଅଞ୍ଚଳ। ଗତ ଦୁଇ ବର୍ଷ ହେଲା ଉଭୟ ସମ୍ପ୍ରଦାୟ ପରସ୍ପର ଅଞ୍ଚଳକୁ ଯାଉନାହାନ୍ତି।

ମୋଦୀ କହିଥିଲେ ଯେ ମଣିପୁରରେ ଶାନ୍ତି ଏବଂ ସ୍ଥିରତା ପ୍ରତିଷ୍ଠା ହେଉ। ଲୋକଙ୍କ ସ୍ୱାର୍ଥ ସୁରକ୍ଷା ହେଉ। କ୍ୟାମ୍ପରେ ରହୁଥିବା ଲୋକେ ପୁଣିଥରେ ମୁଖ୍ୟସ୍ରୋତକୁ ଫେରନ୍ତୁ। ଏଥିପାଇଁ ସରକାର କ୍ରମାଗତ ଭାବେ କାର୍ଯ୍ୟ ଜାରି ରଖିଛନ୍ତି। ମାଆ ଭାରତୀଙ୍କ ମୁକୁଟରେ ସଜ୍ଜିତ ରତ୍ନ ହେଉଛି ମଣିପୁର। ମଣିପୁରର ବିକାଶବାଦୀ ଛବିକୁ କ୍ରମାଗତ ଭାବେ ମଜବୁତ କରିବାକୁ ହେବ। ରାଜ୍ୟରେ କୌଣସି ପ୍ରକାରର ହିଂସା ଦୁର୍ଭାଗ୍ୟଜନକ। ଏହି ହିଂସା ପୂର୍ବଜ ଏବଂ ପରବର୍ତ୍ତୀ ପିଢି ପାଇଁ ବହୁତ ବଡ଼ ଅନ୍ୟାୟ। ମଣିପୁରରେ ସାମର୍ଥ୍ୟର ଅଭାବ ନାହିଁ। କିନ୍ତୁ ଆମକୁ ସମ୍ବାଦର ପଥକୁ ମଜବୁତ କରିବାକୁ ହେବ। ପାହାଡି ଏବଂ ଘାଟୀର ଲୋକଙ୍କ ମଧ୍ୟରେ ବିଶ୍ୱାସର ସେତୁକୁ ମଜବୁତ କରିବାକୁ ହେବ। ମଣିପୁର ଯୁବଗୋଷ୍ଠୀଙ୍କ ପରିଚୟକୁ ହିଂସାର କରାଳ ଛାୟାରେ ବୁଡ଼ିବାକୁ ଦିଆଯିବ ନାହିଁ। ମଣିପୁର ଆଶା ଏବଂ ଆକାଂକ୍ଷାର ଭୂମି। ଦୁର୍ଭାଗ୍ୟ ଯେ ହିଂସା ଏହି ସୁନ୍ଦର ଅଞ୍ଚଳକୁ ନିଜ ସଂସ୍ପର୍ଶକୁ ନେଇଯାଇଛି। ଆଶା ଏବଂ ବିଶ୍ୱାସର ନୂଆ ସକାଳ ମଣିପୁରରେ ପ୍ରବେଶ କରୁଛି। କୌଣସି କ୍ଷେତ୍ରର ବିକାଶ ପାଇଁ ଶାନ୍ତି ଜରୁରୀ। ଗତ ୧୧ ବର୍ଷରେ ପୂର୍ବୋତ୍ତରର ଅନେକ ସଂଘର୍ଷ ସମାପ୍ତ ହୋଇଛି। ମଣିପୁରରେ ମଧ୍ୟ ଶାନ୍ତିର ବାର୍ତ୍ତା ଆରମ୍ଭ ହୋଇସାରିଛି। ମୋଦୀ ଏହି ଅବସରରେ ନେପାଳର କାମଚଳା ପ୍ରଧାନମନ୍ତ୍ରୀ ସୁଶୀଳା କାର୍କିଙ୍କୁ ଭାରତବାସୀଙ୍କ ପକ୍ଷରୁ ଶୁଭେଚ୍ଛା ଜଣାଇଛନ୍ତି। ସେ ନେପାଳରେ ଶାନ୍ତି, ସ୍ଥିରତା ଏବଂ ସମୃଦ୍ଧିର ମାର୍ଗ ପ୍ରଶସ୍ତ କରିବେ ବୋଲି ଆଶା ବ୍ୟକ୍ତି କରିଛନ୍ତି।

# ମ୍ୟାନ୍‌ମାର ସ୍କୁଲ ଉପରେ ଆକ୍ରମଣ; ୧୯ ଛାତ୍ର ମୃତ

ନେପିଡ, ୧୩।୯ (ଏଜେନ୍ସି): ମ୍ୟାନମାରର ଦୁଇଟି ସ୍କୁଲ ଉପରେ ଏୟାର ଷ୍ଟ୍ରାଇକ କରାଯାଇଛି। ଏଥିରେ ୧୯ ଜଣ ଛାତ୍ର ମୃତ୍ୟୁବରଣ କରିଥିବା ବେଳେ ୨୨ ଜଣ ଆହତ ହୋଇଛନ୍ତି। ପଶ୍ଚିମ ମ୍ୟାନମାରର ରାଖାଇନ ରାଜ୍ୟରେ ଏହି ଆକ୍ରମଣ କରାଯାଇଛି ବୋଲି ଏଥିନିକ ଆରାକାନ ଆର୍ମି ତରଫରୁ କୁହାଯାଇଛି। ଶୁକ୍ରବାର ଅଧରାତିରେ ଛାତ୍ରମାନେ ନିଦରେ ଶୋଇଥିବା ବେଳେ ଏହି ଆକ୍ରମଣ କରାଯାଇଥିଲା। ଏଥିନିକ ଆରାକାନ ଆର୍ମି ଓ ମ୍ୟାନମାର ମିଲିଟାରୀ ଜୁନ୍ତା ମଧ୍ୟରେ ସଂଘର୍ଷ ଚାଲିଥିବା ବେଳେ ଏହି ଘଟଣା ଘଟିଛି। ମ୍ୟାନମାର ସେନା ହିଁ ଏହି ଆକ୍ରମଣ କରି ୫୦୦ ପାଉଣ୍ଡ ଅର୍ଥାତ ୨୨୬.୭୯ କେଜିର ବୋମା ପକାଇଥିଲା ବୋଲି କୁହାଯାଇଛି। ତେବେ ଏହି ଘଟଣା ନେଇ ମ୍ୟାନମାର ସେନା ତରଫରୁ କିଛି କୁହାଯାଇ ନାହିଁ। ଏହି ଆକ୍ରମଣକୁ ଜାତିସଂଘ ନିନ୍ଦା କରିଛି। ୨୦୨୧ରେ ସରକାରଙ୍କୁ ଗାଦିଚ୍ୟୁତ କରିବା ପରେ ମ୍ୟାନମାନରରେ ଅରାଜକତା ଓ ହିଂସା ଜାରି ରହିଛି। ସେନା ତଥା ମିଲିଟାରୀ ଜୁନ୍ତା ଆଙ୍ଗ ସାନ ସୁ କିଙ୍କ ସରକାରଙ୍କୁ ଗାଦିଚ୍ୟୁତ କରି ଶାସନ ହାତକୁ ନେଇଥିଲା।

# ମିଜୋରାମର ପ୍ରଥମ ରେଳ ଲାଇନ ଉଦ୍‌ଘାଟନ କଲେ ପ୍ରଧାନମନ୍ତ୍ରୀ

ଆଇଜୋଲ, ୧୩।୯ (ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶନିବାର ମିଜୋରାମର ପ୍ରଥମ ରେଳ ଲାଇନ 'ବୈରାବୀ-ସାଇରଙ୍ଗ'କୁ ଉଦ୍‌ଘାଟନ କରିଛନ୍ତି। ୫୧ କିମିର ଏହି ରେଳ ଲାଇନ ମାଧ୍ୟମରେ ମିଜୋରାମରୁ ଦିଲ୍ଲୀ, ଗୌହାଟୀ ଏବଂ କୋଲକାତାକୁ ସିଧାସଳଖ ଟ୍ରେନ ଯୋଗାଯୋଗ ହୋଇଯାଇଛି। ଏହି ରେଳ ମାର୍ଗରେ ୪୫ ସୁଡ଼ଙ୍ଗ, ୮୮ ଛୋଟ ଏବଂ ୫୫ଟି ବଡ଼ ବ୍ରିଜ୍‌ ରହିଛି। ଏହା ବ୍ୟତୀତ ୧୧୪ ମିଟର ଉଚ୍ଚା ଦେଶର ଦ୍ୱିତୀୟ ବୃହତ୍ତମ ପିୟର ବ୍ରିଜ ରହିଛି। ଏହା କୁତୁବମିନାର (୭୨ମିଟର)ଠୁ ମଧ୍ୟ ବଡ଼। ଏହି ବ୍ରିଜ୍‌ ଉଦ୍‌ଘାଟନ କରି ମୋଦୀ କହିଥିଲେ ଯେ ଦୀର୍ଘ ଦିନ ହେଲା ଦେଶର କିଛି ରାଜନୈତିକ ଦଳ ଭୋଟ ବ୍ୟାଙ୍କ ରାଜନୀତି କରୁଛନ୍ତି। ସେମାନେ ମିଜୋରାମକୁ ଅଣଦେଖା କରିଥିଲେ। କିନ୍ତୁ ଆଜି ଏହି ରାଜ୍ୟ ଆଗରେ ରହିଛି। ମୋଦୀ ଏହି ଅବସରରେ ଲେଙ୍ଗପୁଇ ବିମାନବନ୍ଦରରୁ ୯ ହଜାର କୋଟି ଟଙ୍କାର ପ୍ରକଳ୍ପର ଶିଳାନ୍ୟାସ କରିଥିଲେ। ଏହା ପରେ ସେ ମଣିପୁର ଯାଇଥିଲେ।

# ଗାଜା- ହମାସ୍‌ ମାମଲାରେ ଫ୍ରାନ୍ସ, ବ୍ରିଟେନକୁ ଇସ୍ରାଏଲର ସମାଲୋଚନା



ତେଲଅଭିଭ୍‌, ୧୩।୯ (ଏଜେନ୍ସି): ଗାଜା- ହମାସ ମାମଲାରେ ଇସ୍ରାଏଲ ଏବେ ଫ୍ରାନ୍ସ ଓ ବ୍ରିଟେନ ଭଳି ୟୁରୋପୀୟ ଦେଶକୁ ସମାଲୋଚନା କରିଛି। ଜାତିସଂଘ ମହାସଭାରେ ଇସ୍ରାଏଲ୍‌ ରାଷ୍ଟ୍ରଦୂତ ଡ୍ୟାନି ଡାନନ କାତାରରେ ହମାସ ଆତଙ୍କବାଦୀଙ୍କୁ ଟାର୍ଗେଟ କରି କରାଯାଇଥିବା ଆକ୍ରମଣକୁ ଯଥାର୍ଥ ବୋଲି କହିଛନ୍ତି। ଇସ୍ରାଏଲର ଏହି ଆକ୍ରମଣମକୁ ଫ୍ରାନ୍ସ ଓ ବ୍ରିଟେନ ନିନ୍ଦା କରିଥିଲେ। ଡାନନ କିନ୍ତୁ ଏହାକୁ ଠିକ୍‌ ବୋଲି କହିଛନ୍ତି। ୨୦୧୪ରୁ ୨୦୨୨ ପର୍ଯ୍ୟନ୍ତ ଫ୍ରାନ୍ସ ମାଲି, ଚାଦ, ବୁର୍କିନା ଫାସୋ ଓ ମାରିଟନିଆରେ ଆତଙ୍କବାଦୀଙ୍କ ଉପରେ ଆକ୍ରମଣ କରିଥିଲା। ସେହିପରି ବ୍ରିଟେନ ଇରାକ ଓ ସିରିଆ ଉପରେ ଆଇଏସ୍‌ଆଇଏସ୍‌ ବିରୋଧରେ ଏୟାର ଷ୍ଟ୍ରାଇକ୍‌ କରିଥିଲା। ତେଣୁ ଯଦି ସେତେବେଳେ ଏଭଳି ଆକ୍ରମଣ ଯଥାର୍ଥ ଥିଲା ଏବେ କାହିଁକି ନୁହଁ ବୋଲି ସେ ପ୍ରଶ୍ନ କରିଛନ୍ତି। କାତାର ଉପରେ ଇସ୍ରାଏଲର ଆକ୍ରମଣ ଠିକ୍‌ ବୋଲି ଡାନନ କହିଛନ୍ତି। ଉଲ୍ଲେଖଥାଉ କି, ଇସ୍ରାଏଲ ସେନା ଗତ ୯ ତାରିଖରେ କାତାର ରାଜଧାନୀ ଦୋହା ଉପରେ ହମାସ ମୁଖ୍ୟ ଖଲିଲ ଅଲ- ହାୟାଙ୍କୁ ଲକ୍ଷ୍ୟ କରି ଏୟାର ଷ୍ଟ୍ରାଇକ୍‌ କରିଥିଲା। ଏହାପରେ ଫ୍ରାନ୍ସ, ବ୍ରିଟେନ ସମେତ କେତୋଟି ଦେଶ ଇସ୍ରାଏଲକୁ ସମାଲୋଚନା କରିଥିଲେ। ଏହି ଲୋକମାନେ ୨୦୨୩ ଅକ୍ଟୋବର ୭ରେ ଇସ୍ରାଏଲରେ ନରସଂହାର କରିଥିଲେ ବୋଲି ଡାନନ କହିଛନ୍ତି।

# ସାହାର ଇଣ୍ଡିଆର ନିବେଶକଙ୍କୁ ଶୀଘ୍ର ମିଳିବ ଟଙ୍କା | ୫ ହଜାର କୋଟି ପ୍ରଦାନ କରିବାକୁ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ

ନୂଆଦିଲ୍ଲୀ, ୧୩।୯ (ଏଜେନ୍ସି): 'ସାହାର ଇଣ୍ଡିଆ'ରେ ଟଙ୍କା ନିବେଶ କରିଥିବା ଲୋକଙ୍କ ପାଇଁ ଭଲ ଖବର ଆସିଛି। ସାହାରା ଗ୍ରୁପ୍‌ର ସହକାରୀ ସମିତି (କୋଅପରେଟିଭ ସୋସାଇଟି)ରେ ଟଙ୍କା ଜମା କରିଥିବା ଲୋକଙ୍କୁ ଫେରାଇବା ପାଇଁ ଜମା ଅର୍ଥରୁ ୫ ହଜାର କୋଟି ଟଙ୍କା ପ୍ରଦାନ କରିବାକୁ ସୁପ୍ରିମକୋର୍ଟ ସେବିକୁ ନିର୍ଦ୍ଦେଶ ଦେଇଛନ୍ତି। କେନ୍ଦ୍ର ସରକାରଙ୍କ ଆବେଦନ ଉପରେ ବିଚାର କରି ଜଷ୍ଟିସ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ ଜୟମାଲ୍ୟ ବାଗଚୀଙ୍କ ଖଣ୍ଡପୀଠ ଶୁକ୍ରବାର ଏହି ନିର୍ଦ୍ଦେଶ ଦେଇଥିଲେ। ସାହାରାର ରିଫଣ୍ଡ ଖାତାରେ ଥିବା ରାଶିରୁ ଜମାକାରୀଙ୍କୁ ପୈଠ କରିବା ପାଇଁ ଟଙ୍କା ପ୍ରଦାନ ଲାଗି ଅନୁରୋଧ କରାଯାଇଥିଲା। ଏହା ବ୍ୟତୀତ ୨୦୨୩ରେ ପ୍ରଦାନ କରାଯାଇଥିବା ୫ ହଜାର କୋଟି ଟଙ୍କାକୁ ଆବଣ୍ଟନ କରିବାର ସମୟସୀମାକୁ ୨୦୨୫ ଡିସେମ୍ବର ୩୧ରୁ ୨୦୨୬ ଡିସେମ୍ବର ୩୧ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି।

ସୁପ୍ରିମକୋର୍ଟ କହିଥିଲେ ଯେ ୨୦୨୩ ମାର୍ଚ୍ଚ ୨୯ରେ ପାରିତ ନିର୍ଦ୍ଦେଶ ଆଧାରରେ କେନ୍ଦ୍ରର ଏହି ଅନୁରୋଧକୁ ସ୍ୱୀକାର କରାଯାଇଛି। ୫ ହଜାର କୋଟିର ରାଶିକୁ ସେବି-ସାହାରା ରିଫଣ୍ଡ ଖାତାରୁ କୋ-ଅପରେଟିଭ ସୋସାଇଟିର ସେଣ୍ଟ୍ରାଲ ରେଜିଷ୍ଟ୍ରାରଙ୍କ ଖାତାକୁ ସ୍ଥାନାନ୍ତର କରାଯାଉ। ଯାଞ୍ଚ ପ୍ରକୃତ ଜମାକାରୀଙ୍କୁ ଏହି ଟଙ୍କା ଆବଣ୍ଟନ କରାଯିବ। ଖଣ୍ଡପୀଠ କହିଥିଲେ ଯେ ପୂର୍ବତନ ବିଚାରପତି ଆର ସୁଭାଷ ରେଡ୍ଡୀଙ୍କ ତତ୍ତ୍ୱାବଧାନରେ ସପ୍ତାହେ ଭିତରେ ଏହି ରାଶି ସ୍ଥାନାନ୍ତର କରାଯାଉ। ୨୦୨୩ ମାର୍ଚ୍ଚରେ ଦିଆଯାଇଥିବା ନିର୍ଦ୍ଦେଶ ପାଳନ ହେଉ। ପିନାକ ପି ମହାନ୍ତିଙ୍କ ଜନସ୍ୱାର୍ଥ ମାମଲାକୁ ନେଇ କେନ୍ଦ୍ର ପକ୍ଷରୁ ଏହି ଆବେଦନ ଦାଏର କରାଯାଇଥିଲା। ଏହି ଆବେଦନରେ ବିଭିନ୍ନ ଚିଟ୍‌ଫଣ୍ଡ କମ୍ପାନୀ ଏବଂ ସାହାରା କ୍ରେଡିଟ ଫାର୍ମରେ ନିବେଶ କରିଥିବା ନିବେଶକଙ୍କୁ ଟଙ୍କା ଫେରାଇବା ନେଇ ନିବେଦନ କରାଯାଇଥିଲା।

ଏ ପର୍ଯ୍ୟନ୍ତ ପ୍ରାୟ ୫.୪୩ କୋଟି ନିବେଶକ ୧, ୧୩, ୫୦୪.୧୨୪ କୋଟି ଟଙ୍କାର ଦାବି କଲେଣି। ଏଥିରୁ ୨୬, ୨୫, ୦୯୦ ପ୍ରକୃତ ଜମାକାରୀଙ୍କୁ ୫, ୦୫୩.୦୧ ଟଙ୍କା ଫେରାଗଲାଣି। ଏହା ବ୍ୟତୀତ ୧୩, ୩୪, ୯୯୪ ନିବେଶକ ନିର୍ଦ୍ଧାରିତ ୱେବ ପୋର୍ଟାଲରେ ନିଜ ଦାବି ପଞ୍ଜିକରଣ କରିଛନ୍ତି। ଏହାର ଯାଞ୍ଚ ପ୍ରକ୍ରିୟା ଜାରି ରହିଛି। ଏହି ସବୁ ଦାବିରେ ପ୍ରାୟ ୨୭,୮୪୯.୯୫ କୋଟି ଟଙ୍କା ଦାବି କରାଯାଇଛି।

■ ପରକୀୟା ପ୍ରୀତି ସନ୍ଦେହରେ କଙ୍ଗାରୁକୋର୍ଟ

# ମହିଳାଙ୍କ ସମେତ ୩ ଜଣଙ୍କୁ ଖୁଣ୍ଟରେ ବାନ୍ଧି ଛେଚିଲେ

କରଞ୍ଜିଆ, ୧୩।୯ (ସମିସ): ପରକୀୟା ପ୍ରୀତି ସନ୍ଦେହରେ କଙ୍ଗାରୁକୋର୍ଟ। ଦୁଇ ଯୁବକ ଓ ଜଣେ ମହିଳାଙ୍କୁ ଏକ ଖୁଣ୍ଟରେ ବାନ୍ଧି ନିସ୍ତୁକ ଛେଚିଲେ ଗ୍ରାମବାସୀ। ମୟୂରଭଞ୍ଜ ଜିଲ୍ଲା ଯଶିପୁର ଥାନା ବେଗୁନିଆ ଗାଁରେ ଏଭଳି ଏକ ଘଟଣା ଘଟିଛି। ଏନେଇ



ଅଭିଯୋଗ ହେବା ପରେ ପୁଲିସ ୨ ଜଣଙ୍କୁ ଅଟକ ରଖି ପଚରାଉଚରା ଚଳାଇଛି।

ସୂଚନାନୁସାରେ, ଶୁକ୍ରବାର ମହିଳାଜଣଙ୍କ ହାଟକୁ ସଉଦା ପାଇଁ ଯଶିପୁର ଯାଇଥିଲେ। କିଣାକିଣିରେ ସାହାଯ୍ୟ କରିବା ପାଇଁ ନିକଟସ୍ଥ କାଶୀପାଳ ଗାଁର ତାଙ୍କ ସମ୍ପର୍କୀୟ ଦୁଇ ଦିଅରଙ୍କୁ ସାଙ୍ଗରେ ନେଇଥିଲେ। ଅପରାହ୍ଣ ପ୍ରାୟ ୪ଟାରେ ସମସ୍ତେ ଏକ ବାଇକ୍‌ରେ ଘରକୁ ଫେରିଥିଲେ। ତେବେ ମହିଳାଙ୍କ ପରିବାରଲୋକ ତାଙ୍କୁ ଦୁଇ ଯୁବକଙ୍କ ସହ ଦେଖି ହଠାତ୍ ଉତ୍ତ୍ୟକ୍ତ ହୋଇଉଠିଥିଲେ।

**୨ ଅଟକ**

ଯୁବକଦ୍ୱୟଙ୍କ ସହ ମହିଳାଙ୍କ ଅନୈତିକ ସଂପର୍କ ଥିବା ନେଇ ପରିବାରଲୋକ ଅଭିଯୋଗ କରିବାରୁ ଘଟଣାସ୍ଥଳରେ ଉତ୍ତେଜନା ପ୍ରକାଶ ପାଇଥିଲା। ଗାଁ ଲୋକ ରୁଣ୍ଡ ହୋଇ ୩ ଜଣଙ୍କୁ ମାରଧର କରିଥିଲେ। ପରେ ସେମାନଙ୍କୁ ନିକଟସ୍ଥ ଏକ ପଡ଼ିଆରେ ଥିବା ବିଦ୍ୟୁତ୍ ଖୁଣ୍ଟରେ ବାନ୍ଧି ନିସ୍ତୁକ ପିଟିଥିଲେ। ଖବର ପାଇ ଯଶିପୁର ପୁଲିସ ପହଞ୍ଚି ସେମାନଙ୍କୁ ଉଦ୍ଧାର କରି ଯଶିପୁର ମେଡିକାଲରେ ଭର୍ତ୍ତି କରାଇଥିଲା। ଏନେଇ ପୁଲିସ୍ ଏକ ମାମଲା ରୁଜୁ କରି ଦୁଇଜଣଙ୍କୁ ଅଟକ ରଖି ତଦନ୍ତ ଚଳାଇଛି।

**ରାଜ୍ୟରେ ବିଚିତ୍ର ସ୍ୱାସ୍ଥ୍ୟସେବା**

# ଘରୋଇ ହସ୍ପିଟାଲ୍‌ରେ ମୃତ; ଏମ୍ସରେ ଜୀବିତ

ଭୁବନେଶ୍ୱର, ୧୩।୯ (ସମିସ): ଏମ୍ସ ହସ୍ପିଟାଲ୍ ନିକଟରେ ଘରୋଇ ସହାୟିକା ଭାବେ କାମ କରୁଥିବା ଜଣେ ମହିଳା ଦୈନନ୍ଦିନ କାମ ସାରି ଘରକୁ ଫେରୁଥିଲେ। ଏମ୍ସ ରାସ୍ତାରେ ଏକ ଅଜଣା ଗାଡ଼ି ତାଙ୍କୁ ଧକ୍କା ଦେଲା। ଦୁର୍ଘଟଣାରେ ତାଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଲା। ସେଠାରେ ଥିବା ଲୋକମାନେ ତାଙ୍କୁ ଏମ୍ସ ହସ୍ପିଟାଲ୍‌ରେ ଭର୍ତ୍ତି କରିଥିଲେ। ଡାକ୍ତର ତାଙ୍କୁ ପ୍ରାଥମିକ ଚିକିତ୍ସା କଲେ। ମାତ୍ର ବେଳକୁ ବେଳ ତାଙ୍କ ଅବସ୍ଥା ସଂକଟାପନ୍ନ ହୋଇଗଲା। ଆଇସିୟୁ ଭେଣ୍ଟିଲେଟରର୍ ଆବଶ୍ୟକତା ପଡ଼ିଲା। ତେଣୁ ପରିବାରଲୋକ ତାଙ୍କୁ ଗୋଟିଏ ପରେ ଗୋଟିଏ ତିନୋଟି ଘରୋଇ ହସ୍ପିଟାଲ୍‌କୁ ନେଲେ। କିନ୍ତୁ କୋଉଠି ବି ତାଙ୍କୁ ଭେଣ୍ଟିଲେଟର୍ ମିଳିଲାନି। ଶେଷରେ ଗୋଟିଏ ଘରୋଇ ହସ୍ପିଟାଲ୍ ତାଙ୍କୁ ମୃତ ଘୋଷଣା କରି ଶବ ବ୍ୟବଚ୍ଛେଦ ପାଇଁ ସରକାରୀ ଡାକ୍ତରଖାନାକୁ ପଠାଇଦେଲା। ପରିବାରଲୋକ ତାଙ୍କୁ ଆଣି ଏମ୍ସ ଶବାଗାରରେ ଭର୍ତ୍ତି କରିବା ବେଳକୁ ମହିଳାଙ୍କ ନିଶ୍ୱାସ ପ୍ରଶ୍ୱାସ ଚଳପ୍ରଚଳ ହେଉଥିବା ଦେଖିବାକୁ ପାଇଲେ। ତେଣୁ ତାଙ୍କୁ ପୁଣି ଏମ୍ସରେ ଭର୍ତ୍ତି କରି ଚିକିତ୍ସା କରାଯାଉଛି। ଏବେ ବି ତାଙ୍କ ଅବସ୍ଥା ସଂକଟାପନ୍ନ ଥିବା ଏମ୍ସ ହସ୍ପିଟାଲ୍ ସୂତ୍ରରୁ ଜଣାପଡ଼ିଛି। ମାତ୍ର ମହିଳାଜଣଙ୍କ ଜୀବିତ ଥିବା ଡାକ୍ତର ସ୍ପଷ୍ଟ କରିଛନ୍ତି।

ସୂଚନାନୁସାରେ, ଡୁମୁଡୁମା ସୁବାସ ନଗରର ଅମ୍ରିତା ସାହୁ(୩୮) ଏମ୍ସ ନିକଟ ଭିପୁଲ୍ ଗାର୍ଡେନ୍

■ ଏମ୍‌ସ ଭେଣ୍ଟିଲେଟର୍‌ରେ ଗୁରୁତର ମହିଳା ଚିକିତ୍ସିତ
■ ତିନି ତିନିଟି ଘରୋଇ ହସ୍ପିଟାଲ ଫେରାଇଦେଲେ

ଆପାର୍ଟମେଣ୍ଟରେ ଜଣେ ଡାକ୍ତରଙ୍କ ଘରେ ରୋଷେୟା ଭାବେ କାମ କରନ୍ତି। ଗତକାଲି ସନ୍ଧ୍ୟାରେ କାମ ସାରି ସେ ଚାଲି ଚାଲି ଘରକୁ ଫେରୁଥିଲେ। ତେବେ ଲୋଚନବିହାର ମନ୍ଦିର ସମ୍ମୁଖରେ ତାଙ୍କୁ ପଛପଟୁ ଏକ ସ୍କୁଟି ଧକ୍କା ଦେଇଥିଲା। ତଳେ ପଡ଼ି ତାଙ୍କ ମୁଣ୍ଡ ଓ କାନ୍ଧରେ ଗଭୀର ଆଘାତ ଲାଗିଥିଲା। କାନ୍ଧ ହାଡ଼ ଭାଙ୍ଗି ଯାଇଥିବା ବେଳେ ମୁଣ୍ଡର ପଛପାର୍ଶ୍ୱ ମାଡ଼ ହୋଇଯାଇଛି। ସ୍ଥାନୀୟ ଲୋକମାନେ ଉଦ୍ଧାର କରି ତାଙ୍କୁ ଏମ୍‌ସ ଜରୁରୀକାଳୀନ ୱାର୍ଡରେ ଭର୍ତ୍ତି କରାଇଥିଲେ। ସେଠାରେ ପ୍ରାଥମିକ ଚିକିତ୍ସା ପରେ ଡାକ୍ତର ତାଙ୍କୁ ଭେଣ୍ଟିଲେଟର୍ ଥିବା ଏକ ହସ୍ପିଟାଲ୍‌କୁ ରେଫର୍ କରିଥିଲେ। ପରିବାର ଲୋକେ ତାଙ୍କୁ ଆମ୍ବୁଲାନ୍ସ ଯୋଗେ କୋଳଥିଆସ୍ଥିତ ଏକ ଘରୋଇ ହସ୍ପିଟାଲ୍‌କୁ ନେଇଥିଲେ। ସେଠାରେ ଭେଣ୍ଟିଲେଟର୍ ନଥିବାରୁ ଡାକ୍ତର ଫେରାଇ ଦେଇଥିଲେ। ପରିବାରଲୋକ ପରେ ତାଙ୍କୁ ପଟିଆସ୍ଥିତ ଏକ ଘରୋଇ ହସ୍ପିଟାଲ୍‌କୁ ନେଇଥିଲେ। ସେଠି ମଧ୍ୟ ସମାନ ସ୍ଥିତି। ଶେଷରେ ସହର ଶେଷମୁଣ୍ଡରେ ଥିବା ଏକ ଘରୋଇ ହସ୍ପିଟାଲ୍‌ରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସେଠାରେ ଡାକ୍ତର ତାଙ୍କର ଇସିଜି କରିବା ପରେ ସେ ମୃତ ବୋଲି ଘୋଷଣା କରିଥିଲେ। ତାଙ୍କୁ ସରକାରୀ ଡାକ୍ତରଖାନାକୁ ନେଇ ତାଙ୍କର ଶବ ବ୍ୟବଚ୍ଛେଦ କରିବା ପାଇଁ ପରିବାରଲୋକଙ୍କୁ କହିଥିଲେ। ପରିବାରଲୋକ ତାଙ୍କୁ ଏମ୍ସ ଆଣିଥିଲେ। ମାତ୍ର ଏମ୍ସରେ ସେ ଜୀବିତ ଥିବା ଡାକ୍ତରମାନେ ଦେଖିଥିଲେ। ଏବେ ସେ ଏମ୍ସର ଜରୁରୀକାଳୀନ ୱାର୍ଡରେ ଭେଣ୍ଟିଲେଟର୍ ସପୋର୍ଟରେ ଅଛନ୍ତି। ତାଙ୍କ ଦେହରେ ଜୀବନ ଥିଲେ ସୁଦ୍ଧା ଘରୋଇ ହସ୍ପିଟାଲ୍ ତାଙ୍କୁ ମୃତ ଘୋଷଣା କରିବା ସଚେତନ ନାଗରିକଙ୍କ ମହଲରେ ଗଭୀର ଆଲୋଡ଼ନ ସୃଷ୍ଟି କରିଛି।

ଏ ସମ୍ପର୍କରେ ଗୁରୁତର ମହିଳାଙ୍କ ପୁଅ ତ୍ରିଲୋଚନ ସାହୁ କହିଛନ୍ତି, ତିନୋଟିଯାକ ଘରୋଇ ହସ୍ପିଟାଲ୍ ତାଙ୍କୁ ଆମ୍ବୁଲାନ୍ସରୁ ଦେଖି ଫେରାଇ ଦେଲା। ଶେଷରେ ଆଉ ଏକ ଘରୋଇ ହସ୍ପିଟାଲ୍‌ରେ ଡାକ୍ତର ସେହି ଆମ୍ବୁଲାନ୍ସରେ ହିଁ ତାଙ୍କର ଇସିଜି କରିଥିଲେ। ବାରମ୍ବାର ଭିତରେ ଯାଇ ଆଲୋଚନା କଲେ। ଶେଷରେ ମୋର ଜୀବିତ ମା'ଙ୍କୁ ମୃତ ବୋଲି ଘୋଷଣା କଲେ। ଏହା ମାନସିକ ଭାବେ ଆମକୁ ଗଭୀର ଆଘାତ ଦେଇଛି। ଘରୋଇ ହସ୍ପିଟାଲ୍ ଅର୍ଥ ଲୋଭରେ ଆମ ଭଳି ସାଧାରଣ ଲୋକମାନଙ୍କ ପ୍ରତି ଅବିଚାର କରୁଛି ବୋଲି ସେ କ୍ଷୋଭର ସହ କହିଛନ୍ତି।

**କେନ୍ଦ୍ରକୁ ଯିବେ ଆଉ ଜଣେ ଆଇଏଏସ୍**

## ଶାଳିନୀ ପଣ୍ଡିତ କେନ୍ଦ୍ର ଅର୍ଥ ସେବା ଯୁଗ୍ମ ସଚିବ ନିଯୁକ୍ତ

ଭୁବନେଶ୍ୱର, ୧୩।୯ (ସମିସ): କେନ୍ଦ୍ରକୁ ଯିବେ ଆଉ ଜଣେ ଆଇଏଏସ୍। ୨୦୦୧ ବ୍ୟାଚ୍ ଆଇଏଏସ୍ ଶାଳିନୀ ପଣ୍ଡିତଙ୍କୁ କେନ୍ଦ୍ର ଅର୍ଥ ସେବା ଯୁଗ୍ମ ସଚିବ ଭାବେ ନିଯୁକ୍ତି ମିଳିଛି। ନିଯୁକ୍ତି ସଂକ୍ରାନ୍ତ କ୍ୟାବିନେଟ୍ କମିଟିର ଅନୁମୋଦନ ପରେ ଶନିବାର ଏନେଇ କେନ୍ଦ୍ର କାର୍ମିକ ମନ୍ତ୍ରଣାଳୟ ପକ୍ଷରୁ ବିଧିବଦ୍ଧ ବିଜ୍ଞପ୍ତି ଜାରି ହୋଇଛି। ସୂଚନାନୁସାରେ, ଶ୍ରୀମତୀ ପଣ୍ଡିତଙ୍କୁ କେନ୍ଦ୍ର ଅର୍ଥସେବା ଯୁଗ୍ମସଚିବ ଭାବେ ୫ବର୍ଷ ଅବା ପରବର୍ତ୍ତୀ ନିର୍ଦ୍ଦେଶ ପର୍ଯ୍ୟନ୍ତ ନିଯୁକ୍ତି ମିଳିଛି। ଶ୍ରୀମତୀ ପଣ୍ଡିତ ଏବେ ରାଜ୍ୟ ସ୍କୁଲ ଓ ଗଣଶିକ୍ଷା ବିଭାଗ ଏବଂ ମିଶନ ଶକ୍ତି ବିଭାଗର ସଚିବ ଭାବେ କାର୍ଯ୍ୟରତ ଅଛନ୍ତି।

# ବଟି ଆଦାୟ କରି ଆଇଆଇସି ମଧୁସ୍ମିତା ନିଲମ୍ବିତ

ଯାଜପୁର/ବଡ଼ଚଣା, ୧୩।୯ (ସମିସ): ବଡ଼ଚଣା ଥାନାର ପୂର୍ବତନ ଅଧିକାରୀ ମଧୁସ୍ମିତା ବେହେରାଙ୍କ ବିରୋଧରେ ଆସିଥିବା ବଟି ଆଦାୟ ଅଭିଯୋଗର ପ୍ରମାଣ ମିଳିବା ପରେ ଆଜି ପୁଲିସ ମହାନିର୍ଦ୍ଦେଶକ ତାଙ୍କୁ ନିଲମ୍ବିତ କରିଛନ୍ତି। ଏହା ପୂର୍ବରୁ ତାଙ୍କୁ ଗତ ୭ ତାରିଖରେ ବଡ଼ଚଣା ଥାନାରୁ ଯାଜପୁର ପୁଲିସ ମୁଖ୍ୟାଳୟକୁ ବଦଳି କରାଯାଇଥିଲା। ମଧୁସ୍ମିତାଙ୍କୁ ବଦଳିକୁ ନେଇ ନାନା ଗୁଜବ କରାଯାଉଥିଲେ ମଧ୍ୟ ତାଙ୍କ ବିରୋଧରେ ଆସିଥିବା ବଟି ଆଦାୟ ଅଭିଯୋଗ ପାଇଁ ଏଭଳି କାର୍ଯ୍ୟାନୁଷ୍ଠାନ ହୋଇଥିବା ଆଜି ସ୍ପଷ୍ଟ ହୋଇଛି।

ସୂଚନା ମୁତାବକ, ମଧୁସ୍ମିତାଙ୍କ ବିରୋଧରେ ଗୁରୁତର ଅଭିଯୋଗ ହୋଇଥିଲା। କଟକ ଜିଲ୍ଲା ନିଶ୍ଚିନ୍ତକୋଇଲି ଥାନା ଅନ୍ତର୍ଗତ କଟିକଟା ବଜାରର ଜଣେ ଔଷଧ ବ୍ୟବସାୟୀ ପ୍ରଫୁଲ୍ଲ ସାହୁଙ୍କୁ ବେଆଇନ ଭାବେ ଉଠାଇ ଆଣି ସେ ବଡ଼ଚଣା ଥାନାରେ ୩ଦିନ ଅଟକ ରଖିଥିଲେ। ତାଙ୍କୁ ମୁକୁଳାଇବା ପାଇଁ ମାହାଙ୍ଗା/ନିଶ୍ଚିନ୍ତକୋଇଲି ଅଞ୍ଚଳର ଦୁଇ ସାମ୍ବାଦିକଙ୍କ ଜରିଆରେ ଅଢ଼େଇ ଲକ୍ଷ ଟଙ୍କା ବଟି ଆଦାୟ କରିଥିଲେ। ସେଥିମଧ୍ୟରୁ ୯୦ ହଜାର ଟଙ୍କା ଫୋନ୍-ପେ'ରେ ଆଦାୟ

**ବଡ଼ଚଣା ଥାନାରୁ ପୁଲିସ ମୁଖ୍ୟାଳୟକୁ ବଦଳି ହୋଇଥିଲେ**

କରାଯାଇଥିବା ଅଭିଯୋଗ ହୋଇଥିଲା। ଏ ସଂକ୍ରାନ୍ତରେ ପ୍ରଫୁଲ୍ଲଙ୍କ ପରିବାର ବିଭିନ୍ନ ଫୋରମ୍‌ରେ ଅଭିଯୋଗ କରିବା ସହ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠ, ପୁଲିସ ମହାନିର୍ଦ୍ଦେଶକ, ଜାତୀୟ ମାନବାଧିକାର କମିସନଙ୍କ ନିକଟରେ ମଧ୍ୟ ଅଭିଯୋଗ କରିଥିଲେ। ଏହି ଘଟଣା ଗତ ଜୁନ୍ ମାସରେ ହୋଇଥିଲେ ମଧ୍ୟ ଏହାକୁ ପୁଲିସ ବେଶ୍ ହାଲୁକା ଭାବେ ଗ୍ରହଣ କରିଥିଲା। ଏ ସଂକ୍ରାନ୍ତରେ ଗତ ଅଗଷ୍ଟ ୨୩ ତାରିଖରେ 'ସକାଳ'ରେ ଖବର ପ୍ରକାଶ ପାଇବା ପରେ ବିଭାଗୀୟ ତଦନ୍ତରେ ତତ୍ପରତା ପ୍ରକାଶ ପାଇଥିଲା। ମଧୁସ୍ମିତାଙ୍କ ବିରୋଧରେ ଆସିଥିବା ବଟି



ଆଦାୟ ଅଭିଯୋଗରେ ସତ୍ୟତା ଥିବା ଜଣାପଡ଼ିବା ପରେ ପ୍ରଥମେ ତାଙ୍କୁ ଜିଲ୍ଲା ପୁଲିସ ମୁଖ୍ୟାଳୟକୁ ବଦଳି କରାଯାଇଥିଲା। କିନ୍ତୁ ଉକ୍ତ ବଦଳି ଆଦେଶକୁ ପ୍ରତ୍ୟାହାର କରିବା ପାଇଁ ବଡ଼ଚଣା ଥାନା ଓ ଏସ୍‌ପି ଅଫିସ ସମ୍ମୁଖରେ ବିକ୍ଷୋଭ ଓ ନାରାବାଜି କରାଯାଇଥିଲା।

# ଆଇଟିଆଇ ଛାତ୍ରୀଙ୍କ ସନ୍ଦେହଜନକ ମୃତ୍ୟୁ

ବସ୍ତାବ୍ଲକ୍, ୧୩।୯ (ସମିସ): ବାଲେଶ୍ୱର ଜିଲ୍ଲା ବସ୍ତା ଥାନା ଅନ୍ତର୍ଗତ ସୁନ୍ଦରହୋତା ଗ୍ରାମ ନିକଟ ୬୦ ନମ୍ବର ଜାତୀୟ ରାଜପଥର ତାରିଣୀ ଛକ ନିକଟରେ ଅବସ୍ଥିତ ପପୁଲାର୍ ନାମକ ଏକ ଘରୋଇ ଶିଳ୍ପ ତାଲିମ କେନ୍ଦ୍ର (ଆଇଟିଆଇ)ରେ ପଢୁଥିବା ଜଣେ ଛାତ୍ରୀଙ୍କ ସନ୍ଦେହଜନକ ମୃତ୍ୟୁ ଘଟିଛି। ମୃତ ଛାତ୍ରୀଜଣଙ୍କ ହେଲେ, ମୟୂରଭଞ୍ଜ ଜିଲ୍ଲା ବଡ଼ସାହି ଅଞ୍ଚଳର ଶୁକ୍ରମଣି ମାଝି(୧୬)। ହଷ୍ଟେଲ ଛାତ ଉପରୁ ତାଙ୍କର ଝୁଲନ୍ତା ମୃତଦେହ ଉଦ୍ଧାର ହୋଇଛି। ତେବେ ଏହାକୁ ଶୁକ୍ରମଣିଙ୍କ ପରିବାରଲୋକ ସହଜରେ ଗ୍ରହଣ କରିପାରୁନାହାନ୍ତି। ଝିଅକୁ ହତ୍ୟା କରି ଆତ୍ମହତ୍ୟାର ରୂପ ଦେବାକୁ ଚେଷ୍ଟା କରାଯାଉଥିବା ଛାତ୍ରୀଙ୍କ ବାପା-ମା' ଥାନାରେ ଅଭିଯୋଗ କରିଛନ୍ତି। ଏନେଇ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଛି।

**ହତ୍ୟା ଅଭିଯୋଗ ଆଣିଲେ ପରିବାରଲୋକେ**

ଶୁକ୍ରମଣି ଉକ୍ତ ତାଲିମ କେନ୍ଦ୍ରରେ ଇଲେକ୍ଟ୍ରିସିଆନ୍ ବିଭାଗର ପ୍ରଥମ ବର୍ଷ ଛାତ୍ରୀ। ଶୁକ୍ରବାର ରାତିରେ ହଷ୍ଟେଲ କର୍ତ୍ତୃପକ୍ଷ ତାଙ୍କ ଶବ ଛାତ ଉପରୁ ଝୁଲନ୍ତା ଅବସ୍ଥାରେ ଉଦ୍ଧାର କରି ବସ୍ତା ହସ୍ପିଟାଲରେ ଭର୍ତ୍ତି କରାଇଥିଲେ। ସେଠାରେ ଡାକ୍ତର ତାଙ୍କୁ ବିଧିବଦ୍ଧ ଭାବେ ମୃତ ଘୋଷଣା କରିଥିଲେ। ପୁଲିସ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ଏହି ଘଟଣାରେ କର୍ତ୍ତୃପକ୍ଷଙ୍କୁ ଦାୟୀ କରି କାର୍ଯ୍ୟାନୁଷ୍ଠାନ ସହ କ୍ଷତିପୂରଣ ଦାବି କରିଛନ୍ତି ଛାତ୍ରୀଙ୍କ ପରିବାରଲୋକେ।


## କ୍ୟାମ୍ପରୁ ଦେଶୀ ବନ୍ଧୁକ ସହ ଗୁଳି ଜବତ, ୨ ଗିରଫ

ଅନୁଗୋଳ, ୧୩।୯ (ସମିସ): ଅନୁଗୋଳ ଜିଲ୍ଲା ଆଠମଲ୍ଲିକ ବନଖଣ୍ଡ ଧଣ୍ଡାତୋପା ବନାଞ୍ଚଳ ଧଣ୍ଡାତୋପା ଓଭରବ୍ରିଜ୍ ନିକଟ ଏକ କ୍ୟାମ୍ପରୁ ଶୁକ୍ରବାର ଦେଶୀ ବନ୍ଧୁକ ସହ କିଛି ଅଫୁଟା ଗୁଳି ଜବତ ହୋଇଛି। ଧଣ୍ଡାତୋପା ବନ ବିଭାଗ ଓ ଠାକୁରଗଡ଼ ଥାନା ପୁଲିସ ମିଳିତ ଚଢ଼ଉ କରି ବନ୍ଧୁକ ଓ ଗୁଳି ଜବତ କରିଛନ୍ତି। ଏହି ଘଟଣାରେ ୨ ଜଣଙ୍କୁ ଗିରଫ କରାଯାଇଛି। ସେମାନେ ହେଲେ, କିଶୋରନଗର ଥାନା ବ୍ରାହ୍ମଣୀପାଲି ଗ୍ରାମର ସୁଶାନ୍ତ ପ୍ରଧାନ ଓ କଦଳୀମୁଣ୍ଡା ଗ୍ରାମର ଧୋବେଇ ପ୍ରଧାନ। ଏନେଇ ଧଣ୍ଡାତୋପା ରେଞ୍ଜର ବବ୍ରୁବାହାନ ସାହୁଙ୍କ ଅଭିଯୋଗକ୍ରମେ ପୁଲିସ ଏକ ମାମଲା ରୁଜୁ କରି ଶନିବାର ଦୁଇ ଅଭିଯୁକ୍ତଙ୍କୁ କୋର୍ଟଚାଲାଣ କରିଛି। ପୁଲିସ ସୂଚନାନୁଯାୟୀ, ସୁଶାନ୍ତ ଓ ଧୋବେଇ ଧଣ୍ଡାତୋପା ନିକଟରେ ଏକ କ୍ୟାମ୍ପ କରି କିଛି ଦିନ ହେବ ରହି ଆସୁଥିଲେ। ଦେଶୀ ବନ୍ଧୁକ ସାହାଯ୍ୟରେ ସେମାନେ ନିକଟସ୍ଥ ଜଙ୍ଗଲରୁ ଜନ୍ତୁ ଶିକାର କରୁଥିଲେ। ଏନେଇ ସୂଚନା ମିଳିବା ଚଢ଼ଉ କରାଯାଇଥିଲା। ସେଠାରୁ ବନ୍ଧୁକ ଓ ଗୁଳି ସହ ବାରୁଦ, ଛୁରୀ, ୨ଟି ମୋବାଇଲ, ଟାଙ୍ଗିଆ, ତାର ଆଦି ଜବତ କରାଯାଇଛି।

**ଜାତୀୟ ଆଇନ ବିଶ୍ୱବିଦ୍ୟାଳୟର ସମାବର୍ତ୍ତନ ଉତ୍ସବ**

# 'ଯୁବ ଆଇନଜୀବୀମାନେ ଦେଶର ଆବଶ୍ୟକତା ପୂରଣ କରନ୍ତୁ'

କଟକ, ୧୩।୯ (ସମିସ): ଆଇନ ବୃତ୍ତିର ପରିସର ବୃଦ୍ଧି ପାଇ ଚାଲିଛି। ଏଣୁ ଲକ୍ଷ୍ୟ ଏବଂ ନୀତିକୁ ସ୍ଥିର କରି ଏହି ପେସାରେ ଛାତ୍ରଛାତ୍ରୀମାନେ ଅଗ୍ରସର ହେବା ଉଚିତ। ଅଦାଲତ କାର୍ଯ୍ୟ ବାହାରେ ଆଇନଜୀବୀମାନଙ୍କ ଗୁରୁତ୍ୱପୂର୍ଣ୍ଣ ସାମାଜିକ ଭୂମିକା ରହିଛି। ସେଗୁଡ଼ିକୁ ନିଷ୍ଠା ଓ ଶୃଙ୍ଖଳାର ସହ ତୁଲାଇବା ଆବଶ୍ୟକ ବୋଲି କହିଛନ୍ତି ସୁପ୍ରିମକୋର୍ଟର ପ୍ରାକ୍ତନ ବିଚାରପତି ତଥା ଜାତୀୟ ଜୁଡିସିଆଲ ଏକାଡେମିର ନିର୍ଦ୍ଦେଶକ ଜଷ୍ଟିସ ଅନିରୁଦ୍ଧ ବୋଷ। ଜାତୀୟ ଆଇନ ବିଶ୍ୱବିଦ୍ୟାଳୟର ୧୨ତମ ସମାବର୍ତ୍ତନ ଉତ୍ସବରେ ମୁଖ୍ୟଅତିଥି ଭାବେ ଦୀକ୍ଷାନ୍ତ ଅଭିଭାଷଣ ଦେଇ ଜଷ୍ଟିସ ବୋଷ ଏହା କହିଛନ୍ତି। ବିଶେଷକରି ପ୍ରତ୍ୟେକ ଆଇନଜୀବୀମାନେ ଲଢୁଥିବା ମାମଲାଗୁଡ଼ିକର ୨୫ ପ୍ରତିଶତ ବିନା ଦେୟରେ ପରିଚାଳନା କରିବା ଦରକାର। ପରିବର୍ତ୍ତିତ ପରିସ୍ଥିତିରେ ଦେଶ ସେମାନଙ୍କଠାରୁ ଯାହା ଆବଶ୍ୟକ କରୁଛି, ଯୁବ ଆଇନଜୀବୀମାନେ ତାହା ପୂରଣ କରିବା ଆବଶ୍ୟକ ବୋଲି ସେ କହିଛନ୍ତି।




ଜାତୀୟ ଆଇନ ବିଶ୍ୱବିଦ୍ୟାଳୟର କୁଳାଧିପତି ତଥା ଓଡ଼ିଶା ହାଇକୋର୍ଟର ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ସମାବର୍ତ୍ତନ ଉତ୍ସବରେ ଅଧ୍ୟକ୍ଷତା କରି କହିଲେ, କଠିନ ପରିଶ୍ରମ ସାମାଜିକ ଦାୟିତ୍ୱ ଆଇନ ପେସାରେ ନିତାନ୍ତ ଦରକାର।

ବିଶ୍ୱବିଦ୍ୟାଳୟ ପରିସରରେ ଅନୁଷ୍ଠିତ ଏହି ସମାବର୍ତ୍ତନ ଉତ୍ସବରେ ୨୦୨୪-୨୫ବର୍ଷ ପାଇଁ ୨୧୮ ଜଣ ଛାତ୍ରଛାତ୍ରୀମାନଙ୍କୁ ୟୁଜି, ପିଜି ଏବଂ ପିଏଚ୍‌ଡି ଡିଗ୍ରୀ ପ୍ରଦାନ କରାଯାଇଥିଲା। ସେମାନଙ୍କ ମଧ୍ୟରୁ ୧୬୮ ଛାତ୍ରଛାତ୍ରୀଙ୍କୁ ପାଞ୍ଚବର୍ଷିୟା ଇଣ୍ଟିଗ୍ରେଟେଡ୍ ପାଠ୍ୟକ୍ରମର ସ୍ନାତକ ଡିଗ୍ରୀ ୪୭ଜଣଙ୍କୁ ସ୍ନାତକୋତ୍ତର ଏବଂ ୩ଜଣ ଛାତ୍ରଛାତ୍ରୀଙ୍କୁ ପିଏଚଡି ଡିଗ୍ରୀ ପ୍ରଦାନ କରାଯାଇଛି। ଏଥିସହ ୧୪ମେଧାବୀ ଛାତ୍ରୀଙ୍କୁ ସ୍ୱର୍ଣ୍ଣପଦକ ପ୍ରଦାନ କରାଯାଇଥିଲା। ପ୍ରାରମ୍ଭରେ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ବେଦ କୁମାରୀ ସ୍ୱାଗତ ଭାଷଣ ଦେଇ ବିଶ୍ୱବିଦ୍ୟାଳୟ ସମ୍ପର୍କରେ ଏକ ରିପୋର୍ଟ ଉପସ୍ଥାପନ କରିଥିଲେ। କାର୍ଯ୍ୟକ୍ରମରେ ଏନ୍‌ଏଲୟୁର ରେଜିଷ୍ଟ୍ରାର ପ୍ରଫେସର୍ ରଙ୍ଗୀନ ପଲ୍ଲଭ ତ୍ରିପାଠୀ ଧନ୍ୟବାଦ ଦେଇଥିଲେ। ହାଇକୋର୍ଟର ବହୁ ବିଚାରପତି, ଆଡଭୋକେଟ ଜେନରାଲଙ୍କ ସମେତ ବିଶିଷ୍ଟ ବ୍ୟକ୍ତିମାନେ ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ।

## ଶ୍ରୀମନ୍ଦିର ଉତ୍ତରଦ୍ୱାର ନିକଟରେ ଦାଦା-ପୁତୁରାଙ୍କୁ ଛୁରାମାଡ଼

ପୁରୀ, ୧୩।୯ (ସମିସ): ପୁରୀ ସହରକୁ ଅପରାଧମୁକ୍ତ ଓ ନିଶାମୁକ୍ତ କରିବା ପାଇଁ ଏସ୍‌ପି ପ୍ରତୀକ ସିଂଙ୍କ ତତ୍ତ୍ୱାବଧାନରେ 'ଅପରେସନ୍ ଚକ୍ର' ଚାଲିଛି। ବିଭିନ୍ନ ଥାନାର ବରିଷ୍ଠ ପୁଲିସ ଅଧିକାରୀଙ୍କୁ ନେଇ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଇଛି। ସଞ୍ଜ ନଇଁଲେ ପ୍ରମୁଖ ସ୍ଥାନରେ ନାକାବନ୍ଦୀ କରାଯାଉଛି। ଗାଡ଼ିମୋଟର ଯାଞ୍ଚ ସାଙ୍ଗକୁ ଅପରାଧୀଙ୍କ ଗତିବିଧି ଉପରେ ତୀକ୍ଷ୍ଣ ନଜର ରଖିଛି ପୁଲିସ। ସପ୍ତାହକ ମଧ୍ୟରେ ବିଭିନ୍ନ ମାମଲାରେ ଅନେକ ଅଭିଯୁକ୍ତ ମଧ୍ୟ ବନ୍ଧା ହେଲେଣି। ଏହା ସତ୍ତ୍ୱେ କିଛି ଅପରାଧୀ ଏବେ ବି ପୁଲିସର କାର୍ଯ୍ୟାନୁଷ୍ଠାନକୁ ଭୟ କରୁନାହାନ୍ତି। 'ଅପରେସନ୍ ଚକ୍ର'କୁ ଖୋଲା ଚ୍ୟାଲେଞ୍ଜ ଦେବା ଭଳି ଘଟଣା ଘଟିଛି ଶ୍ରୀମନ୍ଦିର ଉତ୍ତର ଦ୍ୱାର ନିକଟରେ। ଶ୍ରୀମନ୍ଦିର ଉତ୍ତରଦ୍ୱାର ନିକଟରେ ଜଣେ ଦୁର୍ବୃତ୍ତ ଦାଦା-ପୁତୁରାଙ୍କୁ ଛୁରାମାଡ଼ କରି ଆତଙ୍କ ସୃଷ୍ଟି କରିଛି। ଆକ୍ରମଣର ଶିକାର ଦାଦା-ପୁତୁରା ହେଉଛନ୍ତି, ମାର୍କଣ୍ଡେଶ୍ୱର ସାହିର ଗୌରାଙ୍ଗ ସାହୁ ଓ ସନ୍ତୋଷ କୁମାର ସାହୁ। ଉଭୟଙ୍କ ଦେହର ବିଭିନ୍ନ ସ୍ଥାନରେ ଆଘାତ ଲାଗିଥିବା ବେଳେ ଆକ୍ରମଣକାରୀ ଘଟଣାସ୍ଥଳରୁ ଚମ୍ପଟ ମାରିଛି। ଆହତ ଦାଦା-ପୁତୁରାଙ୍କୁ ଚିକିତ୍ସା ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ଖବର ପାଇ ଘଟଣାସ୍ଥଳରେ ସିଂହଦ୍ୱାର ପୁଲିସ ପହଞ୍ଚି ତଦନ୍ତ କରିଛି। ପୂର୍ବଶତ୍ରୁତାକୁ କେନ୍ଦ୍ର କରି ଏହି ଘଟଣା ଘଟିଥିବା ଅନୁମାନ କରାଯାଉଛି। ବିଶେଷକରି ବ୍ୟବସାୟକୁ ନେଇ ଏହି ଘଟଣା ଘଟିଥାଇପାରେ ବୋଲି ପୁଲିସ ଅନୁମାନ କରୁଛି। ପୁଲିସ ଅଭିଯୁକ୍ତଙ୍କୁ ଧରିବା ଲାଗି ଚଢ଼ଉ ଜାରି ରଖିଛି।

## ବାର୍‌ହା ଆକ୍ରମଣରେ ମହିଳା ଚାଷୀ ମୃତ

ପୋଲସରା, ୧୩।୯ (ସମିସ): ବାର୍‌ହା ଆକ୍ରମଣରେ ମହିଳା ଚାଷୀଙ୍କ ମୃତ୍ୟୁ। ପୋଲସରା ବ୍ଲକ୍ କବିସୂର୍ଯ୍ୟନଗର ଥାନା ଅନ୍ତର୍ଗତ ଡୁଙ୍ଗୁରି ଗ୍ରାମରେ ଶୁକ୍ରବାର ସଂଧ୍ୟାରେ ଏଭଳି ଏକ ଅଘଟଣ ଘଟିଛି। ମୃତକ ହେଲେ, ସେହି ଗ୍ରାମର ପଦ୍ମାବତୀ ପୋଲାଇ। ପଦ୍ମାବତୀ ଗତକାଲି ସଂଧ୍ୟାରେ ନିଜ ଜମିକୁ ଯାଇଥିଲେ। ବିଳମ୍ବିତ ରାତି ପର୍ଯ୍ୟନ୍ତ ଘରକୁ ନ ଫେରିବାରୁ ପରିବାରଲୋକଙ୍କ ସନ୍ଦେହ ହୋଇଥିଲା। ଖୋଜାଖୋଜି କରିବାରୁ ଚାଷଜମିରେ ସେ କ୍ଷତାକ୍ତ ଅବସ୍ଥାରେ ପଡ଼ିଥିବା ଦେଖିଥିଲେ। ପରିବାରଲୋକ ତାଙ୍କୁ ପୋଲସରା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ ହେଁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପଦ୍ମାବତୀଙ୍କୁ ବାର୍‌ହା ଆକ୍ରମଣ କରିଥିବା ସନ୍ଦେହ କରାଯାଉଛି। ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ପ୍ରକୃତ କାରଣ ସ୍ପଷ୍ଟ ହୋଇପାରିବ ବୋଲି ପୋଲସରା ରେଞ୍ଜର ଅନିଲ କୁମାର ପଣ୍ଡା କହିଛନ୍ତି। ଉଲ୍ଲେଖଯୋଗ୍ୟ, ପ୍ରତିବର୍ଷ ନିକଟସ୍ଥ ପାହାଡ଼ିଆ ଅଞ୍ଚଳରେ ବାର୍‌ହା ଉପଦ୍ରବ ଯୋଗୁଁ ବ୍ୟାପକ ଫସଲ ହାନି ହେଉଥିବା ଅଞ୍ଚଳବାସୀ କ୍ଷୋଭର ସହ କହିଛନ୍ତି।

**ବ୍ୟକ୍ତିଗତ କାମରେ ଲଗାଉଛନ୍ତି ଏଏନ୍‌ଏମ୍**

# ଘାସବଛା, ବଗିଚା କାମ କରୁଛନ୍ତି ଆଶାକର୍ମୀ

ମୋହନା, ୧୩।୯ (ସମିସ): ସୁରକ୍ଷିତ ମାତୃତ୍ୱ ଲାଭ କରିବାରେ ସହଯୋଗ ସହ ଗ୍ରାମାଞ୍ଚଳରେ ସ୍ୱାସ୍ଥ୍ୟ ଭିତ୍ତିଭୂମିକୁ ସୁଦୃଢ଼ କରିବା ପାଇଁ ସରକାର ବିଭିନ୍ନ ସ୍ଥାନରେ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର ତଥା ସ୍ୱାସ୍ଥ୍ୟ ଉପକେନ୍ଦ୍ର ଖୋଲିଛନ୍ତି। ପ୍ରତ୍ୟେକ ଆରୋଗ୍ୟ କେନ୍ଦ୍ରରେ ଜଣେ ଲେଖାଏଁ ଏଏନ୍‌ଏମ୍ ନିଯୁକ୍ତ କରିବା ସହ ତାଙ୍କ ଅଧୀନରେ

■ କାମ ନ କଲେ ଚାକିରିରୁ ବିଦା ଧମକ
■ ତଦନ୍ତ ପରେ କାର୍ଯ୍ୟାନୁଷ୍ଠାନ: ସିଡିଏମ୍‌ଓ

ଆଶାକର୍ମୀଙ୍କୁ ନିଯୁକ୍ତି ପ୍ରଦାନ କରିଛନ୍ତି। କିନ୍ତୁ ଉପାନ୍ତ ଅଞ୍ଚଳରେ ଆଶାକର୍ମୀଙ୍କୁ ସ୍ୱାସ୍ଥ୍ୟ ବିଭାଗ କାର୍ଯ୍ୟ ସହ ଏଏନ୍‌ଏମ୍ ନିଜ ସରକାରୀ ଗୃହର ବିଭିନ୍ନ କାର୍ଯ୍ୟରେ ନିୟୋଜିତ କରିବା ଭଳି ସଂଗୀନ ଅଭିଯୋଗ ହୋଇଛି। ଏଭଳି ଅଭିଯୋଗ ଆସିଛି ଗଜପତି ଜିଲ୍ଲା ମୋହନା ବ୍ଲକର ବୁଡୁଲିସ୍ଥିତ ସ୍ୱାସ୍ଥ୍ୟ ଉପକେନ୍ଦ୍ରରୁ। ଏଠାରେ ଦାୟିତ୍ୱରେ ଥିବା ଏଏନ୍‌ଏମ୍ ବିଶ୍ୱରଞ୍ଜନୀ ପାଣି ସେକ୍ଟର୍‌ର ବିଭିନ୍ନ ଅଞ୍ଚଳରେ କାର୍ଯ୍ୟରତ ଆଶାକର୍ମୀଙ୍କୁ ଉପକେନ୍ଦ୍ରର ସଫେଇ, ବଗିଚା କାମ, ଘାସ ବଛା ଆଦି କାର୍ଯ୍ୟରେ ଲଗାଉଥିବା ଆଶାକର୍ମୀମାନେ ଅଭିଯୋଗ କରିଛନ୍ତି। ଯିଏ କାମ କରିବାକୁ ଅମଙ୍ଗ ହେଉଛି, ଉପର ଅଧିକାରୀଙ୍କୁ କହି ତା' ଚାକିରି



ନେଇଯିବେ ବୋଲି ଧମକାଉଛନ୍ତି। ଏନେଇ ଗ୍ରାମବାସୀ, ଜନପ୍ରତିନିଧି ଅବଗତ ହେବା ପରେ ଜିଲ୍ଲାପାଳ ଏବଂ ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀଙ୍କୁ ଏଏନ୍‌ଏମ୍‌ଙ୍କ ମନମୁଖୀ କାର୍ଯ୍ୟ ସମ୍ପର୍କରେ ଲିଖିତ ଭାବେ ଏକ ଅଭିଯୋଗ ଦେଇଛନ୍ତି। ସଂପୃକ୍ତ ଏଏନ୍‌ଏମ୍‌ଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି। ଏ ସଂପର୍କରେ ଗଜପତି ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଏମ୍.ଏମ୍ ଅଲ୍ଲୀଙ୍କୁ ଯୋଗାଯୋଗ କରାଯିବାରୁ ସେ କହିଥିଲେ, ଅଭିଯୋଗ ପାଇବା ପରେ ମୋହନା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ଜୟ ପଣ୍ଡାଙ୍କୁ ତଦନ୍ତ ପାଇଁ ନିର୍ଦ୍ଦେଶ ଦିଆଯାଇଛି। ରିପୋର୍ଟ ଆସିବା ପରେ ସମ୍ପୃକ୍ତ ଏଏନ୍‌ଏମ୍‌ଙ୍କ ବିରୋଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ସେ କହିଛନ୍ତି।

**ପାଦ ଛୁଇଁ ଜୁହାର ନ ହେବାରୁ ଦଣ୍ଡ !**

# ୩୧ ପିଲାଙ୍କୁ ମାଡ଼ମାରି ଶିକ୍ଷୟିତ୍ରୀ ନିଲମ୍ବିତ

ବୈଶିଙ୍ଗା, ୧୩।୯ (ସମିସ): ପାଦ ଛୁଇଁ ଜୁହାର ନ କରିବାରୁ ବାଉଁଶ ବାଡ଼ିରେ ୩୧ ଛାତ୍ରଛାତ୍ରୀଙ୍କୁ ନିର୍ଘୁମ୍ ପିଟିଲେ ଶିକ୍ଷୟିତ୍ରୀ। ବେତନଟୀ ବ୍ଲକ୍ ପ୍ରତିମାଦେଇପୁର କ୍ଲଷ୍ଟର୍ ଅନ୍ତର୍ଗତ ଖଣ୍ଡଦେଉଳା ସରକାରୀ ଉଚ୍ଚ ପ୍ରାଥମିକ ସ୍କୁଲରେ ଶୁକ୍ରବାର ଏଭଳି ଏକ ଅମାନବୀୟ ଘଟଣା ଘଟିଛି। ଏହି ଘଟଣାରେ ଆଜି ସଂପୃକ୍ତ ସହକାରୀ ଶିକ୍ଷୟିତ୍ରୀ ସୁକାନ୍ତୀ କରଙ୍କୁ ବେତନଟୀ ବିଇଓ ଚାକିରିରୁ ନିଲମ୍ବିତ କରିଛନ୍ତି। ସ୍କୁଲ ପରିଚାଳନା କମିଟି ଏବଂ ଅଭିଭାବକଙ୍କ ଅଭିଯୋଗ ଆଧାରରେ ତଦନ୍ତ କରି ବିଇଓ ଆଜି ଏପରି ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ନେଇଛନ୍ତି।

ସୂଚନାନୁସାରେ, ଖଣ୍ଡଦେଉଳା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ସହକାରୀ ଶିକ୍ଷୟିତ୍ରୀ ଭାବେ ସୁକାନ୍ତୀ କର କାର୍ଯ୍ୟରତ। ଶୁକ୍ରବାର ସେ ଧାର୍ଯ୍ୟ ସମୟରେ ସ୍କୁଲରେ ପହଞ୍ଚିଥିଲେ। ସମସ୍ତ ଛାତ୍ରଛାତ୍ରୀ ସମବେତ ପ୍ରାର୍ଥନା ପରେ ନିଜ ନିଜ ଶ୍ରେଣୀକୁ ଚାଲିଯାଇଥିଲେ। ତେବେ ଷଷ୍ଠ ଶ୍ରେଣୀ, ୭ମ ଶ୍ରେଣୀ ଏବଂ ୮ମ ଶ୍ରେଣୀ ଗୃହକୁ ପର୍ଯ୍ୟାୟକ୍ରମେ ପାଠ ପଢ଼ାଇବାକୁ ସହକାରୀ ଶିକ୍ଷୟିତ୍ରୀ ସୁକାନ୍ତୀ ଯାଇଥିବା ବେଳେ କେଉଁ କେଉଁ ଛାତ୍ରଛାତ୍ରୀମାନେ ପ୍ରାର୍ଥନା ପରେ ତାଙ୍କୁ ପାଦ ଛୁଇଁ ପ୍ରଣାମ କରିନାହାନ୍ତି ବୋଲି ପଚାରିଥିଲେ। ଯେଉଁ ଛାତ୍ରଛାତ୍ରୀମାନେ ହାତ ଟେକିଥିଲେ, ସେମାନଙ୍କୁ ସେ ବାଉଁଶବାଡ଼ିରେ ନିସ୍ତୁକ ପିଟିଥିଲେ। ଶିକ୍ଷୟିତ୍ରୀଙ୍କ ଆଖିବୁଜା ମାଡ଼ରେ ଏକାଧିକ ଛାତ୍ରଛାତ୍ରୀ କ୍ଷତାକ୍ତ ହୋଇଥିଲେ। ଅଭିଭାବକଙ୍କ ପାଖରେ ଏ ଖବର ପହଞ୍ଚିବା ପରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଥିଲେ। ଏ ନେଇ ସ୍କୁଲ ପରିଚାଳନା କମିଟିର କାର୍ଯ୍ୟକର୍ତ୍ତା ଏବଂ ସଦସ୍ୟ/ ସଦସ୍ୟାଙ୍କ ମଧ୍ୟରେ ତୀବ୍ର ଉତ୍ତେଜନା ଦେଖାଦେଇଥିଲା। ଘଟଣା ବାବଦରେ ପ୍ରଧାନଶିକ୍ଷକ ସଙ୍ଗେସଙ୍ଗେ ବେତନଟୀ ବ୍ଲକ୍ ଶିକ୍ଷା ଅଧିକାରୀ ବିପ୍ଳବ କର ଏବଂ ପ୍ରତିମାଦେଇପୁର କ୍ଲଷ୍ଟର୍ ସିଆରସିସି ଦେବାଶିଷ ସାହୁଙ୍କୁ ଅବଗତ କରାଇଥିଲେ। ଘଟଣାର ଗୁରୁତ୍ୱର ସହ ନେଇ ବ୍ଲକ୍ ଶିକ୍ଷା ଅଧିକାରୀ ବିପ୍ଳବ କର ଏବଂ ସିଆରସିସି ଶ୍ରୀ ସାହୁ ସ୍କୁଲରେ ପହଞ୍ଚି ତଦନ୍ତ କରିଥିଲେ। ସେମାନେ ପରିଚାଳନା କମିଟିର କାର୍ଯ୍ୟକର୍ତ୍ତା, ଅଭିଭାବକ ଏବଂ ପ୍ରଧାନଶିକ୍ଷକ ସମେତ ଆହତ ଛାତ୍ରଛାତ୍ରୀଙ୍କ ସହିତ ଆଲୋଚନା କରିଥିଲେ।

## ଦଶହରା ପାଳନ ନେଇ ପ୍ରସ୍ତୁତି ବୈଠକ

# ମୂଳାଷ୍ଟମୀରେ ଅନୁକୂଳ ଓ ଦେବୀପୀଠକୁ ନିମନ୍ତ୍ରଣ

ଜୟପୁର, ୧୩।୯ (ସମିସ)

କୋରାପୁଟ ଜିଲ୍ଲା ଜୟପୁର ସହରରେ ଐତିହାସିକ ତଥା ପାରମ୍ପରିକ ଦଶହରା ପର୍ବ ପାଳନ ନେଇ ଶନିବାର ସ୍ଥାନୀୟ ପୌରସଂସ୍ଥା ସମ୍ମିଳନୀ କକ୍ଷ ଠାରେ ଏକ ସ୍ୱତନ୍ତ୍ର ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଥିଲା। ଜୟପୁର ଉପଜିଲ୍ଲାପାଳ ତଥା ଦଶହରା ପୂଜା ମହୋତ୍ସବ କମିଟିର ଆବାହକ ତଥା ଉପଜିଲ୍ଲାପାଳ ଏ.ଶଶ୍ୟା ରେଡ୍ଡିଙ୍କ ଆହ୍ୱାନ ଏବଂ ପୂଜା କମିଟିର ଅଧ୍ୟକ୍ଷ ତଥା ଜୟପୁର ବିଧାୟକ ତାରା ପ୍ରସାଦ ବାହିନୀପତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଆସନ୍ତା ଦଶହରା କିଭଳି ଶାନ୍ତିଶୃଙ୍ଖଳାର ସହିତ ପାଳନ ହେବ ସେଥିନେଇ ଆଲୋଚନା ହୋଇଥିଲା। ଏହିପରି ଆସନ୍ତା ୨୨ ତାରଖ୍ ଠାରୁ ଅକ୍ଟୋବର ୨ ତାରିଖ ପର୍ଯ୍ୟନ୍ତ ଟାଟ ପାୱାର ବିଦ୍ୟୁତ ବିଭାଗ ପକ୍ଷରୁ ନିରବିଚ୍ଛିନ୍ନ ବିଦ୍ୟୁତ ଯୋଗାଣ କରିବାକୁ ବିଧାୟକ ଶ୍ରୀ ବାହୀନିପତି ତାଗିଦ କରିଥିଲେ। ଗତ ବର୍ଷ ଯେଉଁଭଳି ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଏବଂ ଦଶହରା ମଣ୍ଡପ ଠାରେ ବିଦ୍ୟୁତ ସେବା ବିଭ୍ରାଟ ହୋଇଥିଲାଫ ତେଣୁ ଚଳିତବର୍ଷ ଏହାର ପୁନରାବୃତ୍ତି ନ ହେବାକୁ କହିଥିଲେ ନଚେତ ବିଭାଗିୟଯନ୍ତ୍ରୀ ମାନଙ୍କ ବିରୋଧରେ ଫୌଜଦାରୀ ମାମଲା ରୁଜୁ କରାଯିବ ବୋଲି ଚେତାବନୀ ଦେଇଛନ୍ତି। ଏହିପରି ଗତବର୍ଷ ବିଦ୍ୟୁତ ବିଭାଗ ଆଜି ମୂଳାଷ୍ଟମୀ ତିଥିରେ ଜୟପୁର ସହରର ଅଧିଷ୍ଠାତ୍ରୀ ଦେବୀ ଭଗବତୀ ମନ୍ଦିର ପୀଠରେ ସଂଧ୍ୟା ସାଢେ ୭ଟା ସମୟରୁ ଶୁଭ ଅନୁକୂଳ ପୂଜାର୍ଚ୍ଚନା ସହିତ ଆଜ୍ଞାମାଳ ପ୍ରଦାନ କରାଯିବ। ପୁରାତନ ରାଜାରାଜୁଡା ପରମ୍ପରା ଅନୁଯାୟୀ ସଲପା, ତେଲିଆ, ଧାରଣାହାଣ୍ଡି, ଖଡପା, କଙ୍ଗା, ଜାମୁଣ୍ଡା ୬ଟି ଗ୍ରାମସ୍ଥିତ ଗ୍ରାମ୍ୟ ଦେବୀଙ୍କୁ



ଦଶହରାରେ ପର୍ବରେ ଯୋଗଦେବା ପାଇଁ ପ୍ରଥମ ନିମନ୍ତ୍ରଣ ଓ ଗୁଆ ପ୍ରେରଣ କରାଯିବ। ଏହାପରେ ନବରଙ୍ଗପୁର ଜିଲ୍ଲାର ରାଇଘର, ଉମରକୋଟ, ପୋଡାଗଡ଼, ନନ୍ଦପୁର, ନାରାୟଣପାଟଣା ଏବଂ ଅନ୍ୟାନ୍ୟ ଦେବୀ ପୀଠର ଲାଠି, ଗାଦି ଜୟପୁର ଦଶହରା ପୂଜାପର୍ବରେ ଯୋଗଦେବା ପାଇଁ ନିମନ୍ତ୍ରଣ ଅନୁକୂଳ ଗୁଆ ପ୍ରେରଣ କରାଯିବାକୁ ନିଷ୍ପତି ହୋଇଛି। ଏହିପରି ମହାଳିଆ ଅମାବାସ୍ୟା ପରଦିନ ପ୍ରତିପଦା ତିଥି ଅକ୍ଟୋବର ୨୨ ତାରିଖ ଠାରୁ ଆସନ୍ତା ୨୯ ତାରିଖ ମହାଷ୍ଟମୀ ପର୍ଯ୍ୟନ୍ତ ସହରର ଅଧିଷ୍ଠାତ୍ରୀ ଦେବୀ ଭଗବତୀ ଦେବୀ ପୀଠରୁ ମାଁ ବିଜୟା ଠାକୁରାଣିଙ୍କ ବିମାନ ସହରର ପରିକ୍ରମା ସହିତ ସ୍ଥାନୀୟ ବାଙ୍କମଠ ଠାରେ ପୂଜାର୍ଚ୍ଚନା ପରେ ମନ୍ଦିର ପୀଠକୁ ଫେରି ପରମ୍ପରା ଅନୁଯାୟୀ ପୂଜାର୍ଚ୍ଚନା କାର୍ଯ୍ୟକ୍ରମ ସ୍ଥିର କରାଯାଇଛି। ଦଶହାର ଆସନ୍ତା ଅକ୍ଟୋବର ୨ ଅନ୍ତିମ ଦିବସ ରାତ୍ରି ୧୦ ଟା ସୁଦ୍ଧା ପୁରୁଣାଗଡ଼ ଦକ୍ଷିଣକାଳୀ ମନ୍ଦିରରୁ ଦେବୀଙ୍କ ବିମାନ ଏବଂ ଭୂପତି ସାହି କନକଦୁର୍ଗା ମନ୍ଦିରରେ ଦେବୀଙ୍କ ବିମାନ ବାହାରି ଭଗବତୀ ମନ୍ଦିର ପୀଠରେ ପହଞ୍ଚିବା ପରେ ସେଠାରୁ ତିନି ଦେବୀଙ୍କ ବିମାନ ରାଜାନହର ସମ୍ମୁଖରେ ପହଞ୍ଚି ସେଠାରେ ମହିଷା ମର୍ଦ୍ଦନୀଙ୍କ ମୃଣ୍ମୟୀ ମୂର୍ତ୍ତି ବାଜାବାଜଣା ସହିତ ସୌରାସାହିର ମା' ବସନ୍ତାୟୀଙ୍କ ପୀଠରୁ ଆସିଥିବା ବିମାନ ଓ ପାଇକ ଆଖଡା ଏବଂ ଅବିଭକ୍ତ କୋରାପୁଟ ଜିଲ୍ଲାର ବିଭିନ୍ନ ଦେବୀ ପୀଠରୁ ଆସିଥିବା ପ୍ରାୟ ୬୦ରୁ ଅଧିକ ଆସିଥିବା ପ୍ରତୀକ ଲାଠି ଏବଂ ଗାଦି ଗୁଡିକ ଏହି ପଟୁଆରେ ଯୋଗଦେବେ। ସେହିପରି ପରମ୍ପରା ଓ ରୀତିନୀତି ଅନୁଯାୟୀ ଦଶହରା ପଡ଼ିଆ ଠାରେ ପୂଜାର୍ଚ୍ଚନା ପରେ ପୁଣି ସୂର୍ଯ୍ୟ ଉଦୟ ପୂର୍ବରୁ ଦେବୀଙ୍କ ବିମାନ ନିଜ ନିଜ ପୀଠ ପହଞ୍ଚିବା ପରେ ସେଠାରେ ପରମ୍ପରା ଦେବୀମାନଙ୍କ ମହାସ୍ନାନ ଓ ପୂଜାର୍ଚ୍ଚନା କରାଯିବ। ତେଣୁ ଚଳିତବର୍ଷ ପରମ୍ପରା ଓ ରୀତିନୀତି ଅନୁଯାୟୀ ରାତ୍ରି ଗୋଟାଏ ସୁଦ୍ଧା ଠାକୁରାଣୀ ମାନଙ୍କ ବିମାନ ପଟୁଆରରେ ଦଶହରା ପଡ଼ିଆ ଠାରେ ପହଞ୍ଚିବା ସହିତ ବିଳମ୍ବିତ ରାତ୍ରି ସୁଦ୍ଧା ପୂଜାର୍ଚ୍ଚନା କରାଯିବା ଉପରେ ବୈଠକରେ ଗୁରୁତ୍ୱାରୋପ କରାଯାଇଥିଲା। ଏହିପରି ଦଶହରା ଦିବସ ସଂଧ୍ୟାରେ ରାବଣପୋଡି, ସେପ୍ଟେମ୍ବର ୨୬ ତାରିଖ ଷଷ୍ଠୀ ତିଥିରୁ ଦଶହରା ଅକ୍ଟୋବର ୨ ତାରିଖ ପର୍ଯ୍ୟନ୍ତ ବିଭିନ୍ନ ନିର୍ଦ୍ଧାରିତ ଛକ ଗୁଡିକରେ ସ୍ଥାନୀୟ, ଏବଂ ରାଜ୍ୟ ଏବଂ ବାହାର ରାଜ୍ୟରୁ ଆସିଥିବା କଳାକାର ଏବଂ ସଙ୍ଗୀତ ଦଳ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ନେଇ ଆଲୋଚନା ହୋଇଥିଲା। ସେହିପରି ୨୭ ତାରିଖ ଷଷ୍ଠି ତିଥିରୁ ପୁରୁଣାଗଡ଼ ଦକ୍ଷିଣକାଳୀ ପୀଠରେ ଦେବୀଙ୍କ ଏବଂ ଅକ୍ଟୋବର ୧ ତାରିଖ ନବମୀ ତିଥିରେ ଭଗବତୀ ମନ୍ଦିର ପୀଠରେ ଦେବୀଙ୍କ ସୁନାବେଶ ଆୟୋଜନ ହେବ। ଆସନ୍ତା ୨ ତାରିଖ ଦଶହରା ଦିବସ ସଂଧ୍ୟାରେ ଦଶହରା ପଡ଼ିଆ ଠାରେ ରାବଣପୋଡି ଉତ୍ସବରେ ଦକ୍ଷିଣ ପଶ୍ଚିମାଞ୍ଚଳ ଡିଆଜି, ଜିଲ୍ଲାପାଳ, ଏସ.ପି ପ୍ରମୁଖ ଅତିଥି ଭାବେ ଯୋଗଦେବେ। ଏହିପରି ଦଶହରା ପର୍ବ ସମୟରେ ସହରରେ ଆଇନଶୃଙ୍ଖଳା ବ୍ୟବସ୍ଥାକୁ ସୁଦୃଢ଼ କରିବା ଏବଂ ଅପରାଧି ମାନଙ୍କୁ ନିୟନ୍ତ୍ରଣ କରିବା ନେଇ ସହରର ବିଭିନ୍ନ ସ୍ଥାନରେ ପୁଲିସ ମୃତୟନ ଉପରେ ଗୁରୁତ୍ୱରୋପ କରାଯାଇଛି। ଏହିପରି ପୁଲିସ ପେଟ୍ରୋଲିଂ ବ୍ୟବସ୍ଥାକୁ ସୁଦୃଢ଼, ସମସ୍ତ ପୂଜା ମଣ୍ଡପ ଏବଂ ମୁଖ୍ୟ ଛକ ଠାରେ ପାନୀୟ ଜଳଯୋଗାଣ ବ୍ୟବସ୍ଥା କରିବାକୁ ବିଭାଗକୁ ନିର୍ଦ୍ଦେଶ ଦିଆଯାଇଛି। ପୌରସଂସ୍ଥା ପକ୍ଷରୁ ପରିମଳ ବ୍ୟବସ୍ଥା ନେଇ ସମସ୍ତ ପୂଜାମଣ୍ଡପ ଏବଂ ଦେବୀ ପୀଠ ମାନଙ୍କରେ ସଫେଇ କରିବା ନିର୍ଦ୍ଦେଶ ଦିଆଯାଇଛି। ଏହି ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଜୟପୁର ଏସଡିପିଓ ପାର୍ଥ କାଶ୍ୟପ, ତହସିଲଦାର ତଥା ଦେବତ୍ତୋର ଅଧିକାରୀ ସବ୍ୟସାଚୀ ଜେନା, ପୌର ଅତିରିକ୍ତ ନିର୍ବାହୀଅଧିକାରୀ ପୂଜା ରାଉତ, ରାସ୍ତା ଓ ଗୃହ ନିର୍ମାଣ ବିଭାଗର ସହକାରୀ ନିର୍ବାହୀ ଯନ୍ତ୍ରୀ ଅଶୋକ ବେହେରା, କନିଷ୍ଠ ଯନ୍ତ୍ରୀ ବିପ୍ଳବ କଅଁର, ସଦରଥାନା ଅଧିକାରୀ ସଚିନ୍ଦ୍ର ପ୍ରଧାନ, ବିଦ୍ୟୁତ ବିଭାଗ ନିର୍ବାହୀ ଯନ୍ତ୍ରୀ ବରୁଣ ଚୌଧୁରୀ, ସହକାରୀ ନିର୍ବାହୀ ଯନ୍ତ୍ରୀ ରାଜେଶ କୁମାର ସାହୁ, ଅବକାରୀ ଇନସପେକ୍ଟର ଶଶିକାନ୍ତ ଦତ୍ତ, ଅନ୍ୟାନ୍ୟ ବିଭାଗୀୟ କର୍ମଚାରୀ ମାନେ ଉପସ୍ଥିତ ରହିଥିଲେ। ସେହିପରି ସହରର ବିଭିନ୍ନ ପୂଜା କମିଟିର କର୍ମକର୍ତ୍ତା ଏବଂ ବୁଦ୍ଧିଜୀବୀ ମାନେ ଉପସ୍ଥିତ ଥିଲେ।

## କୂଅରେ ପଡ଼ି ମହିଳା ମୃତ

ନନ୍ଦପୁର, ୧୩।୯ (ସମିସ): ନନ୍ଦପୁର ବ୍ଲକ ଅନ୍ତର୍ଗତ ପାଡୁଆ ଥାନା ଅଧୀନସ୍ଥ କୁଲାରସିଂ ପଞ୍ଚାୟତର ରନ୍ତା ଗ୍ରାମରେ ନାଗେଶ୍ୱରି ଦୁମୁତା (୨୧) କୂଅରେ ପଡ଼ି ପ୍ରାଣ ହରାଇଥିବା ଜଣାପଡ଼ିଛି। ସେ ସକାଳେ ପାଣି ଆଣିବାକୁ ଯାଇ ଘରକୁ ଫେରି ନଥିଲେ। ଗ୍ରାମବାସୀଙ୍କ ସହାୟତାରେ ଦିନ ୧୦ଟାରେ ତାଙ୍କ ଶବକୁ ଉଦ୍ଧାର କରାଯାଇଥିଲା। ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ କରୁଛି।

## କାର୍ ଦୁର୍ଘଟଣାଗ୍ରସ୍ତ

ବୈପାରୀଗୁଡା, ୧୩।୯ (ସମିସ): ମହୁଲି ଠାରେ ରାସ୍ତାକଡ଼କୁ ଖସି କାର ଦୁର୍ଘଟଣା ଗ୍ରସ୍ତ ହୋଇଛି। ଅଳ୍ପକେ ବର୍ତ୍ତିଲେ ଡ୍ରାଇଭର ଟୁକୁନା ମହାରଣା।ଶନିବାର ଅପରାହ୍ନ ୫ଟା ସମୟରେ ୩୨୬ ନମ୍ବର ରାଞ୍ଚି ବିଜୟିୱାର୍ଡ ଜାତୀୟ ରାଜପଥ ବୈପାରୀଗୁଡା ଥାନା ଅନ୍ତର୍ଗତ ମହୁଲି ଠାରେ ଏଭଳି ଅଘଟନ ଘଟିଛି। ଖବର ପାଇ ସ୍ଥାନୀୟ ସମିତି ସଭ୍ୟ ଭକ୍ତ ରାମ ହରିଜନ ଏବଂ ଗ୍ରାମବାସୀ ପହଞ୍ଚି ଚାଳକଙ୍କୁ ଉଦ୍ଧାର କରି ବୈପାରୀଗୁଡା ମେଡିକାଲକୁ ପଠାଇଥିବା ବେଳେ ଖବର ପାଇ ବୈପାରୀଗୁଡା ପୋଲିସ ଏଏସଆଇ ଗଜାନନ ନାୟକ ଘଟଣାସ୍ଥଳରେ ପହଞ୍ଚିଥିଲେ।

## ହାଇସ୍କୁଲ ହଷ୍ଟେଲରୁ ସାପ ଉଦ୍ଧାର

ବୈପାରୀଗୁଡା, ୧୩।୯ (ସମିସ): ଶନିବାର ଅପରାହ୍ନରେ ବୈପାରୀଗୁଡା ସଦର ମହକୁମା ସ୍ଥିତ ମଇନାପୋଡା ଏବଂ ହାଇସ୍କୁଲ ହଷ୍ଟେଲରୁ ସାପ ଉଦ୍ଧାର କରିଛନ୍ତି ସ୍ନେକ ହେଲ୍ପ ଲାଇନ କର୍ମକର୍ତ୍ତା ଡ଼ମ୍ବୁର ମାଝୀ। ମଇନାପୋଡା ସ୍ଥିତ ଗୁପ୍ତ ଦାସଙ୍କ ପୂଜା ରୁମ ଭିତରେ ସାପ ଥିବା ଜାଣି ପରିବାର ଲୋକେ ଭୟଭୀତ ହୋଇ ପଡ଼ିଥିଲେ। ପରେ ସ୍ନେକ ହେଲ୍ପ ଲାଇନ କର୍ମକର୍ତ୍ତା ଡ଼ମ୍ବୁରୁଙ୍କୁ ଫୋନ କରିବା ପରେ ଘରେ ପହଞ୍ଚି ୫ ଫୁଟିଆ ଡମଣା ସାପ ଉଦ୍ଧାର କରିଛନ୍ତି। ସେହିପରି ହାଇସ୍କୁଲ ହଷ୍ଟେଲରୁ ପାଞ୍ଚ ଫୁଟିଆ ନାଗ ସାପ ଉଦ୍ଧାର କରିଛନ୍ତି ସ୍ନାକ ହେଲ୍ପ ଲାଇନ କର୍ମକର୍ତ୍ତା। ପରେ ଉଦ୍ଧାର ସାପ ଦୁଇଟି ବିରୋଖମ୍ବ ଜଙ୍ଗଲରେ ସୁରକ୍ଷିତ ଭାବେ ଛାଡି ଦିଆଯାଇଛି।

## ଚନ୍ଦାହାଣ୍ଡିରେ ରାଷ୍ଟ୍ରୀୟ ଲୋକ ଅଦାଲତ

ଚନ୍ଦାହାଣ୍ଡି, ୧୩।୯ (ସମିସ): ନବରଙ୍ଗପୁର ଜିଲ୍ଲା ଚନ୍ଦାହାଣ୍ଡି ସ୍ଥିତ ପ୍ରଥମ ଶ୍ରେଣୀ ବିଚାରପତିଙ୍କ ଅଦାଲତ ଠାରେ ରାଷ୍ଟ୍ରୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଯାଇଛି। ଚନ୍ଦାହାଣ୍ଡି ପ୍ରଥମ ଶ୍ରେଣୀ ବିଚାରପତି ଜରିନ୍ ଖାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଲୋକ ଅଦାଲତରେ ୫ ଫୌଜଦାରୀ ମାମଲାର ଫଏସଲା ହୋଇଥିବା ବେଳେ ୯ ଟି ବ୍ୟାଙ୍କ ସମ୍ବନ୍ଧୀୟ ମାମଲାର ଫଏସଲା ହୋଇ ୬୩, ୪୦୦ ଟଙ୍କା ଆଦାୟ ହୋଇଥିଲା। ଏହି ଲୋକ ଅଦାଲତରେ ବରୋଦା ବ୍ୟାଙ୍କ ଶାଖା ପରିଚାଳକ ଯୋଗେଶ ବଗାର, ଏସବିଆଇ ଶାଖା ପରିଚାଳକ ସୁରଜ ହାଲଦାର, ଉତ୍କଳ ଗ୍ରାମୀଣ ବ୍ୟାଙ୍କ ଶାଖା ପରିଚାଳକ ମହେନ୍ଦ୍ରନାଥ ସିଂ, ରୋଶନ ଲାକ୍ରା, ଆଇନଜୀବୀ ସରୋଜ ଅଗସ୍ତି, ମହମ୍ମଦ ହୁସେନ, ଜୟଦେବ ଖମାରୀ, ହୁମେଶ୍ୱର ହଂସ, ଶ୍ୟାମସୁନ୍ଦର ସୁନାନୀ, ହୀରାଧର ମାଳି, କୋର୍ଟ କର୍ମଚାରୀ ଅଶୋକ କୁମାର ସେଠୀ, କେଶରୀ ମନହିରା, ଆଶିଷ ସାହୁ, ପ୍ରବୀଣ ଦାସ, ନିଲୁ ଶବର, ଭରତ ଦାସ, ବୃନ୍ଦାବନ ଜାନୀ ଏବଂ ସୀମାଞ୍ଚଳ ଗଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ।

## ଦଶହରା ସମନ୍ୱୟ ବୈଠକ

ପାପଡ଼ାହାଣ୍ଡି, ୧୩।୯ (ସମିସ): ପାପଡ଼ାହାଣ୍ଡି ବ୍ଲକ କାର୍ଯ୍ୟାଳୟ ସଭା ଗୃହ ଠାରେ ପୁଲିସ ପକ୍ଷରୁ ଦଶହରା ପାଇଁ ସମନ୍ୱୟବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ଥାନା ଅଧିକାରୀ ଦୀପକ କୁମାର ଜେନା ସଭାପତିତ୍ୱ କରିଥିଲେ। ମୁଖ୍ୟଅତିଥି ରୂପେ ବ୍ଲକ ଉପାଧ୍ୟକ୍ଷ ସୁଶାନ୍ତ କୁମାର ବେହେରା, ବିଡିଓ କପିଳଦେବ ସାହୁ, ତହସିଲଦାର ତପନ କୁମାର ନାୟକ, ଏସଡିପିଓ ସତ୍ୟଜିତ କଣ୍ଡେଲକାଲ ପ୍ରମୁଖ ମଞ୍ଚାସୀନ ହୋଇଥିଲେ। ଏଥିରେ ପାପଡ଼ାହାଣ୍ଡି ଥାନା ଅଧୀନସ୍ଥ ୨ଟି ପୂଜା କମିଟି ସଦସ୍ୟ ଓ ସ୍ଥାନୀୟ ଜନସାଧାରଣ ଉପସ୍ଥିତ ଥିଲେ। ଏହି ବୈଠକରେ ସାର୍ବଜନୀନ ପୂଜା କମିଟି ସଭାପତି ବି. ଜଗନମୋହନ ରାଓ, ଶ୍ରୀଶ୍ରୀଶ୍ରୀ ଦୁର୍ଗାପୂଜା କମିଟି ସଭାପତି ଜି. ଅନନ୍ତ ମୂର୍ତ୍ତି, ଆଇନଜୀବୀ ସ୍ୱାଧୀନ ପଟ୍ଟନାୟକ, ତ୍ରିନାଥ ପ୍ରଧାନ, ରାଜ କିଶୋର ରାଓ, ହରି ପାଣିଗ୍ରାହୀ, ମହେନ୍ଦ୍ର ବିଷୋୟୀ, ଶଙ୍କର ବିଷୋୟୀ, ସନ୍ତୋଷ ରାଓ ସହ ଅନ୍ୟ ସଦସ୍ୟ ଉପସ୍ଥିତ ଥିଲେ।

## ତହସିଲ ପାଇଁ ସର୍ବଦଳୀୟ କମିଟି

କୋଷାଗୁମୁଡା, ୧୩।୯ (ସମିସ): ନବରଙ୍ଗପୁର ଜିଲ୍ଲାର କୋଷାଗୁମୁଡା ବ୍ଲକ ଏକ ସର୍ବବୃହତ୍ ବ୍ଲକ ହୋଇଥିବା ବେଳେ ସର୍ବମୋଟ ୨୬ଗୋଟି ପଞ୍ଚାୟତକୁ ନେଇ ବ୍ଲକଟି ଗଠିତ। କୋଷାଗୁମୁଡା ବ୍ଲକର ୨୬ଗୋଟି ପଞ୍ଚାୟତର ଜନସାଧାରଣ ସମସ୍ତ କାର୍ଯ୍ୟ ପାଇଁ କୋଷାଗୁମୁଡା ଉପରେ ନିର୍ଭର କରି ଆସୁଥିବା ବେଳେ ତହସିଲ କାର୍ଯ୍ୟ ପାଇଁ କିନ୍ତୁ କୋଡୀଙ୍ଗା ପଞ୍ଚାୟତ ସଦର ମହକୁମା ଉପରେ ନିର୍ଭର କରିବାକୁ ପଡୁଛି। ବ୍ଲକ କାର୍ଯ୍ୟାଳୟ, ଗୋଷ୍ଠି ସ୍ୱାସ୍ଥ୍ୟକେନ୍ଦ୍ର, ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ତଥା ସମସ୍ତ କାର୍ଯ୍ୟାଳୟ ଗୁଡିକ ବ୍ଲକ ସଦର ମହକୁମାରେ ଅବସ୍ଥିତ ହୋଇଥିବା ବେଳେ ତହସିଲ କାର୍ଯ୍ୟାଳୟ କିନ୍ତୁ କୋଡୀଙ୍ଗା ପଞ୍ଚାୟତ ସଦର ମହକୁମାରେ ସ୍ଥାପିତ ହୋଇଛି। ଫଳରେ ବ୍ଲକର ପଚାଶ ପ୍ରତିଶତ ଜନସାଧାରଣ ସଠିକ ସମୟରେ ତହସିଲ ସେବାରୁ ବଞ୍ଚିତ ରହୁଥିବା ଅଭିଯୋଗ ହେଉଛି। ପ୍ରାୟ ପଞ୍ଚାୟତ ଠାରୁ ତହସିଲ କାର୍ଯ୍ୟାଳୟର ଦୂରତା ୩୦ରୁ ୩୫ କିଲୋମିଟର ଦୂର ହେଉଥିବାରୁ ଅନେକ ସମୟରେ ଗମନାଗମନ ତଥା ଯାନବାହାନ ନମିଳିବା ଯୋଗୁଁ ଲୋକେ ସଠିକ ସମୟରେ ତହସିଲ କାର୍ଯ୍ୟାଳୟରେ ପହଞ୍ଚି ପାରୁନାହାନ୍ତି। କୋଷାଗୁମୁଡା ଠାରେ ତହସିଲ କାର୍ଯ୍ୟାଳୟ ସ୍ଥାପନ କରିବା ନିମନ୍ତେ ଆଜି କୋଷାଗୁମୁଡା କ୍ରିୟାନୁଷ୍ଠାନ କମିଟି ଗଠନ କରିଥିବା ସୂଚନା ମିଳିଛି। ଆଜିର ବୈଠକରେ ସଭାପତି ଭାବେ ହରିବନ୍ଧୁ ମାଝୀ, ଉପ ସଭାପତି ଭାବେ ସହଦେବ ପରିଡ଼ା, ସମ୍ପାଦକ ଭାବେ ସୁରେଶ ପାତ୍ର, କୋଷାଧକ୍ଷ ଭାବେ ଲକ୍ଷ୍ମଣ ପୂଜାରୀଙ୍କୁ ଚୟନ କରିଥିବା ବେଳେ କମିଟିର ଉପଦେଷ୍ଟା ମାନଙ୍କ ମଧ୍ୟରେ କୈଳାଶ ନାୟକ, କୃଷ୍ଣଚନ୍ଦ୍ର ସାହୁ ଓ ମଧୁସୁଦନ ଭତରାଙ୍କୁ ଚୟନ କରିଥିବା ବେଳେ କମିଟିର ସଭ୍ୟ ଭାବେ ସେନାପତି ବିଶୋଇ, ଗୋବର୍ଦ୍ଧନ ଗୌଡ଼, ଚିତ୍ରସେନ ନାୟକ, ଭୁବନେଶ୍ୱର ନାୟକ ଓ ଦେବାନନ୍ଦ ପଟ୍ଟନାୟକଙ୍କୁ ଚୟନ କରିଥିବା ସୂଚନା ମିଳିଛି।

## ପାର୍ବଣ ପୂର୍ବରୁ ନନ୍ଦପୁର ପୁଲିସର ନାଇଟ୍ ପାଟ୍ରୋଲିଂ

ନନ୍ଦପୁର, ୧୩।୯ (ସମିସ): ଆସନ୍ତା ପାର୍ବଣକୁ ଦୃଷ୍ଟିରେ ରଖି ନନ୍ଦପୁର ଅଞ୍ଚଳରେ ପୁଲସ ପକ୍ଷରୁ ନାଇଟ୍ ପେଟ୍ରୋଲିଂ ସକ୍ରିୟ କରାଯାଇଛି। ଏସ୍‌ଡିପିଓ ଦେବେନ୍ଦ୍ର ମଲ୍ଲିକଙ୍କ ନିର୍ଦ୍ଦେଶ



କ୍ରମେ ଆଇଆଇସି ମାମତା ପଣ୍ଡାଙ୍କ ଅଧ୍ୟକ୍ଷତାରେ ନନ୍ଦପୁର ପୁଲିସର ଏକ ବିଶେଷ ପାଟ୍ରୋଲିଂ ଦଳ ରାତ୍ରି ସମୟରେ ସଡ଼କ, ବଜାର, ଜନଗହଳି ସ୍ଥାନ ତଥା ଗ୍ରାମ ଅଞ୍ଚଳରେ ଅତର୍କିତ ପାଟ୍ରୋଲିଂ କରି ସ୍ଥାନୀୟ ଅଞ୍ଚଳର ଅସାମାଜିକ ତତ୍ତ୍ୱମାନଙ୍କ ମଧ୍ୟରେ କୋକୁଆ ଭୟ ସୃଷ୍ଟି କରିଛି। ବିଶେଷ କରି ବିଗତ ଦିନ ମାନଙ୍କରେ ବଢ଼ିଥିବା ଚୋରି ଡକାୟତି କଳାବଜାରୀ ସମୂହକୁ ଆୟତ୍ତ କରିବା ତଥା ଆସନ୍ତା ପାର୍ବଣ ସମାରୋହରେ ଅଶାନ୍ତି ସୃଷ୍ଟି କରୁଥିବା ବ୍ୟକ୍ତି ବିଶେଷଙ୍କୁ ଆୟତ୍ତ କରିବା ଉଦ୍ଦେଶ୍ୟରେ ଏହାକୁ ଆରମ୍ଭ କରାଯାଇଛି। ସମ୍ବେଦନଶୀଳ ସ୍ଥାନ ଗୁଡିକରେ ପହରା ଦେଇ ହେଲମେଟ, ଡ୍ରିଙ୍କ ଆଣ୍ଡ ଡ୍ରାଇଭ୍ ତଥା କଳାବଜାରୀ ମାନଙ୍କୁ ଜେରା ଆରମ୍ଭ କରିଛି। ଏହି ପରିପ୍ରେକ୍ଷୀରେ ଉପଖଣ୍ଡ ଅଧିକାରୀ ଶ୍ରୀ ମଲ୍ଲିକ କହିଛନ୍ତି ଯେ ଏହି ପଦକ୍ଷେପ ଅପରାଧ ନିୟନ୍ତ୍ରଣରେ ବହୁତ ସାହାଯ୍ୟକାରୀ ହେବ।

## ପି.ଲୋକନାଥଙ୍କ ଚକ୍ଷୁ ଦାନ କଲେ ପରିବାର

କୋରାପୁଟ, ୧୩।୯ (ସମିସ): ବାପାଙ୍କ ଆତ୍ମାକୁ ଶାନ୍ତି ପାଇଁ ପୁଅ ଓ ପରିବାରବର୍ଗ ଚକ୍ଷୁଦାନ କରିଛନ୍ତି। ପରିବାର ମୁଖ୍ୟ ପି.ଲୋକନାଥଙ୍କ ଆଖି ଦାନ କଲେ ପରିବାର। ଲୋକନାଥ ଆଜି ଦୋକାନରେ ଥିବା ସମୟରେ ତାଙ୍କ ଦୋକାନ ଭୁଶୁଡ଼ି ପଡ଼ିବାରୁ ଶେଷ ନିଶ୍ୱାସ ତ୍ୟାଗ କରିଥିଲେ। ତାଙ୍କ ମୃତ୍ୟୁ ପରେ ଏଲଭି ପ୍ରସାଦ ଚକ୍ଷୁ ହସ୍ପିଟାଲର ଅଧିକାରୀମାନେ ପରିବାର ସଦସ୍ୟଙ୍କୁ ପରାମର୍ଶ ଦେଇଥିଲେ ଯେ ସେମାନେ ଶ୍ରୀ ଲୋକନାଥଙ୍କ ଆଖି ଭୁବନେଶ୍ୱରର ଦୃଷ୍ଟି ଦାନ ଚକ୍ଷୁ ବ୍ୟାଙ୍କକୁ ଦାନ କରିପାରିବେ କି ନାହିଁ, ଯାହାକୁ ପରିବାର ସେମାନଙ୍କ ସମ୍ମତି ଦେଇଥିଲେ ବୋଲି ହସ୍ପିଟାଲର ପରାମର୍ଶଦାତା ବିଜୟ ବାଲା କହିଛନ୍ତି। ଏହି ସଂକ୍ରାନ୍ତରେ ମୃତକଙ୍କ ପୁଅ ପ୍ରଶାନ୍ତ ପାତ୍ର କହିଛନ୍ତି ଯେ ଯେଉଁଠାରେ ତାଙ୍କ ଆଖି ପ୍ରତିରୋପଣ କରାଯିବ ତାଙ୍କ ବାପା ସେହି ବ୍ୟକ୍ତି ମାଧ୍ୟମରେ ଜୀବିତ ରହିବେ। କୋରାପୁଟରେ ଏହା ପ୍ରଥମ ଥର ଘଟଣା। ଜଣେ ମୃତ ବ୍ୟକ୍ତିଙ୍କ ଆଖି ଚକ୍ଷୁ ବ୍ୟାଙ୍କକୁ ଦାନ କରାଯାଇଥିବା ବେଳେ ଏହା ଭବିଷ୍ୟତ ପାଇଁ ନୂତନ ଆଶା ଯୋଡିପାରେ ବୋଲି ଶ୍ରୀ ବାଲା ଆଶା ପୋଷଣ କରିଛନ୍ତି।

## ନକଲି ବିଦେଶୀ ମଦ ଜବତ, ଜଣେ ଗିରଫ

ଜୟପୁର, ୧୩।୯ (ସମିସ): କୋରାପୁଟ ଜିଲ୍ଲା ପ୍ରଶାସନ ନିର୍ଦ୍ଦେଶକ୍ରମେ ଅବକାରୀ ବିଭାଗ ପକ୍ଷରୁ ଏକ ଯୁଗ୍ମ ଚଢ଼ଉ କରାଯାଇ ବି.ସିଂଙ୍ଗପୁର ଥାନା ମୁଣ୍ଡାଗୁଡା ଗ୍ରାମ ଠାରେ ଏକ ନକଲି ବିଦେଶୀ ମଦ ପ୍ରସ୍ତୁତ କେନ୍ଦ୍ର ଉପରେ ଚଢ଼ଉ କରାଯାଇ ୫୪ ଲିଟର ୨୫୫ମିଲି ନିକଲି ବିଦେଶୀ ମଦ ଜବତ କରାଯାଇଥିବା ବେଳେ ଏହି ନକଲି ମଦ ପ୍ରସ୍ତୁତ କେନ୍ଦ୍ରର ମାଲିକ ରମେଶ ବିଶୋୟୀଙ୍କୁ ଗିରଫ କରିବା ସହ ଆଜ କୋର୍ଟ ଚାଲାଣ କରାଯାଇଛି। କୋରାପୁଟ ଜିଲ୍ଲାପାଳ ମୋନଜ ସତ୍ୟବାନ ମହାଜନ ଏବଂ ଜିଲ୍ଲା ଅବକାରୀ ଅଧିକ୍ଷକ ଅରୁଣ ପାଢ଼ୀଙ୍କ ନିର୍ଦ୍ଦେଶକ୍ରମେ ଜୟପୁର ଅବକାରୀ ରେଞ୍ଜ, ଜିଲ୍ଲା ସ୍ୱତନ୍ତ୍ର ସ୍କ୍ୱାର୍ଡ, ସେଟେଲାଇଟ ଦଳ, ଜୟପୁର ଏବଂ ବୋରିଗୁମ୍ମା ଅବକାରୀ ଥାନାର ଅଧିକାରୀ ଓ କର୍ମଚାରୀ ମାନେ ମିଳିତ ଭାବେ ଏହି ଚଢଉ କରିଥିଲେ। ଏହି ଅବସରରେ ଉକ୍ତ ନକଲି ପ୍ରସ୍ତୁତ କେନ୍ଦ୍ରରୁ ୨୧.୫୧୦ ଲିଟର ବିଦେଶୀ ମଦ, ୧୧୧.୯୦୦ ଲିଟର ବିଅର ଜବତ କରାଯାଇଛି। ଏହ ଚଢଉର ନେତୃତ୍ୱ ଜୟପୁର ଇନସପେକ୍ଟର ଶଶିକାନ୍ତ ଦତ୍ତ, ଜିଲ୍ଲା ସ୍ୱତନ୍ତ୍ର ସ୍କ୍ୱାର୍ଡର ଇନସପେକ୍ଟର ଚନ୍ଦ୍ରଶେଖର ପଢ଼ିହାରୀ, ଏସ.ଆଇ ରାଜୁ ଖିତି, ସେଟେଲାଇଟ ଦଳର ଭାରପ୍ରାପ୍ତ ଅଧିକାରୀ ଏସ.ଆଇ ରାଜୁ ଖିତି, ଏଏସଆଇ ସୁଶାନ୍ତ ନାୟକ ନେଇଥିଲେ।

## କୋଷାଗୁମୁଡ଼ାରେ ଜିଲ୍ଲାପାଳଙ୍କ ସମୀକ୍ଷା ବୈଠକ

କୋଷାଗୁମୁଡା, ୧୩।୯ (ସମିସ): ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡା ବ୍ଲକ ସମ୍ମିଳନୀ କକ୍ଷଠାରେ ଆଜି ଜିଲ୍ଲାପାଳ ଡଃ ମହେଶ୍ୱର ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ଉନ୍ନୟନ ମୂଳକ କାର୍ଯ୍ୟର ସମୀକ୍ଷା କରାଯାଇଛି। ପ୍ରଥମେ କୋଡିଙ୍ଗା ତହସିଲ କାର୍ଯ୍ୟାଳୟକୁ ପହଞ୍ଚି ବିଭାଗୀୟ ସମୀକ୍ଷା କରିବା ପରେ ବ୍ଲକର ସମ୍ମିଳନୀ କକ୍ଷରେ ପହଞ୍ଚି ଚାଲିଥିବା ଗ୍ରାମୀଣ ଆବାସ ନିର୍ମାଣ, ମନରେଗା, ସି.ଏଫ.ସି, ଏସଏଫସି ଓ ହୋଇଥିବା ସମସ୍ତ ଉନ୍ନୟନ ମୂଳକ କାମର ସମୀକ୍ଷା କରିଥିଲେ। ଏହାପରେ ବିଭିନ୍ନ ବିଭାଗୀୟ ଅଧିକାରୀ ଓ କର୍ମଚାରୀଙ୍କୁ ସୂଚାରୁରୂପେ ଓ ଶୃଙ୍ଖଳିତ ଭାବେ କାର୍ଯ୍ୟ ସମ୍ପାଦନ କରିବାକୁ ଜିଲ୍ଲାପାଳ ଦିଗଦର୍ଶନ ଦେଇଥିଲେ। ସରକାରୀ ଯୋଜନା ଭିତ୍ତିକ ସମସ୍ତ କାର୍ଯ୍ୟକୁ ନିୟମିତ ଭାବେ ତଦାରଖ କରିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ। ଆଜିର ଏହି ସମୀକ୍ଷା ବୈଠକରେ ବ୍ଲକ ଅଧ୍ୟକ୍ଷା, ୨୬ଟି ପଞ୍ଚାୟତର ସରପଞ୍ଚ, ସମିତି ସଭ୍ୟ, ସମେତ ସମସ୍ତ ବିଭାଗୀୟ ଅଧିକାରୀମାନେ



ଯୋଗଦେଇଥିଲେ। ଏହାପରେ ଜିଲ୍ଲାପାଳ ବାଲେଙ୍ଗା ପଞ୍ଚାୟତକୁ ଯାଇ ବାଲି ସୌରାତକୁ ଅନୁଧ୍ୟାନ କରିଥିଲେ।

## ଉମରକୋଟରେ ତିନି ପୂଜା ପାଇଁ ପ୍ରସ୍ତୁତି

ଉମରକୋଟ, ୧୩।୯ (ସମିସ): ଆସନ୍ତା ଦୁର୍ଗା ପୂଜା, କାଳୀ ପୂଜା ଓ ସରସ୍ୱତୀ ପୂଜା କିପରି ଭାବେ ପାଳନ କରାଯିବ ଓ ବିସର୍ଜନ ପାଇଁ କଣ ନିୟମ ରହିଛି ଏଥି ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଆଜି ଉମରକୋଟ ପୌର ପରିଷଦ କାର୍ଯ୍ୟାଳୟ ଠାରେ ଅନୁଷ୍ଠିତ ହେଇଥିଲା। ନିର୍ବାହୀ ଅଧିକାରୀ ଆଲୋକ କୁମାର ଅନୁଗୁଳିଆ ଙ୍କ ଅଧ୍ୟକ୍ଷତା ରେ ଏହି ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହେଇଥିଲା। ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡର ନିର୍ଦ୍ଦେଶ ପରେ ପ୍ରଶାସନ ପକ୍ଷରୁ ଏହି ବୈଠକ ଅନୁଷ୍ଠିତ ହୋଇଛି। ମୂର୍ତ୍ତୀ ମାଟିରେ ହେବ, ପ୍ଲାଷ୍ଟର୍ ପ୍ୟାରିସ ମୂର୍ତ୍ତୀ ସମ୍ପୂର୍ଣ୍ଣ ନିଷିଦ୍ଧ ହେବା, ମୂର୍ତ୍ତୀ ଉଚ୍ଚତା ୨୦ ଫୁଟ ରହିବ, ଥରେ ବ୍ୟବାହର ଯୁକ୍ତ ପ୍ଲାଷ୍ଟିକ ନିଷିଦ୍ଧ, ବିସର୍ଜନ ପାଇଁ ପୋଖରୀ ଚିହ୍ନଟ କିମ୍ବା କୃତ୍ରିମ ପୋଖରୀ ନିର୍ମାଣ, ବିସର୍ଜନ ପରେ ପୋଖରୀରେ ପଡ଼ିଥିବା ଆବର୍ଜନାକୁ ୨୪ ଘଣ୍ଟା ଭିତରେ ସଫା କରାଯିବ, ବିସର୍ଜନ ସ୍ଥଳର ୧୦୦ ମିଟର ଦୂର ରେ ଏକ ବୋର୍ଡ ଲଗାଯିବ ସେଠାରେ ନିୟମ ନ ମାନିଲେ ଆର୍ଥିକ ଦଣ୍ଡ ଲଗାଯିବ, ଘର ର ଛୋଟ ମୂର୍ତ୍ତୀ କୁ ବକେଟରେ ବିସର୍ଜନ କରିବା ଇତ୍ୟାଦି ଉପରେ ଥିବା ସରକାରୀ ନିୟମ ଉପରେ ଆଜି ପ୍ରଶାସନ ପକ୍ଷରୁ ସୂଚନା ପ୍ରଦାନ କରାଯାଇଥିଲା। ଚଳିତ ବର୍ଷ ପ୍ରଥମ ଥର ପାଇଁ ଉମରକୋଟ ସହର ରେ ଯେଉଁ ପୁଜା କମିଟି ଶୃଙ୍ଖଳା, ସ୍ୱଚ୍ଛତା ଓ ଇକୋ ଫ୍ରେନ୍ଡଲି ମାନିକି ପୁଜା ଓ ବିସର୍ଜନ କରିବେ ସେମାନଙ୍କୁ ପୁରସ୍କୃତ କରାଯିବ ଓ ଏହାର ଚୟନ ପାଇଁ ଏକ କମିଟି ଗଠନ କରାଯିବ ବୋଲି ନିର୍ବାହୀ ଅଧିକାରୀ ସୂଚନା ପ୍ରଦାନ କରିଥଲେ। ଆଜିର ବୈଠକରେ ନିର୍ବାହୀ ଅଧିକାରୀଙ୍କ ସମେତ ପୋଲିସ ଉପଖଣ୍ଡ ଅଧିକାରୀ ଶୁଭେନ୍ଦୁ ଶବର, ଆଇଆଇସି ରମା କାନ୍ତ ସାଏ, ଅତିରିକ୍ତ ତହସିଲଦାର ନୀଳାମ୍ବର ପୁଜାରୀ, ଅଗ୍ନି ଶ୍ରମ ଅଧିକାରୀ ଭାଗିରଥି ବଣୁଆ ପ୍ରମୁଖ ଉପସ୍ଥିତ ରହି ସରକାରଙ୍କ ନିୟମକୁ କିପରି ପାଳନ କରାଯିବ ସେଥିନେଇ ଆଲୋଚନା କରିଥିଲେ। ଆଜିର ବୈଠକରେ ସହରର ସମସ୍ତ ଦୁର୍ଗା ପୂଜା କମିଟି ର ସଭାପତି ଓ ସମ୍ପାଦକ, ବଣିକ ସଂଘ ଓ ବିଶିଷ୍ଟ ବ୍ୟକ୍ତି ମାନେ ଉପସ୍ଥିତ ଥିଲେ।

## ଜାତି ଜନଗଣନା ପାଇଁ ରାଷ୍ଟ୍ରପତିଙ୍କୁ ଦାବିପତ୍ର

ଜୟପୁର, ୧୩।୯ (ସମିସ): ଭାରତ ମୁକ୍ତି ମୋର୍ଚ୍ଚା, ବହୁଜନ କ୍ରାନ୍ତି ମୋର୍ଚ୍ଚା, ରାଷ୍ଟ୍ରୀୟ ପଛୁଆ ବର୍ଗ ମୋର୍ଚ୍ଚା ଏବଂ ରାଷ୍ଟ୍ରୀୟ ପରିବର୍ତ୍ତନ ମୋର୍ଚ୍ଚାର ତତ୍ତ୍ୱାବଧାନରେ ସମସ୍ତ ଭାରତୀୟଙ୍କ ମତାଧିକାରର ମୌଳିକ ଅଧିକାର, ସମ୍ବିଧାନ ଓ ଗଣତନ୍ତ୍ରର ସୁରକ୍ଷା, ସମସ୍ତଙ୍କ ସାମ୍ବିଧାନିକ ଅଧିକାର ପାଇଁ ଏକ ଦାବିପତ୍ର ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ଜୟପୁର ଉପଜିଲ୍ଲାପାଳ କାର୍ଯାଳୟ ଠାରେ ଡେପୁଟି କଲେକ୍ଟରଙ୍କୁ ନମ୍ରତା ଗଡ଼ତିଆଙ୍କୁ ପ୍ରଦାନ କରିଛନ୍ତି। ରାଷ୍ଟ୍ରୀୟ ପଛୁଆ ବର୍ଗ ମୋର୍ଚ୍ଚା ପକ୍ଷରୁ ଏହି ଦାବି ପତ୍ରରେ ପଛୁଆ ବର୍ଗ (ଓବିସି) ଏବଂ ସମସ୍ତ ଜାତି ସମୁହର ଜନଗଣନା କରିବା, ବେରୋଜଗାରୀ ଯୁବ ପାଢିଙ୍କୁ ନିଯୁକ୍ତି ଦେଇ ଅବସରପ୍ରାପ୍ତ କର୍ମଚାରୀଙ୍କୁ ପୁନଃ ନିଯୁକ୍ତି ନ ଦେବା, ରାଜ୍ୟରେ ବୈଷୟିକ ଶିକ୍ଷା, ମେଡିକାଲ୍ ଶିକ୍ଷାରେ ଆଦିବାସୀଙ୍କୁ ୨୨.୫ ପ୍ରତିଶତ, ଅନୁସୂଚିତ ଜାତିଙ୍କୁ ୧୫ ପ୍ରତିଶତ ଏବଂ ପଛୁଆ ବର୍ଗଙ୍କୁ ୫୨ ପ୍ରତିଶତ ସଂରକ୍ଷଣ ତୁରନ୍ତ ଦେବା, କଳକାରଖାନା ଗୁଡିକରେ ଠିକାଦାରଙ୍କ ଅଧିନରେ କାର୍ଯ୍ୟରତ ଶ୍ରମିକ ମାନଙ୍କୁ ନିର୍ଦ୍ଧାରିତ ସର୍ବନିମ୍ନ ମଜୁରୀ ପ୍ରଦାନ କରିବା, ଚୁକ୍ତି ଭିତିକ ବା ଠିକା ନିଯୁକ୍ତି ବନ୍ଦ କରି ସ୍ଥାୟୀ ଭିତିରେ ନିଯୁକ୍ତି ଦେବା ଭଳି ୨୨ ଦଫାର ଏକ ପତ୍ର ପ୍ରଦାନ କରାଯାଇଛି। ଏହି ପତ୍ର ପ୍ରଦାନ ବେଳେ କୋରାପୁଟ ଜିଲ୍ଲା ରାଷ୍ଟ୍ରିୟ ପଛୁଆ ବର୍ଗ ମୋର୍ଚ୍ଚା ସଭାପତି ମଦନ ମୋହନ ନାୟକ, ରାଜ୍ୟ ସଭାପତି ରାଜେନ୍ଦ୍ର ଗୌଡ଼, ଉପସଭାପତି ଚନ୍ଦ୍ରକାନ୍ତ ସୂତାର, ଅମିତ ମହାପାତ୍ର, ନିକୁଞ୍ଜ ରଞ୍ଜନ ମହାନ୍ତି, ସଦନ ଖରା, ଲକ୍ଷ୍ମଣ ସିଂଗାର୍ବୀ ପ୍ରମୁଖ ଉପସ୍ଥିତ ରହିଥିଲେ।

## ଉତ୍କଳ କଳା ସଂସଦର ଦୁର୍ଗାପୂଜା ପ୍ରସ୍ତୁତି

ଉମରକୋଟ, ୧୩।୯ (ସମିସ): ଉମରକୋଟ ସହରର ସର୍ବ ପୂରାତନ ପୂଜା ଦଣ୍ଡକାରଣ୍ୟ ତଥା ଉତ୍କଳ କଳା ସଂସଦର ଦୁର୍ଗା ପୂଜା। ଯେଉଁ ପୂଜା ମଣ୍ଡପ ବଙ୍ଗୀୟ ରୀତିନୀତିରେ ପୂଜା ପାଆନ୍ତି ମାଁ ଦୁର୍ଗା। ଦୁର୍ଗାପୂଜା ପାଇଁ ଉମରକୋଟ ସହର ବେଶ୍ ପରିଚିତ। ପୂଜା ପ୍ରସ୍ତୁତିରେ ଲାଗି ପଡ଼ିଛନ୍ତି ଉମରକୋଟ ସହରର ୧୦ ଗୋଟି ପୂଜା ମଣ୍ଡପ। କେଉଁ ପୂଜା ମଣ୍ଡପରେ ସୁନ୍ଦର ତୋରଣ ପାଇଁ ବାଉଁଶ ପୋତା ଆରମ୍ଭ ହୋଇଗଲାଣି ତ କେଉଁଠାରେ ସାଂସ୍କୃତିକ କାର୍ଯ୍ୟକ୍ରମ ପାଇଁ ଏବେଠାରୁ ପ୍ରସ୍ତୁତି ଆରମ୍ଭ ହୋଇଗଲାଣି। ଭିନ୍ନ ଭିନ୍ନ ଥିମ୍‌କୁ ନେଇ ନିର୍ମିତ ହେଉଛି ତୋରଣ ସବୁ। ଚଳିତ ବର୍ଷ 'ନୂତନ ରାଷ୍ଟ୍ରପତି ଭବନ' ଥିମ୍ କୁ ନେଇ ତୋରଣ ନିର୍ମାଣ କରିବାକୁ ଯାଉଛି ଦଣ୍ଡକାରଣ୍ୟ ତଥା ଉତ୍କଳ କଳା ସଂସଦ ପୂଜା ମଣ୍ଡପ। ପୂଜାମଣ୍ଡପଗୁଡ଼ିକରେ ମୂର୍ତ୍ତି ନିର୍ମାଣ ମଧ୍ୟ ଆଗକୁ ବଢ଼ି ଚାଲିଥିବା ବେଳେ ଅଧିକାଂଶ ପୂଜା ମଣ୍ଡପରେ ଶେଷ ହୋଇଗଲାଣି ଏକ ମାଟିଆ କାମ। ପୂଜା କମିଟି ଗୁଡିକ ନିଜ ନିଜ କର୍ମକର୍ତ୍ତା ଏବଂ ସଦସ୍ୟମାନଙ୍କୁ ନେଇ ବାରମ୍ବାର ବୈଠକ ବସି ଭିନ୍ନ ଭିନ୍ନ କାମ ସଦସ୍ୟ ମାନଙ୍କୁ ବଣ୍ଟା ସରିଛି। କିଏ କଣ ବୁଝିବେ, ପୂଜା ସମୟରେ କାହାର କଣ ଦାୟିତ୍ୱ ରହିବ, ସେହିପରି କଲିକତାରୁ ଆସିଥିବା କାରିଗରଙ୍କୁ ମଧ୍ୟ ଫୁରସତ ମିଳୁନାହିଁ। ଦିନ ରାତି ଚାଲିଛି କାମ। ପ୍ରତି ବର୍ଷ ନୂଆ ରୂପରେ ସାମ୍ନାକୁ ଆସେ କଳା ସଂସଦର ଦୁର୍ଗା ପୂଜା ମେଢ଼ ବୋଲି କୁହନ୍ତି ବରିଷ୍ଠ କାରିଗର ଜୀବନ ବ୍ରହ୍ମା। ସେପଟେ ଉମରକୋଟ ପୌର ପରିଷଦ ପକ୍ଷରୁ ମଧ୍ୟ ଆବଶ୍ୟକୀୟ ପ୍ରସ୍ତୁତି ଆଗେଇ ଚାଲିଥିବା



କହିଛନ୍ତି କାର୍ଯ୍ୟ ନିର୍ବାହୀ ଅଧିକାରୀ ରାସ୍ତାଘାଟ, ପରିମଳ, ପାନୀୟ ଜଳ, ଆଲୋକିକରଣ କାମ ବିଭିନ୍ନ ସ୍ଥାନରେ ଆଗେଇ ଚାଲିଛି ଯାହା ନିର୍ଦ୍ଧାରିତ ସମୟ ପୂର୍ବରୁ ଶେଷ ହେବ ବୋଲି ସୂଚନା ଦେଇଛନ୍ତି।

# ପୁଲିସର ଅଶୋଭନୀୟ ବ୍ୟବହାର ଅଭିଯୋଗ

ସେମିଳିଗୁଡା, ୧୩।୯ (ସମିସ)

କୋରାପୁଟ ଜିଲ୍ଲାର ସେମିଳିଗୁଡାସ୍ଥିତ ସତ୍ୟ ନଗରର ବିକାଶ ପରିଷଦର ଏକ ଜରୁରୀ ବୈଠକ ଅନୁଷ୍ଠିତ ହୋଇଥିଲା। ଏହି ବୈଠକରେ ଶତାଧିକ ସଭ୍ୟ ଯୋଗ ଦେଇଥିଲେ। ସତ୍ୟନଗରରେ ଏକ ସରକାରୀ ସ୍ଥାନକୁ କିଛି ଲୋକ ଜବରଦଖଲ କରୁଥିବା ଦେଖି ଏହି ସ୍ଥାନକୁ ସୁରକ୍ଷିତ କରିବାପାଇଁ ପରିଷଦର ସଦସ୍ୟମାନେ ଜାଗାଟିକୁ ସମତୁଲ କରିଥିଲେ। ଏହି କାର୍ଯ୍ୟକୁ କିଛି ନ୍ୟସ୍ତସ୍ୱାର୍ଥ ଲୋକ ବନ୍ଦ କରିବାକୁ ଚାହୁଁଥିଲେ। ଏହାପରେ ହଠାତ୍ ସୁନାବେଡା ଥାନାର ଆଇଆଇସି ସଦଳବଳେ ଆସି କାମ ବନ୍ଦ କର କହିଥିଲେ। କିନ୍ତୁ କିଏ ଅଭିଯୋଗ କରିଛି କହି ନଥିଲେ। ସଦସ୍ୟମାନେ ସେମିଳିଗୁଡା ତହସିଲଦାରଙ୍କୁ ଭେଟି ସମସ୍ତ ବିଷୟ ଜଣାଇ ଥିଲେ। ତାଙ୍କ ନିର୍ଦ୍ଦେଶ କ୍ରମେ ଆରଆଇ, ଅମୀନ, ଏନଆରଆଇ ଆସି ସ୍ଥାନ ମାପ ଓ ଚିହ୍ନଟ କରି ଦେଖିଥିଲେ ଯେ ସଭ୍ୟମାନେ ସଫା କରିଥିବା ସ୍ଥାନ ସରକାରୀ ସ୍ଥାନ ଅଟେ। ସେହି ସ୍ଥାନର ପଡୋଶୀ ଜାଗା ଲୋକକୁ ଫୋନ ଯୋଗେ ଡାକିଥିଲେ ମଧ୍ୟସେ ଆସି



ନଥିଲେ। ସାମୂହିକ ସ୍ୱାର୍ଥ ଓ ଜାଗାଟିର ସୁରକ୍ଷା ପାଇଁ ଆଜି ସଫେଇ କଲାବେଳେ ପୁନଶ୍ଚ ସୁନାବେଡା ପୁଲିସ ଆସି ଆଇଆଇସି କହିଛନ୍ତି କହି କାମ ବନ୍ଦ କର କହିଥିଲେ। ଏଠାରେ ପ୍ରଶ୍ନ ଉଠୁଛି ଯେ ସେମିଳିଗୁଡାରେ ଏକର ଏକର ସରକାରୀଜମି ଲୋକ ବ୍ୟକ୍ତିଗତ ଭାବରେ ନେଇ ଗୃହ ନିର୍ମାଣ କରି କିଣାବିକା ମଧ୍ୟ କରୁଛନ୍ତି। କିନ୍ତୁ ସେ ସବୁ ପ୍ରତି କାହାର ନଜର ନାହିଁ। ଅଥଚ ଏକ ସାମୂହିକ ମଣ୍ଡପଟିଏ କରିବାକୁ ନିର୍ଣ୍ଣୟ କଲାବେଳେ ସୁନାବେଡା ପୁଲିସ କାମ ବନ୍ଦ କରିବାକୁ କାହିଁକି ଏତେ ଆଗ୍ରହୀ। ପୁଲିସର ବନ୍ଧୁତ୍ୱ ପୂର୍ଣ୍ଣ ବ୍ୟବହାର ବଦଳରେ ଏପରି ଆସି ଧମକଚମକ ଦେବା ଉଚିତ କି ବୋଲି ବୁଦ୍ଧିଜୀବୀମାନେ ପ୍ରଶ୍ନ କରିଛନ୍ତି। ଆଗକୁ ପୋଲିସର ଏପରି ବ୍ୟବହାର ଜନ ଆନ୍ଦୋଳନକୁ ନିମନ୍ତ୍ରଣ କରିବ ବୋଲି ମତ ପ୍ରକାଶ ପାଇଛି। ବୈଠକରେ ସଭାପତି ଡକ୍ଟର ଚିତ୍ତରଞ୍ଜନ ମିଶ୍ର ଅଧ୍ୟକ୍ଷତା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ରାମନାଥ ସିଂ, ଗଣେଶ୍ୱର ପାଣିଗ୍ରାହୀ, ଶ୍ରୀମତୀ ସ୍ନିଗ୍ଧାରାଣୀ ମିଶ୍ର, ନୀଳମାଧବ ପାତ୍ର, ଅନନ୍ତ ରାମ ମାଟାମ, ରତ୍ନାକର ନନ୍ଦ, ସୁଜିତ ଖଟେଇ, ସ୍ୱରାଜ ରାୟ, ଅନିରୁଦ୍ଧ ଜେନା, ଆଲୋକ ମହାନ୍ତି, ରତ୍ନାକର ଚୌଧୁରୀ, ନୀଳକଣ୍ଠ ଧୀବର, ସ୍ୱସ୍ତିକ ମିଶ୍ର, ଦିଲୀପ ବାଡତ୍ୟା ପ୍ରମୁଖ ଯୋଗ ଦେଇ ନିଜ ନିଜର ମତ ଉପସ୍ଥାପନ କରିଥିଲେ।

## ହୃଦ୍‌ଘାତରେ ଗଣିତ ଶିକ୍ଷକଙ୍କ ମୃତ୍ୟୁ!

**ବନ୍ଧୁଗାଁ, ୧୩।୯ (ସମିସ):** କୋରାପୁଟ ଜିଲ୍ଲା ବନ୍ଧୁଗାଁ ବ୍ଲକ କୁମ୍ଭାରିପୁଟ ସରକାରୀ ବାଳକ (ଏସଏସଡି) ଉଚ୍ଚ ମାଧ୍ୟମିକ ବିଦ୍ୟାଳ ର ନୂତନ ଅତିଥି ଗଣିତ ଶିକ୍ଷକଙ୍କ ହୃଦ୍‌ଘାତରେ ମୃତ୍ୟୁ ଘଟିଛି । ସୂଚନା ଅନୁଯାୟୀ ଆଜି ମଧ୍ୟାହ୍ନ ସମୟରେ ଅଭିରାମ ମାଣ୍ଡିଙ୍ଗି (୩୦) ଛାତ୍ରଛାତ୍ରୀଙ୍କୁ ପାଠ ପଢ଼ାଇ ସାରି ଖାଇବାକୁ ଆସୁଥିବା ବେଳେ ବିଦ୍ୟାଳୟ ବାରଣ୍ଡାରେ ପେଟ ବ୍ୟଥା ସହ ତାଙ୍କର ଛାତି ଯନ୍ତ୍ରଣା ହୋଇଥିଲା । ସେହି ସମୟରେ ବିଦ୍ୟାଳୟର କିରାଣୀ ପ୍ରୀତି ରଞ୍ଜନ ଜେନା ପାଖରେ ଉପସ୍ଥିତ ଥିଲେ । ଆମ୍ବୁଲାନ୍ସ ଆସିବା ବିଳମ୍ବ ହେବାରୁ ପ୍ରିନ୍ସପାଲ ସରଜ କୁମାର ତରାଇଙ୍କ କାରରେ ନିଲାବାଡି ଗ୍ରାମ ପର୍ଯ୍ୟନ୍ତ ଆସୁଥିବା ବେଳେ ବାଟରେ ଆମ୍ବୁଲାନ୍ସ ତାଙ୍କୁ ବନ୍ଧୁଗାଁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ଆଣି ପହଞ୍ଚାଇ ଥିଲେ ।



ସେଠାରେ ଡା. ଅଜୟ ଜେନା ଦେଖିବା ପରେ ତାଙ୍କୁ ମୃତ ଘୋଷଣା କରିଥିଲେ । ମୃତ ଅଭିରାମ ମାଣ୍ଡିଙ୍ଗିଙ୍କ ଘର ରାୟଗଡ଼ା ଜିଲ୍ଲା କଳନରା ବ୍ଲକ ଚାନ୍ଦିଲି ଥାନା ସିନ୍ଧୁବାଇ ଗ୍ରାମରେ । ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ କରୁଛି । ୩ ମାସ ହେଲା ସେ ଅତିଥି ଗଣିତ ଶିକ୍ଷକ ଭାବେ ନିଯୁକ୍ତି ପାଇ ଶିକ୍ଷାଦାନ କରି ଆସୁଥିଲେ । ତାଙ୍କର ମୃତ୍ୟୁ ହୋଇଥିବାରୁ ସ୍କୁଲର ଶିକ୍ଷକ ଛାତ୍ରଛାତ୍ରୀ ଦୁଃଖ ପ୍ରକାଶ କରିବା ସହିତ ଶବ ପାଖରେ ବସି ରହିଛନ୍ତି । ଏହି ଖବର ସ୍ଥାନୀୟ ଅଞ୍ଚଳରେ ଶୋକାକୁଳ ପରିବେଶ ସୃଷ୍ଟି କରିଛି ।

## ଉତ୍କଳ ସାଂସ୍କୃତିକ ପରିଷଦର ଶପଥ ଗ୍ରହଣ ଉତ୍ସବ

**ସୁନାବେଡ଼ା, ୧୩।୯ (ସମିସ):** ସୁନାବେଡା ସ୍ଥିତ ଉତ୍କଳ ସାଂସ୍କୃତିକ ପରିଷଦର ନୂତନ କର୍ମକର୍ତ୍ତାଙ୍କ ଶପଥ ଗ୍ରହଣ ଉତ୍ସବ ପରିଷଦର ବିଦାୟୀ ସଭାପତି କମଳା କାନ୍ତ ବିଶୋଇଙ୍କ ସଭାପତିତ୍ୱରେ ଆୟୋଜିତ ହୋଇଯାଇଛି । କାର୍ଯ୍ୟକ୍ରମରେ 'ହାଲ' ର ଅତିରିକ୍ତ ମହାପ୍ରବନ୍ଧକ ଅରବିନ୍ଦ ସ୍ୱାମୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ନୂତନ କର୍ମକର୍ତ୍ତାଙ୍କୁ ଶପଥ ପାଠ କରାଇଥିଲେ । ପରିଷଦର ବିଦାୟୀ ସାଧାରଣ ସମ୍ପାଦକ



ମାନସ କୁମାର ଦାସ ଉପସ୍ଥିତ ନୂତନ କର୍ମକର୍ତ୍ତା ଏବଂ ଶୁଭେଚ୍ଛୁ ମାନଙ୍କୁ ସ୍ୱାଗତ କରିବା ସହ ନୂତନ କର୍ମକର୍ତ୍ତା ଚୟନ କମିଟିର ସଦସ୍ୟ ପ୍ରେମାନନ୍ଦ ମାଇତି, ଅନୀଲ କୁମାର ମହାନ୍ତି ଏବଂ ନାରାୟଣ ମାର୍ଥା ବହୁ ଶ୍ରମ ସ୍ୱୀକାର କରି ଏକ ଅଭିଜ୍ଞ ତଥା ନିଷ୍ଠାପର ନୂତନ କମିଟି ମନୋନୀତ କରିଥିବାରୁ ସେମାନଙ୍କୁ ସାଧୁବାଦ ଜ୍ଞାପନ କରିଥିଲେ । ୨୦୨୫-୨୦୨୭ ବର୍ଷ ପାଇଁ ପ୍ରଦୀପ କୁମାର ସାହୁ - ସଭାପତି, ମନୋଜ କୁମାର ପଟ୍ଟନାୟକ - ଉପ ସଭାପତି(୧) ସମ୍ବିତ ଶେଖର ସ୍ୱାଇଁ - ଉପ ସଭାପତି (୨), ପ୍ରଶାନ୍ତ କୁମାର ମିଶ୍ର - ସାଧାରଣ ସମ୍ପାଦକ, ସମୀର କୁମାର ରାଉତ- ଯୁଗ୍ମ ସମ୍ପାଦକ, ଶ୍ରୀକୁମାର ବେହେରା- କୋଷାଧ୍ୟକ୍ଷ, ରମାକାନ୍ତ କଲିଆ- ସମ୍ପାଦକ (ସାଂସ୍କୃତିକ) ପ୍ରଭାତ କୁମାର ସାହୁ - ସମ୍ପାଦକ (ସାହିତ୍ୟ ଓ ପାଠାଗାର) ମନୋରଞ୍ଜନ ସାହୁ - ସମ୍ପାଦକ (କ୍ରୀଡ଼ା) ପ୍ରଶାନ୍ତ କୁମାର ସ୍ୱାଇଁ- ସମ୍ପାଦକ (ନାଟକ) ଏବଂ ୧୧ ଜଣ କାର୍ଯ୍ୟନିର୍ବାହୀ ସଦସ୍ୟ ଭାବେ ମନୋନୀତ ହୋଇ ଶପଥ ପାଠ କରିଥିଲେ । କାର୍ଯ୍ୟକ୍ରମର ପ୍ରାରମ୍ଭରେ ପରିଷଦର ପୂର୍ବତନ ସଭାପତି ତଥା ବରିଷ୍ଠ ଉପଦେଷ୍ଟା ବିନୟ ଚନ୍ଦ୍ର ପଟ୍ଟନାୟକଙ୍କ ବିୟୋଗ ଯୋଗୁଁ ଏକ ଶୋକସଭାର ଆୟୋଜନ କରାଯାଇଥିଲା । ଏଥିରେ ସ୍ୱର୍ଗତ ପଟ୍ଟନାୟକଙ୍କ ସୁପୁତ୍ର ଅଧ୍ୟାପକ ଶିବାଶିଷ ପଟ୍ଟନାୟକ, ପରିଷଦର ଉପଦେଷ୍ଟା ପ୍ରତାପ ଚନ୍ଦ୍ର ପାତ୍ର, ସଭାପତି ଓ ସମ୍ପାଦକ ସ୍ୱର୍ଗତ ବିନୟ ପଟ୍ଟନାୟକଙ୍କ ବହୁମୁଖୀ ପ୍ରତିଭା ଓ ପରିଷଦ ପ୍ରତି ତାଙ୍କର ଅମୂଲ୍ୟ ଅବଦାନ ସମ୍ପର୍କରେ ଆଲୋକପାତ କରିବା ସହ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ ।

# କୋଟିଆ, କୋରାପୁଟର ବିକାଶ ପାଇଁ ଗୁରୁତ୍ୱ

ସେମିଳିଗୁଡ଼ା, ୧୩।୯ (ସମିସ)




### ରାଜ୍ୟପାଳଙ୍କୁ ପଟାଙ୍ଗି ବିଧାୟକଙ୍କ ସ୍ମାରକପତ୍ର

କୋଟିଆ, କୋରାପୁଟର ସାମଗ୍ରୀକ ବିକାଶ ତଥା ଆଦିବାସୀ ମାନଙ୍କ କଲ୍ୟାଣ ପାଇଁ ପଟାଙ୍ଗି ବିଧାୟକ ତଥା କଂଗ୍ରେସ ବିଧାୟକ ଦଳର ନେତା ରାମଚନ୍ଦ୍ର କାଡ଼ାମ୍ ରାଜ୍ୟପାଳ ଡଃ ହରିବାବୁ କମ୍ଭମ୍ପଟିଙ୍କୁ ୧୪ ଟି ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉପରେ ଦୃଷ୍ଟି ଆକର୍ଷଣ କରିବା ସହ ରାଜ୍ୟପାଳଙ୍କ ହସ୍ତକ୍ଷେପ ଏବଂ ସମର୍ଥନ ଲୋଡ଼ିଛନ୍ତି । ସେ ରାଜ୍ୟପାଳଙ୍କୁ ଜଣାଇଛନ୍ତି ଯେ, କୋଟିଆ ଗ୍ରାମ ସମୂହ ଐତିହାସିକ ଏବଂ ସାମ୍ବିଧାନିକ ଭାବରେ ଓଡ଼ିଶାର ଏକ ଅଂଶ ହୋଇଆସିଛି । ତଥାପ ପଡ଼ୋଶୀ ରାଜ୍ୟ ଆନ୍ଧ୍ର ପ୍ରଦେଶ ସହିତ ବିବାଦ, ଲୋକଙ୍କ ମଧ୍ୟରେ ପ୍ରଶାସନିକ ଦ୍ୱନ୍ଦ୍ୱ ଏବଂ ଅଶାନ୍ତି ସୃଷ୍ଟି କରିଛି । ନିର୍ବାଚନ, କଲ୍ୟାଣକାରୀ ଯୋଜନା ଏବଂ ଭିତ୍ତିଭୂମି କାର୍ଯ୍ୟକଳାପ ଆକାରରେ ଆନ୍ଧ୍ର ପ୍ରଦେଶର ବାରମ୍ବାର ହସ୍ତକ୍ଷେପ ଏହି ଅଞ୍ଚଳ ଉପରେ ଓଡ଼ିଶାର ସାର୍ବଭୌମତ୍ୱକୁ କ୍ଷୁର୍ଣ୍ଣ କରୁଛି । ଏହି ମାମଲାକୁ ସର୍ବୋଚ୍ଚ ସ୍ତରରେ ଗ୍ରହଣ କରି ଓଡ଼ିଶା ଏବଂ ଏହାର ଲୋକଙ୍କ ଅଧିକାରକୁ ସୁରକ୍ଷିତ ରଖି ଏକ ସ୍ଥାୟୀ ସମାଧାନ ସୁନିଶ୍ଚିତ କରିବାକୁ ସେ ଅନୁରୋଧ କରିଛନ୍ତି । ଏତଦ୍ ବ୍ୟତୀତ ଓଡ଼ିଶାରେ ପେସା ନିୟମ କାର୍ଯ୍ୟକାରୀ କରିବା, ଡିଏସପି ସ୍ତରୀୟ ପୁଲିସ ଅଧିକାରୀଙ୍କ ଦ୍ୱାରା ଏସସି / ଏସଟି (ଅତ୍ୟାଚାର ନିବାରଣ) ଆଇନର କାର୍ଯ୍ୟାନ୍ୱୟନ କରିବା, ଆନ୍ଧ୍ର-ଓଡ଼ିଶା ଜଳ ପ୍ରକଳ୍ପ (ଓଏଚ୍‌ପିସି ଓ ଏପି ଜେନ କୋ) ଦ୍ୱାରା ପ୍ରଭାବିତ ଗ୍ରାମ ଗୁଡ଼ିକର ବିକାଶ ପାଇଁ ବିଳମ୍ବ ନକରି ତୁରନ୍ତ ସିଏସଆର ପାଣ୍ଠି ଆବଣ୍ଟନ କରିବାକୁ ସମ୍ବନ୍ଧିତ ନିଗମ ଗୁଡ଼ିକୁ ନିର୍ଦ୍ଦେଶ, କୋରାପୁଟରେ କୃଷି ଏବଂ ଉଦ୍ୟାନ ବିଶ୍ୱବିଦ୍ୟାଳୟର ସ୍ଥାପନା, କୋରାପୁଟରେ ଏକ ଆଦିବାସୀ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା, ଏସସି/ଏସଟି ସଂରକ୍ଷଣ କାର୍ଯ୍ୟାନ୍ୱୟନ ପାଇଁ ଯୋଗାଯୋଗ ଅଧିକାରୀ ନିଯୁକ୍ତି, ପରିବର୍ତ୍ତିତ କ୍ଷେତ୍ର ବିକାଶ ପଦ୍ଧତି କ୍ଲଷ୍ଟର ଅଧୀନରେ ଯୋଗ୍ୟତା ଅର୍ଜନ କରିଥିବା ଆଦିବାସୀ ଗ୍ରାମ ମାନଙ୍କୁ ସରକାରୀ ଭାବରେ ଘୋଷଣା କରିବା, ଅନୁସୂଚିତ ଜନଜାତି ପରିବାର ଗୁଡ଼ିକଠାରୁ ବେଆଇନ ଭାବରେ ହସ୍ତାନ୍ତରିତ ଜମି ମୂଳ ମାଲିକ ମାନଙ୍କୁ ଫେରାଇବା, କୋରାପୁଟ-ବବିଲି ଏବଂ କୋରାପୁଟ - ଆରାକୁ ରେଳ ଲାଇନ ର ସ୍ଥାପନା, ଆରାକୁ ଦେଇ କୋରାପୁଟ-ବିଶାଖାପାଟଣା ମଧ୍ୟରେ ଏକ ବନ୍ଦେ ଭାରତ ଏକ୍ସପ୍ରେସ ସେବା ର ଆରମ୍ଭ, ରାୟଗଡ଼ା ଦେଇ କୋରାପୁଟ-ଭୁବନେଶ୍ୱର ମଧ୍ୟରେ ଏକ ନୂତନ ଦିନ ବେଳା ଟ୍ରେନର ଆରମ୍ଭ, ଜିଲ୍ଲାରେ ବିଭିନ୍ନ ଭିତ୍ତିଭୂମିର ବିକାଶ, କୋରାପୁଟ ଜିଲ୍ଲାରେ ବିଶେଷକରି ପଟାଙ୍ଗି ନିର୍ବାଚନ ମଣ୍ଡଳୀରେ ସୁପର-ସ୍ପେଶାଲିଟି ହସ୍ପିଟାଲର ସ୍ଥାପନା ଏବଂ କୋରାପୁଟ ଜିଲ୍ଲାରେ ପର୍ଯ୍ୟଟନ ସ୍ଥଳୀ ଗୁଡ଼ିକର ବିକାଶ ନିମନ୍ତେ ପଟାଙ୍ଗି ବିଧାୟକ ତଥା କଂଗ୍ରେସ ବିଧାୟକ ଦଳର ନେତା ରାମ ଚନ୍ଦ୍ର କାଡ଼ାମ୍ ରାଜ୍ୟପାଳ ଡଃ ହରିବାବୁ କମ୍ଭମ୍ପଟିଙ୍କୁ ଅନୁରୋଧ କରିଛନ୍ତି ।

## ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାରପ୍ରାପ୍ତ ଶିକ୍ଷକଙ୍କୁ ସମ୍ବର୍ଦ୍ଧନା

**ନନ୍ଦପୁର, ୧୩।୯ (ସମିସ):** କୋରାପୁଟ ଜିଲ୍ଲା ନନ୍ଦପୁର ବ୍ଲକ ଅନ୍ତର୍ଗତ କୁଲାରସିଂ କ୍ଲଷ୍ଟରସ୍ତରୀୟ ପାଡୁଆ ଉନ୍ନୀତ ଉଚ୍ଚ ବିଦ୍ୟାଳୟ ଠାରେ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି । ଗୁରୁଦିବସ ଅବସରରେ ଶିକ୍ଷକ ଶ୍ୟାମସୁନ୍ଦର ଟଙ୍ଗୀ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇଥିବା ବେଳେ ଏହି ଅବସରରେ ଶିକ୍ଷକ ଶ୍ରୀ ଟଙ୍ଗୀଙ୍କୁ କ୍ଲଷ୍ଟର ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି । ଫୁଲତୋଡ଼ା, ଉପଢୌକନ, ଭାଗବତ ଗୀତା, ପ୍ରଶଂସା ପତ୍ର ପ୍ରଦାନ କରାଯାଇଥିଲା । ମୁଖ୍ୟଅତିଥି ଭାବେ ନନ୍ଦପୁର ଅତିରିକ୍ତ ବ୍ଲକ ଶିକ୍ଷା ଅଧିକାରୀଣୀ ମମତାଜ ଗୋମଙ୍ଗ, ମୁଖ୍ୟବକ୍ତା ଧିରେନ୍ କୁମାର ରାଜ, ନିମନ୍ତ୍ରିତ, ସୁଶ୍ରୀ ମିତାରାଣୀ କର(ଅବସରପ୍ରାପ୍ତ ଶିକ୍ଷୟିତ୍ରୀ), ସୁବାଷ ପାଙ୍ଗି, ରଘୁନାଥ ବେହେରା, ପୀତାମ୍ବର ନାୟକ, ସିଆରସିସି ମନୋଜ ଦାଶ ସଭାପତି ଭାବେ କାର୍ଯ୍ୟ ସମ୍ପାଦନ କରିଥିବା ବେଳେ ଟୁନେଶ



ପାତ୍ର ଧନ୍ୟବାଦ୍ ଅର୍ପଣ କରିଥିଲେ । କୁଲାର ସିଂ କ୍ଲଷ୍ଟରର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ, କୁମୁଦ ରଞ୍ଜନ ସେଠୀ, ରୋହିତ ନାୟକ, ସୁକାନ୍ତ ନାୟକ, ସୁରେନ୍ଦ୍ର ଦାସ, ତାପଶି ପରିଡ଼ା ଓ ସୁନୀତା ବାର୍ଲା ପ୍ରମୁଖ ଉପସ୍ଥିତ ଥିଲେ ।

## 'ଆସ ସ୍କୁଲ ଯିବା' ପଦଯାତ୍ରା

**ଲକ୍ଷ୍ମୀପୁର, ୧୩।୯ (ସମିସ):** ଶନିବାର ସ୍ଥାନୀୟ ଲକ୍ଷ୍ମୀପୁର ସ୍ଥିତ ଶାଙ୍ଗାନା ଉଚ୍ଚ ବିଦ୍ୟାଳୟ ଛାତ୍ରଛାତ୍ରୀ ତଥା ଶିକ୍ଷକ ଶିକ୍ଷୟିତ୍ରୀ ଆସ ସ୍କୁଲ ଯିବା ସଚେତନତା ପଦଯାତ୍ରାରେ ସାମିଲ ହୋଇଥିଲେ । ଏହି ଉପଲକ୍ଷେ




ଲକ୍ଷ୍ମୀପୁର ବଜାର ଠାରେ ଏକ ପଥପ୍ରାନ୍ତ ସଭାରେ ବିଜ୍ଞାନ ଶିକ୍ଷକ ଗୋଲକ ଚନ୍ଦ୍ର ଲେଙ୍କା ଅଧାରୁ ପାଠପଢ଼ା ଛାଡିଥିବା ବା ଆଦୌ ପାଠ ପଢ଼ି ନ ଥିବା ଛାତ୍ରଛାତ୍ରୀଙ୍କୁ ସ୍କୁଲ ଅଭିମୁଖୀ ହେବାକୁ ଜନ ସାଧାରଣଙ୍କୁ ଅନୁରୋଧ କରିଥିଲେ । ଓଡ଼ିଶା ସରକାରଙ୍କ ଆଭିମୁଖ୍ୟକୁ ସଫଳ କରିବା ସହ ସମସ୍ତଙ୍କୁ ପାଠ ପଢ଼ିବା ସହ ସ୍ୱାବଲମ୍ବୀ ହେବାକୁ ପ୍ରବର୍ତ୍ତାଇ ଥିଲେ । ଏଥିପାଇଁ ସରକାରଙ୍କ ଦ୍ୱାରା ପର୍ଯ୍ୟାପ୍ତ ସୁଯୋଗ ପ୍ରଦାନ କରାଯାଇଛି । ଯଥା ୧୪ରୁ ଅଠର ବର୍ଷ ବୟସର ଛାତ୍ରଛାତ୍ରୀ ମାଟ୍ରିକ ପରୀକ୍ଷା ଦେବା ପାଇଁ ଚତୁର୍ଥ ଶ୍ରେଣୀ ଉତ୍ତୀର୍ଣ୍ଣ ଯୋଗ୍ୟତା ସହ ରାଜ୍ୟ ମୁକ୍ତ ବିଦ୍ୟାଳୟରେ ନିଶୁଳ୍କ ନାମ ଲେଖା, ଆଇଟିଆଇରେ ପ୍ରବେଶକୁ ପ୍ରାଧାନ୍ୟ, ଧନ୍ଦାମୂଳକ ଶିକ୍ଷା ଗ୍ରହଣ ପୂର୍ବକ କୁଶଳୀ ହେବା ଉପରେ ଆଲୋକପାତ କରିଥିଲେ । ସେହିପରି ଶିକ୍ଷୟିତ୍ରୀ ରାଜେଶ୍ୱରୀ ଲବଲା ଛାତ୍ରଛାତ୍ରୀଙ୍କ ଡ୍ରପ୍‌ଆଉଟ୍ ସଂଖ୍ୟା ରୋକିବା, ପ୍ରତିଦିନ ବିଦ୍ୟାଳୟକୁ ଛାତ୍ରଛାତ୍ରୀଙ୍କୁ ଛାଡ଼ିବା ପାଇଁ ଅନୁରୋଧ କରିଥିଲେ । ଛାତ୍ରଛାତ୍ରୀଙ୍କ ଦ୍ୱାରା ପଦଯାତ୍ରା ଲକ୍ଷ୍ମୀପୁର ସହର ପରିକ୍ରମା କରିବା ସହ ବିଭିନ୍ନ ସ୍ଲୋଗାନ ଦିଆଯାଇଥିଲା । ଉକ୍ତ ପଦଯାତ୍ରାରେ ଶିକ୍ଷକ ସୁଜିତ ସାମଲ, ଶଙ୍କର ଗୁଡୁମ୍ବକା, ସୁକାନ୍ତ କୁମାର ଯାଦବ, ଆଶୀର୍ବାଦ ନାୟକ, ଅଶେଷ କାର୍ଜି, ସୁରଜ ନାୟକ, କସ୍ତୁରୀ ଶବର, ମାଧୁରୀ ଲେଙ୍କା, ପ୍ରିୟଙ୍କା ବିଷୋୟୀ, ଜେଷ୍ଠା ପଣ୍ଡା, ସୁନୀତା ସାହୁକାର, ରୋଜାଲିନ ସ୍ୱାଇଁ, ମମତା ମହାନ୍ତି ପ୍ରମୁଖ ଯୋଗ ଦେଇଥିଲେ । ସଂଯୁକ୍ତା ତୁରୁକ ପଦଯାତ୍ରାରେ ସମସ୍ତ ସହଯୋଗ କରିଥିଲେ ।

## ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ

**ନବରଙ୍ଗପୁର, ୧୩।୯ (ସମିସ):** ନବରଙ୍ଗପୁର ଜିଲ୍ଲା ଆଇନ ସେବା ପ୍ରାଧିକରଣ ପକ୍ଷରୁ ଜିଲ୍ଲା କୋର୍ଟ ପରିସରରେ ନବରଙ୍ଗପୁର ଜିଲ୍ଲା ଦୌରାଜର୍ଜ ତଥା ଜିଲ୍ଲା ଆଇନ ସେବା ପ୍ରାଧିକରଣ ଅଧ୍ୟକ୍ଷ ସୁବ୍ରତ ମହାନ୍ତିଙ୍କ ନିର୍ଦ୍ଦେଶ କ୍ରମେ ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ୨୦୨୫ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ଦୌରାଜର୍ଜ ସୁବ୍ରତ ମହାନ୍ତି ୮ ଟି ମୋଟର ଦୁର୍ଘଟଣା ଜନିତ କ୍ଷତିପୂରଣ ଦାବି ବାବଦକୁ ଫଇସଲା କରି ୧ କୋଟି ୩୮ ଲକ୍ଷ, ୪୯ ହଜାର ୬୨୦ ଟଙ୍କା କ୍ଷତିପୁରଣ ଆଦାୟ କରିଛନ୍ତି । ପରିବାର ବିଚାର ବିଭାଗୀୟ ଜର୍ଜ ଲିଲିପ୍ତା ପସାୟତ ୧୬ଟି ପାରିବାରିକ ବିବାଦ କେସ ସମାଧାନ କରିଛନ୍ତି । ସେଥିମଧ୍ୟରୁ ଦୁଇଟି କେସରେ ଦୀର୍ଘ ଦିନ



ବିବାଦର ଅନ୍ତ ଘଟାଇ ଦମ୍ପତିଙ୍କ ମଧ୍ୟରେ ଆପୋଷ ମିଳାମିଶା କରାଇଛନ୍ତି । ମୁଖ୍ୟ ବିଚାର ବିଭାଗୀୟଦଣ୍ଡାଧିକାରୀ ସୀମା ତ୍ରିପାଠୀ ୪ ଗୋଟି ଏନ୍‌ଆଇଆକ୍ଟ କେସ ସମାଧାନ କରିଛନ୍ତି । ବରିଷ୍ଠ ଦେବାନୀ ଜର୍ଜ ମୋନିତା ତ୍ରିପାଠୀ ୩ଟି ବ୍ୟାଙ୍କ ଋଣଦେୟ ସମ୍ବନ୍ଧୀୟ ବିବାଦର ଫଇସଲା କରି ୨ ଲକ୍ଷ ୪୦ ହଜା ଟଙ୍କା ଋଣ ଆଦାୟ କରିଛନ୍ତି । ଭାରପ୍ରାପ୍ତ ଉପଖଣ୍ଡ ବିଚାର ବିଭାଗୀୟ ଦଣ୍ଡାଧିକାରୀ ଅଙ୍କିତା ପାଣିଗ୍ରାହୀ ୬୬୯ଟି ଫୌଜଦାରୀ ମକଦ୍ଦମା ସମାଧାନ କରିଛନ୍ତି । ଏହି ରାଷ୍ଟ୍ରୀୟ ଲୋକ ଅଦାଲତରେ ସର୍ବମୋଟ ୭୦୨ ଗୋଟି କୋର୍ଟ କେସ ଓ ୧୬, ୪୦୧ ଗୋଟି ରାଜସ୍ୱ କେସର ଫଇସଲା କରାଯାଇ ୬ ଲକ୍ଷ ୧୨ ହଜାର ୪୩୦ ରାଜସ୍ୱ ଆଦାୟ କରାଯାଇଛି । ସେହିପରି ବ୍ୟାଙ୍କର ୨୨ ଟି ପ୍ରାକ ମକଦ୍ଦମା ମଧ୍ୟ ଫଇସଲା କରାଯାଇ ୫ ଲକ୍ଷ ୭୯ ହଜାର ୭୮୪ ଟଙ୍କା ଋଣ ଆଦାୟ କରାଯାଇଛି । ଟିପିଏସଓ?ଏଲ ୧୮୭ଟି ପ୍ରାକ ମକଦ୍ଦମା ମଧ୍ୟ ଫଇସଲା କରାଯାଇ ୧୫ ଲକ୍ଷ ୮୬ ହଜାର ୬୫୧ ଟଙ୍କା ବିଦ୍ୟୁତ ଦେୟ ବାବଦକୁ ଆଦାୟ କରାଯାଇଛି । ଏହି ରାଷ୍ଟ୍ରୀୟ ଲୋକ ଅଦାଲତ ରେ ଅନ୍ୟାନ୍ୟ ଅତିଥି ରୂପେ ଅତିରିକ୍ତ ଜିଲ୍ଲା ଜର୍ଜ ବିଷ୍ଣୁ ପ୍ରସାଦ ମିଶ୍ର, ଯୋଗ ଦେଇଥିଲେ । ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ସାଇ ଅଭିସ୍ମା ଗୋଛାୟତ ଏହି ରାଷ୍ଟ୍ରୀୟ ଲୋକ ଅଦାଲତ ପରିଚାଳନା କରିଥିବା ବେଳେ କୋର୍ଟର ଆଇନଜୀବୀ ଓ କର୍ମଚାରୀ ସହଯୋଗ କରିଥିଲେ ।

# ବିଭିନ୍ନ ସ୍ଥାନରେ ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ

**ନନ୍ଦପୁର, ୧୩।୯ (ସମିସ):** ସିଦ୍ଧେଦେବୀ ସ୍ନାତକ ମହାବିଦ୍ୟାଳୟ ନନ୍ଦପୁର ଠାରେ ଯୁବ ରେଡକ୍ରସ୍ ଆନୁକୂଲ୍ୟରେ ବିଶ୍ୱ ପ୍ରାଥମିକ ଉପଚାର ଦିବସ ଓ ଜଳବାୟୁ ପରିବର୍ତ୍ତନ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ନନ୍ଦପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଡାକ୍ତର ବିଶ୍ୱନାଥ ସାହୁ ମୁଖ୍ୟବକ୍ତା ଭାବେ ଯୋଗଦେଇ ଦୁର୍ଘଟଣା ସମୟରେ ପ୍ରାଥମିକ ଉପଚାର କିଭଳି ଜଣକ ଜୀବନ ବଞ୍ଚାଇପାରିବ ସେ ସମ୍ପର୍କରେ ଛାତ୍ରଛାତ୍ରୀ ମାନଙ୍କୁ ଅବଗତ କରାଇଥିଲେ । ମହାବିଦ୍ୟାଳୟ ଅଧ୍ୟକ୍ଷ ଅମର କୁମାର ମହାପାତ୍ର ଅଧ୍ୟକ୍ଷତା କରି ପରିବେଶ ସୁରକ୍ଷା ନିମନ୍ତେ ବ୍ୟାପକ




ଚାରାରୋପଣ କରି ଜଳବାୟୁ ପରିବର୍ତ୍ତନରୁ ରକ୍ଷା କରାଯାଇପାରିବ ବୋଲି ଛାତ୍ରଛାତ୍ରୀମାନଙ୍କୁ ବୁଝାଇଥିଲେ । ଅଧ୍ୟାପକ କିଶୋର ଚନ୍ଦ୍ର ବେହେରା କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ । ବରିଷ୍ଠ ଅଧ୍ୟାପିକା ସ୍ନେହଲତା ସେଠୀ, ସୁରଭି ପାଣିଗ୍ରାହୀ, ଅର୍ଚ୍ଚନା ପାଢ଼ୀ, ସନ୍ତୋଷ ହନ୍ତାଳ, ନରସିଂହ ଖୋସଲା ଓ ବାବୁଲା ଚାଙ୍ଗୁଡିଆ, ସନ୍ତୋଷ କୁମାର ଦୋରା, ଆକାଶ ସାହୁ, ପଦଲାମ ଗଲରି, ବିଜୟ ଖିଲ ଓ ଉଷାରାଣୀ ଗୁଣ୍ଡା ପ୍ରମୁଖ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ । ଶେଷରେ ଯୁବ ରେଡକ୍ରସ୍ ପରାମର୍ଶଦାତା ଭଗବାନ ଖରା ଧନ୍ୟବାଦ ପ୍ରଦାନ କରିଥିଲେ ।

**ସୁନାବେଡ଼ା/ ସେମିଳିଗୁଡ଼ା:** ହାଲ ସହରାଞ୍ଚଳ ସ୍ଥିତ ଏରୋନଟିକ୍ସ ମହାବିଦ୍ୟାଳୟ ସଭା ଗୃହରେ ୟୁଥ ରେଡକ୍ରସ, ରେଡ ରିବନ କ୍ଲବ ଓ ଜାତୀୟ ସେବା ଯୋଜନା ୟୁନିଟ୍‌ର ମିଳିତ ଆନୁକୂଲ୍ୟରେ ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସରେ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି । ଏହି ଶିବର ଅନୁଷ୍ଠିତ ହେବା ପୂର୍ବରୁ



ଅଧ୍ୟାପକ ଅଧ୍ୟାପିକା, କାର୍ଯ୍ୟାଳୟ କର୍ମଚାରୀ, ଛାତ୍ରଛାତ୍ରୀ ଓ ଅଭିଭାବକଙ୍କୁ ନେଇ ପ୍ରାଥମିକ ଚିକିତ୍ସା, ରକ୍ତ ଦାନର ମହତ୍ୱ ଓ ତାହାର ନିରାକରଣ ସମ୍ପର୍କରେ ଏକ ସଭା ହୋଇଥିଲା । ଏହି ସଭାରେ ଅଧ୍ୟକ୍ଷା ଡକ୍ଟର ଅନସୂୟା ନନ୍ଦ ସଭାପତିତ୍ୱ କରିଥିଲା ବେଳେ ଏରୋନଟିକ୍ସ ମହାବିଦ୍ୟାଳୟର ସମ୍ପାଦକ ବିଶ୍ୱେଶ୍ୱର ସେନାପତି ବରଣ୍ୟ ଅତିଥି ଓ ୱାଇଆରସିର ଜିଲ୍ଲା ସଂଯୋଜକ ଡକ୍ଟର ନରେଶ ଚନ୍ଦ୍ର ସାହୁ ମୁଖ୍ୟବକ୍ତା ଭାବରେ ଯୋଗ ଦେଇଥିଲେ । ଏହି ସଭାର ସଂଯୋଜନା ଏନଏସଏସର ସଂଯୋଜକ ଡ. ସସ୍ମିତା ମହାପାତ୍ର କରିଥିବା ବେଳେ ୱାଇଆରସିର କାଉନସିଲର ଡ. ଶାନ୍ତନୁ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ । ସହିଦ ଲକ୍ଷ୍ମଣ ନାୟକ ଭେଷଜ ମହାବିଦ୍ୟାଳୟ ଓ ହସ୍ପିଟାଲ କୋରାପୁଟର ରକ୍ତ ସଂଗ୍ରାହକ ମାନେ ୩୫ ୟୁନିଟ ରକ୍ତ ସଂଗ୍ରହ କରିଥିଲେ । ଏହି ରକ୍ତ ସଂଗ୍ରହ ମଧ୍ୟରେ ହାଲ, ସୁନାବେଡାର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ସୁଧାଂଶୁ ମୋହନ ଜେନା, ସ୍ୱପ୍ନା ସୋନାଲିକା ଜେନା ଯୋଗ ଦେଇଥିଲେ । ଏଥିସହିତ ଏଇଏସର କୋଷାଧ୍ୟକ୍ଷ ଅନୁଜ କୁମାର ସିଂ ଚୌହାନ, ଶ୍ରୀମତୀ ଚୌହାନ, ବରିଷ୍ଠ ପ୍ରାଧ୍ୟାପକ ଡ. ସଞ୍ଜୟ ପୁରୋହିତ, ଗୌରୀ ଶଙ୍କର ରଥ, ହିରଣ୍ମୟୀ ତ୍ରିପାଠୀ, ଡ. ସଞ୍ଜୟ ଲେଙ୍କା, ଦିଲୀପ ସାହୁ, ବିଶ୍ୱଜିତା ପାଢ଼ୀ, ଏନଏସଏସର ଦୁଇ ସଂଯୋଜକ ଚିନ୍ମୟ ମିଶ୍ର, ଡ. ସ୍ମୃତି ରଞ୍ଜନ ରାଉତ, ଚିନ୍ମୟୀ ପଣ୍ଡା ଆଦି ପ୍ରମୁଖଙ୍କ ସହ ଅଧ୍ୟାପକ ଅଧ୍ୟାପିକା ଛାତ୍ରଛାତ୍ରୀ ଯୋଗ ଦେଇଥିଲେ ।

**ଲକ୍ଷ୍ମୀପୁର:** କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ମହାବିଦ୍ୟାଳୟ ପରିସରରେ ଲକ୍ଷ୍ମୀପୁର ମହାବିଦ୍ୟାଳୟର ଯୁକ୍ତ ଦୁଇ ଓ ଯୁକ୍ତ ତିନି ବିଭାଗର ଯୁବ ରେଡକ୍ରସ ୟୁନିଟ୍ ତରଫରୁ ବିଶ୍ୱ ପ୍ରାଥମିକ ଉପଚାର ଦିବସ ପାଳନ କରାଯାଇ ଥିଲା । ଯୁକ୍ତ ଦୁଇ ଅଧ୍ୟକ୍ଷ ପ୍ରାଧ୍ୟାପକ ଗିରିଜା କୁମାର ଚୌଧୁରୀଙ୍କ ତତ୍ତ୍ୱାବଧାନରେ ପାଳନ କରାଯାଇଥିଲା । ଏହି ଅବସରରେ ଲୋକପ୍ରିୟ ଚିକିତ୍ସକ ଡଃ ଦେବେଷ ଚନ୍ଦ୍ର ବେହେରା ମୁଖ୍ୟ ଅତିଥି ତଥା ରିସୋର୍ସ ପର୍ସନ ଭାବେ ଯୋଗ ଦେଇ ପ୍ରାଥମିକ ଚିକିତ୍ସା କ'ଣ ଓ ଏଥିପାଇଁ




କେଉଁ ପ୍ରକାରର ସମସ୍ୟା ପାଇଁ ଏହା ଦରକାର ସେ ସମ୍ବନ୍ଧିତ ବିଭିନ୍ନ ସୂଚନା ପ୍ରଦାନ କରିବା ସହ କିପରି ସିପିଆର୍. କରାଯାଇ ଜଣେ ମଣିଷର ଜୀବନ ବଞ୍ଚାଇ ହେବ ସେ କୌଶଳ ଡେମୋ ମାଧ୍ୟମରେ ବର୍ଣ୍ଣନା କରିଥିଲେ । ଏହି କାର୍ଯ୍ୟକ୍ରମରେ ଶିକ୍ଷା ବିଭାଗର ବରିଷ୍ଠ ଅଧ୍ୟାପିକା ସୁଶ୍ରୀ ତିଲୋତ୍ତମା ପଟ୍ଟନାୟକ, ଅଧ୍ୟାପିକା ମଧୁସ୍ମିତା ବିଶ୍ୱାଳ, ହେଲେନା ସିଂ, ମହିମା ରାଣୀ ରାଜୁ, ଜୟଶ୍ରୀ କରସୁଧା ପଟ୍ଟନାୟକ, ଅଙ୍କିତା ଖିଁ।ଡେକା, ସଙ୍ଗୀତା ନାଗ ତଥା ଅଧ୍ୟାପକ ଶୀତଳ ପ୍ରସାଦ ଦାସ, ତାରେଣୀ ଶତପଥୀ, ରମାକାନ୍ତ ଖରା, ବବଲୁ ବେନିଆ ଏବଂ ଛାତ୍ରଛାତ୍ରୀମାନେ ଅଂଶଗ୍ରହଣ କରିଥିଲେ । ଏହି କାର୍ଯ୍ୟକ୍ରମକୁ ଯୁକ୍ତ ଯୁବ ରେଡକ୍ରସ ଅଧିକାରୀ ତଥା ଅଧ୍ୟାପକ ଯଶୋବନ୍ତ ଗରଡ଼ା ଯୁକ୍ତ ତିନି ଯୁବ ରେଡକ୍ରସ ଅଧିକାରୀ ଅଧ୍ୟାପିକା ସନ୍ତୋଷିନୀ ଦାସ ଓ ଜାତୀୟ ସେବା ଯୋଜନା ଅଧିକାରୀ ଦୁର୍ଯ୍ୟଧନ ସାହୁ ପରିଚାଳନା କରି ଥିଲେ ।

**ସୁନାବେଡ଼ା:** ସୁନାବେଡ଼ା ମହିଳା ମହାବିଦ୍ୟାଳୟଠାରେ ବିଶ୍ୱ ପ୍ରାଥମିକ ଚିକିତ୍ସା ଏବଂ ଜଳବାୟୁ ପରିବର୍ତ୍ତନ ତଥା ଆତ୍ମହତ୍ୟା ନିବାରଣ ଦିବସରେ ଏକ ଆଲେଚନାଚକ୍ର ଆୟୋଜିତ ହୋଇଯାଇଛି । କାର୍ଯ୍ୟକ୍ରମରେ ସୁନାବେଡ଼ା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ରୋଷନି ଖେସ୍ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଛାତ୍ରୀମାନଙ୍କୁ ପ୍ରାଥମିକ ଚିକିତ୍ସା ଉପରେ କହିଥିଲେ । କାଉନସେଲର




ସୂଚିତ ତ୍ରିପାଠୀ ସମ୍ମାନିତ ଅତିଥି, ମୁଖ୍ୟବକ୍ତା ଭାବେ ଅଧ୍ୟକ୍ଷା ଉଷାରାଣୀ ଦାସ ଯୋଗ ଦେଇ ବିଭିନ୍ନ ଉଦାହରଣ ମାଧ୍ୟମରେ ଛାତ୍ରୀମାନଙ୍କୁ ଆତ୍ମହତ୍ୟାର କୁପରିଣାମ ବିଷୟରେ ବୁଝାଇବା ସହ ଏଥିରୁ ନିବୃତ୍ତ ରହିବା ପାଇଁ ଉପଦେଶ ଦେଇଥିଲେ । ଅଧ୍ୟାପିକା ବାସନ୍ତୀ ପଟ୍ଟନାୟକ ଏବଂ ବିନୁ ପ୍ରଧାନ ମଧ୍ୟ ନିଜ ନିଜର ମତ ଉପସ୍ଥାପନ କରିଥିଲେ । ୱାଇଆରସି କାଉନସିଲର ସୁଶ୍ରୀ ଶୁଭଶ୍ରୀ ପରିଡ଼ା ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ । କ ଏନ୍‌ଏସ୍‌ଏସ ପ୍ରୋଗ୍ରାମ ଅଫିସର ସରିତା ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ ।

**ନବରଙ୍ଗପୁର:** ନବରଙ୍ଗପୁର ମହିଳା ସ୍ନାତକ ମହାବିଦ୍ୟାଳୟରେ ଅଧ୍ୟକ୍ଷା ମାଳେଶ୍ୱରୀ ସାହୁଙ୍କ ସଭାପତିତ୍ୱରେ ଯୁବ ରେଡକ୍ରସ ତରଫରୁ ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ ପାଳିତ ହୋଇଯାଇଛି । ମହାବିଦ୍ୟାଳୟର ଶିକ୍ଷା ବିଭାଗର ଅଧ୍ୟାପିକା ତଥା ଯୁବ ରେଡକ୍ରସ ଅଧିକାରୀ ଡ. ସଂଯୁକ୍ତା ପଣ୍ଡା ଏହି କାର୍ଯ୍ୟକ୍ରମ



ପରିଚାଳନା କରିବା ସହିତ ଏ ବର୍ଷର ଥିମ୍ 'ପ୍ରାଥମିକ ଚିକିତ୍ସା ଓ ଜଳବାୟୁ ପରିବର୍ତ୍ତନ ' ସମ୍ବନ୍ଧରେ ଛାତ୍ରୀଙ୍କୁ ଅବଗତ କରାଇଥିଲେ । ଦୈନନ୍ଦିନ ଜୀବନରେ ଘଟୁଥିବା ବିଭିନ୍ନ ଘଟଣା, ଦୁର୍ଘଟଣାରେ ଯଥା ସାପ କାମୁଡା, ଜଳିଯିବା, ଅଂଶୁଘାତ, ଅଚେତ ହେବା ଭଳି ଅନେକ ଘଟଣାରେ କେମିତି ପ୍ରାଥମିକ ଚିକିତ୍ସା କରିପାଇବା ସେହି ବିଷୟରେ ଛାତ୍ରୀଙ୍କୁ ସଚେତନ କରାଇଥିଲେ । ଏହି କାର୍ଯ୍ୟକ୍ରମରେ ଅଧ୍ୟାପିକା ଶ୍ରୀମତୀ ତରନୁମ୍ ଆରା, ସୁନୀତା ପାତ୍ର, ଅଧ୍ୟାପକ ଲକ୍ଷ୍ମୀକାନ୍ତ ସୌରା ସମେତ ବହୁ ସଂଖ୍ୟକ ଛାତ୍ରୀ ଯୋଗଦେଇଥିଲେ ।

**ସେମିଳିଗୁଡ଼ା:** କୋରାପୁଟ ଜିଲ୍ଲାର ସେମିଳିଗୁଡ଼ା ମହାବିଦ୍ୟାଳୟର ଯୁବ ରେଡକ୍ରସ୍ ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ ଉପଲକ୍ଷେ ଏକ ଶିକ୍ଷାମୂଳକ କାର୍ଯ୍ୟକ୍ରମର ଆୟୋଜନ କରିଥିଲା । ମହାବିଦ୍ୟାଳୟ ପ୍ରାଙ୍ଗଣରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ଉପସ୍ଥିତ ଥିଲେ ନାଲ୍‌କୋର ଡାକ୍ତର ମନୋଜ କୁମାର ନାୟକ । ଏହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ ଯୁବ ରେଡ୍‌କ୍ରସ୍ କାଉନସିଲର ଶିବାଶିଷ ପଟନାୟକ । କାର୍ଯ୍ୟକ୍ରମର ଶୁଭାରମ୍ଭ ଅଧ୍ୟକ୍ଷ ଝାନ୍ସୀ ସିଂହଙ୍କ ଦ୍ୱାରା ହୋଇଥିଲା ।




ଶେଖ ଇବ୍ରାହିମ ଜଳ ବାୟୁ ପରିବର୍ତନ ଉପରେ ଆଲୋକପାତ କରିଥିଲେ । ପ୍ରାଥମିକ ଚିକିତ୍ସା କେବଳ ଏକ କୌଶଳ ନୁହେଁ, ଏହା ଏକ ମାନବୀୟ ଦାୟିତ୍ୱ । ଆମର ଲକ୍ଷ୍ୟ ହେଉଛି ମହାବିଦ୍ୟାଳୟର ପ୍ରତ୍ୟେକ ଛାତ୍ରଛାତ୍ରୀଙ୍କୁ ଏହି ମୌଳିକ ଶିକ୍ଷାରେ ଶିକ୍ଷିତ କରାଇବା, ଯାହା ଦ୍ୱାରା ସେମାନେ କୌଣସି ଆପଦମୁହୂର୍ତ୍ତରେ ଆତ୍ମବିଶ୍ୱାସର ସହିତ ଆଗେଇ ଆସି ପାରିବେ । ଏହି କାର୍ଯ୍ୟକ୍ରମରେ ଦେବରାଜ ନାୟକ, ନିରଞ୍ଜନ, ରନାଳୀ ନାୟକ, ରତ୍ନମଣି କହ୍ନର, ଡିଗେସ୍ୱରୀ ଶିଖା, ଶ୍ରୀପତି ଗିରି, ଆଲୋକ ମହାନ୍ତି, ପୂର୍ଣ୍ଣିମା ଗିରି ଓ ସୁମିତ୍ରା ଗିରି ପ୍ରମୁଖ ଯୋଗ ଦେଇଥିଲେ ।

**ସୁନାବେଡା:** ସୁନାବେଡା ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ ପାଳିତ ହୋଇଯାଇଛି । ବିଦ୍ୟାଳୟର ଅଧ୍ୟକ୍ଷା ଇନ୍ଦିରା ପ୍ରିୟଦର୍ଶିନୀ ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଉକ୍ତ କାର୍ଯ୍ୟକ୍ରମରେ ୱାଇଆରସି କାଉନସେଲର ଅଙ୍କୁରିତା ନାୟକ ସ୍ୱାଗତ ଭାଷଣ ଦେବା ସହ କାର୍ଯ୍ୟକ୍ରମ



ପରିଚାଳନା କରିଥିଲେ । ମୁଖ୍ୟ ଅତିଥି ଭାବେ ଗୃହ ବିଭାଗର ମୁଖ୍ୟ ତଥା ସାଧନ କର୍ମୀ ସିଲା ପଟ୍ଟନାୟକ ଯୋଗଦେଇ ଛାତ୍ରୀ ମାନଙ୍କୁ ବିଭିନ୍ନ ପ୍ରାଥମିକ ଚିକିତ୍ସାର ବିଭିନ୍ନ ପଦ୍ଧତି ସମ୍ପର୍କରେ ଆଲୋକପାତ କରିଥିଲେ । କାର୍ଯ୍ୟକ୍ରମ ଶେଷେ ରେଞ୍ଜର ଲିଡର ନିର୍ଝରଣୀ ବିଶ୍ୱାଳ ଅତିଥି ମାନଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ । ଅଧ୍ୟାପିକା ଖାଲେଦା ସୁଲତାନା ସହଯୋଗ କରିଥିଲେ ।



## ନୀଳମଣି



ମହାଶ୍ୱେତା ସାହୁ

ଏଇ ଆକାଶ ବି ତୁମର ନୁହେଁ ! ଯେଉଁଠି ଜହ୍ନ, ତାରା, ଆକାଶରେ ଆସନ୍ତି ଓ ଯାଆନ୍ତି। ସୂର୍ଯ୍ୟ ମଧ୍ୟ ନୁହେଁ, ତୁମ ନୁହେଁ! କାରଣ ମୁଁ ସମୟର ଦାସ ନୁହେଁ, ମୁଁ ସମୟକୁ ଦାସ କରେ। ମୁଁ... ରାବଣ!! ମୋର ଦଶଟା ମୁଣ୍ଡ...ହା...ହା...ହା... ମୁଁ ରାବଣ!!

- "ମୋ ପାଇଁ କିନ୍ତୁ ତୁମେ ନୀଳମଣି!! ଅଜବ ମଣିଷ ତୁମେ। ଅସମାହିତ ପ୍ରଶ୍ନ ପରି ତୁମେ। ଅଡୁଆ ସୂତାଖିଅ ପରି ତୁମେ ଯେତେ ତୁମକୁ ଖୋଲିବ ସେତେ ଗୁଡ଼େଇ ହୋଇ ଯାଉଥିବ। ତୁମକୁ ବୁଝିବା ଭାରି କଷ୍ଟ" କହିଥିଲା ମାନିନୀ ବିମୂଢ଼ ହୋଇ।

କଥାକଥାକେ ତମକୁ କଷ୍ଟ ହୋଇଯାଏ। ଅଭିମାନର ଅସରନ୍ତି ଗନ୍ତାଘର ଯେପରି ତୁମେ। ପ୍ରତି କଥାରେ ଅଭିମାନ। ପ୍ରତିକଥାରେ ଅହଂକାର।

- "ଅହଂକାରୀ କେବଳ ଅହଂକାରୀ ହୁଏ। ପ୍ରେମ କରିପାରେନା। ପ୍ରେମିକ ତୁମେ ହୋଇ ପାରିବନି। ତୁମ ପାଖରେ କେହି ରହିପାରିବେନି। ପ୍ରକୃତ କଥା ତୁମ ପାଖରେ କେହି ରହିବେ ନାହିଁ।" କହିଲା ଅଭିମାନ କରି ମାନିନୀ।

- "କିନ୍ତୁ, ଏଇ ଅହଂକାରୀ ପ୍ରେମହୀନ ମଣିଷକୁ ତ' ତୁମେ ପ୍ରେମ କର !" କହିଥିଲା ଆକାଶ ଦାସ। ତା'ର ଦୁଇ ହାତକୁ ମେଲେଇ କହିଥିଲା- "ଜାଣିରଖ, ତଥାପି ଏଇ ଲୋକଟାର ଏଇ ଅହଂକାର ହିଁ ତା'ର ଗହଣା। ଅହଂକାର ବିନା ତା'ର ଅସ୍ତିତ୍ୱ ନାହିଁ। ଏଇ ଅହଂକାର ପାଇଁ ହିଁ ସେ ସଭିଙ୍କ ପ୍ରିୟ। କାରଣ ଯେବେ ଅଭାବଗ୍ରାସେ, ସେବେ ଏଇ ଅହଂକାରୀ କେବଳ ଏହି ଅହଂକାର ସହ; ଅଭାବ ସହ ଯୁଦ୍ଧ କରେ। ଆଉ ବିଜୟ ମଧ୍ୟ ପାଏ।"

ନିଜ କଥା କହି କହି ଥକି ପଡ଼େନା ଆକାଶ ଦାସ। ନିଜ ମୁହଁରେ ନିଜର ପାପପୁଣ୍ୟକୁ ବଖାଣେ। ବିନ୍ଦାସ ଭାବରେ ଜୀଇଁବାକୁ ସାଥୀ ଖୋଜେ।

କାହାର ଇଚ୍ଛାକୁ ଜାଣିବାର ପ୍ରୟାସ କରେନା, ପ୍ରଶ୍ନ ବିନା ସାଥୀ ବାଛେ। ଭାବେ କେବଳ ସମ୍ପର୍କ ପାଇଁ ନାରୀ ଓ ପୁରୁଷ ଲୋଡ଼ା। ବାକିସବୁ ଅଯୋଗ୍ୟ ବ୍ୟାପାର। ନିଜକୁ ସେ ଶ୍ରେଷ୍ଠ ଭାବେ। ଶ୍ରେଷ୍ଠ ମଧ୍ୟ କହେ। ତେଣୁ ସେ ଶ୍ରେଷ୍ଠା ଖୋଜେ।

କହେ ମୋଠୁ ଶ୍ରେଷ୍ଠ ପ୍ରେମିକ ଏ ଦୁନିଆରେ ପାଇବ ନାହିଁ। ଯେ ନିର୍ଭେଜାଲ ଭଲ ପାଇପାରେ। ସବୁ ଅତୀତର ଇତିହାସକୁ ପଛକରି ତୁମକୁ ସତୀ ପରି ପୂଜା କରିପାରେ। ଯେ ପ୍ରେମକୁ ଶ୍ରେଷ୍ଠ ତପସ୍ୟା ଭାବେ। ଯେ ପ୍ରେମିକାକୁ ପୂଜା କରିପାରେ। ଦେହରେ ନୁହେଁ ଆତ୍ମାରୁ ଖୋଜେ। ତା ସହ ଖେଳିବ, ବୁଲିବ, ହସିବ, ଡେଇଁବ, ଖାଇବ.... । କିନ୍ତୁ ତାକୁ ନଷ୍ଟ କରିବ ନାହିଁ। ପ୍ରେମିକା ତା'ର ଦେବୀଟିଏ!

- ମୁଁ ବୁଝୁଛି ମୁଁ ପ୍ରେମ କରିବା ଶିଖି ନାହିଁ। ପ୍ରେମିକ ପାଖରେ ଯେଉଁ ଶବ୍ଦରେ ଯାଦୁଥିବା କଥା, ସେ ଯାଦୁ କରିପାରୁନି। ସତ କହିଦିଏ...ମତେ କ'ଣ ହୁଏ କେଜାଣି ମୁଁ ସତ କହିଦିଏ!! ସେପାଇଁ ମୋର ପ୍ରେମିକା କିଏ ରହେନି ବେଶୀଦିନ!! କଣ୍ଠରେ ହତାଶ ଥିଲା, ଦୁଃଖ ଥିଲା।

- ଏତେ ବି ସତ କୁହନା, ଯେକେହି ସତକୁ ସହ୍ୟ କରିପାରିବେ ନାହିଁ। - ବିବସ ହୋଇ କହିଥିଲା ମାନିନୀ।

ହଁ ଜାଣୁଛି ମୁଁ ଅସଭ୍ୟ, ମୋ ଶବ୍ଦରେ ବାଡ଼ବତା ନାହିଁ, କିନ୍ତୁ ମୁଁ ଏତେ ଖରାପ ମଧ୍ୟ ନୁହେଁ। ମୁଁ ପ୍ରେମ ଖୋଜୁଛି। ପ୍ରେମିକା ଖୋଜୁଛି, ଯେ ରହିବ ମୋ ସହ ଜୀବନର ଶେଷଯାଏ। ମୁଁ ବଦଳି ଯିବାକୁ ଚେଷ୍ଟା କରିବି। ତୁମେ ଜାଣି ରଖ।

କିନ୍ତୁ ସ୍ଥିର କିଛି ମଧ୍ୟ ନୁହେଁ। ଏ ଜୀବନ କିମ୍ବା ସମ୍ପର୍କ ମଧ୍ୟ ଚିରସ୍ଥାୟୀ ନୁହେଁ। ଖୁବ୍ ଅନ୍ତରଙ୍ଗ ଆପଣାର ବୋଧ ହଉଥିବା ସବୁଠାରୁ ପ୍ରିୟ ମଣିଷଟା ଦିନେ ସେତେ ପ୍ରିୟ ରହେ ନାହିଁ। ସମୟ ସହ ବଦଳିଯାଏ ସବୁ। ଏଇ ବଦଳିବା କିଛି ଭୁଲ୍ ନୁହେଁ – ଏହା ହିଁ ସତ୍ୟ!! ଏହାକୁ ଗ୍ରହଣ କରିବା ଉଚିତ।

- ହା...ହା...ହା... ଯାହା ବଦଳିଯାଏ ତା' କି ପ୍ରେମ। ଯାହା ଛାତିରେ ନ ରହେ ସେ କି ପ୍ରେମ, ଯାହା ତୁମକୁ ଚିରକାଳ ଆବଦ୍ଧ କରେ ବଦଳିଯିବାର ରାସ୍ତା ଦେଖାଏ ସେ କି ସମ୍ପର୍କ... ?? ଉଚ୍ଚ ହାସ୍ୟ କରି କହିଲା ଆକାଶ।

ମାନଚିତ୍ରର ଅନେକ କଥା ବଦଳିଯିବ, ମାତ୍ର ପ୍ରତ୍ୟେକ ଦିନ ନୂଆ ହୋଇ ସମ୍ପର୍କରେ ନୂତନତା ଆଣୁଥିବ।

ଜାଣୁ ଆକସ୍ମିକ ଦୁଃଘଟଣା ବା ଘଟଣାରୁ ତିଆରି ହୁଏ ସମ୍ପର୍କ। ଯେବେ ଅଡୁଆସୂତା ଖିଅ ହୋଇଯାଏ, ସେତେ ନିବିଡ଼ ହୋଇଯାଏ। ଆଉ ସେଥିରୁ ମୁକୁଳି ନ ପାରିବା ହିଁ ସମ୍ପର୍କର ମାଧୁର୍ଯ୍ୟ ଥାଏ!!

ଜୀବନ ଜୀଇଁ ପାରିଲେ ଖୁବ୍ ସୁନ୍ଦର। ନ ପାରିଲେ ଜୀବନ ଗୋଟେ ବୋଝ। ଦ୍ୱାପର ହେଉ କି ତ୍ରେତୟା ଅବା କଳି ସବୁକାଳେ ରାବଣର ମୃତ୍ୟୁ ସୁନିଶ୍ଚିତ!!- ଏତେ ସବୁ କଥା କହୁଥିବା ଲୋକ ଆଖିରେ ଲୁହ ଥିଲା। ସେ ଲୁହ କିନ୍ତୁ ଏକାନ୍ତ ନିଜସ୍ୱ, ଏକାନ୍ତ ଅନ୍ତରଙ୍ଗ।

ଦୁଃଖୀ ହୋଇ କହୁଥିଲା ଆକାଶ ଦାସ। ଲୁହ ଛଳ ଛଳ ଆଖିରେ କହିଲା – "ଜାଣ ତୁମେ ଏମିତି ପ୍ରେମାସ୍ପଦ, ତୁମକୁ ବୁଝାଇ ପାରୁନି କି ବୁଝି ମଧ୍ୟ ପାରୁନି। ଏମିତି ଜାଗାରେ ଅଛ ଯେଉଁଠି ମୁଁ ତୁମକୁ ପାର କରିପାରୁନି କି ପାଇ ମଧ୍ୟ ପାରୁନି। ତୁମକୁ ଅତିକ୍ରମ କରିଯିବାର କ୍ଷମତା ଯେମିତି ମୋ ପାଖରେ ନାହିଁ।"

ତୁମେ ଏମିତି ତର୍ପଣ ଯାହା ବିନା ପୂଜା ଅର୍ଘ୍ୟ। ତୁମେ ଏମିତି ଯେଉଁଠି ପ୍ରେମ ଓ ଘୃଣା ଏକାକାର। ଧର୍ମ ଓ ପ୍ରେମ ମଧ୍ୟରେ ଫରକ କିଛି ନାହିଁ। ଧର୍ମ ଓ ପ୍ରେମରେ ଶୁଦ୍ଧ ଭାବନା ଲୋଡ଼ା, ସୁଦ୍ଧ ମନୀଷା ଲୋଡ଼ା ଯାହା ତୋ ପାଖରେ ନାହିଁ। ତୁମେ ଗୋଟେ ପଥର।

ମାନିନୀ ନିରବ ହୋଇ ଯାଇଥିଲା – "ଅହଂକାରୀ ତୁମେ, କଦାପି ବଦଳିବ ନାହିଁ" ବୋଲି ବାହୁଡ଼ି ଗଲା।

ତୋ ପାଖରେ ମୁଣ୍ଡବାଡ଼େଇ ରକ୍ତାକ୍ତ ହେବା ଛଡ଼ା ଭିନ୍ନ କିଛି ପ୍ରାପ୍ତି ନାହିଁ। ସତକୁ ମୁଁ ରକ୍ତାକ୍ତ, କ୍ଷତାକ୍ତ, ଯନ୍ତ୍ରଣାରେ ଛଟପଟ ହଉଥିବା ରାବଣ ଯେ ଜାଣେ ସୀତାକୁ କଦାପି ପାଇବ ନାହିଁ। ସୀତା ହିଁ ତା'ର ମୃତ୍ୟୁର କାରଣ ସବୁ ସତ୍ତ୍ୱେ ସେ ସୀତାକୁ ପ୍ରେମ କରିବା ଛାଡ଼ିଲା ନାହିଁ!!

ଗୋଟେ ନିଷ୍ଫଳ ପ୍ରାର୍ଥନା ସହ ଆକାଶ ଦାସ ବସିଥିଲା ମନ୍ଦିର ବେଢ଼ାରେ। ଯେଉଁଠି ଚମ୍ପାଫୁଲର ମହକ, କୋଇଲିର କୁହୁତାନ ସତ୍ତ୍ୱେ ଗୋଟେ ନିର୍ଜନକୁଞ୍ଜର ହାହାକାର ଶୁଭୁଥିଲା ପବନରେ। ପବନର ବାସ୍ନାରେ ମଧ୍ୟ ଗୋଟେ ଅସହାୟ ଆବେଗ ବନେଇ ଦେଇଥିଲା ସ୍ରୋତର ଢେଉ ପରି ଆକାଶ ଦାସର ଛାତିରେ।


ପ୍ରିୟତମା ମାନିନୀ ଯେବେ ପ୍ରତିଶ୍ରୁତି ପରିହାର କରି ଅନ୍ୟ କାହାର ଜୀବନସାଥୀ ପାଲଟି ସାରିଥିଲା। ତଥାପି ଆକାଶ ଦାସ ଗୋଲାପି କାଗଜର ଡଙ୍ଗା କରି ତା' ଦେହରେ ନୀଳ ରଙ୍ଗର ସାହିରେ ମାନି... ଲେଖି ପାଣିରେ ଭସାଇ ଦେଉଥିଲା....!!

ଅଧ୍ୟାପିକା ଓଡ଼ିଆ ବିଭାଗ
ସୁଶୀଳାବତୀ ସରକାରୀ ମହିଳା ମହାବିଦ୍ୟାଳୟ
ସେକ୍ଟର -୦୨, ରାଉରକେଲା-୨
ସୁନ୍ଦରଗଡ଼-୭୬୯୦୦୬

## ପୁସ୍ତକ ପରିଚୟ

### ବହ୍ନିକା

ଶୁଭଶ୍ରୀ ଶୁଭସ୍ମିତା ମିଶ୍ର





ଶାନ୍ତିସେନା ପବ୍ଲିକେଶନ୍ସ
ଜଗତସିଂହପୁର
ପ୍ରଥମ ପ୍ରକାଶନ: ୨୦୨୫
ମୂଲ୍ୟ: ୧୫୦ ଟଙ୍କା

"ଦେବୀ ତୁ ଦର୍ପଣରେ ମୋତେ ଦିଶୁଥାଉ ମୋର ଛାଇ ପରି/ ମୁଁ ତୋତେ ବାରମ୍ବାର ଆଉ ବାରମ୍ବାର ଗୋଟାଏ/ କେବେ ମୋ ଜେଜେମା'ର କବର ତଳୁ ତ/ କେବେ ମୋ ବୋଉର ରକ୍ତଝରା ଜରାୟୁରୁ,/ ତୁ ପାହି ଆସୁଥାଉ ଦେବୀ/ ସୂର୍ଯ୍ୟାସ୍ତର ଲୋହିତ ଲାଲିମାରେ/ ତୋର ମୁହଁ ଦିଶେ ଧରିତ୍ରୀ ପରି,/ ତୋ ମୁହଁ ଦିଶେ ଧର୍ଷିତା ନାରୀ ପରି!" ( ଦେବୀସୂକ୍ତ) ଏଭଳି ଦେବୀ ଓ ନାରୀର ନାନା ରୂପ ପ୍ରତିଫଳିତ ହୋଇଛି ଶୁଭଶ୍ରୀ ଶୁଭସ୍ମିତା ମିଶ୍ରଙ୍କ 'ବହ୍ନିକା' କବିତା ପୁସ୍ତକରେ। କେବେ ନାରୀର କୋମଳ ରୂପକୁ ପୁଣି କେବେ ନାରୀର ମହିଷାମର୍ଦ୍ଦିନୀ ରୂପକୁ ଆଙ୍କିବାରେ କବି ବେଶ୍ ସିଦ୍ଧହସ୍ତ। 'ଦେବୀମୁହଁ', 'ଅଗ୍ନି ଓ ଅସ୍ତ୍ର', 'ଦେବୀ ଓ ରକ୍ତବୀର୍ଯ୍ୟ', 'ଦେବୀ ଓ ପ୍ରେମିକ', 'ରୂପଜୀବୀ', 'ଈଶ୍ୱରବୋଧ', 'ଅଭାଗ୍ୟଲିପି', 'ନିଆଁରଙ୍ଗ', 'ଯୁଦ୍ଧୋତ୍ତର ଜଣେ ସ୍ତ୍ରୀଲୋକର ଡାକ', 'ଈଶ୍ୱରଙ୍କ ମୃତ୍ୟୁରେ', 'ଆସନ୍ତା ଦୁର୍ଗାପୂଜା', 'ଜାତିଭେଦ', 'ଲିଲିଥ୍' ଆଦି କବିତାଗୁଡ଼ିକ ହୃଦୟସ୍ପର୍ଶୀ ହୋଇଛି। ନାରୀ ଆଖିର ଲୁହ, ହୃଦୟର ବେଦନା ଏହି ପୁସ୍ତକର ଅନେକ କବିତାରେ ପ୍ରସ୍ଫୁଟିତ ହୋଇଉଠିଛି ଜୀବନ୍ତ ଭାବେ। ସାମାଜିକ ଅବ୍ୟବସ୍ଥା, ସାମାଜିକ ମୂଲ୍ୟବୋଧର ଅବକ୍ଷୟ, ରୁଢ଼ିବାଦୀ ଚିନ୍ତାଧାରା, ନାରୀ ପ୍ରତି ଅଶାଳୀନ ଆଚରଣ ପ୍ରଦର୍ଶନ ବିରୁଦ୍ଧରେ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି ଅନେକ କବିତାରେ। 'ବହ୍ନିକା'ର କବିତାଗୁଡ଼ିକ ପାଠକମାନଙ୍କ ହୃଦୟକୁ ଛୁଇଁ ପାରିବ ବୋଲି ଆଶା କରାଯାଏ।

### ହରମାନ୍ ହେସ୍‌ଙ୍କ ସିଦ୍ଧାର୍ଥ

ଅନୁସୃଜନ: ପ୍ରଦୀପ୍ତ ଶ୍ରୀଚନ୍ଦନ




ଏଥେନା ବୁକ୍ସ
ଭୁବନେଶ୍ୱର
ତୃତୀୟ ସଂସ୍କରଣ: ୨୦୨୪
ମୂଲ୍ୟ: ୨୫୦ ଟଙ୍କା

ସମଗ୍ର ବିଶ୍ୱ ସାହିତ୍ୟରେ ଏକ କାଳଜୟୀ ଉପନ୍ୟାସ ହେଉଛି ହରମାନ୍ ହେସ୍‌ଙ୍କ 'ସିଦ୍ଧାର୍ଥ'। ଏହି ଲୋକପ୍ରିୟ ଉପନ୍ୟାସକୁ ଓଡ଼ିଆ ଭାଷାରେ ଅନୁସୃଜନ କରିଛନ୍ତି ପ୍ରଦୀପ୍ତ ଶ୍ରୀଚନ୍ଦନ। ବୌଦ୍ଧ ଯୁଗର ସମୟ ଓ ସମାଜ ଭିତ୍ତିଭୂମି ଉପରେ ଏହି ଉପନ୍ୟାସଟି ଆଧାରିତ। ଉପନ୍ୟାସର ମୁଖ୍ୟ ଚରିତ୍ର 'ସିଦ୍ଧାର୍ଥ'ଙ୍କ ଆତ୍ମଲିପିର ଏକ ସୃଜନାତ୍ମକ ପରିପ୍ରକାଶ ଏହି ଉପନ୍ୟାସ। ବୌଦ୍ଧ ଧର୍ମ ଓ ଦର୍ଶନର ପ୍ରତିଫଳନ 'ସିଦ୍ଧାର୍ଥ' ଉପନ୍ୟାସରେ ପାଠକମାନେ ଅନୁଭବ କରିପାରିବେ। ତତ୍କାଳୀନ ଜୀବନଧାରା, ସାମାଜିକ ପୃଷ୍ଠଭୂମି, ଆଧ୍ୟାତ୍ମିକ ଅବବୋଧ, ସତ୍ୟ ଓ ଶାନ୍ତିର ସନ୍ଧାନ, ଶାଶ୍ୱତ ମାନବୀୟ ପ୍ରେମର ବର୍ଣ୍ଣନା 'ସିଦ୍ଧାର୍ଥ' ଉପନ୍ୟାସକୁ ଅଧିକ ଲୋକପ୍ରିୟ କରିଛି। ନିର୍ବାଣ ନୁହେଁ ଜୀବନ ହିଁ ଲୋଡ଼ା- ଏହି ଦର୍ଶନ ପ୍ରତିଫଳିତ ହୋଇଛି ଉପନ୍ୟାସରେ । ସିଦ୍ଧାର୍ଥଙ୍କ ଜୀବନ, ଜିଜ୍ଞାସା, ଦର୍ଶନକୁ କେନ୍ଦ୍ର କରି ଉପନ୍ୟାସର କାହାଣୀ ଗତିଶୀଳ। ଉପନ୍ୟାସଟିକୁ ସୁଖପାଠ୍ୟ କରିବା ପାଇଁ 'ବ୍ରାହ୍ମଣ ପୁତ୍ର, 'ଶ୍ରମଣମାନଙ୍କ ସହିତ', 'ଗୌତମ', 'ଜାଗୃତି', 'କମଳା', 'ଜନସମାଜରେ', 'ସଂସାର', 'ନଦୀ ତଟରେ', 'ନୌବାହକ', 'ପୁତ୍ର' ଆଦି କେତୋଟି ଭାଗରେ ବିଭକ୍ତ କରାଯାଇଛି। ସିଦ୍ଧାର୍ଥଙ୍କ ଜନ୍ମ, ଜୀବନ ଓ ପୁନର୍ଜନ୍ମକୁ କେନ୍ଦ୍ର କରି ଏକ ମହିମ୍ନ ଉପଲବ୍ଧି ଓ ସୃଜନଶୀଳତାର କଳାତ୍ମକ ପରିପ୍ରକାଶ ହେଉଛି 'ସିଦ୍ଧାର୍ଥ' ଉପନ୍ୟାସ। 'ସିଦ୍ଧାର୍ଥ' ଉପନ୍ୟାସଟି ପାଠକଙ୍କ ହୃଦୟସ୍ପର୍ଶୀ ହେବ ବୋଲି ଆଶା କରାଯାଏ।

## ସୁଇସାଇଡ୍ ନୋଟ୍



ବିରଜା ବଳ

ନା, ମୁଁ ଚୋରି କରିନି ମା' ।
ପେଟରେ ଭୋକର କଳାବାଦଲ
ଖେଳି ବୁଲୁଥିବା ବେଳେ
ଦୋକାନରୁ ପବନରେ ଉଡ଼ି ଆସିଥିବା
ପାଞ୍ଚଟଙ୍କିଆ ତିନି ପ୍ୟାକେଟ୍ ଚିପ୍ସ
ଗୋଟେଇ ଆଣିଥିଲି ମା'।
ଏତିକି ମୋ'ର ଅପରାଧ ।

ମୁଁ ଚୋର, ମତେ କାନଧରି ଉଠ୍ ବସ୍ କରାଯାଏ ଓ
ଆଣ୍ଠେଇ ଦିଆଯାଏ ମଝି ରାସ୍ତାରେ
ତାଚ୍ଛଲ୍ୟଭରା ହସରେ
ମୋ' ଗାଲରେ ବସୁଥାଏ
ଗୋଟିଏ ପରେ ଗୋଟିଏ ଚାପୁଡ଼ା
ଦିନ ମଝିର ଖରାର ତେଜରେ ମୋ' ବିକଳ ଅଭିମାନ
ମରିଯାଉଥାଏ ମା'।

ତୁମେ ଶିଖେଇଥିବା, ପ୍ରେମ, ଭଲପାଇବା ଓ
ମୋ'ର କୁନି କୁନି କଳ୍ପନା ନିରୀହ ଦୀର୍ଘଶ୍ୱାସରୁ ବାହାରି
କୁଆଡ଼େ ମିଳେଇ ଯାଉଥାଏ ମା'

ତୁମେ ଶିଖେଇଥିବା
ମଣିଷ ଓ ଭୂମିର କେତେ ଯେ କଥା
ମଣିଷ ଓ ଆକାଶର କେତେ ଯେ କଥା
ତୁମର ଗେହ୍ଲାପଣ ଓ ମୋ'ର ଚପଳପଣର
କେତେ ଯେ କଥା !!!
ମୋ'ର ଚୋରପଣକୁ ତମେ କ'ଣ ବିଶ୍ୱାସ କରିବ ମା'?

ତମଠୁ ଶିଖିଚି ଭୋକରେ ରହିବାର କଳା
ମୋ' ପାଟିରେ ଦୁଇଗୁଣ୍ଡା ଭାତ ଗୁଞ୍ଜିଦେଇ
ତମେ କେମିତି ଶୋଇପଡ଼ ଗଭୀର ନିଦ୍ରାରେ
ତୁମ ପେଟ ଉପରେ ମଥାରଖି
ଭୋକକୁ ମୁଁ ଶୁଣିପାରେ ତୁମ ପେଟର କଳକଳରେ ।

ମୁଁ ବୁଝିଯାଇଛି ଭୋକର ସ୍ୱାଦ ପରି
ଚୋରି ଜିନିଷର ସ୍ୱାଦ ନଥାଏ ମା'।


କାହିଁକି କେଜାଣି ଏ ସୁନ୍ଦର ପୃଥିବୀ ମୋ'ର
କ୍ଷଣକେ ନରକ ବୋଲି ପ୍ରତେ ହେଲା
ମଣିଷର ମାନବିକତା ମୋ' ପାଠ ବହିର
ଡାଇନୋସର ପରି ବିଲୁପ୍ତ ହୋଇଯାଉଥିଲା
ଜୀବନର ଆହତ ଫର୍ଦ୍ଦସବୁ ଫଡ଼ଫଡ଼ ହୋଇ
ଚିରିଗଲା ବେଳେ
ଜନ୍ମନେଲା ଏକ ସିଦ୍ଧାନ୍ତ
ମୋ' ଆଗରେ ପୁଣ୍ୟତୋୟା ଗଙ୍ଗାର
ଢେଉଢେଉକା ନୀଳ ଜଳରାଶି, ଉତ୍ତାଳ ତରଙ୍ଗ
ଛିଡ଼ିଗଲା ମୋ'ର ସବୁ ଆଶା,
ଆକାଂକ୍ଷାର ରଙ୍ଗିନ ଜାଲ ମା' ।

ନା, ମୁଁ ଚୋରି କରିନି ମା'
ନା, ମୁଁ ଚୋରି କରିନି ମା'

ଏ ପତ୍ର ପଢ଼ିସାରିଲା ପରେ
ତୁମ କୋଳ ଉପରେ ମତେ ଅନୁଭବ କରିବ ମା'
ଗୋଟେ ମଲା କୁନି ପୃଥିବୀକୁ
ଥରୁଟିଏ ଆଲିଙ୍ଗନ କରିବ ମା'
ମୋ' ନିରପରାଧ ଛାଇଟିକୁ କ୍ଷମା କରିଦବ ମା' ।

(କବିତାର ବସ୍ତୁ ଆହରଣ : ପ୍ରିୟ ଅନୁସୃଜକ ପ୍ରଦୀପ କୁମାର ରାୟଙ୍କ ଫେସ୍‌ବୁକ ଆଲେଖରୁ । ପଶ୍ଚିମବଙ୍ଗର ପାଁଶକୁଡ଼ାର ତେର ବର୍ଷର ବାଳକ କୃଷ୍ଣେନ୍ଦୁର କରୁଣ ଆତ୍ମହତ୍ୟାର କାହାଣୀ)

ଚିତ୍ରକଳ୍ପ
ବାଲିଗଣ୍ଡ, କୁଆଁରପୁର
ରାମବାଗ, ଯାଜପୁର -୧୪
ମୋ : ୭୭ ୯୦୦୦୩୪୪୨



## ବାପା



ଅୟସ୍‌କାନ୍ତ

କି ହେବ ବାପା ହେ
ତମ ବନ୍ଦ ବାକ୍ସ ଭିତରର
ଆଣ୍ଠୁ ନ ନୁଚା ଖଦୀ
ଗୋଲ ଚଷମା
ଅଣ୍ଟା ବନ୍ଧା ଘଡ଼ି
ତମ ନୂଆନୂଆ ସତ୍ୟାଗ୍ରହରେ
ଆଗ୍ରହ ଥିଲେବି,
ଆଉ ଚାଲିପାରେ ନାହିଁ
ଏବେତ
ମୁଁ ଚାଲେନା
ତମେ ଚାଲନା
ତବେ ଚାଲେ
କା' ଛାଇ
କା' ଛାଇ
କା' ଛାଇ!
ତୁଚ୍ଛାଟାରେ ସିନା ସାବରମତୀରେ
ବଂଶୀ ବାହୁନଇ
ମୁଁ ଚାଲେନା
ତମେ ଚାଲନା
ଚାଲେ ଛାଇ
ଚାଲେ ଛାଇ
ଚାଲେ ଛାଇ!

ଗ୍ରାମ୍ୟ ନିର୍ମାଣ ଉପବିଭାଜନ
ପଟ୍ଟାମୁଣ୍ଡାଇ, କେନ୍ଦ୍ରାପଡ଼ା
ମୋ: ୮୭୬୩୩୯୩୧୧୬

## କବିତାରେ ଉତ୍ତର ଆଧୁନିକତା



ଡକ୍ଟର ଚନ୍ଦ୍ରକଳା ନାୟକ

ଅନେକ ସାହିତ୍ୟିକଙ୍କ ମତ ଉତ୍ତର ଆଧୁନିକ କବିତା କିଛି ବି ନାହିଁ। ଏହା କେବଳ ଏକ ଶାବ୍ଦିକ ଚାତୁରୀ। ଉତ୍ତର ଆଧୁନିକ ତତ୍ତ୍ୱ ପାଶ୍ଚାତ୍ୟ ସାହିତ୍ୟର ଏକ ଆଧାରିତ ଶବ୍ଦ। ବିଶେଷ ଭାବେ କବିତା ରଚନା କ୍ଷେତ୍ରରେ ଉତ୍ତର ଆଧୁନିକ ତତ୍ତ୍ୱଟି ଆଦୌ ଗ୍ରହଣୀୟ ନୁହେଁ। ଆଧୁନିକ ତ ବୁଝାପଡ଼େ। କିନ୍ତୁ ଉତ୍ତର ଆଧୁନିକ କ'ଣ ? ବୋଧହୁଏ ଏହା ଏକ ସମୟର କବିତା। ୧୯୮୦ ପରବର୍ତ୍ତୀ କବିତାର ଧାରା ଉତ୍ତର ଆଧୁନିକତା ବୋଲି ଗ୍ରହଣ କରାଯାଇଛି। ଏଭଳି ଦ୍ୱନ୍ଦ୍ୱ ତ ସଦାସର୍ବଦା ଲାଗିଛି। ଏହାର ନିଷ୍କର୍ଷ ମଧ୍ୟ କଠିନ।

ବାସ୍ତବ ସତ୍ୟ ଏହା ଯେ, ଏହା ପାଶ୍ଚାତ୍ୟ ସାହିତ୍ୟର ଏକ ତତ୍ତ୍ୱ। ଏମିତି ଦେଖିଲେ ଅନେକ ତତ୍ତ୍ୱ ଅଛି, ଯଥା – ବାମବାଦ, ରହସ୍ୟବାଦ, ମାର୍କ୍ସବାଦ, ପ୍ରୟୋଗବାଦ, ଅସ୍ତିତ୍ୱବାଦ, ଅତି ବାସ୍ତବବାଦ। ଏସବୁ ପାଶ୍ଚାତ୍ୟ ସାହିତ୍ୟରୁ ଆଧାରିତ। ଏସବୁକୁ ଆମେ ଆମ ସାହିତ୍ୟରେ ପରୀକ୍ଷାଧର୍ମୀ ଭାବରେ ଗ୍ରହଣ କରିଛେ। ଯଥାସାଧ୍ୟ ପ୍ରୟୋଗ ବି କରିଛେ। ତେବେ ଏଥିରେ ଦ୍ୱନ୍ଦ୍ୱ ରହିବା ଅନାବଶ୍ୟକ। ଆଧୁନିକ ଶବ୍ଦକୁ ନେଇ ମଧ୍ୟ ଅନେକ ଦ୍ୱନ୍ଦ୍ୱ। ଆଧୁନିକ କବିତାଗୁଡ଼ିକ ମଧ୍ୟ ଅନେକ ସମାଲୋଚନାର ଶରବ୍ୟ ହୋଇଛି। ଏହାର କାରଣ ହେଉଛି, ଆଧୁନିକ କବିତାର ଦୁର୍ବୋଧ୍ୟତା, କ୍ଲିଷ୍ଟତା, ଅବୋଧତା ଏବଂ ପାଠକୀୟ ଗ୍ରହଣୀୟତାଠାରୁ ଦୂରରେ ରହିବା। କେବଳ ଆଧୁନିକ କବିତା ବୌଦ୍ଧିକତା ମଧ୍ୟରେ ସୀମାବଦ୍ଧ ହେବା। ଏହି ଆଧୁନିକ କବିତା ନିର୍ଦ୍ଦିଷ୍ଟ ଶ୍ରେଣୀର ପାଠକଙ୍କ ପାଇଁ ରଚିତ ହୋଇଥାଏ। ସାଧାରଣ ମଣିଷର ଚେତନ ଶକ୍ତିକୁ ଏହା ଛୁଇଁ ପାରିନାହିଁ। ତଥାପି ସାହିତ୍ୟରେ ଏହାର ପରୀକ୍ଷା ଅନବରତ ଚାଲିଛି। ଗଦ୍ୟମୟତା ଏହାର ମୁଖ୍ୟ ବିଷୟ। ସାଧାରଣ ଭାବେ ତାର ଅନ୍ତସତ୍ତାକୁ ବୁଝିବା କଷ୍ଟସାଧ୍ୟ। ବାସ୍ତବ ସତ୍ୟଟି ହେଉଛି, ଏହା ପାଶ୍ଚାତ୍ୟ ସାହିତ୍ୟର ଆତ୍ମିକ ସତ୍ତାର ଅନୁକରଣ। ଆମର ନିଜସ୍ୱ ପ୍ରାୟତଃ ଏଥିରେ କିଛି ନାହିଁ। ଇଲିୟାଟୀୟ କାବ୍ୟ ଦୃଷ୍ଟିରୁ ଏହା ମୋହାବିଷ୍ଟ ।

ପଦ୍ମଶ୍ରୀ ସଚ୍ଚି ରାଉତରାୟଙ୍କଠାରୁ ଅଦ୍ୟାବଧି ଅନେକ କବିତା ଏହି ଧାରାରେ ରଚନା କରାଯାଇଛି। ହୁଏତ ସବୁ କବିତା ଏହି ଧାରାର ଅନ୍ତର୍ଭୁକ୍ତ ନୁହନ୍ତି । କହିବାକୁ ଗଲେ ଉତ୍ତର ଆଧୁନିକ କବିତା ଦୁର୍ବୋଧ୍ୟତା ବିରୋଧରେ ଏକ ପ୍ରତିବାଦ। ପାଠକ ଓ ଲେଖକଙ୍କ ମଧ୍ୟରେ ଦୂରତା ହ୍ରାସ କରିବାର ଏକ ପ୍ରୟାସ। ପାଠକର ନିକଟତର ହେବାକୁ କବିଟିର ଏହା ପ୍ରଥମ ଅଭିଳାଷ। ଉତ୍ତର ଆଧୁନିକ କବିତା – ସମାଜର ପ୍ରତିନିଧିଟିଏ। ଏହା କୌଣସି ବ୍ୟକ୍ତିର ଜାଗିର ନୁହେଁ, ବରଂ ଏହା ସର୍ବଜନାଦୃତ ଶ୍ରୋତଟିଏ । ଗୋଟିଏ ଅର୍ଥରେ କହିଲେ ପାଠକର ଗ୍ରହଣୀୟତା ହିଁ ଉତ୍ତର ଆଧୁନିକତା। କବିଟିଏ କେବେ ବି ଅହଂକାରୀ ନହେଉ ଏହି ମୂଳତତ୍ତ୍ୱକୁ ଉତ୍ତର ଅଧୁନିକ କବିତା ବଖାଣିଥାଏ।

ରହସ୍ୟମୟତାକୁ ପରିତ୍ୟାଗ କରି ବାସ୍ତବତାରେ ସେ ବିଶ୍ୱାସ କରେ। ମାଟି ପ୍ରତି ଅହେତୁକ ମୋହ ଉତ୍ତର ଆଧୁନିକ କବିତାର ପ୍ରମୁଖ ବିଭବ। ଆଧ୍ୟାତ୍ମିକତା ଅପେକ୍ଷା ଜୀବନ ଜଗତ ଉପରେ ଅଧିକ ଗୁରୁତ୍ୱ ଦିଆ ଯାଇଥାଏ। ଉତ୍ତର ଆଧୁନିକ କବିଟିଏ କେବଳ ଅନ୍ୟର ଇଚ୍ଛା ଅଭୀପ୍ସାକୁ କୋଳାଗ୍ରତ କରିଛି । ଆତ୍ମ ସଚେତନ ହୋଇ ଆତ୍ମ ଆବିଷ୍କାରକ ହେବା କବି ପାଇଁ ଏକ ସଂକେତ ଆଣିଛି। କାରଣ ଉତ୍ତର ଆଧୁନିକ କବିତାରେ କବିତା ନିଜସ୍ୱ ଚେତନାର ଅଭିବ୍ୟକ୍ତି ସାଜିଥାଏ । ସମାଜ ସହିତ ତା'ର ସଂପୃକ୍ତି, ପାରିପାର୍ଶ୍ୱିକ ପରିବେଶ ପ୍ରତି ଆସକ୍ତି, ନିଜ ଭିତରେ ଅନ୍ୟର ଅନ୍ୱେଷଣ, ଅନ୍ୟ ପ୍ରତି ନିଜର ଅନ୍ତରଙ୍ଗତା, ବିଶେଷ ଭାବରେ ହୃଦୟଶୀଳତା ହିଁ ଏହାର ପ୍ରକୃତ ଉତ୍ସ।

ଉତ୍ତର ଆଧୁନିକ କବି କେବେ ବି ପଳାୟନବାଦୀ ନୁହେଁ। ଜୀବନର ବିବିଧ କ୍ଷେତ୍ରକୁ ସାମ୍ନା ବି କରେ, ତା'ର ସମାଧାନର ବାଟ ବି ଫିଟାଏ। ପରମ୍ପରାକୁ ପୁନଃ ଭାବରେ ଗଢ଼ି ତୋଳେ। ଏହି ଧାରାର କବିଟିଏ ନୂତନ ସାଂସ୍କୃତିକ, ଐତିହାସିକ ଓ ନୈତିକ ଭିତ୍ତିଭୂମିକୁ ସୁଦୃଢ଼ କରେ। ବିଶ୍ୱାସ ରଖେ - ବ୍ୟକ୍ତିର ସ୍ୱତନ୍ତ୍ରତାରେ ଏବଂ ସାଧାରଣ ମଣିଷର ଅନ୍ତସତ୍ତାରେ। ଆତ୍ମିକ ଆବେଦନ ହିଁ କବିତାଟିକୁ ପୂର୍ଣ୍ଣ ରୂପ ପ୍ରଦାନ କରିଥାଏ। ଆଧୁନିକ କବିତାର ସମସ୍ତ ସଂଜ୍ଞାକୁ ଉତ୍ତର ଆଧୁନିକ କବିତା ବିଶ୍ୱାସ କରେନାହିଁ। ବ୍ୟକ୍ତି ସତ୍ତା ଜୀବନ ଜିଜ୍ଞାସା ସହ ସମାହିତ ହୋଇ ଏଥିରେ ଅଭିବ୍ୟକ୍ତ ହୁଏ । ଏହାର କାବ୍ୟିକ ସ୍ୱର କରୁଣା ବିଚଳିତ, କୋମଳତାରେ ସ୍ନିଗ୍ଧତା, ହୃଦୟବତ୍ତା, ଅନ୍ତରଙ୍ଗତା କାବ୍ୟିକ ଚେତନାର ଭୂମି ହୋଇ ଥିବାରୁ ପାଠକଙ୍କୁ ଖୁବ୍ ସ୍ପର୍ଶ କରିପାରେ। କବିତାରେ ଈଶ୍ୱର ଅପେକ୍ଷା ମଣିଷ, ଆଧ୍ୟାତ୍ମିକତା ଅପେକ୍ଷା ମାନବିକତା, ପଳାୟନ ଅପେକ୍ଷା ପରିଗ୍ରହଣତା ଅଧିକ ସଂଗଠିତ ହୋଇଛି। ଉତ୍ତର ଆଧୁନିକ କବିତା ନିଃସଙ୍ଗତା, ବୀତସ୍ପୃହତା, ସ୍ୱପ୍ନ ଭଙ୍ଗରେ ଆଦୌ ଭରସା କରେ ନାହିଁ। ଉତ୍ତର ଆଧୁନିକ କବିତା ଅନ୍ଧାର ଭିତରେ ଏକ ଆଲୋକର ଅନ୍ୱେଷଣ କରେ।

ଲଣ୍ଡନ ପୋଲ ଭାଙ୍ଗି ଯିବାର ଏକ ପୁରୋଦୃଷ୍ଟି ସମ୍ପନ୍ନ ପ୍ରତୀକାତ୍ମକ ବିବିଧତା ଉତ୍ତର ଆଧୁନିକ କବିକୁ କେବେ ବି ବ୍ୟତିବ୍ୟସ୍ତ କରିନାହିଁ। ବର୍ଣ୍ଣବୈଷମ୍ୟ, ମଦମୃତ୍ୟୁ, ବିସ୍ଥାପିତଙ୍କ ଅସହାୟତା, କନ୍ଧମାଳର ଦଙ୍ଗା, ଭଣ୍ଡବାବା, ମହିଳାଙ୍କୁ ହତ୍ୟା – ଏହିଭଳି ନିଷ୍ପେଷିତ ଓ ନିପୀଡ଼ିତ ମାନବାତ୍ମର ସ୍ୱରକୁ ଏହା ବାରମ୍ବାର ଅନୁରଣିତ କରିଛି। ଏଗୁଡ଼ିକ ଉତ୍ତର ଆଧୁନିକ କବିତାର କେତେକ ଉପଜୀବ୍ୟ କାବ୍ୟବସ୍ତୁ।

ଉତ୍ତର ଆଧୁନିକ କବିଟିର ସାମ୍ୟବାଦୀ ଦୃଷ୍ଟି ତୀକ୍ଷ୍ଣ, ସ୍ପଷ୍ଟ, ସତ୍ୟନିଷ୍ଠ। ଏହା ହୃଦୟର ଏକ କାରୁଣିକ ଉପଲବ୍ଧ। ଅନ୍ୟର ଦୁଃଖ ଓ ଉତ୍ପୀଡ଼ନକୁ ନିଜ ଭିତରେ ଆତ୍ମସ୍ଥ କରିବାର ସମସ୍ତ ଭାବନା ତା ଭିତରେ ଉପଲବ୍ଧ କରିହୁଏ। ଉତ୍ତର ଆଧୁନିକ କବିତାର ସାମ୍ୟବାଦୀ ଦୃଷ୍ଟି ବିଶେଷ ଭାବେ ସହାନୁଭୂତି ସମ୍ପନ୍ନ, ଆନ୍ତରିକ, ବ୍ୟକ୍ତିପକ୍ଷ ଓ ଅଭିବ୍ୟକ୍ତି ପକ୍ଷ ଭିତରେ ସନ୍ତୁଳନଟିଏ ବେଶ ସ୍ପଷ୍ଟ। ସ୍ୱାଭାବିକ ଭାବେ ବ୍ୟକ୍ତିଗତ ସ୍ୱତନ୍ତ୍ର ଅନୁଭୂତି ଅନୁଭବର ସାଧାରଣୀକରଣ ମଧ୍ୟରେ ସମ୍ଭବ ହୋଇ ପାରିଛି। ଯଥାର୍ଥରେ ଏଗୁଡ଼ିକ ହିଁ ଉତ୍ତର ଆଧୁନିକ କବିତାର ଆତ୍ମିକ ଭାବବସ୍ତୁ । କିନ୍ତୁ ଏହାର ଆଙ୍ଗିକ ଶୈଷ୍ଠବ ଆତ୍ମା ସହିତ ସଂପୃକ୍ତ।

ଜଣେ ବିଶିଷ୍ଟ କବିଙ୍କ ଭାଷାରେ କବିର ଆଙ୍ଗିକ ହିଁ ଆତ୍ମିକ। ଯେଉଁଥିରେ ଭାବଟି ଗମ୍ଭୀର ଥିବ, କିନ୍ତୁ ଅଙ୍ଗ ଯଦି ଦୁର୍ବଳ ହେବ ତେବେ ତାହା ସଫଳ କବିତା ସୃଷ୍ଟି କରିବା ଅସମ୍ଭବ । ଶବ୍ଦଚିତ୍ର ପ୍ରୟୋଗ ଆଜିର ନୁହେଁ। ମାଟିର ମହାକବି ଶୁଦ୍ରମୁନି ଶାରଳା ଦାସଙ୍କଠାରୁ ଏପର୍ଯ୍ୟନ୍ତ ଏହା କବିତାର ପ୍ରମୁଖ ବିଭବ। ଶବ୍ଦଚିତ୍ର ହିଁ କାବ୍ୟିକ ଭାବାବେଗକୁ ସାନ୍ଦ୍ର କରିଥାଏ । ଶବ୍ଦର ଚୁମ୍ବକୀୟ ଶକ୍ତି ଦ୍ୱାରା ଚିତ୍ରଟି ଆମ ଅନ୍ତରର ଗଭୀରତାକୁ ସ୍ପର୍ଶ କରିଥାଏ। ଚିତ୍ରକଳ୍ପଟିଏ ତ ଆମର ମନନ ଶୀଳତାକୁ ଖୋରାକ ଯୋଗାଇ ଥାଏ। ମାତ୍ର ଅତ୍ୟଧିକ ବିମ୍ବ ପ୍ରୟୋଗ ଦ୍ୱାରା କବିତାକୁ ନିମ୍ନଗାମୀ କରି ଗଢ଼ି ତୋଳେ। ବିଶ୍ୱବ୍ୟାପୀ କାବ୍ୟାଦର୍ଶକୁ ଅନୁକରଣ ଗୁଡ଼ାଏ ଅଯୌକ୍ତିକ ଶବ୍ଦଚିତ୍ର ନିର୍ମାଣ କରିବାର ମାର୍ଗ ଦେଖାଉଛି। ଆତ୍ମଦର୍ଶୀ ସମାଲୋଚକଙ୍କ ଉତ୍ସାହ ପାଇଁ ସିଧାସଳଖ କଥା କହିବାର ଯେଉଁ ଶୈଳୀ ଆମେ ଗ୍ରହଣ କରିବା ଆରମ୍ଭ କରିଛେ, ସେଥିରେ ବିମ୍ବ ତ ରହିବ, ହେଲେ ତାହା କବିତାକୁ ଭାରାକ୍ରାନ୍ତ କରିବ ନାହିଁ। କବି ବିଶ୍ୱର ଆଶ୍ରୟ ନେଇ ବାସ୍ତବ ସତ୍ୟକୁ କେବେ ବି ପ୍ରତାରିତ କରି ପାରିବ ନାହିଁ। ଗୋଟିଏ ବାକ ବିମ୍ବରେ ଯାହା ସତ୍ୟ ତାହାକୁ ସ୍ପଷ୍ଟ ଭାବେ ପ୍ରକାଶ କରିବ। ଏହି ଧର୍ମରେ ଉତ୍ତର ଆଧୁନିକ କବିତା ଇନ୍ଦ୍ରିୟବୋଧ ଓ ଭାବର ସଂପ୍ରସାରଣ ହରାଇ ନାହିଁ। ଏହି କବିତା ଧୀରେ ଧୀରେ ଜଟିଳତାରୁ କିପରି ମୁକ୍ତ ହେବାକୁ ତା'ର ପ୍ରୟାସ ଆରମ୍ଭ କରିଛି। କବିତା ସର୍ବଦା ସ୍ୱୟଂ ସଂପୂର୍ଣ୍ଣ । ଶବ୍ଦଚିତ୍ର ଓ କଥାକଳ୍ପ ଯେ ଉତ୍ତର ଆଧୁନିକ କବିତାରେ ନାହିଁ, ତାହା କହିହେବ ନାହିଁ । କିନ୍ତୁ ତାହା ସାର୍ବଜନୀନତା ଓ ବୋଧଗମ୍ୟତାକୁ ବଜାଇ ରଖିଛି । ସାଧାରଣ ଜୀବନରୁ ତଥ୍ୟ ଆହରଣ କରି ଏହାର ସାର୍ବଜନୀନତା ସର୍ବୋତ୍କୃଷ୍ଟ ହୋଇ ପାରିଛି । ଭାଷା ଓ ଭାବର ସରଳତା , ସ୍ୱଚ୍ଛନ୍ଦତା ଉତ୍ତର ଆଧୁନିକ କବିତାର ଅନ୍ୟତମ ମୁଖ୍ୟ ବୈଶିଷ୍ଟ୍ୟ।

ଉତ୍ତର ଆଧୁନିକ କବିତାର କବି ଚେତନାରେ ଯେଉଁ ଶବ୍ଦଚିତ୍ର ନିର୍ମାଣ କରେ, ସେହି ବିମ୍ବ ଆମ ଭାବବିଶ୍ୱରେ ସହଜରେ ପ୍ରତିଫଳିତ କରେ। ଆମ କଳ୍ପନାର ପରିସରକୁ ପରିବ୍ୟାପ୍ତ କରେ। କବିର ଏକ ପୂର୍ଣ୍ଣାଙ୍ଗ ରୂପରେଖ ତିଆରି କରିବା ସହ ଅନୁଭବକୁ ଏକ ଶାବ୍ଦିକ ଗୁଣ ପ୍ରଦାନ କରେ। ଉତ୍ତର ଆଧୁନିକ କବିତା କବିର ମାନସିକ ଅନ୍ତଃସ୍ୱର ହୋଇ ଥିବାରୁ ରୂପ ବିନ୍ୟାସ ଅପେକ୍ଷା ଭାବ ବିନ୍ୟାସକୁ ଯଥେଷ୍ଟ ଗୁରୁତ୍ୱ ଦିଏ।

ଉତ୍ତର ଆଧୁନିକ କବିତା ବୁଦ୍ଧିର ବିପ୍ଲବ ନୁହେଁ। ଏହା ହୃଦୟର ବିପ୍ଲବ। ଉତ୍ତର ଆଧୁନିକ କବିତା ସିଧା ସଳଖ ହୃଦୟକୁ ଛୁଏଁ। ଭାଷାର ଆନୁଷ୍ଠାନିକତାରୁ ଏହା ଅନେକ ପରିମାଣରେ ବିମୁକ୍ତ। ଆଳଙ୍କାରିକ ଆଟୋପ ନାହିଁ ସତ, ଅଛି ଏଥିରେ ନିଷ୍କପଟ ସ୍ୱାଭାବିକତା। ସର୍ବଶେଷରେ ଉତ୍ତର ଆଧୁନିକ କବିତା ଏକ ଅନୁଶୀଳନାତ୍ମକ ଆଲେଖ୍ୟ। ବିବିଧତାରେ ବିଶ୍ୱାସ କରୁଥିବା ଏହି କବିତା, ଆଙ୍ଗିକର ବିବିଧତାକୁ ମଧ୍ୟ ସମ୍ମାନର ସହ ଗ୍ରହଣ କରିଥାଏ।

ଅଧ୍ୟାପିକା
ମହାପୁରୁଷ ହାଡ଼ିଦାସ ମହାବିଦ୍ୟାଳୟ
ଛତିଆ, ଯାଜପୁର
ମୋ: ୯୪୩୭୯୫୭୬୧୭

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୪୯ ● ପାଉଣ୍ଡ ୧୧୯.୬୧
- ୟୁରୋ ୧୦୩.୮୭ ● ୟେନ୍ ୦.୬୨

**ସୁନା, ରୁପା ଦର (ଟଙ୍କାରେ)**



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୦୨,୦୦୦ (ଭୁବନେଶ୍ୱର)
- ରୁପା : ୧,୪୨,୦୦୦ (କେଜି)



**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୧,୯୦୪.୦୦
- ନିଫ୍ଟି ୨୫,୧୧୪.୦୦



**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ଭାରତ ପାଇଁ କାହିଁକି ଜରୁରୀ ନେପାଳ

ନୂଆଦିଲ୍ଲୀ, ୧୩।୯ (ଏଜେନ୍ସି): ଭାରତର ଗୋଟିଏ ପରେ ଗୋଟିଏ ପଡ଼ୋଶୀ ରାଷ୍ଟ୍ରର ସରକାର ଭୁଶୁଡ଼ିବାରେ ଲାଗିଛି। ପ୍ରଥମେ ଶ୍ରୀଲଙ୍କା, ପରେ ପାକିସ୍ତାନ, ବାଂଲାଦେଶ ଏବଂ ଏବେ ନେପାଳରେ ସମାନ ସ୍ଥିତି ରହିଛି। ପୂର୍ବତନ ମୁଖ୍ୟ ବିଚାରପତି ସୁଶୀଳା କାର୍କି କାମଚଳା ପ୍ରଧାନମନ୍ତ୍ରୀ ନିଯୁକ୍ତ ହୋଇଛନ୍ତି। ଭାରତ ସରକାର ଏଠାକାର ସ୍ଥିତି ଉପରେ ତୀକ୍ଷ୍ଣ ନଜର ରଖିଛନ୍ତି। ଏହି ଦେଶ ସହ ଭାରତର 'ରୋଟି-ବେଟି' ସମ୍ପର୍କ ପରି। ଭାରତ ଏହି ଦେଶକୁ ପେଟ୍ରୋଲ ଏବଂ ଡିଜେଲ ଯୋଗାଣ କରୁଛି। ଉଭୟ ଦେଶ ମଧ୍ୟରେ ଖୋଲା ସୀମା ରହିଛି। ବିନା ଦ୍ୱିଧାରେ ଲୋକେ ପରସ୍ପରର ଅଞ୍ଚଳକୁ ଯାଉଛନ୍ତି। କିନ୍ତୁ ଜେନ୍-ଜେଡ୍ ଆନ୍ଦୋଳନ ଯୋଗୁଁ ଭାରତ ସୀମା ବନ୍ଦ କରିଦେଇଛି।

ରିପୋର୍ଟ ଅନୁଯାୟୀ ୩୫ ଲକ୍ଷ ନେପାଳୀ ଭାରତରେ କାମ କରୁଛନ୍ତି କିମ୍ବା ରହୁଛନ୍ତି। ନେପାଳର ୩୨ ହଜାର ଗୋରଖା ସୈନିକ ଭାରତୀୟ ସେନାରେ ମୁତୟନ ଅଛନ୍ତି। ଏଥିପାଇଁ ଏକ ସ୍ୱତନ୍ତ୍ର ଚୁକ୍ତି ହୋଇଛି। ଏହା ସହିତ ଭାରତ ଏବଂ ଚୀନ୍ ମଧ୍ୟରେ ନେପାଳ ବଫର ରାଷ୍ଟ୍ର ଭଳି କାମ କରୁଛି। ଏଥିରୁ ଭାରତ ପାଇଁ ନେପାଳର ଗୁରୁତ୍ୱ କିଭଳି ତାହା ବୁଝା ପଡୁଛି। ନେପାଳ ଏକ ହିନ୍ଦୁ ବହୁଳ ରାଷ୍ଟ୍ର। ସୀମାର ଉଭୟ ପାର୍ଶ୍ୱରେ ରହୁଥିବା ଲୋକଙ୍କ ମଧ୍ୟରେ ଗଭୀର ପାରିବାରିକ ସମ୍ବନ୍ଧ ରହିଛି। ଲୋକେ ବିନା ଭିସା ଏବଂ ପାସପୋର୍ଟରେ ଉଭୟ ଦେଶକୁ ଯାଇପାରୁଛନ୍ତି। ପ୍ରତି ବର୍ଷ ଲକ୍ଷାଧିକ ହିନ୍ଦୁ ଶ୍ରଦ୍ଧାଳୁ ଭାରତ ଯାଉଛନ୍ତି।



ନେପାଳ ଭାରତର ସବୁଠୁ ବଡ଼ ବ୍ୟାବସାୟିକ ସହଯୋଗୀ। କିନ୍ତୁ ଦୀର୍ଘ ଦିନ ପର୍ଯ୍ୟନ୍ତ ରାଜନୈତିକ ଅସ୍ଥିରତା ରହିଲେ ଯୋଗାଣ ଶୃଙ୍ଖଳ ପ୍ରଭାବିତ ହୋଇପାରେ। ରପ୍ତାନୀ ଉପରେ ଏହାର ପ୍ରଭାବ ପଡ଼ିପାରେ। ଗତ ବର୍ଷ ନେପାଳକୁ ଭାରତ ମଧ୍ୟରେ ୭.୩୨ ବିଲିୟନ ଡଲାରର ସାମଗ୍ରୀ ରପ୍ତାନୀ କରିଥିଲା। ତେବେ ଭାରତକୁ ଏହି ଦେଶ ୧.୨ ବିଲିୟନ ଡଲାରର ସାମଗ୍ରୀ ପଠାଇ ଥିଲା। ଏଭଳି ସ୍ଥିତିରେ ଭାରତ ବାଣିଜ୍ୟ କ୍ଷେତ୍ରରେ ଲାଭରେ ରହିଛି। ୨୦୨୪ରେ ଭାରତର ରପ୍ତାନୀ ୭ ବିଲିୟନ ଡଲାର ଏବଂ ଆମଦାନୀ ୦.୮୩୧ ବିଲିୟନ ଡଲାର ଥିଲା। ଭାରତ ଗତ ବର୍ଷ ନେପାଳକୁ ୭୮୧.୭ ନିୟୁତ ଡଲାରର ଆଇରନ ଆଣ୍ଡ ଷ୍ଟିଲ, ୬୩୧.୩ ନିୟୁତ ଡଲାରର ମେସିନାରୀ ଆଣ୍ଡ ଇକ୍ୱିପମେଣ୍ଟସ, ୩୬୪.୫ ନିୟୁତ ଡଲାରର ଟ୍ରାନ୍ସପୋର୍ଟ ଇକ୍ୱିପମେଣ୍ଟ, ୩୦୮.୧ ନିୟୁତ ଡଲାରର ଫେରସ ଆଣ୍ଡ ନନ୍-ଫେରସ ମେଟାଲ ଏବଂ ୨୯୦.୭ ନିୟୁତ ଡଲାରର ଔଷଧ, ଫାର୍ମାସିଟିକାଲ୍ସ ଆଣ୍ଡ ଫାଇନ କେମିକାଲ୍ସ ପଠାଇ ଥିଲା।

# ମସ୍କ ପୁଣି ବିଶ୍ୱର ସବୁଠୁ ବଡ଼ ଧନୀ

- ୧୮ ତମ ସ୍ଥାନରେ ମୁକେଶ ଅମ୍ବାନୀ
- ଟପ୍-୨୦କୁ ଫେରିଲେ ଗୌତମ ଆଦାନୀ

ୱାସିଂଟନ, ୧୩।୯ (ଏଜେନ୍ସି): ଶିଳ୍ପପତି ପୁଣି ବିଶ୍ୱର ସବୁଠାରୁ ଧନୀ ବ୍ୟକ୍ତି ହୋଇଛନ୍ତି। ସେ ନିଜ ସ୍ଥିତିକୁ ପୂର୍ବାପେକ୍ଷା ଅଧିକ ମଜବୁତ କରିଦେଇଛନ୍ତି। କିଛି ଦିନ ତଳେ ଓରାକଲ ଫାଉଣ୍ଡର ଲ୍ୟାରୀ ଏଲିସନ ତାଙ୍କୁ ପଛରେ ପକାଇ ବିଶ୍ୱର ସବୁଠୁ ଧନୀ ବ୍ୟକ୍ତି ହୋଇଥିଲେ। କିନ୍ତୁ ଗତ ଦୁଇ ଦିନ ହେଲା ମସ୍କଙ୍କ ସମ୍ପତ୍ତି ଅହେତୁକ ବୃଦ୍ଧି ପାଇଛି। ତାଙ୍କ ସମ୍ପତ୍ତି ୩୫ ବିଲିୟନ ଡଲାର ବୃଦ୍ଧି ପାଇଛି। ଏଥିସହିତ ମସ୍କଙ୍କ ମୋଟ ସମ୍ପତ୍ତି ୪୧୯ ବିଲିୟନ ଡଲାରରେ ପହଞ୍ଚି ଯାଇଛି। ବିଶ୍ୱର ପ୍ରଥମ ବ୍ୟକ୍ତି ଭାବେ ତାଙ୍କ ସମ୍ପତ୍ତି ୪୦୦ ବିଲିୟନ ଡଲାର ପାର କରିଛି। ଚଳିତ ବର୍ଷ ତାଙ୍କ ସମ୍ପତ୍ତି ୧୩.୮ ବିଲିୟନ ଡଲାର ହ୍ରାସ ପାଇଥିଲା। ଏବେ ଏଲିସନଙ୍କ ମୋଟ ସମ୍ପତ୍ତି ୩୪୯ ବିଲିୟନ ଡଲାର ରହିଛି। ଶୁକ୍ରବାର ଏହା ୧୪.୫ ବିଲିୟନ ଡଲାର ହ୍ରାସ ପାଇଥିଲା। ତେବେ ଚଳିତ ବର୍ଷ ତାଙ୍କ ସମ୍ପତ୍ତି ୧୫୭ ବିଲିୟନ ଡଲାର ବୃଦ୍ଧି ପାଇଛି। ସେହିପରି ମେଟା ସିଇଓ ମାର୍କ ଜୁକରବର୍ଗଙ୍କ ସମ୍ପତ୍ତି ୨୬୫ ବିଲିୟନ ଡଲାରରେ ପହଞ୍ଚି ଯାଇଛି। ଏବେ ସେ ବିଶ୍ୱ ଧନୀ ତାଲିକାର ତୃତୀୟ ସ୍ଥାନରେ ଅଛନ୍ତି। ଏହା ପଛକୁ ୨୫୦ ବିଲିୟନ ଡଲାରର ସମ୍ପତ୍ତି ସହ ଜେଫ୍ ବେଜୋସ ରହିଛନ୍ତି। ଭାରତ ତଥା ଏସିଆର ସବୁଠୁ ବଡ଼ ଧନୀ ମୁକେଶ ଅମ୍ବାନୀଙ୍କ ମୋଟ ସମ୍ପତ୍ତି ୯୮.୯ ବିଲିୟନ ଡଲାର ରହିଛି। ସେ ଏହି ତାଲିକାର ୧୮ ତମ ସ୍ଥାନରେ ଅଛନ୍ତି। ଚଳିତ ବର୍ଷ ତାଙ୍କ ସମ୍ପତ୍ତି ୮.୨୫ ବିଲିୟନ ଡଲାର ବଢ଼ିଛି। ସେହିପରି ଆଦାନୀ ଗ୍ରୁପ୍‌ର ଅଧ୍ୟକ୍ଷ ଗୌତମ ଆଦାନୀ ବିଶ୍ୱ ଧନୀ ତାଲିକାର ଟପ୍-୨୦କୁ ଫେରିଛନ୍ତି। ଏବେ ତାଙ୍କ ସମ୍ପତ୍ତି ୮୨.୧ ବିଲିୟନ ଡଲାର ରହିଛି। ଶୁକ୍ରବାର ଏହା ୩.୪୪ ବିଲିୟନ ଡଲାର ବୃଦ୍ଧି ପାଇଥିଲା। ତେବେ ବିଶ୍ୱର ପ୍ରମୁଖ ୨୦ ଧନୀଙ୍କ ମଧ୍ୟରେ ଆମେରିକାର ୧୪ ଜଣ ବ୍ୟବସାୟୀ ସାମିଲ ଅଛନ୍ତି।



# ଟିପିସିଓଡିଏଲ୍ ପକ୍ଷରୁ ନୟାଗଡ଼ରେ ୬୬ ଭାଗ୍ୟଶାଳୀ ଉପଭୋକ୍ତା ପୁରସ୍କୃତ



ଭୁବନେଶ୍ୱର, ୧୩।୯ (ସମିସ): ଟାଟା ପାୱାର ଓ ଓଡ଼ିଶା ସରକାରଙ୍କ ଯୌଥ ଉଦ୍ୟୋଗ ଟିପି ସେଣ୍ଟ୍ରାଲ ଓଡ଼ିଶା ଡିଷ୍ଟ୍ରିବ୍ୟୁସନ୍ ଲିମିଟେଡ୍ (ଟିପିସିଓଡିଏଲ୍) ପକ୍ଷରୁ ନୟାଗଡ଼ ଡିଭିଜନରେ ଆୟୋଜିତ ଏକ ସ୍ୱତନ୍ତ୍ର ପୁରସ୍କାର ବିତରଣ ସମାରୋହରେ 'ବିଲ୍ ପେ ଆଣ୍ଡ ୱିନ୍ ସ୍କିମ୍' ଅଧୀନରେ ୬୬ ଜଣ ଭାଗ୍ୟଶାଳୀ ଗ୍ରାହକଙ୍କୁ ସମ୍ବର୍ଦ୍ଧିତ କରାଯାଇଛି। ବକେୟା ନ ଥିବା ଯୋଗ୍ୟ ଗ୍ରାହକମାନଙ୍କୁ ଏକ ଲକି ଡ୍ର' ଜରିଆରେ ଚୟନ କରାଯାଇଥିଲା। ସେମାନଙ୍କୁ ମୋବାଇଲ୍ ଫୋନ୍ ଓ ଅନ୍ୟାନ୍ୟ ଆକର୍ଷଣୀୟ ପୁରସ୍କାର ଦିଆଯାଇଥିଲା। ଏହି ସ୍କିମ୍ ଠିକ୍ ସମୟରେ ବିଲ୍ ପୈଠକୁ ପ୍ରୋତ୍ସାହିତ କରୁଥିବା ବେଳେ ମୂଲ୍ୟବାନ ଗ୍ରାହକଙ୍କୁ ମାନ୍ୟତା ଦେବା ପାଇଁ ଏକ ମଞ୍ଚ ପ୍ରଦାନ କରିଥିଲା। ଏଭଳି ଅଭିଯାନରେ ଭରସାଯୋଗ୍ୟ ବିଦ୍ୟୁତ୍ ଯୋଗାଣଠାରୁ ଆଗକୁ ବଢ଼ି ଟିପିସିଓଡିଏଲ୍ ଗ୍ରାହକମାନଙ୍କ ସହ ଦୃଢ଼ ସମ୍ପର୍କ ସ୍ଥାପନ କରୁଛି। 'ବିଲ୍ ପେ ଆଣ୍ଡ ୱିନ୍ ସ୍କିମ୍' ହେଉଛି ବିଭିନ୍ନ ଡିଭିଜନରେ କାର୍ଯ୍ୟକାରୀ କରାଯାଇଥିବା ଅନେକ କାର୍ଯ୍ୟକ୍ରମ ମଧ୍ୟରୁ ଅନ୍ୟତମ। ଏହା ଗ୍ରାହକ ସନ୍ତୁଷ୍ଟି ଓ ଗୋଷ୍ଠୀ ବିକାଶ ଉପରେ କମ୍ପାନୀର ପଦକ୍ଷେପକୁ ଦର୍ଶାଉଛି।

# କେନ୍‌ଷ୍ଟାର ଆଣିଲା ନେକ୍ସଟ-ଜେନ ୫ଷ୍ଟାର ୱାଟର ହିଟର

ମୁମ୍ବାଇ, ୧୩।୯ (ସମିସ): ଭାରତର ସବୁଠୁ ବିଶ୍ୱସନୀୟ ବ୍ରାଣ୍ଡ କେନ୍‌ଷ୍ଟାର ଶନିବାର ନିଜର ନେକ୍ସଟ-ଜେନ୍ ୫ ଷ୍ଟାର ୱାଟର ହିଟରର ବଜାର ପ୍ରବେଶ କରିଛି। ଏହି ଅବସରରେ କେନଷ୍ଟାର 'ବାଥ ବନ ଜାଏ' ଅଭିଯାନ ଆରମ୍ଭ କରାଯାଇଛି। ଏହା ବଜାରରେ ଥିବା ଅନ୍ୟ ୱାଟର ହିଟର ତୁଳନାରେ ୨୦ ପ୍ରତିଶତ ଅଧିକ ଗରଣ ପାଣି ପ୍ରଦାନ କରିଥାଏ। ଏଥିରେ ଲାଗିଥିବା ଉଚ୍ଚ-ସାନ୍ଦ୍ରତାଯୁକ୍ତ ପିୟୁଏଫ ଇନସ୍ୟୁଲେସନ ୧୦%ରୁ ଅଧିକ ଉତ୍ତାପ ଗ୍ରହଣକୁ ସୁନିଶ୍ଚିତ କରିଥାଏ। ଏଥିରେ ଜର୍ମାନ ବ୍ଲୁ ସାଫାୟାର ଜ୍ଞାନକୌଶଳ ବ୍ୟବହାର କରାଯାଇଛି। ଏହାର ସ୍ଥାୟୀତ୍ୱ ଅଧିକ ରହିବ। ଏହି ବର୍ଗରେ ୫-ଷ୍ଟାର ବିଇଇ ରେଟ୍ ରହିଛି। ଏହା ଅଧିକ ବିଦ୍ୟୁତ ବିଲ୍ ସଞ୍ଚୟକୁ ଦର୍ଶାଉଛି। ଏହାର ଟାଙ୍କି ଉପରେ ୭ ବର୍ଷର ୱାରେଣ୍ଟି ରହିଛି। ଏହା ସ୍ଥାୟୀତ୍ୱ, ଦକ୍ଷତା ଏବଂ ଗ୍ରାହକ ସନ୍ତୁଷ୍ଟିର ଗ୍ୟାରେଣ୍ଟି ମଧ୍ୟ ଦେଉଛି। କମ୍ପାନୀ ୩ରୁ ୧୦୦ ଲିଟର କ୍ଷମତା ପର୍ଯ୍ୟନ୍ତ ୱାଟର ହିଟର ଆଣିଛି। ଏଥିରେ ଷ୍ଟୋରେଜ ୱାଟର ହିଟର, ଇନଷ୍ଟାଣ୍ଟ ୱାଟର ହିଟର, ଟ୍ୟାଙ୍କଲେସ ୱାଟରହିଟର, ଗ୍ୟାସ ୱାଟର ହିଟର ତଥା ଇମର୍ସନ ରଡ଼ ରହିଛି।




# ଉତ୍କଳ କନିକା ଗ୍ୟାଲେରିଆ ମଲ୍‌ରେ 'ଇଣ୍ଡୋ-ଏରା'ର ନୂଆ ଷ୍ଟୋର



ଭୁବନେଶ୍ୱର, ୧୩।୯ (ସମିସ):ଏଠାକାର କଳ୍ପନା ଛକ ସ୍ଥିତ ଉତ୍କଳ କନିକା ଗ୍ୟାଲେରିଆ ମଲ୍‌ରେ 'ଇଣ୍ଡୋ-ଏରା'ର ନୂଆ ଷ୍ଟୋର ଉଦ୍‌ଘାଟିତ ହୋଇଯାଇଛି। ପୂର୍ବରୁ ଗୁଜୁରାଟରେ ୫ଟି, ପଶ୍ଚିମବଙ୍ଗରେ ଗୋଟାଏ ଷ୍ଟୋର ଥିବା ବେଳେ ଓଡିଶାର ଭୁବନେଶ୍ୱରରେ ଏହା ପ୍ରଥମ। ଆସନ୍ତା ୧୦ ତାରିଖରେ ଦିଲ୍ଲୀରେ ଆଉ ଏକ ଷ୍ଟୋର ଖୋଲାଯିବ। ଏହି ଷ୍ଟୋରରେ କେବଳ ମହିଳା ପୋଷାକ ଉପଲବ୍ଧ ହେବ। ଏଠାରେ କୁର୍ତ୍ତା, ଫ୍ୟାନ୍ସି କୁର୍ତ୍ତା, ସିଙ୍ଗଲ କୁର୍ତ୍ତା, ସାରାରା,କୋର୍ଟ ପରି ଅନେକ ଡିଜାଇନର ପୋଷାକ ରହିଛି। ୧୪୯୯ ରୁ ନେଇ ୫୯୯୯ ଟଙ୍କା ପର୍ଯ୍ୟନ୍ତର ପୋଷାକ ଏଠାରେ ଉପଲବ୍ଧ। ସବୁ ପ୍ରକାରର ଫ୍ୟାଶନ, କଲର୍ଚର, ଲାଇଫଷ୍ଟାଇଲ ପୋଷାକ ଏଠାରେ ଉପଲବ୍ଧ ହେବ। ଆଗାମୀ ଦିନରେ ସାରା ଭାରତର ପ୍ରତ୍ୟେକ ସହରରେ ଇଣ୍ଡୋ-ଏରା'ର ଷ୍ଟୋର ଖୋଲିବ ବୋଲି ସଂସ୍ଥା ପକ୍ଷରୁ କୁହାଯାଇଛି।

# ରାୟଗଡ଼ାରେ ଫିଟ୍‌ନେସ ପାର୍କ ଉଦ୍‌ଘାଟନ କଲା ବେଦାନ୍ତ ଆଲୁମିନିୟମ



ଭୁବନେଶ୍ୱର, ୧୩।୯ (ସମିସ): ଭାରତର ସର୍ବବୃହତ ଆଲୁମିନିୟମ ଉତ୍ପାଦକ ବେଦାନ୍ତ ଆଲୁମିନିୟମ ରାୟଗଡ଼ାର ହାତମୁନିଗୁଡ଼ାରେ ଥିବା ରାମକୃଷ୍ଣ ମିଶନ ଆଶ୍ରମ ସ୍କୁଲର ୭୦୦ ଛାତ୍ରଛାତ୍ରୀଙ୍କ ପାଇଁ ଏକ ଉତ୍ସର୍ଗୀକୃତ ଫିଟନେସ୍-କମ୍-ଆମ୍ୟୁଜମେଣ୍ଟ ପାର୍କ ବିକଶିତ କରିଛି। ବିଭିନ୍ନ ପ୍ରକାରର ଖେଳ ଏବଂ ଫିଟନେସ୍ ସୁବିଧା ସହିତ ସଜ୍ଜିତ ଏହି ପାର୍କଟି ଶାରୀରିକ କାର୍ଯ୍ୟକଳାପ, ମନୋରଞ୍ଜନ ଏବଂ ଛାତ୍ରଛାତ୍ରୀଙ୍କ ସାମଗ୍ରିକ ବିକାଶକୁ ପ୍ରୋତ୍ସାହିତ କରିବା ପାଇଁ ଡିଜାଇନ୍ କରାଯାଇଛି। ସ୍କୁଲ କର୍ତ୍ତୃପକ୍ଷଙ୍କ ଉପସ୍ଥିତିରେ ବେଦାନ୍ତ ସିଜିମାଲି ବକ୍ସାଇଟ୍ ମାଇନ୍ସର ଉପାଧ୍ୟକ୍ଷ ଏବଂ ମୁଖ୍ୟ ପ୍ରତୀକ କୁମାର ଏହି ପାର୍କର ଉଦ୍‌ଘାଟନ କରିଥିଲେ। ଏହା ପରେ ଛାତ୍ରଛାତ୍ରୀ ଉତ୍ସାହର ସହିତ ସେଠାରେ ଅନେକ ସମୟ ଖେଳକୁଦ କରିଥିଲେ। ସ୍କୁଲଗୁଡ଼ିକୁ ଗୁରୁତ୍ୱପୂର୍ଣ୍ଣ ଭିତ୍ତିଭୂମି ସହିତ ସଜ୍ଜିତ କରି ବେଦାନ୍ତ ଆଲୁମିନିୟମ ଛାତ୍ରଛାତ୍ରୀଙ୍କ ଶୈକ୍ଷିକ ସଫଳତା ଏବଂ ସାମଗ୍ରିକ ବିକାଶକୁ ସମର୍ଥନ କରିବା ସହିତ ଏକ ଅନୁକୂଳ ଶିକ୍ଷା ପରିବେଶ ସୃଷ୍ଟି କରିବାକୁ ଲକ୍ଷ୍ୟ ରଖିଛି। ଓଡ଼ିଶା ସରକାରଙ୍କ ଦ୍ୱାରା ପ୍ରଦାନ କରାଯାଇଥିବା ୧୦୦ ଏକର ଜମିରେ ୨୦୦୮ ମସିହାରେ ପ୍ରତିଷ୍ଠିତ ରାମକୃଷ୍ଣ ମିଶନ ଆଶ୍ରମ ସ୍କୁଲ ସିବିଏସଇ ପାଠ୍ୟକ୍ରମ ଅନୁଯାୟୀ ଦ୍ୱାଦଶ ଶ୍ରେଣୀ ପର୍ଯ୍ୟନ୍ତ ଶିକ୍ଷା ପ୍ରଦାନ କରାଯାଉଛି। ଏହାର ସମସ୍ତ ଛାତ୍ରଛାତ୍ରୀ ରାୟଗଡା, କୋରାପୁଟ, ମାଲକାନଗିରି ଏବଂ ନବରଙ୍ଗପୁର ଜିଲ୍ଲା ସମେତ କୋରାପୁଟ ଅଞ୍ଚଳର ଆଦିବାସୀ ସମ୍ପ୍ରଦାୟରୁ ଆସିଥାନ୍ତି।

ବେଦାନ୍ତ ଆଲୁମିନିୟମର ସିଇଓ ରାଜୀବ କୁମାର କହିଛନ୍ତି, ପ୍ରକୃତ ସମ୍ପ୍ରଦାୟ ବିକାଶ ଭିତ୍ତିଭୂମିଠାରୁ ଅଧିକ ଏହାର ସାମଗ୍ରୀକ ବିକାଶ ପାଇଁ ସୁଯୋଗ ସୃଷ୍ଟି କରିଥାଏ। ଏହି ଫିଟନେସ୍-କମ୍-ମନୋରଞ୍ଜନଭିତ୍ତିକ ପାର୍କ ପିଲାମାନଙ୍କୁ ଖେଳ ଏବଂ ଶାରୀରିକ କାର୍ଯ୍ୟକଳାପ ପାଇଁ ସୁଯୋଗ ପ୍ରଦାନ କରିବା ସହିତ ଏକ ଆନନ୍ଦଦାୟକ ପରିବେଶ ଯୋଗାଇଦେବ। ଏହା ପିଲାଙ୍କ ସାମଗ୍ରୀକ ବିକାଶକୁ ସମର୍ଥନ କରେ। ବେଦାନ୍ତ ଆଲୁମିନିୟମ ଶିକ୍ଷା, ସ୍ୱାସ୍ଥ୍ୟସେବା, ସ୍ଥାୟୀ ଜୀବିକା, ଭିତ୍ତିଭୂମି ଏବଂ ତୃଣମୂଳ କ୍ରୀଡା ଏବଂ ସଂସ୍କୃତିକୁ ପ୍ରୋତ୍ସାହିତ କରି ସ୍ଥାନୀୟ ସମ୍ପ୍ରଦାୟକୁ ସଶକ୍ତ କରିବା ପାଇଁ ସମର୍ପିତ ରହିଛି। ଏହି ପ୍ରୟାସଗୁଡ଼ିକ ବେଦାନ୍ତ ଆଲୁମିନିୟମର କାର୍ଯ୍ୟକ୍ଷମ କ୍ଷେତ୍ର ମଧ୍ୟରେ ଏବଂ ବାହାରେ ପରିବର୍ତ୍ତନ ଆଣିବା ପ୍ରତି ପ୍ରତିବଦ୍ଧତାକୁ ରେଖାଙ୍କିତ କରେ। ଓଡ଼ିଶାର ସାମଗ୍ରୀକ ଅଭିବୃଦ୍ଧି ଏବଂ ଉନ୍ନତି ପ୍ରତି ସମ୍ପ୍ରଦାୟ ଅବଦାନର ଭାବନାକୁ ପ୍ରୋତ୍ସାହିତ କରେ। ଗ୍ରାମବାସୀଙ୍କ ସହାୟତାରେ ସାମାଜିକ-ଆର୍ଥିକ ପ୍ରଗତିକୁ ବେଦାନ୍ତ ସୁନିଶ୍ଚିତ କରିଥାଏ।

## AFFIDAVIT

By virtue of an Affidavit before Notary Public, Malkangiri, I, **Debe Kabasi**, aged about 27 years, W/o.: Irma Kabasi, D/o.: Laka Madkami resident of Village: Fulaguda, PO.: Sikhapali, P.S./Dist.: Malkangiri, Odisha, declare by this Affidavit No.: 1601/2025, Dated: 12.09.2025 that I have changed my name from Debe Madkami to **Debe Kabasi**. Henceforth I shall be known as **Debe Kabasi**, for all future purposes.

## VEHICLE FOR SALE

MARUTI TOUR S, Model - 2023, Registration No-OD-34-R-0993, in as is where is condition. Contact: M/S Sundaram Finance Limited, JAJPUR ROAD BRANCH, Ph: 94371 02409 within 7 days

## AFFIDAVIT

I, Smt. Urmila Behera, W/o- Sri Tapan Kumar Behera, resident of Vill./Po.- Mirganguda, Ps.- Nabarangpur, Dist.- Nabarangpur vide affidavit no. 997 dtd.12.9.2025 state that my actual and correct name is **URMILA BEHERA**. At the time of my daughter Sudhansubala Behera's admission in PM Kendriya Vidyalaya, Nabarangpur my name has been entered as Urmilla Behera. Hence **Urmila Behera** and **Urmilla Behera** is one and same person. Henceforth I shall be known as **Urmila Behera** for all official purposes.

## AFFIDAVIT

By virtue of an affidavit sworn before the Executive Magistrate, Jajpur Road no 3474 dated 07/02/2025 I Amulya Kumar Nayak declare that My wife surname is wrongly printed as Swagatika Nayak in my daughter's birth certificate issued by CHC Korei (700) in place of Swagatika Jena. Hence she will be known as **Swagatika Jena alias Nayak** for all purposes.

**Sd/- AMULYA KUMAR NAYAK**

## AFFIDAVIT

By virtue of an affidavit sworn before the Executive Magistrate, Nabarangpur, vide No. 776 dt. 10.09.2025 I Sri Puppala Srinivas, S/o- Late Puppala Jagannath Rao resident of Gill Petrol Pump back side, Chamuriaguda, Nabarangpur, Dist.- Nabarangpur, Odisha- 764059 state that I intend to rectify the names in the school admission records and enter our names as **PUPPALA SOHAN KUMAR**, S/O- **PUPPALA SRINIVAS** (Father) and **PUPPALA KALPANA** (Mother) in place of P. SOHAN KUMAR, S/o- P. SRINIVAS (father) and P. KALPANA (mother) in respective columns to avoid future litigations.

Sd/- Puppala Srinivas

## NOTICE

By virtue of an affidavit sworn before the Notary Public, Cuttack, dated 22.08.2025 I, Swami Anupamanand Saraswati, S/o- Subash Pradhan permanent resident of At- Tholanda, P.O.- Alladi, PS- Jagannath Prasad, Dist- Ganjam, Odisha, Pin- 761120 have changed my name and surname from Bikram Pradhan to Swami Anupamanand Saraswati. Henceforth, I shall be known as **Swami Anupamanand Saraswati** for all purposes.

**Swami Anupamanand Saraswati**

## AFFIDAVIT

By virtue of an affidavit sworn before the Executive Magistrate, Nabarangpur, dated. 08.09.2025, I Bharat Hial, S/o- Madhu Hial, Vill.- Kamata, Po.- Kamata, Ps.- Tentulikhunti, Dist.- Nabarangpur, Odisha, Pin- 764049, declare that, I have changed my minor Daughter 's name from **SECOND BABY OF LYDIA HIAL** to **ABIGAIL HIAL**. Henceforth she shall be known as **Abigail Hial** for all purposes.

Sd/- **Bharat Hial**

## AFFIDAVIT

I, Smt. Padmini Kumari Mishra, W/o- Sri Debendra Mishra, resident of Gadia Street, Nabarangpur, Dist.- Nabarangpur state vide affidavit no. 1000 dtd.13.09.2025 that, my actual and correct name is **Padmini Kumari Mishra** but in my daughter **Eva Mishra**'s admission in PM Kendriya Vidyalaya, Nabarangpur my name has been entered as Padmini Mishra. Hence **Padmini Kumari Mishra** and **Padmini Mishra** is one and same same person. Henceforth, I shall be known as **Padmini Kumari Mishra** for all official purposes.

## NOTICE

By virtue of an affidavit sworn before the Notary Public, Cuttack, dated 02.09.2025 I, Basanti Sahoo, W/o – Avimanyu Moharana, D/o. Late Panchanan Sahoo, resident of At– Ramagarh, P.O.- Kotasahi, P.S- Tangi, Dist- Cuttack, Odisha, Pin- 754022 have changed my name from Basanti Moharana to Basanti Sahoo. Henceforth, I shall be known as Basanti Sahoo for all purposes.

**Basanti Sahoo**

## AFFIDAVIT

By virtue of an affidavit vide no.-.3455, dated 10/09/2025 sworn before Executive Magistrate, Banpur declare that, I, Sangram Keshari Palai, S/o- Basudev Palai, At- Nuagada, Po.- Badakul, Ps.- Balugaon, Dist.- Khordha, Odisha, Pin- 752030 declare that, I **Sangram Keshari Palai** and **Sangram Keshri Palai** is one and same person. But I want to keep my name as **Sangram Keshari Palai** as per adhar for all purposes.

Sangram Keshari Palai

## AFFIDAVIT

By virtue of an affidavit No. 5403 sworn before the Executive Magistrate, Champua on dated- 08/09/2025. I **Alekh Kumar Sahoo**, Permanent resident of Vill- Dhaladihi, Po/Ps- Champua, Dist- Keonjhar, Odisha, Pin- 758041 declare that I have changed my minor daughter's name from **Sangita Sahoo** (old name) To **Aradhya Sahoo** (new name). Henceforth she shall be known as **ARADHYA SAHOO,** D/o- Alekh Kumar Sahoo for all future purposes.

**Sd/- Alekh Kumar Sahoo**

## AFFIDAVIT

By virtue of an affidavit sworn before the Executive Magistrate, Nabarangpur, dated. 03.09.2025, I Chandralal Durga, S/o- Late Sobha Harijan, Vill.- Tota Street, Nabarangpur, Po.- Nabarangpur, Ps.- Nabarangpur, Dist- Nabarangpur, Odisha, Pin - 764059, declare that, I have changed my minor Daughter's name from **RITWISHALAL HARIJAN** to **RITWISHALAL DURGA**. Henceforth she shall be known as **Ritwishalal Durga** for all purposes.

Sd/- **Chandralal Durga**

## VEHICLE FOR SALE

ITL SONALIKA SOLISYAN DI 42 TRACTOR WITH TRAILER, Model - 2022, Registration No-OD-09-X-3898, in as is where is condition, Contact: M/S Sundaram Finance Limited, JAJPUR ROAD BRANCH, Ph:94371 02409 within 7 days

## AFFIDAVIT

By virtue of an affidavit sworn before The Executive Magistrate Banpur, Dist.- Khordha vide no-3404, Dated- 6/9/2025, I Gangadhar Nayak, aged about 57yrs., S/O- Kaibalya Nayak, At- Balipadar, Po./Ps.-Banpur, Dist.- Khordha, Pin-752031, Odisha, declare that I have changed my minor Daughter's name from **Debasmita Debabarni Nayak** to **Debasmita Nayak**, which is mentioned in Certificate. Henceforth, he shall be known as **Debasmita Nayak** for all purpose.

Debasmita Nayak

## AFFIDAVIT

By virtue of an affidavit sworn before Executive Magistrate, Bhubaneswar, Affidavit No.111, on dated, 12.09.2025, I Triloknath Mohapatra, resident of Plot No.1385/9, Sastri Nagar, Unit-4, Ps- Kharvel Nagar, Bhubaneswar, Dist-Khordha, Odisha, PIN-751001, declare that I have changed my name from Trilok Mohapatra to Triloknath Mohapatra. Henceforth, He shall be known as **TRILOKNATH MOHAPATRA** for all future purposes.

## AFFIDAVIT

By virtue of an affidavit sworn before Executive Magistrate Angul dated 26/08/2025, I **Shraddha Tulsiyan,** Address: Old Daily Market, Laxmi Bazar, Angul, Pin- 759122, Odisha, declare that I have changed my name from **Shraddha Kansal** to **Shraddha Tulsiyan.** Henceforth, I shall be known as **SHRADDHA TULSIYAN** (new name) for all purposes.

**Shraddha Tulsiyan**

## AFFIDAVIT

By virtue of an Affidavit sworn before Executive Magistrate, Basudevpur, dated 24 April 2025.I, Sukanta Kishor Mohanty, age- 40 years, S/o- Gagan Mohanty, Address- Village- Mallikadeipur, P.O./ P.S. - Naikanidihi, Dist.: Bhadrak, Odisha, declare that I have changed my name from Sukanta Kishor Mohanty, to Sudarshan Mohanty, S/o- Gagan Mohanty. Henceforth, I shall be know as Sudarshan Mohanty, S/o- Gagan Mohanty for all purposes.

**Sudarshan Mohanty**

## AFFIDAVIT

By virtue of an affidavit No 12/33 dated 11/09/2025 before the Notary Public, Puri, I, Dasarathi Satapathy, S/o- Late Ramachandra Satapathy, At/Po- Bhagabanpur, PS- Brahmagiri, Puri - 752011 declare that now onwards I shall be known as **DASHARATHI SATAPATHY** for all future purpose.

## AFFIDAVIT

By virtue of an affidavit sworn before the Executive Magistrate,Cuttack , vide No.7920 dated 11.09.2025, I, Sajida Khatun, M/o Arsalan Raja Khan, Resident of At/Po- Rasulpur, PS-Tirtol, Dist- Jagatsinghpur, PIN-754104, Odisha declare that I have changed my Son's name from Aramlan Raja Khan to Arsalan Raja Khan. Henceforth, He will be known as **ARSALAN RAJA KHAN** for all future purposes.

## AFFIDAVIT

By virtue of affidavit C.F. No. 2461, dtd. 18.08.2025 in the court of the Executive Magistrate, Sambalpur, I, Balkeshi Yadab, aged about 45 years have changed my name and address from Sawariya Devi, W/o- Bindeshwari Ray, resident of At- Shilauri, Po- Marhowrah, Dist.- Saran (Bihar) to Balkeshi Yadab, aged about 45 years, W/o- Bindheswari Yadab, resident of At- Dindayal Nagar (Dhipapada), Po/Ps- Burla, Dist.- Sambalpur (Vide my Aadhaar Card No. 698622954248) for all purposes.

**Sd/- Balkeshi Yadab**

## DOCUMENT LOST

I, **Maheswar Panda,** S/o Dinabandhu Panda, resident of GN-4, Ganesh Nagar, Gandamunda, PS- Khandagiri, Bhubaneswar, Dist- Khorda, Odisha do hereby declare that, Original Sale Deed bearing No. 230, 1152, 130 & 1722 & ROR vide Khata No. 453/128, 1133/2436 & Land Passbook No. 07054178/35 has been lost somewhere in Jagamara Bazar while I travelling from Ganesh Nagar To Royal Garden, Aiginia on 08/09/2025. If any person finds the same, may please contact to my address or nearest police station & if anyone will misutilize it I will not be responsible for it.

**Maheswar Panda**

## AFFIDAVIT

By virtue of an affidavit CF No.-34, dtd.04.09.2025 in the court of the Executive Magistrate, Bhubaneswar, I, Dipa Sethi, W/o- Santosh Kumar Sethi, resident of Plot No. 122, Balanaga, Maa Narayani Mandir, Sainsasan, Po- Dakhinaradasa, Dist.- Puri, Odisha, Pin-752114 have changed my name from Dwipa Sethy to Dipa Sethi. Hencefroth I shall be known as Dipa Sethi for all purposes.

**Sd/- Dipa Sethi**

## AFFIDAVIT

By virtue of an affidavit sworn before the Executive Magistrate, Nabarangpur, dated. 01.09.2025, I REBATI HARIJAN, W/o- Sahul Bagh, Vill- Bhatisalguda, Nabarangpur, Po.-Nabarangpur, P/s.- Nabarangpur, Dist- Nabarangpur, Odisha, Pin - 764059 declare that, I have changed my name from **SAMA HARIJAN** to **REBATI HARIJAN**. Henceforth I shall be known as **REBATI HARIJAN** for all purposes.

Sd/- **REBATI HARIJAN**

## AFFIDAVIT

By virtue of an affidavit CF No.-47, dtd.25.07.2025 in the court of the Executive Magistrate, Bhubaneswar, I, Raja Das, S/o- Babu Das, resident of Plot No. 1190, Raghunath nagar, Satya Nagar, Dumduma, Po- Dumduma, Ps- Khandagiri, Bhubaneswar, Dist.- Khordha, Odisha, Pin-751019 have changed my name from Sek Raja to Raja Das. Hencefroth I shall be known as Raja Das for all purposes.

**Sd/- Raja Das**

## AFFIDAVIT

I, Raja Ramesh, S/o- R. P. Raja resident of Vill.- Balda, Po.- Balda, Ps.- Padwa Dist.- Koraput, Odisha state vide affidavit no.777 dtd.05.9.2025 that, I have changed my son's name from **Raja Yagesh** to **R. Yogesh** and his Date of Birth is **18/03/2009**. Henceforth he will be known as **R. Yogesh** for all future purposes.

## ODISHA HYDRO POWER CORPORATION LTD.,

OHPC

O/o Sr. GENERAL MANAGER, HIRAKUD HYDRO ELECTRIC PROJECT,
POST BOX. NO. 5, BURLA – 768017, DISTRICT: SAMBALPUR (ODISHA),
PHONE: 0663-2950721(O), 2950765(R), E-Mail: srgmhps_burla@yahoo.co.in
CIN : U40101OR1995SGC003963

CAD-1739

**No. HHEP/Tech-WK-104, Vol-IV/6161** **Date : 10.09.2025**

**NOTICE INVITING TENDER NO HHEP-53/2025**

Sealed Tenders are invited in two parts i.e. (i) Techno Commercial bid & (ii) Price bid in separate sealed envelopes from the reputed Contractors having **valid HT License with supervision for EHT works** issued from ELBO, Govt of Odisha, valid IT PAN, GST registration certificate and past experience for carrying out such type of work as mentioned below.

| Sl. No. | Description of work/ Service | Cost of tender paper (non-refundable) in Rs. | EMD in shape of DD/BC (Refundable) in Rs. |
|---|---|---|---|
| 1 | Annual Maintenance Contract for two years for maintenance of equipments of 132KV Switchyard, 11KV Switch house & LT Systems of HHEP,Burla | Rs. 11800/- (Rs. 10000 + GST @ 18%) | 57565/- |

- Sale of tender paper: **16.09.2025 (10.00AM) to 03.10.2025 upto 05.30PM**
- Receipt of tender paper: **04.10.2025 upto 03.30PM**
- Date & time of opening of tender: **04.10.2025 at 04.00PM**
- For details of tender documents / terms & conditions / corrigendum / errata / addendum if any please visit our website www.ohpcltd.com.

Sd/-
C&P Head, HHEP, Burla

OIPR-04007/11/0072/2526

## ରାୟଗଡ଼ାରେ ରାଷ୍ଟ୍ରୀୟ ଲୋକ ଅଦାଲତ

# ୩୬,୩୧୭ଟି ମାମଲାର ଫଇସଲା

ରାୟଗଡ଼ା,୧୩।୯ (ସମିସ): ରାୟଗଡ଼ା ଜିଲ୍ଲା ଆଇନ ସେବା ପ୍ରାଧିକରଣ ତତ୍ତ୍ୱାବଧାନରେ ରାୟଗଡ଼ା ଜିଲ୍ଲା ସିଭିଲକୋର୍ଟ ପରିସରରେ ଆଜି ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଯାଇଛି। ଏହି ଲୋକ ଅଦାଲତରେ ରାୟଗଡ଼ା ଜିଲ୍ଲା ଅଦାଲତ ସମେତ ଗୁଣୁପୁର, ବିଷମକଟକ, କାଶିପୁର, ପଦ୍ମପୁର ଓ ମୁନିଗୁଡା ଅଦାଲତରେ ଦୀର୍ଘ ଦିନ ଧରି ପଡିରହିଥିବା ୨୭୮ଟି ମାମଲାର ଫଇସଲା ହୋଇ ହୋଇଛି। ସମୁଦାୟ ୪୩,୩୧,୯୭୧ ଟଙ୍କାର ସେଟେଲମେଣ୍ଟ କରାଯାଇଛି। ସେହିପରି ରାଜସ୍ୱ ସମ୍ବନ୍ଧିତ ୩୬,୦୩୦ଟି ମାମଲା ଫଇସଲା ହୋଇଛି। ପ୍ରିଲିଟିଗେସନ ସମ୍ବନ୍ଧିତ ୯ଟି ମାମଲାର ଫଇସଲା ହୋଇ ସମୁଦାୟ ୬,୦୮,୦୦୦ ଟଙ୍କାର ସେଟେଲମେଣ୍ଟ କରାଯାଇଛି। ଏହି ଲୋକ ଅଦାଲତ ଜିଲ୍ଲା ଆଇନ ସେବା ପ୍ରାଧିକରଣର ଅଧକ୍ଷ ତଥା ଜିଲ୍ଲା ଦୌରା ଜଜ୍ ସତ୍ୟନାରାୟଣ ଷଡଙ୍ଗୀଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା। ଲୋକ ଅଦାଲତକୁ ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ସୁବ୍ରତ ଆଚାର୍ଯ୍ୟ ପରିଚାଳନା କରିଥିଲେ। ଏଥିରେ ପରିବାର ଅଦାଲତର ବିଚାରପତି ସଞ୍ଜିତ କୁମାର ବେହେରା, ଅତିରିକ୍ତ ଜିଲ୍ଲା ଦୌରା ଜଜ୍ ଶ୍ରୀମତି ଅଞ୍ଜନା ସ୍ୱାଇଁ, ମୁଖ୍ୟ ବିଚାର ବିଭାଗୀୟ ଦଣ୍ଡାଧିକାରୀ ଅପର୍ନା ମହାପାତ୍ର, ମହିଳା କୋର୍ଟର ବିଚାରପତି ସସ୍ମିତା ମିଶ୍ର, ବରିଷ୍ଠ ଦେୱାନି ବିଚାରପତି ଆଶିସ ପଟ୍ଟନାଏକ, ରେଜିଷ୍ଟ୍ରାର ରାଣା ଘୋଷ୍, ଉପଖଣ୍ଡୀୟ ବିଚାରବିଭାଗୀୟ ଦଣ୍ଡାଧିକାରୀ ବର୍ଷା ଦାସ, ଗ୍ରାମ ନ୍ୟାୟଧିକାରୀ ତଥା ଜେ.ଏମ୍.ଏଫ୍.ସି ଏସ୍.ଆର ତୋସାଲି ଏବଂ ରାୟଗଡା ବାର ଆସୋସିଏସନର ଆଇନଜୀବି ବିଷ୍ଣୁ ପ୍ରସାଦ ପଣ୍ଡା, ନବ କୁମାର କାଣ୍ଟା, ସୁରେନ୍ଦ୍ର କୁମାର ଶର୍ମା, ମଙ୍ଗଳ ମୂର୍ତ୍ତୀ ବେଉରିଆ, ଦେବରାଜ ନାଏକ, ଭାରତି ତ୍ରିପାଠି ଓ ରାଜେଶ ପାଢି ପ୍ରମୁଖ ବିଭିନ୍ନ ଅଦାଲତ ପରିସରରେ ଅନୁଷ୍ଠିତ ହେଇଥିବା ବେଞ୍ଚରେ ଯୋଗଦେଇଥିଲେ। ଲୋକ ଅଦାଲତକୁ ସଫଳ କରିଥିବାରୁ ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ଶ୍ରୀ ଆଚାର୍ଯ୍ୟ ସମସ୍ତଙ୍କୁ ଧନ୍ୟବାଦ ଜ୍ଞାପନ କରିଛନ୍ତି।



**୪୯,୩୯,୯୭୧ ଟଙ୍କା ଆଦାୟ**

## ■ ଚିନ୍ତା ବଢ଼ାଇଛି କାଦୁଅ ପଚପଚ ରାସ୍ତା

# ଶୁଣିଲାନି ପ୍ରଶାସନ, ଗ୍ରାମବାସୀ କଲେ ମରାମତି

ମୁନିଗୁଡ଼ା,୧୩।୯ (ସମିସ): କାଦୁଅ ପଚପଚ ରାସ୍ତା ଚିନ୍ତା ବଢ଼ାଇଥିବାରୁ ବେଳେ ରାସ୍ତା ପାଇଁ ହିନସ୍ତା ହେଉଛନ୍ତି ଗ୍ରାମବାସୀ। ମଞ୍ଜୁରୁକୁପା ପୂର୍ତ୍ତ ବିଭାଗ ମୁଖ୍ୟ ରାସ୍ତା ଠାରୁ ଡାକଡୁମେର ଗ୍ରାମକୁ ସଂଯୋଗ କରିଥିବା ରାସ୍ତା ଦୀର୍ଘ ବର୍ଷ ଧରି ଅବହେଳିତ ଅବସ୍ଥାରେ ଥିବା ବେଳେ ରାସ୍ତା ପାଇଁ ନାହିଁ ନ ଥିବା ଅସୁବିଧା ଭୋଗୁଛନ୍ତି ଗ୍ରାମବାସୀ। ବାରମ୍ବାର ଅଭିଯୋଗ ସତ୍ତ୍ୱେ ବ୍ଲକ ପ୍ରଶାସନ ପକ୍ଷରୁ କୌଣସି ଜରୁରୀକାଳୀନ ପଦକ୍ଷେପ ଗ୍ରହଣ ନ କରାଯିବାରୁ ଅଣ୍ଟା ଭିଡ଼ିଲେ ଗ୍ରାମବାସୀ। ଗାଁର ମହିଳା ଓ ପୁରୁଷ ଉଭୟ ମିଶି ରାସ୍ତାରେ ବାଲି ଓ ପଥର ଗୁଣ୍ଡ ପକାଇ ମରାମତି କରିଥିବା ଦେଖିବାକୁ ମିଳିଛି। ରାୟଗଡ଼ା ଜିଲ୍ଲା ମୁନିଗୁଡା ବ୍ଲକ ରାଣୀପିଣ୍ଡା ପଞ୍ଚାୟତର ଡାକଡୁମେରକୁ ସଂଯୋଗ ହୋଇଥିବା ରାସ୍ତା। ନିତିଦିନିଆ କାର୍ଯ୍ୟ ପାଇଁ ଏହି ରାସ୍ତା ଉପରେ ଉକ୍ତ ଗ୍ରାମର ପ୍ରାୟ ୪୦୦ରୁ ଅଧିକ ଲୋକ ନିର୍ଭର କରିଥାନ୍ତି। ଦୀର୍ଘ ବର୍ଷ ଧରି ରାସ୍ତା ନିର୍ମାଣ ନହୋଇ ଅବହେଳିତ ଅବସ୍ଥାରେ ରହିଥିବାରୁ ଦୟନୀୟ ଅବସ୍ଥା ଭୋଗୁଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ସମ୍ପ୍ରତି ଲଗାଣ ବର୍ଷା ଯୋଗୁଁ ଲୋକଙ୍କ ସମସ୍ୟା ମଧ ଦ୍ୱିଗୁଣିତ ହେଉଛି। ସାମାନ୍ୟ ବର୍ଷା ହେଲେ ରାସ୍ତା ଖାଲଖମା ସହ ପାଣି ଜମି କାଦୁଅ ପଚପଚ ହୋଇଯାଉଛି। ଫଳରେ ଲୋକେ ଯାତାୟତବେଳେ ଅନେକ ଅସୁବିଧା ଭୋଗୁଥିବା ପ୍ରକାଶ କରିଛନ୍ତି। ଏହି ରାସ୍ତା ଉପରେ ଉକ୍ତ ଗ୍ରାମର ୫୦ ପରିବାରର ପ୍ରାୟ ୪୦୦ଲୋକେ ନିର୍ଭର କରି ଆସୁଥିବା ବେଳେ ଅନେକ ଦିନରୁ ରାସ୍ତା ଅବସ୍ଥା ଶୋଚନୀୟ ହୋଇ ପଡ଼ିଛି। ପ୍ରତିଦିନ ଶହ ଶହ ଲୋକଙ୍କ ସହ ଛାତ୍ରଛାତ୍ରୀ ମାନେ ପାଠ ପଢିବା ପାଇଁ ଯିବା ଆସିବା କରିଥାନ୍ତି। ପ୍ରାୟ ୩ରୁ ୪କିଲୋମିଟର ରାସ୍ତା କାଦୁଅରେ ଭର୍ତ୍ତି ହୋଇଯାଇଛି। ବର୍ଷାଦିନ ହୋଇଥିବାରୁ ସ୍ଥାନୀୟ ଅଞ୍ଚଳବାସୀଙ୍କ ଯିବା ଆସିବା ଚିନ୍ତାର କାରଣ ହୋଇଛି। ଏନେଇ ରାସ୍ତା ନିର୍ମାଣ ଦିଗରେ ସ୍ଥାନୀୟ ଲୋକେ ପଞ୍ଚାୟତ ଠାରୁ ଆରମ୍ଭ କରି ମୁନିଗୁଡ଼ା ବ୍ଲକ ର ଦ୍ୱାରସ୍ଥ ହୋଇଥିଲେ ସୁଦ୍ଧା ପ୍ରଶାସନର ନିଦ ଭାଙ୍ଗୁନି।୨୦୨୪ମସିହା ସେପ୍ଟେମ୍ବର ମାସ ୨୩ ତାରିଖ ଦିନ ତତ୍କାଳୀନ ବ୍ଲକ ବିଡିଓଙ୍କୁ ଜଣାଇଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ ରାସ୍ତାର ଉନ୍ନତି ଦିଗରେ କୌଣସି ଦୃଷ୍ଟି ଦେଉ ନଥିବାରୁ ଗ୍ରାମବାସୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ଗାଁ କମିଟି ଦ୍ୱାରା ରାସ୍ତାରେ ବାଲି ଓ ପଥର ଗୁଣ୍ଡ ପକାଇ ରାସ୍ତାକୁ ଚାଲିବା ଉପଯୋଗୀ କରିଥିବା ଦେଖିବାକୁ ମିଳିଥିଲା। ତେବେ ପ୍ରଶାସନ ପକ୍ଷରୁ ଲୋକଙ୍କ ଯାତାୟାତ ସୁବିଧା ନିମନ୍ତେ ବର୍ଷା ଦିନ ପାଇଁ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବା ସହ ସ୍ଥାୟୀ ରାସ୍ତା ନିର୍ମାଣ ପାଇଁ ଦାବି ହେଉଛି।



## ଏନ୍‌ପିଏସ ଶିକ୍ଷକ ସଂଘ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ପ୍ରଦାନ

# ଦାବି ପୂରଣ ନହେଲେ ୨୨ରୁ ଆନ୍ଦୋଳନ

ମାଲକନାଗରି,୧୩।୯ (ସମିସ): ସରକାରୀ ହାଇସ୍କୁଲ ଏନପିଏସ ଶିକ୍ଷକ ସଂଘର ମାଲକାନଗିରି ଜିଲ୍ଲା ଶାଖା ତରଫରୁ ମାଲକାନଗିରି ଜିଲ୍ଲାପାଳ ଏବଂ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ମାଧ୍ୟମରେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦୁଇ ଦଫା ସମ୍ବଳିତ ଦାବି ପ୍ରତ୍ର ପ୍ରଦାନ କରାଯାଇଛି। ସୂଚନା ଥାଉକି ୨୦୦୪ ମସିହାରୁ ୨୦୧୪ ମସିହା ପର୍ଯ୍ୟନ୍ତ ସମସ୍ତ ହାଇସ୍କୁଲ ଶିକ୍ଷକଙ୍କର ୬ବର୍ଷ ମୂଳ ଚାକିରୀରେ ଯୋଗ ଓ ୬ଟି ନାସନାଲ ଇନ୍‌କ୍ରିମେଣ୍ଟ ପ୍ରଦାନ ଏବଂ ହାଇସ୍କୁଲ ଶିକ୍ଷକ ମାନଙ୍କ କ୍ୟାଡରର ପୁନର୍ଗଠନ ନିମନ୍ତେ ଏହି ଶିକ୍ଷକ ମାନେ ଦୀର୍ଘ ଦିନ ଧରି ଦାବି କରି ଆସୁଥିବା ବେଳେ ଦାବି ପୂରଣ ପାଇଁ ଆଜି ଶତାଧିକ ଶିକ୍ଷକ ଶିକ୍ଷୟିତ୍ରୀ ମିଳିତ ରୂପେ ଏହି ଦାବିପତ୍ର ପ୍ରଦାନ କରିଛନ୍ତି। ଏହି ଦାବି ଆସନ୍ତା ୨୧ ତାରିଖ ସୁଦ୍ଧା ପୂରଣ ନହେଲେ ସେପ୍ଟେମ୍ବର ୨୨ ତାରିଖରେ ରାଜ୍ୟସ୍ତରରେ ଏକ ମହା ଆନ୍ଦୋଳନ କରାଯିବ ଏବଂ ଅନିର୍ଦ୍ଦିଷ୍ଟ କାଳ ପାଇଁ ବିଦ୍ୟାଳୟରେ ତାଲା ଝୁଲିବ ବୋଲି ସଂଘ ଚେତାବନୀ ଦେଇଛି। ଆଜିର ଏହି ପ୍ରତିବାଦ ସଭାରେ ସଂଘ ସଭାପତି ସଂଜୀବ କୁମାର ବୈଦ୍ୟ, କାର୍ଯ୍ୟକାରୀ ସଭାପତି ସୁଧୀର ରଞ୍ଜନ ସିକଦାର, ସମ୍ପାଦକ ସନାତନ ଦାସ, ଉପ ସଭାପତି ସନାତନ ପ୍ରଧାନ, ଉପଦେଷ୍ଟ ଜଗନ୍ନାଥ ପ୍ରସାଦ ବେହେରା, ସ୍ମୃତିକା ସୁକୁଲ, ରାଜ୍ୟ କାର୍ଯ୍ୟ କାରିଣୀ ସଦସ୍ୟ ସନ୍ଦୀପ୍ତ କୁମାର ଦାସ, ବାସୁଦେବ ପଣ୍ଡା, ଶରତ ଦାସ ଏବଂ ଜିଲ୍ଲାର ସମସ୍ତ ବ୍ଲକରୁ ପ୍ରାୟ ୧୦୦ ରୁ ଉର୍ଦ୍ଧ ଶିକ୍ଷକ ଶିକ୍ଷୟିତ୍ରୀ ମାନେ ଉପସ୍ଥିତ ଥିଲେ।




## ମାଓସ୍ତମ୍ଭକୁ ଧ୍ୱଂସ କଲେ ଯବାନ



ମାଲକାନଗିରି, ୧୩।୯ (ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର କାଂକେର ଜିଲ୍ଲାରେ ଏକ ୧୪ ଫୁଟ ଉଚ୍ଚର ମାଓ ସହିଦସ୍ତମ୍ଭକୁ ବିଏସଏଫ ଯବାନ ମାନେ ଧ୍ୱଂସ କରିଛନ୍ତି। ସୂଚନା ଅନୁଯାୟୀ କାଂକେର ଜିଲ୍ଲାର ପରତାପୁର ଥାନା ଅନ୍ତର୍ଗତ ବାଙ୍ଗାକାଲ ଜଙ୍ଗଲରେ ବିଏସଏଫ ଯବାନ ମାନେ ମାଓ ଦମନ ଅପରେସନ କରୁଥିଲେ। ଜଙ୍ଗଲରେ ମାଓ କମାଣ୍ଡର ନାଗେଶ ନାମରେ ସଂଗଠନ ପକ୍ଷରୁ ନିର୍ମିତ ୧୪ ଫୁଟିଆ ସହିଦସ୍ତମ୍ଭ ଦେଖିଥିଲେ। ତୁରନ୍ତ ଯବାନ ଏହାକୁ ଭାଙ୍ଗି ଧ୍ୱଂସ କରିଦେଇଥିଲେ। ମାଓବାଦୀ ମାନେ ନିଜର ସ୍ଥିତି ଜାହିର କରିବା ପାଇଁ ଏଭଳି ସ୍ତମ୍ଭ କରୁଥିବା ବେଳେ ମାଓ ଭୟକୁ ହଟାଇବା ପାଇଁ ଯବାନ ମାନେ ଏହାକୁ ଧ୍ୱଂସ କରି ଅଞ୍ଚଳରେ ତଲାସି ଅଭିଯାନ ଜାରି ରଖିଛନ୍ତି।

# ଡାକ୍ତରଙ୍କୁ ମାଡ଼ମାରିଲେ ଦିବ୍ୟାଙ୍ଗ!



● ଉଭୟ ହେଲେ ଥାନାର ଦ୍ୱାରସ୍ଥ
● ଭିଡିଓ ହେଲା ଭାଇରାଲ

କୋରୁକୋଣ୍ଡା/ବାଲିମେଲା,୧୩।୯ (ସମିସ): ମାଲକାନଗିରି ଜିଲ୍ଲା ବାଲିମେଲା ଆଞ୍ଚଳିକ ସ୍ୱାସ୍ଥ୍ୟକେନ୍ଦ୍ରରେ ଶୁକ୍ରବାର ଏକ ଅଭାବନୀୟ ଘଟଣା ଦେଖିବାକୁ ମିଳିଛି। ଡ୍ୟୁଟିରେ ଥିବା ଡାକ୍ତରଙ୍କୁ ହାତ ଉଠାଇ ମାରିଲେ ଦିବ୍ୟାଙ୍ଗ। ଏହି ଦୃଶ୍ୟ ସୋସିଆଲ ମିଡ଼ିଆରେ ଭିଡିଓ ହେଲା ଭାଇରାଲ। ଘଟଣା ପରେ ଉଭୟ ହେଲେ ଥାନାର ଦ୍ୱାରସ୍ଥ। ପୁଲିସ ସୂତ୍ରରୁ ମିଳିଥିବା ସୂଚନାନୁଯାୟୀ ଶୁକ୍ରବାର ସକାଳ ସମୟରେ ବାଲିମେଲା ଛକରେ ରହୁଥିବା ଜଗତ ଜୀବନ ପାତ୍ର ନାମକ ଜଣେ ଦିବ୍ୟାଙ୍ଗ ନିଜ ପୁଅର ଜ୍ୱର ହୋଇଥିବା ନେଇ ଚିକିତ୍ସାଳୟକୁ ଚିକିତ୍ସା ନିମନ୍ତେ ଯାଇଥିଲେ। ସେଠାରେ ଡ୍ୟୁଟିରେ ଥିବା ଡାକ୍ତର ସୌଭାଗ୍ୟ ହୁଇ ପିଲାଟିର ଚିକିତ୍ସା କରି ଔଷଧ ଲେଖିଥିଲେ। କିଛି ସମୟ ପରେ ତାଙ୍କ ପୁଅର ଦେହ ଭଲ ନ ହେବାରୁ ପୁନଃ ନିଜ ପୁଅକୁ ନେଇ ମେଡିଆଲ ଯାଇଥିଲେ ଦିବ୍ୟାଙ୍ଗ। ସେଠାରେ ଡାକ୍ତର ବିଶ୍ୱ ଅଙ୍କିତ ସାହୁ ଚିକିତ୍ସା କରିବା ସମୟରେ ତାଙ୍କ ପୁଅ ଡାକ୍ତରଙ୍କୁ ଗ୍ୟାସ୍ ଦେବା ନିମନ୍ତେ କହିଥିଲେ। ଡାକ୍ତର କଣ ହୋଇଛି ବୋଲି ପଚାରିବାରୁ ସେ କେବଳ ଗ୍ୟାସ ହିଁ ମୋତେ ଦିଅନ୍ତୁ ବୋଲି ଆଦେଶ ଦେଇ ଚାଲି ଯାଇଥିଲେ ପୁଅ। ଏହାପରେ ଦିବ୍ୟାଙ୍ଗ ଜଣଙ୍କ ରାଗରେ ଉତ୍କ୍ଷିପ୍ତ ହୋଇ ଡାକ୍ତରଙ୍କ ପ୍ରକୋଷ୍ଠକୁ ଯାଇ ଡାକ୍ତର ଶ୍ରୀ ସାହୁଙ୍କ ସହ ନାନାଦି ଯୁକ୍ତି କରିଥିଲେ। ପରେ ବାଧହୋଇ ଡାକ୍ତର ନିଜ ମୋବାଇଲ ଯୋଗେ ଭିଡିଓ ଆରମ୍ଭ କରିବାରୁ ବିଭିନ୍ନ ଭାଷା ଦେଇ ଦିବ୍ୟାଙ୍ଗ ଜଣଙ୍କ ଡ୍ୟୁଟିରେ ଥିବା ଡାକ୍ତର ଶ୍ରୀ ସାହୁଙ୍କୁ ବିଭିନ୍ନ ଭାଷାରେ ଗାଳିଗୁଲଜ କରି ଧମକାଇଥିଲେ। ପରେ ଡାକ୍ତର ତାଙ୍କ ପୁଅକୁ ନିଜ ପ୍ରକୋଷ୍ଠକୁ ଡାକି ପଚରାଉଚରା କରିବା ସମୟରେ ଦିବ୍ୟାଙ୍ଗ ଜଣଙ୍କ ରାଗରେ ପ୍ରଚଣ୍ଡ ହୋଇ ଡାକ୍ତରଙ୍କ ମୋବାଇଲ ତଳେ ପକାଇ ଭାଙ୍ଗିବା ସହ ଡାକ୍ତରଙ୍କୁ ହାତ ଉଠାଇ ମାରି ଅଭଦ୍ର ଭାଷାରେ ଗାଳି ଗୁଲଜ୍ କରିଥିଲେ। ପରେ ଡାକ୍ତର ଅଙ୍କିତ ବାଧହୋଇ ଓରକେଲ ଥାନାର ଦ୍ୱାରସ୍ଥ ହୋଇ ଲିଖିତ ଅଭିଯୋଗ କରିଥିଲେ। ଏନେଇ ମାମଲା ରୁଜୁ କରାଯାଇଥିବା ବେଳେ ପୁନଃ ଦିବ୍ୟାଙ୍ଗ ଶ୍ରୀ ପାତ୍ର ମଧ ଥାନାର ଦ୍ୱାରସ୍ଥ ହୋଇ ଡାକ୍ତରଙ୍କ ବିରୁଦ୍ଧରେ ଏକ ଲିଖିତ ଅଭିଯୋଗ ପତ୍ର ପ୍ରଦାନ କରିଥିବା ସୂଚନା ମିଳିଛି। ଓରକେଲ ଥାନାରେ କେସ ନଂ ୨୪୩ ଏବଂ ୨୪୪ ମାମଲା ରୁଜୁ କରି ଉଭୟଙ୍କୁ ଥାନା ପକ୍ଷରୁ ବେଲବଣ୍ଡ ପ୍ରଦାନ କରାଯାଇଥିବା ଏସଆଇ ଅଜିତ ସିଂ ବରିହା ସୂଚନା ଦେଇଛନ୍ତି। ତେବେ ଡ୍ୟୁଟିରେ ଥିବା ଡାକ୍ତରଙ୍କୁ ଏପରି ମାଡ଼ ମାରିବା ଘଟଣାକୁ ବିଭିନ୍ନ ମହଲରେ ତୀବ୍ର ନିନ୍ଦା କରାଯାଇଛି। ମାଲକାନଗିରି ଜିଲ୍ଲାର ସମସ୍ତ ସ୍ୱାସ୍ଥ୍ୟକେନ୍ଦ୍ରରେ ଡାକ୍ତରଙ୍କ ଅଭାବ ରହିଥିବା ବେଳେ ଏହିପରି ଘଟଣା ଅଞ୍ଚଳରେ ବାରମ୍ବାର ଘଟୁଥିବା ହେତୁ ଅନ୍ୟ ଜିଲ୍ଲାରୁ କୌଣସି ଡାକ୍ତର ମାଲକାନଗିରି ଜିଲ୍ଲାକୁ ଆସୁନଥିବା ସାଧାରଣରେ ବର୍ତ୍ତମାନ ଚର୍ଚ୍ଚା ହେଉଛି।

# ବ୍ଲକ୍‌ସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା



ଚିତ୍ରକୋଣ୍ଡା,୧୩।୯ (ସମିସ): ମାଲକାନଗିରି ଜିଲ୍ଲା ଚିତ୍ରକୋଣ୍ଡା ବ୍ଲକ ସଦରମହକୁମା ସ୍ଥିତ ମିନି ଷ୍ଟାଡିୟମ ଠାରେ ବ୍ଲକ ସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଦୁଇଦିନ ବ୍ୟାପି ଅନୁଷ୍ଠିତ ଏହି ପ୍ରତିଯୋଗିତାରେ ପଞ୍ଚାୟତସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତାରେ ଚୟନ କରାଯାଇଥିବା କୃତି ଛାତ୍ରଛାତ୍ରୀ ମାନେ ଅଂଶଗ୍ରହଣ କରିଥିଲେ। ଏହି କ୍ରୀଡ଼ା ଉତ୍ସବରେ ବିଭିନ୍ନ ପ୍ରତିଯୋଗିତା ଦୌଡ଼, ଲମ୍ବଡିଆଁ, ସର୍ଟପୁଟ, ଡିସ୍କସ ଥ୍ରୋ, କବାଡ଼ି, ଭଲି, ହକି, କ୍ରିକେଟ, ବ୍ୟାଡ଼ମିଣ୍ଟନ, ଅରଚେରୀ, ଯୋଗ ଆଦି ରହିଥିଲା। ଏହି ସବୁ ପ୍ରତିଯୋଗୀତାରେ ରେ କୃତି ଛାତ୍ରଛାତ୍ରୀଙ୍କୁ ଚୟନ କରାଯାଇ ଜିଲ୍ଲାସ୍ତରୀୟ ପ୍ରତିଯୋଗିତାକୁ ମନୋନୀତ କରାଯାଇଛି। ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟ ଅତିଥିଭାବେ ଜାତୀୟ ଶିକ୍ଷକ ପୁରସ୍କାର ପ୍ରାପ୍ତ ପ୍ରଧାନ ଶିକ୍ଷକ ବସନ୍ତ କୁମାର ରଣା ଯୋଗଦେଇଥିଲେ। ଏହି ପ୍ରତିଯୋଗିତାରେ ସଭାପତି ଭାବେ ଚିତ୍ରକୋଣ୍ଡା ଗୋଷ୍ଠୀ ଶିକ୍ଷାଧିକାରୀ ଗାୟତ୍ରୀ ଦେବୀ, ମୁଖ୍ୟ ବକ୍ତା ଦାରଲାବେଡା ସରକାରୀ ଉଚ୍ଚ ମାଧମିକ ବିଦ୍ୟାଳୟର ଅଧାପକ ଦିଲୀପ କୁମାର ଓଝା, ସମ୍ମାନିତ ଅତିଥିଭାବେ ଏବିଓ କମ୍ ବିଆର୍ ହେମନ୍ତ କୁମାର ନାୟକ ଓ କୃପାସିନ୍ଧୁ ଅମ୍ବାଗୁଡିଆ ଯୋଗଦେଇ କୃତି ଛାତ୍ରଛାତ୍ରୀଙ୍କୁ ଉଦବୋଧନ ଦେବା ସହ ପୁରସ୍କାର ବିତରଣ କରିଥିଲେ। ଏହି କାର୍ଯ୍ୟକ୍ରମକୁ ଉଚ୍ଚ ମଧମିକ ବିଦ୍ୟାଳୟର ଶିକ୍ଷକ ସତ୍ୟରଞ୍ଜନ୍ ଦାଶ ପରିଚାଳନା କରିଥିଲେ। ଏହା ସହିତ ଚିତ୍ରକୋଣ୍ଡା ବ୍ଲକର ଖେଳ ଶିକ୍ଷକ ଶିକ୍ଷୟିତ୍ରୀ ଯୋଗ ଦେଇ କାର୍ଯ୍ୟକ୍ରମକୁ ସଫଳ ରୂପାୟନ କରିଥିଲେ। କାର୍ଯ୍ୟକ୍ରମକୁ ସଫଳ କରିଥିବାରୁ ବ୍ଲକ ଶିକ୍ଷାଧିକାରୀ ସମସ୍ତଙ୍କୁ ଧନ୍ୟବାଦ ଦେଇ ସଭା ସାଙ୍ଗ କରିଥିଲେ।

# ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ

ବିଷମ କଟକ,୧୩।୯ (ସମିସ): ରାୟଗଡ଼ା ଜିଲ୍ଲା ବିଷମ କଟକ ବ୍ଲକର ସ୍ଥାନୀୟ ମା' ମାର୍କମା ଯୁକ୍ତ ତିନି ମହା ବିଦ୍ୟାଳୟ ପରିସରରେ ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ ପାଳିତ କରାଯାଇଛି। ଓଡିଶା ରାଜ୍ୟର ଯୁବ ରେଡ଼କ୍ରସ ନିର୍ଦ୍ଦେଶ କ୍ରମେ ମହାବିଦ୍ୟାଳୟରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଯାଇଅଛି। କାର୍ଯ୍ୟକ୍ରମକୁ ମହାବିଦ୍ୟାଳୟର ଅଧକ୍ଷ ଡ. ଅଶ୍ୱନୀ କୁମାର ପଣ୍ଡା ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିରେ। ରାୟଗଡା ଜିଲ୍ଲା ରେଡ଼କ୍ରସର ସଂଯୋଜକ ତଥା




ଅଧାପକ ପ୍ରଶାନ୍ତ କୁମାର ପଣ୍ଡା ଏହି କାର୍ଯ୍ୟକ୍ରମର ରିସୋର୍ସ ପର୍ସନ ଭାବେ ଯୋଗ ଦେଇ ସ୍ୱେଚ୍ଛାସେବୀ ମାନଙ୍କୁ ପ୍ରାଥମିକ ଚିକିତ୍ସା ବିଷୟରର ପୁଙ୍ଖାନୁପୁଙ୍ଖ ବିବରଣୀ ପ୍ରଦାନ କରିଥିରେ। ଏହି କାର୍ଯ୍ୟକ୍ରମକୁ ମହା ବିଦ୍ୟାଳୟର ଇଂରାଜୀ ପ୍ରଧାପକ ତଥା ରେଡକ୍ରସ କାଉନ୍‌ସିଲର ସଞ୍ଜୟ କୁମାର ତ୍ରିପାଠୀ ସଫଳ ରୂପେ ପରିଚାଳନା କରିବା ସହ ସ୍ୱେଚ୍ଛାସେବୀ ମାନଙ୍କୁ ମାନବ ସେବାର ସଜାଗ ରହବା ପାଇଁ ଆହ୍ୱାନ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ନିରଞ୍ଜନ ପାଢୀ, ରାସାୟନ ବିଜ୍ଞାନ ବିଭାଗର ବିନନ୍ତ ଡଙ୍ଗରି, ଦେବାଶୀଷ ପଣ୍ଡା ସୂଚନା ଓ ପ୍ରଯୁକ୍ତି ବିଭାଗ ତୁଷାରକାନ୍ତ ନାୟକ, ସୁଧିସାଗର ପରିଚ୍ଛା, ବୃନ୍ଦାବନ ସାହୁ ଏବଂ ଅନ୍ୟାନ୍ୟ କର୍ମଚାରୀ ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟକ୍ରମ ପରିଚାଳନାର ସୋହଯୋଗ କରିଥିରେ।

# ସତ୍ୟନାରାୟଣ ଶିକ୍ଷା ସଂସ୍ଥାନରେ ଉଦ୍‌ବୋଧନୀ କାର୍ଯ୍ୟକ୍ରମ



ମାଲକନାଗରି,୧୩।୯ (ସମିସ): ମାଲକାନଗିରି ସତ୍ୟନାରାୟଣ ଶିକ୍ଷା ସଂସ୍ଥାନର ପରିଚାଳନା ନିର୍ଦ୍ଦେଶକ ସଞ୍ଜୟ କୁମାର ପାଣିଗ୍ରାହୀ ଓ ସଭାପତି ମମତା ପାଣିଗ୍ରାହୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଯୁକ୍ତ ତିନି ସତ୍ୟନାରାୟଣ ଆବାସିକ ବିଜ୍ଞାନ ମହାବିଦ୍ୟାଳୟର ସଭାଗୃହ ପରିସରରେ ସ୍ୱାମୀ ବିବେକାନନ୍ଦ ଲୋକ ସଂସଦର ଯୁବଶାଖା ମାଲକାନଗିରି ଆନୁକୁଲ୍ୟରେ ସ୍ୱାମୀ ବିବେକାନନ୍ଦଙ୍କ ଜୀବନ ଦର୍ଶନ ଶୀର୍ଷିକ ମହାବିଦ୍ୟାଳୟସ୍ତରୀୟ ପ୍ରଥମ ବକ୍ତୃତାମାଳା ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ସ୍ୱାମୀ ବିବେକାନନ୍ଦ ଲୋକସଂସଦର ଜିଲ୍ଲା ଶାଖା ସଭାପତି ଡଃ ରଞ୍ଜନ କୁମାର ସ୍ୱାଇଁ ଅଧକ୍ଷତା କରିଥିବାବେଳେ ମୁଖ୍ୟଅତିଥି ଭାବେ ମହାବିଦ୍ୟାଳୟର ଅଧକ୍ଷ ରାମକୃପା ନାୟକ, ସମ୍ମାନିତ ଅତିଥି ଭାବେ ଡେପୁଟୀ କମାଣ୍ଡାଣ୍ଟ ବିଜୟ କୁମାର ମିଶ୍ର, ସୀମା ସୁରକ୍ଷାବଳ, ମାଲକାନଗିରି, ମୁଖ୍ୟବକ୍ତା ତାରକ ମଣ୍ଡଳ ,ସମ୍ପାଦକ ରାମକୃଷ୍ଣ ସେବାସଂଘ ତଥା ସଭାପତି ପ୍ରାଥମିକ ଶିକ୍ଷକ ସଂଘ ଯୋଗଦାନ କରିଥିଲେ। ମଞ୍ଚାସୀନ ଅତିଥିଗଣ ସ୍ୱାମୀଜୀଙ୍କ ଆଦର୍ଶ, ଚିକାଗୋ ବକ୍ତୃତାର ମହତ୍ତ୍ୱ ଓ ବାଣୀ ସମ୍ପର୍କରେ ସବିଶେଷ ଆଲୋଚନା କରିଥିଲେ।ଶୃଙ୍ଖଳା, ଧୈର୍ଯ୍ୟ ଓ ଅଧବସାୟ ଯୁବ ସାମାଜର ଧେୟ ହେବା ଉଚିତ ବୋଲି ମତବ୍ୟକ୍ତ କରିଥିଲେ। ମହାବିଦ୍ୟାଳୟର ଯୁକ୍ତ ଦୁଇ ଦ୍ୱିତୀୟ ବର୍ଷର ଛାତ୍ରୀ ଅନୁଷ୍କା ମହାନ୍ତି ସ୍ୱଦେଶ ମନ୍ତ୍ରପାଠ କରିଥିବା ବେଳେ ଲୋକସଂସଦର ସମ୍ପାଦକ ରବୀନ୍ଦ୍ର କୁମାର ମହାରଣା ଅତିଥି ପରିଚୟ ସହ ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ। ଅନ୍ତିମ ପର୍ଯ୍ୟାୟରେ ଲୋକସଂସଦର କୋଷାଧକ୍ଷ ପ୍ରକାଶ ଚନ୍ଦ୍ର ନାୟକ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ସ୍ୱାମୀ ବିବେକାନନ୍ଦ ଲୋକସଂସଦର ଆଜୀବନ ସଦସ୍ୟ ଅନୀଲା ସାହୁ, ସଦସ୍ୟା ଅଙ୍ଗୁର ବାଳାସ୍ୱାଇଁ, ଅଧାପିକା ଦୀପ୍ତିଲତା କଂସାରୀ, ଅଧାପିକା ଦୁଶମତୀ ମାଡ଼ାଙ୍ଗୀ, ଅଧାପକ ବିଜୟ ସରକାର, ଅଧକ୍ଷ ସୁମିରନ୍ ସୁମନ ପ୍ରମୁଖ ଯୋଗଦାନ କରି କାର୍ଯ୍ୟକ୍ରମ ପରିଚାଳନାରେ ସହାୟତା ପ୍ରଦାନ କରିଥିଲେ। ସତ୍ୟନାରାୟଣ ଶିକ୍ଷା ସଂସ୍ଥାନର ଯୁକ୍ତ ଦୁଇ, ଯୁକ୍ତ ତିନି, ଏ. ଏନ. ଏମ ଓ ଜି.ଏନ. ଏମ ଅନୁଷ୍ଠାନର ଶତାଧିକ ଛାତ୍ରଛାତ୍ରୀ ଉଦବୋଧନୀ କାର୍ଯ୍ୟକ୍ରମରେ ଅଂଶ ଗ୍ରହଣ କରି ଯୁବ ସଂସଦର ସଦସ୍ୟତା ଗ୍ରହଣ କରିବାପାଇଁ ସମ୍ମତି ପ୍ରଦାନ କରିଥିଲେ। ପରିଶେଷରେ ସ୍ୱାମୀ ବିବେକାନନ୍ଦ ଲୋକସଂସଦର ସଭାପତି ଡଃ ରଞ୍ଜନ କୁମାରସ୍ୱାଇଁ ବିବେକାନନ୍ଦ ବକ୍ତୃତାମାଳାର ଉଦବୋଧନୀ କାର୍ଯ୍ୟକ୍ରମ ଆଗାମୀ ଦିନରେ ଜିଲ୍ଲାର ପ୍ରତ୍ୟେକ ମହାବିଦ୍ୟାଳୟରେ ଅନୁଷ୍ଠିତ କରିବା ପାଇଁ ଘୋଷଣା କରିଥିଲେ।

# ୯ ପାରିବାରିକ ମାମଲାର ସମାଧାନ

ରାୟଗଡ଼ା,୧୩।୯ (ସମିସ): ରାୟଗଡ଼ା ଜିଲ୍ଲା ଆଇନ ସେବା ପ୍ରାଧିକରଣର ଅଧକ୍ଷ ତଥା ଜିଲ୍ଲା ଦୌରାଜଜ୍‌ଙ୍କ ତତ୍ତ୍ୱାବଧାନରେ ପରିଚାଳିତ ୩ୟ ୨୦୨୫ ଜାତୀୟ ଲୋକ ଅଦାଲତ ଅବସରରେ ରାୟଗଡ଼ା ପରିବାର ଅଦାଲତ ତରଫରୁ ଦୀର୍ଘ ଦିନ ଧରି ଚାଲି ଆସୁଥିବା ସମୁଦାୟ ୯ ଗୋଟି ପାରିବାରିକ ମାମଲା ସମାଧାନ ହୋଇପାରିଛି। ତନ୍ମଧ୍ୟରୁ ୭ଟି ଭରଣପୋଷଣ ମକଦ୍ଦମା ଥିଲାବେଳେ ଅନ୍ୟ ୨ଟି ଦେୱାନି ମୋକଦ୍ଦମା ରହିଛି। ଉଲ୍ଲେଖନୀୟ ଯେ ଉକ୍ତ ଲୋକ ଅଦାଲତରେ ପରିବାର ଅଦାଲତ ବିଚାରପତି ସଂଜିତ୍ କୁମାର ବେହେରା ଏବଂ କାଉନ୍‌ସିଲର ଆଶା ଆକାଶ ଗୁରୁଙ୍କ ଉଦ୍ୟମ ଯୋଗୁଁ ବହୁ ଦିନର ପାରିବାରିକ ସମସ୍ୟା ସମାଧାନ ହୋଇ ପାରିଛି । ପ୍ରକାଶ ଥାଉକି ଉକ୍ତ ଲୋକ ଅଦାଲତରେ ବକେୟା ଭରଣ ପୋଷଣ ବାବଦକୁ ସମୁଦାୟ ୧,୬୧,୫୦୦ ଟଙ୍କା ବିଭିନ୍ନ ଆବେଦନକାରୀ ଅପରପକ୍ଷ ଠାରୁ ପାଇଥିଲେ।

# ଗଜଲକ୍ଷ୍ମୀ ପୂଜା ପାଇଁ ଶୁଭଖୁଣ୍ଟି ସ୍ଥାପନ



ପଦ୍ମପୁର,୧୩।୯ (ସମିସ): ରାୟଗଡ଼ା ଜିଲ୍ଲାର ପଦ୍ମପୁର ଶାନ୍ତି ମାର୍କେଟ ଠାରେ ଥିବା ତ୍ରିନାଥ ମନ୍ଦିର ପ୍ରାଙ୍ଗଣରେ ମାଁ ଗଜଲକ୍ଷ୍ମୀ ପୂଜା ପାଇଁ ଶୁଭଖୁଣ୍ଟି ସ୍ଥାପନ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ପୂଜାରେ ପୁରୋହିତ ଭାବେ ନୃସିଂହ ପ୍ରସାଦ ସାମନ୍ତରାୟ ଦାୟିତ୍ୱ ସମ୍ପାଦନା କରିଥିବା ବେଳେ ପ୍ରତିବର୍ଷ ଭଳି ଏହି ବର୍ଷ ମଧ ଏକ ସପ୍ତାହ ଧରି ଗଜଲକ୍ଷ୍ମୀ ପୂଜା ଅନୁଷ୍ଠିତ ହେବ। ପ୍ରତ୍ୟେକ ଦିନ ରାତିରେ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ଅଷ୍ଟପ୍ରହରୀ ନାମଯଜ୍ଞ କରାଯିବ ବୋଲି ପୂଜା କମିଟି ପକ୍ଷରୁ କୁହାଯାଇଛି। ଏହି ସମୟରେ ପୂଜା କମିଟିର ବାଳକୃଷ୍ଣ ସାହୁ, ସଭାସୁନ୍ଦର ସାହୁ, ରଞ୍ଜନ ସାହୁ, ରାମାରାଓ, ସଉରା ସାହୁ, ରାମଚନ୍ଦ୍ର ସାହୁ, ରାମକୃଷ୍ଣ ସାହୁ, ରମେଶ ଚନ୍ଦ୍ର ସାହୁ, ଦାମୋଦର ଅଧିକାରୀ, ସନ୍ତୋଷ ପାଣିଗ୍ରାହୀ, ଜିତୁ ସାହୁ, ବିରେନ୍ ସାହୁ, ଶିଶିର ସାହୁ, ସରୋଜ ପାଣିଗ୍ରାହୀ, ଜାଗିଲି ସାହୁ ଓ ଅନେକ ସଂକୀର୍ତ୍ତନ ନେପାଳ ବେହେରା, ସତ୍ୟବାଦୀ ସାହୁ ଓ ଅନେକ ସଂକୀର୍ତ୍ତନ ମଣ୍ଡଳୀ ଯୋଗ ଦେଇଥିଲେ।

## ରାସ୍ତା ଓ କଲଭର୍ଟ ଉପରେ ପାଣି

# ଯାତାୟାତ ସମସ୍ୟା ଭୋଗୁଛନ୍ତି ସ୍ୱାଭିମାନ ଅଞ୍ଚଳବାସୀ

ଚିତ୍ରକୋଣ୍ଡା,୧୩।୯ (ସମିସ): ମାଲକାନଗିରି ଜିଲ୍ଲା ଚିତ୍ରକୋଣ୍ଡା ବ୍ଲକର ସ୍ୱାଭିମାନ ଅଞ୍ଚଳରେ ରାସ୍ତା ଓ କଲଭର୍ଟ ନିର୍ମାଣ ହୋଇଥିଲେ ମଧ ଯାତାୟାତରେ ସମସ୍ୟା ଭୋଗୁଛନ୍ତି ଲୋକେ। କଲଭର୍ଟ ନିକଟରେ ଆଣ୍ଠୁଏ ପାଣି ଜମିବା ସହ ପଙ୍କ କଦୁଅ ଯୋଗୁଁ ଲୋକେ ଏହି ରାସ୍ତା ଦେଇ ଯାତାୟାତ କରିବା କଷ୍ଟକର ହୋଇପଡିଥିବା ଅଭିଯୋଗ ହୋଇଛି। ସୂଚନା ଅନୁଯାୟୀ ଜିଲ୍ଲାର ଚିତ୍ରକୋଣ୍ଡା ବ୍ଲକରେ ଥିବା ସ୍ୱାଭିମାନ ଅଞ୍ଚଳର ପାପରମେଟଲା ପଞ୍ଚାୟତ ଅନ୍ତର୍ଗତ ଜନ୍ତପାଇ ଠାରୁ ଡୋଲିଆମ୍ବ ଗ୍ରାମକୁ ସଂଯୋଗ କରୁଥିବା ମୁଖ୍ୟ ରାସ୍ତାରେ ଏକ କଲଭର୍ଟ ନିର୍ମାଣ କରଯାଇଥିଲା। ବର୍ତ୍ତମାନ ମେଟାଲ ଓ ମୋରୁମ ଦ୍ୱାରା ହୋଇଥିବା ଏହି ରାସ୍ତାରେ ଅନେକ ଦିନ ଧରି କଲଭର୍ଟଟି ନିର୍ମାଣ ହୋଇଥିଲେ ହେଁ ଏହାକୁ ମୁଖ୍ୟ ରାସ୍ତା ସହ ସଠକ୍ ଭାବେ ଯୋଡା ଯାଇ ନଥିବା ବେଳେ ବର୍ଷା ଯୋଗୁଁ କଲଭର୍ଟ ନିକଟରେ ଆଣ୍ଠୁଏ ଉଚ୍ଚର ପାଣି ଜମିବା ସହ ପଙ୍କ କାଦୁଅ ହୋଇଥିବାରୁ ଏହି ରାସ୍ତାରେ ମୋଟର ସାଇକେଲ ଦ୍ୱାରା କିମ୍ବା ଚାଲି ଚାଲି ଯିବା ସମ୍ପୂର୍ଣ ରୂପେ କଷ୍ଟକର ହୋଇପଡିଛି। ବଡ଼ ଗାଡି ଗୁଡିକ ଯେକୌଣସି ମତେ ଏହି ରାସ୍ତା ଦେଇ ଯାଉଥିବା ବେଳେ ସ୍ଥାନୀୟ ଲୋକେ ସାଇକେଲ, ମୋଟର ସାଇକେଲ ଓ ଚାଲି ଚାଲି ଏହି ରାସ୍ତା ଦେଇ ଯାତାୟତ କରି ପାରୁନଥିବା ଅଭିଯୋଗ କରିଛନ୍ତି। ତୁରନ୍ତ ଏହି ରାସ୍ତାକୁ ମରାମତି କରାଇ କଲଭର୍ଟ ସହ ରାସ୍ତାକୁ ସଠିକ୍ ଭାବେ ଯୋଡିବା ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି।



## ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ

# ଜିଲ୍ଲାର ୬୪୨୨ ମାମଲାର ସମାଧାନ

ଜୟପୁର,୧୩।୯ (ସମିସ):



ଜାତୀୟ ଆଇନସେବା ପ୍ରାଧିକରଣ ଓ ରାଜ୍ୟ ଆଇନ ସେବା ପ୍ରାଧିକରଣ ନିର୍ଦ୍ଦେଶକ୍ରମେ ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ କୋରାପୁଟ ଜିଲ୍ଲା ଜୟପୁର ସ୍ଥିତ ଦୌରାଜଜ ତଥା ଜିଲ୍ଲା ଆଇନ ସେବା ପ୍ରାଧିକରଣ ଅଧ୍ୟକ୍ଷ ପ୍ରଦୀପ କୁମାର ମହନ୍ତଙ୍କ ତତ୍ତ୍ୱାବଧାନରେ ଜୟପୁର ଜିଲ୍ଲା କୋର୍ଟରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାର କୋରାପୁଟ, କୋଟପାଡ, ଲକ୍ଷ୍ମୀପୁର, ସେମିଳିଗୁଡା, ବୋରିଗୁମ୍ମା, ଦଶମନ୍ତପୁର, ଲମତାପୁଟରେ ଥିବା କୋର୍ଟ ପରିସରରେ ମଧ୍ୟ ରାଷ୍ଟ୍ରୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଥିଲା। କୋରାପୁଟ, ଜୟପୁର ଉପଜିଲ୍ଲାପାଳ ଓ ଜିଲ୍ଲାର ସମସ୍ତ ତହସିଲଦାର, ଆଞ୍ଚଳିକ ପରିବହନ କାର୍ଯ୍ୟାଳୟ ଦ୍ୱାରା ଏହ ରାଷ୍ଟ୍ରିୟ ଲୋକ ଅଦାଲତରେ ରାଜସ୍ୱ ବିବାଦର ଫଏସଲା କରାଯାଇଥିଲା। ଏହି ରାଷ୍ଟ୍ରୀୟ ଲୋକଅଦାଲତରେ ୩୭ଟି ମୋଟର ଦୁର୍ଘଟଣା ଜନିତ କ୍ଷତି ପୂରଣ ମାମଲାର ଫଏସଲା କରି ବୀମା କମ୍ପାନୀ ମାନଙ୍କୁ କ୍ଷତି ପୂରଣ ବାବଦରେ ନିର୍ଦ୍ଦେଶ ଦିଆଯାଇ ଅବେଦନକରାମାନଙ୍କୁ ୨କୋଟି ୮୭ ଲକ୍ଷ ୧୦ ହଜାର ଟଙ୍କା କ୍ଷତି ପୂରଣ ଦେବା ପାଇଁ ଧାର୍ଯ୍ୟ କରଯାଇଥିଲା। ସେହିପରି ୧୨ଟି ସାଲିସଯୋଗ୍ୟ ଫୌଜଦାରୀ ମାମଲା, ୧୯ଟି ବ୍ୟାଙ୍କ ଋଣ ମାମଲାର ସମାଧାନ କରାଯାଇ ୨୧ଲକ୍ଷ ୭୭ହଜାର ୮୬୧ ଟଙ୍କା ବକେୟା ଆଦାୟ ହୋଇଥିଲା। ୬ଟି ବୈବାହିକ ମାମଲା, ୫୦ ଗୋଟି ଦେବାନୀ ମାମଲାର ଫଇସଲା କରାଯାଇ ୭୨ଲକ୍ଷ ୫୦ହଜାର ଧାର୍ଯ୍ୟ କରାଯାଇଛି। ଏହାସହିତ ୩୬ ଗୋଟି ଏନଆଇ ଧାରାରେ ରୁଜୁ ମାମଲାର ସମାଧାନ କରାଯାଇ ୭୮ଲକ୍ଷ ୧୨ ହଜାର ୭୬୭ ଟଙ୍କା ଧାର୍ଯ୍ୟ ହେଇଥିଲା। ସେହିପରି ୨୬୬ ଗୋଟି ଅନ୍ୟାନ୍ୟ ଫୌଜଦାରୀ ମାମଲାର ସମାଧାନ କରାଯାଇ ୧ଲକ୍ଷ ଧାର୍ଯ୍ୟ କରାଯାଇଛି। କୋରାପୁଟ ଓ ଜୟପୁର ଉପ-ଜିଲ୍ଲାପାଳ ଓ ଜିଲ୍ଲାର ସମସ୍ତ ତହସିଲଦାର ମାନଙ୍କ ଦ୍ୱାରା ସର୍ବମୋଟ ୫୩୨୭ ରାଜସ୍ୱ ବିବାଦର ସମାଧାନ କରାଯାଇ ୩ ଲକ୍ଷ ୮ହଜାର ୬୬୪ ଟଙ୍କା ଅଦାୟ କରଯାଇଥିଲା। ସର୍ବମୋଟ ବିଚାରାଧୀନ ବିବାଦୀୟ ମାମଲା ୫୭୫୩ଟି ବିଚାର କରାଯାଇ ୪କୋଟି ୬୩ ଲକ୍ଷ ୫୯ ହଜାର ୨୯୨ ଟଙ୍କା ଧାର୍ଯ୍ୟ କରାଗଲା। ଏହା ବ୍ୟତୀତ ବ୍ୟାଙ୍କ ଋଣ ମାମଲା, ଜିଲ୍ଲା ପରିବହନ ବିଭାଗ ଟାଟା ପାୱାର, ବିଏସଏନଏଲ, ପାରିବାରିକ ମାମଲା, ଜମିଜମା ମାମଲା ଇତ୍ୟାଦି ୨୨୧୭ରୁ ୬୬୯ଟି ମାମଲା ସମାଧାନ କରାଯାଇ ୨ କୋଟି ୬ଲକ୍ଷ ୯୦ ହଜାର ୭୫୯ ଟଙ୍କା ଧାର୍ଯ୍ୟ କରାଗଲା। ଏହି ଅଦାଲତରେ ଜିଲ୍ଲା ଦୌରାଜଜ୍ କୋରାପୁଟ ପ୍ରଦୀପ କୁମାର ମହନ୍ତ, ବରିଷ୍ଠ ଦେବାନୀ ବିଚାରପତି ସ୍ୱୟଂପ୍ରକାଶ ଦାସ, ମହିଳା ଅଦାଲତ ବିଚାରପତି ଅଳକାନନ୍ଦ ମହାନ୍ତି, ମୁଖ୍ୟ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ତଥା ଭାରାପ୍ରାପ୍ତ ସଚିବ ସ୍ଥାୟୀ ଓ ନିରନ୍ତର ଲୋକ ଅଦାଲତ ବିଚାରପତି ଏସ୍ ଶୁଭଲକ୍ଷ୍ମୀ, ରେଜିଷ୍ଟ୍ରାର ବିଷ୍ଣୁ ପ୍ରସାଦ ଦେବତା, ଉପଖଣ୍ଡ ବିଚାର ବିଭାଗୀୟ ଦଣ୍ଡାଧିକାରୀ ସନ୍ତୋଷ କୁମାର ବାରିକ, ପ୍ରଥମ ଶ୍ରେଣୀ ବିଚାରବିଭାଗୀୟ ଦଣ୍ଡାଧିକାରୀ ହରମନ ଦାଶ, ଦ୍ୱିତୀୟ ଶ୍ରେଣ୍ରୀ ବିଚାରବିଭାଗ ଦଣ୍ଡାଧିକାରୀ ସୁଶ୍ରୀ ଦୀକ୍ଷା ରାଉତରାୟ, ପ୍ରଜ୍ଞା ସୁମନ ମହାପାତ୍ର ପ୍ରମୁଖ ମୁଖ୍ୟାଳୟରେ ବିଭିନ୍ନ ବେଞ୍ଚରେ ଉପସ୍ଥିତ ରହି ପୃଥକ ପୃଥକ ଭାବେ କୋର୍ଟରେ ମକଦ୍ଦମା ଗୁଡିକର ସମାଧାନ କରିଥିଲେ। ଏଥିରେ କୋରାପୁଟ ଜିଲ୍ଲା ଆଇନଜୀବୀ ସଂଘର ଆଇନଜୀବୀ ସମ୍ପୂର୍ଣ୍ଣ ଭାବରେ ସହଯୋଗ କରିଥିଲେ। ବରିଷ୍ଠ ଆଇନଜୀବୀ ଦାଶରଥି ପଟ୍ଟନାୟକ, ଶଶାନନ୍ଦ ମିଶ୍ର, ତ୍ରିନାଥ ସିଂ ଲାଲ୍, ଜ୍ୟୋତି ରଞ୍ଜନ ପୂଜାରୀ, ଗିରିଧର ଖରା, ସୁନୀଲ କୁମାର ମହାନ୍ତି, ମୋନଜବାଳା ଦିନବନ୍ଧୁ, ବିନୟ ବିଶ୍ୱାସ, ସୁରେଶ କୁମାର ହଡପ ଓ ଯୁଗୋଲ କିଶୋର ପଟ୍ଟନାୟକ ପ୍ରମୁଖ ସହଯୋଗ କରିଥିଲେ।

# ପୂର୍ବ ଶତ୍ରୁତାରୁ ଅଟୋଚାଳକଙ୍କୁ ହତ୍ୟା

ଟିକିରି ,୧୩।୯ (ସମିସ): ରାୟଗଡ଼ା ଜିଲ୍ଲାରେ ଗୁଣି ଗାରେଡିକୁ କେନ୍ଦ୍ର କରି ପୂର୍ବ ଶତ୍ରୁତାକୁ ନେଇ ପୁଣି ଜଣଙ୍କୁ ହତ୍ୟା କରାଯାଇଥିବା ଅଭିଯୋଗ ହୋଇଛି। ହତ୍ୟାର ଶୀକାର ହୋଇଛନ୍ତି ଅଟୋ ଚାଳକ ଖଗେଶ୍ୱର ମାଣ୍ଡାଙ୍ଗି। ହତ୍ୟାକାରୀ ଫେରାର ଥିବା ଜଣାପଡିଛି। ଘଟଣାଟି ଘଟିଛି ଦୋରାଗୁଡା ଥାନା ଅନ୍ତର୍ଗତ ଏକାଡେଲି କରଲ ଛକ ନିକଟରେ। ଅଟୋ ଚାଳକ ଖଗେଶ୍ୱରକୁ ଗଳାକାଟି ବିଭତ୍ସ ଭାବେ ହତ୍ୟା କରାଯାଇଛି। ଘଟଣାସ୍ଥଳରୁ ମୃତକଙ୍କ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପୁଲିସ ପଠାଇଥିବା ବେଳେ ସାଇଣ୍ଟିଫିକ୍ ଟିମ ଓ ପୁଲିସ ତଦନ୍ତ ଆରମ୍ଭ କରିଛନ୍ତି।

ସୂଚନା ପ୍ରକାରେ,କଳାଆମ୍ବ ଗ୍ରାମର ଖଗେଶ୍ୱର ମାଣ୍ଡାଙ୍ଗି ଓ ରମାକାନ୍ତ ମାଣ୍ଡାଙ୍ଗି ଦୁଇ ବନ୍ଧୁ ଶୁକ୍ରବାର ରାତିରେ ଟିକିରି ବାଲିଯାତ୍ରା ଦେଖି ଗାଁକୁ ଫେରୁଥିବା ସମୟରେ ଗାଁର ଚିତ୍ରସେନ ମାଣ୍ଡାଙ୍ଗି ଅଟୋକୁ ଅଟକାଇ ତାଙ୍କ ସହ ଗାଁକୁ ଯିବା ପାଇଁ କହି ତିନିଜଣ ଅଟୋରେ ଫେରୁଥିଲେ। ପଛସିଟ୍‌ରେ ରମାକାନ୍ତ ଶୋଇ ଥିବା ବେଳେ ଅଟୋ ଚାଳକ ଖଗେଶ୍ୱରଙ୍କ ସହ ଚିତ୍ର ବସି ଆସୁଥିଲେ। ଅଟୋଟି ଦୋରାଗୁଡା ଥାନା ଅନ୍ତର୍ଗତ ଏକାଡେଲି କରଲ ଛକ ନିକଟରେ ପହଞ୍ଚିବା ବେଳକୁ ହଠାତ୍ ଚିତ୍ର



### ଅଭିଯୁକ୍ତ ଫେରାର

ଉତେଜିତ ହୋଇ ପାଖରେ ରଖିଥିବା ଏକ ଧାରୁଆ ଛୁରୀରେ ଖଗେଶ୍ୱରର ଗଳାକାଟିବା ସହ ଶରୀର ଅନ୍ୟ ସ୍ଥାନଗୁଡିକକୁ ଆଘାତ କରିଥିଲା। ଅଟୋରେ ଶୋଇଥିବା ରମାକାନ୍ତ ଚିତ୍କାର ଶୁଣି ଉଠି ଖଗେଶ୍ୱରକୁ ଚିତ୍ର ଠାରୁ ଉଦ୍ଧାର କରିବାକୁ ଚେଷ୍ଟା କରିଥିବା ବେଳେ ଚିତ୍ର ଆକ୍ରୋଶମୂଳକ ଭାବେ ରମାକାନ୍ତକୁ ମଧ୍ୟ ଆକ୍ରମଣ କରିବାରୁ ପ୍ରାଣ ବିକଳରେ ଘଟଣାସ୍ଥଳରୁ ଚାଲି ଆସି ଖଗେଶ୍ୱରଙ୍କ ପରିବାରକୁ ଏବଂ ପୋଲିସକୁ ସୂଚନା ଦେଇଥିଲେ। ଖବର ପାଇ ତୁରନ୍ତ ଦୋରାଗୁଡା ଥାନା ଆଇଆଇସି କିରଣବାଳା ସାମଲ ଏବଂ ପରିବାର ଲୋକେ ପହଞ୍ଚି ଖଗେଶ୍ୱରକୁ ଗୁରୁତର ଅବସ୍ଥାରେ ଉଷାପଡା ସ୍ଥିତ ଉତ୍କଳ ହସ୍ପିଟାଲକୁ ନେଇଥିଲେ। ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଆଜି ସକାଳେ କାଶିପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ଶବ ବ୍ୟବଚ୍ଛେଦ ପାଇଁ ପଠାଯାଇଥିବା ବେଳେ ରମାକାନ୍ତଙ୍କ ଠାରୁ ସମସ୍ତ ଘଟଣା ସମ୍ପର୍କରେ ଅବଗତ ହୋଇ ପରିବାର ଲୋକେ ଦୋରାଗୁଡା ଥାନାରେ ଅଭିଯୁକ୍ତ ଚିତ୍ର ମାଣ୍ଡାଙ୍ଗିଙ୍କ ବିରୋଧରେ ହତ୍ୟା ଅଭିଯୋଗ ଆଣିଛନ୍ତି। ମୃତକଙ୍କ ପରିବାର ସହ ଅଭିଯୁକ୍ତ ଚିତ୍ର ମାଣ୍ଡାଙ୍ଗିଙ୍କ ପରିବାର ମଧ୍ୟରେ ପୂର୍ବରୁ ଗୁଣି ଗାରେଡିକୁ ସନ୍ଦେହ କରି ପୂର୍ବ ଶତ୍ରୁତା ରହିଥିବା ନେଇ ମୃତ ଖଗେଶ୍ୱରର ଭାଇ ସୁଶାନ୍ତ ମାଣ୍ଡାଙ୍ଗି ପ୍ରକାଶ କରିଛନ୍ତି। ଆଜି ପୁଲିସ ତଦନ୍ତ ବେଳେ ଏସଡିପିଓ ଗୌରହରୀ ସାହୁ, ଦୋରାଗୁଡା ଥାନା ଅଧିକାରୀ କିରଣବାଳା ସାମଲ, ଟିକିରି ଥାନା ଆଇଆଇସି ବିଶ୍ୱବନ୍ଦନୀ ବାଗ ଓ ସାଇଣ୍ଟିଫିକ୍ ଟିମ୍ ଉପସ୍ଥିତ ରହିଥିଲେ। ହତ୍ୟାକାରୀକୁ ତୁରନ୍ତ ଗିରଫ କରାଯିବ ବୋଲି ଏସଡିପିଓ ଶ୍ରୀ ସାହୁ ସୂଚନା ଦେଇଛନ୍ତି।

## ମୋଟୁ ଆଦାଲତରେ ଜାତୀୟ ଲୋକ ଅଦାଲତ

### ● ୨୬ଟି ମାମଲାର ସମାଧାନ

ଏମ୍‌ଭି,୭୯ (ସମିସ) ୧୩।୯: ମାଲକାନଗିରି ଜିଲ୍ଲାର ଏମ.ଭି ୭୯ ସ୍ଥିତ ଜେଏମଏଫସି ମୋଟୁ ଆଦାଲତ ପ୍ରାଙ୍ଗଣରେ ଆଜି ତୃତୀୟ ଜାତୀୟ ଲୋକ ଆଦାଲତ ୨୦୨୫ ଅନୁଷ୍ଠିତ ହୋଇଯାଇଛି। ଏହି ଲୋକ ଆଦାଲତରେ ଟିଏଲଏସ୍ ଚେୟାରମ୍ୟାନ ମୋଟୁ ଜେଏମ୍‌ଏଫସି, ଅନୁସମ ଦାସ ଅଧ୍ୟକ୍ଷତା କରିଥିଲେ। କାର୍ଯ୍ୟକ୍ରମରେ ଆଇନଜୀବୀ ହିରୋଜ କୁମାର ପାଣିଗ୍ରାହୀ, ବିପ୍ଳବ ଦତ୍ତ, ମାନସ ହାଲଦାର ଓ ସରକାରୀ ଓକିଲ ତାପସ ନାଥଙ୍କ ସହିତ ଅନ୍ୟାନ୍ୟ ଆଇନଜୀବୀ ଓ କର୍ମଚାରୀ ମାନେ ଉପସ୍ଥିତ ଥିଲେ। ଏହି ଲୋକ ଆଦାଲତରେ ମୋଟ ୨୬ଟି ମାମଲାର ଫୈସଲା କରାଯାଇଥିଲା। ବିଭିନ୍ନ ସିଭିଲ୍ ମାମଲା, ମୋଟର ଆକ୍ସିଡେଣ୍ଟ କ୍ଲେମ୍ ଓ ପାରିବାରୀକ ମାମଲାକୁ ସୁଲଭ, ଦ୍ରୁତ ଓ ସମ୍ମିଳିତ ସମାଧାନ ମାଧ୍ୟମରେ ନିଷ୍ପତ୍ତି ନିଆଯାଇଥିଲା। ଲୋକ ଆଦାଲତର ମାଧ୍ୟମରେ ମାମଲାରେ ଜଡିତ ପକ୍ଷଗୁଡ଼ିକୁ ଦୀର୍ଘ ପ୍ରକ୍ରିୟାରୁ ମୁକ୍ତ କରି ସହଜ ଓ ମାଗଣା ନ୍ୟାୟ ଦେବାରେ ସାହାଯ୍ୟ ମିଳିଥିଲା। ସ୍ଥାନୀୟ ଲୋକେ ମଧ୍ୟ ଏହି ପ୍ରୟାସକୁ ସ୍ୱାଗତ କରିଥିଲେ ଏବଂ ଆଗାମୀ ଦିନରେ ମଧ୍ୟ ଏପରି ଲୋକ ଆଦାଲତ ଆୟୋଜନ ହେଲେ ବିଭିନ୍ନ ମାମଲାର ତ୍ୱରିତ ସମାଧାନ ହୋଇପାରିବ ବୋଲି ପ୍ରକାଶ କରିଥିଲେ।

# ପାଣି ପାଇଁ ରାସ୍ତାରୋକ କଲେ ମହିଳା



ଟିକିରି,୧୩।୯ (ସମିସ): ପାଣିପାଇଁ ରାଜରାସ୍ତାକୁ ହାଣ୍ଡି , ଗରା, ମାଠିଆ ଧରି ଓହ୍ଲାଇଲେ ମହିଳା। ରାୟଗଡା ଜିଲ୍ଲା କାଶିପୁର ବ୍ଲକ ଅନ୍ତର୍ଗତ ଡୁଡୁକାବାହାଲ ପଞ୍ଚାୟତ ସଦର ଡମସାହିରେ କାଶିପୁର ଠାରୁ ରାୟଗଡ଼ା ଯିବା ୪୪ନଂ ରାଜ୍ୟ ରାଜପଥକୁ ସକାଳ ୮ଟାରୁ ୧୦ଟା ଯାଏଁ ଅବରୋଧ କରି ରଖିଥିଲେ। ୧୦ ଦିନରୁ ଅଧିକ ହେବ ବସୁଧା ପାନୀୟ ଜଳଯୋଗାଣ ବନ୍ଦ ରହିଥିବାରୁ ଗ୍ରାମବାସୀ ନାହିଁ ନଥିବା ଅସୁବିଧା ଭୋଗୁଛନ୍ତି। ବାରମ୍ବାର ସରପଞ୍ଚ ଓ ପିଇଓଙ୍କୁ ଜଣାଇବା ପରେ ମଧ୍ୟ କୌଣସି ସମାଧାନ ନହେବାରୁ ଶନିବାର ସକାଳେ ରାଜରାସ୍ତାକୁ ଓହ୍ଲାଇ ରାସ୍ତାରୋକ କରିଥିଲେ। ଖବର ପାଇ ଟିକିରି ପୁଲିସ ଘଟଣାସ୍ଥଳରେ ପହଞ୍ଚି ମହିଳା ମାନଙ୍କ ବୁଝାସୁଝା କରିଲା ପରେ ଓ ତୁରନ୍ତ ମରାମତି କରିଲା ପରେ ପାଣି ଚାଲିବାରୁ ରାସ୍ତାରୋକ ଉଠି ଗାଡି ଚଳାଚଳ ସ୍ୱାଭାବିକ ହୋଇଥିଲା। ସାହିରେ ପ୍ରାୟ ୧୦୦ ପରିବାର ବସବାସ କରୁଥିବା ବେଳେ ମାତ୍ର ୨ଟି ନଳକୂପ ରହିଛି। ସାହିରେ ସୌରଚାଳିତ ନଳକୂପ ବସାଇବା ପାଇଁ ସାକରାବତୀ ନାଏକ, ସରୁସମତୀ ନାଏକ, ପଦ୍ମତୁଳା ନାଏକ, ରତ୍ନମଣି ନାଏକ,ମାଣିକ ନାଏକ, ନିଳେନ୍ଦ୍ରୀ ନାଏକ, ଯମୁନା ନାଏକ, ସାବିତ୍ରୀ ନାଏକ, ଲୋଇ ନାଏକ ଓ ଅନ୍ୟ ମାନେ ଯଥାଶିଘ୍ର ସମସ୍ୟ ସମାଧାନ ପାଇଁ ବିଭାଗୀୟ ଅଧିକାରୀ ଧ୍ୟାନ ଦେବାକୁ ଅନୁରୋଧ କରିଛନ୍ତି।

# ପଦ୍ମପୁର ପଞ୍ଚାୟତ ସମିତି ବୈଠକ

ପଦ୍ମପୁର,୧୩।୯ (ସମିସ): ରାୟଗଡ଼ା ଜିଲ୍ଲାର ପଦ୍ମପୁର ବ୍ଲକ୍ କାର୍ଯ୍ୟାଳୟ ପରିସର ସଦ୍ ଭାବନା ଗୃହ ଠାରେ ସମିତି ବୈଠକ ଅନୁଷ୍ଠିତ ହୋଇଯାଇଛି। ପଦ୍ମପୁର ଗୋଷ୍ଠୀ ଉନ୍ନୟନ ଅଧିକାରୀ କୁରେଶୁ ଜାନୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଗୁଣପୁର ବିଧାୟକ ସତ୍ୟଜିତ ଗମାଙ୍ଗ, ପଦ୍ମପୁର ବ୍ଲକ୍ ଅଧ୍ୟକ୍ଷ ମଣିମାଳା ଶବର, ପଦ୍ମପୁର ତହସିଲଦାର ଶଙ୍କର ବାଗ୍, ସହକାରୀ ଯନ୍ତ୍ରୀ ହରେକୃଷ୍ଣ ପଣ୍ଡା, ଇସ୍ମାଇଲ୍ ଶବର , ଆଦିତ୍ୟ ମିଶ୍ର, ଜଗନ୍ ମୋହନ ସାହୁ, ଗୈରୀ ଶଙ୍କର ପାଇକ୍ ରାୟ, ବ୍ଲକ ଉପାଧ୍ୟକ୍ଷ ରମେଶ ଚନ୍ଦ୍ର ସାହୁ, ସାଂସଦ ପ୍ରତିନିଧି , ଏମ୍ ସୁରେଶ୍ କୁମାର, ଗ୍ରାମପଞ୍ଚାୟତ ଅଧିକାରୀ ଗୈରାଙ୍ଗ କାଦମ୍ବୁଲ୍ , ବରିଷ୍ଠ ପିଇଓ ପ୍ରକାଶ ସେନାପତି ସରପଞ୍ଚ ପ୍ରକାଶ କଣ୍ଡାଗୀରି, ଗୋଦାବରୀ ରାଉତ, ସମନ୍ୱିତ ଶିଶୁ ବିକାଶ ଅଧିକାରୀ ଅନିତା ପାଣିଗ୍ରାହୀ, ଗ୍ରାମ ଜଳଯୋଗାଣ ଅଧିକାରୀ ଅଜୟ ମାଝୀ, ବ୍ଲକ ଶିକ୍ଷା ଅଧିକାରୀ ହୃଷିକେଶ ରଥ, ରବିନାରାୟଣ ଆଚାର୍ଯ୍ୟ,ଆରଡି ଯନ୍ତ୍ରୀ ଶୈଳେନ୍ଦ୍ର ମହାପାତ୍ର, ବିଦ୍ୟୁତ ବିଭାଗର ଯନ୍ତ୍ରୀ ସୁଶାନ୍ତ ସାହୁ, ଏହି ବୈଠକରେ ଆଖୁ ସିଂ ସରପଞ୍ଚ ମହାପାତ୍ର ଆଖୁସିଂ ପଞ୍ଚାୟତର



ପାନୀୟ ଜଳ ସମସ୍ୟା, ସରକାରୀ ବାପୁଜୀ ଉଚ୍ଚ ବିଦ୍ୟାଳୟର ଛାତ୍ର ନିବାସକୁ ବେସରକାରୀ ସ୍ଥାନରେ ଖୋଲାଯାଇଥିବା ଯୋଗୁଁ ବାହାର ଲୋକଙ୍କ ଇଚ୍ଛାରେ ଜଳ ଯୋଗାଣ ହେଉଥିବାରୁ ଅଶାନ୍ତି ସୃଷ୍ଟି ହୋଇ ସ୍କୁଲ କୁ ଆବଶ୍ୟକ ଜଳ ଯୋଗାଣ ହୋଇନଥିବା ସମ୍ପର୍କରେ ମତବ୍ୟକ୍ତ କରିଥିଲେ। ସେହିପରି ପଦ୍ମପୁର ସରପଞ୍ଚ ପ୍ରକାଶ କଣ୍ଡାଗୀରି ଗ୍ରାମ ରାସ୍ତାରୁ ଆରଡି ମୁଖ୍ୟ ରାସ୍ତାକୁ ସଂଯୋଗ କରୁଥିବା ରାସ୍ତାର ଉଭୟ ପାଶ୍ୱର୍ରେ ବର୍ଷ ଦିନ ରେ ଲଟାବୁଦା ହେଉଥିବା ଯୋଗୁଁ ଦୁର୍ଘଟଣା ଘଟୁଥିବା ସମ୍ପର୍କରେ ଦୃଷ୍ଟି ଆକର୍ଷଣ କରାଯାଇଥିଲା। ଏହି ସମୟରେ ପଦ୍ମପୁର ଗୋଷ୍ଠୀ ଉନ୍ନୟନ ଅଧିକାରୀ କୁରେଶୁ ଜାନୀ ପଦ୍ମପୁର ବ୍ଲକ ଆକାଂକ୍ଷା ପାଇଁ ରାଜ୍ୟସ୍ତରରେ ପୁରସ୍କୃତ ହୋଇଥିବା ଯୋଗୁଁ ସମସ୍ତ ପ୍ରକାର ପଞ୍ଚାୟତରାୟ ଅଭିଯୋଗ ଗୁଡ଼ିକର ଅନୁଧାନ କରି ତୁରନ୍ତ ପଦକ୍ଷେପ ନେବା ଉପରେ ମତ ରଖିଥିଲେ। ଏହି ବୈଠକରେ ଶିକ୍ଷା ବିଭାଗ, ପାନୀୟ ଜଳ ଯୋଗାଣ, ସ୍ୱାସ୍ଥ୍ୟ, ଶିଶୁ ବିକାଶ, ମିଶନ ଶକ୍ତି, ପଶୁସମ୍ପଦ ବିଭାଗ, ଉଦ୍ୟାନ ବିଭାଗ , ଅନୁସୂଚିତ ଜାତି ଜନଜାତି କଲ୍ୟାଣ ବିଭାଗ, ଗ୍ରାମ ଉନ୍ନତି କରଣ, ବିଦ୍ୟୁତ ବିଭାଗ, ଜାତୀୟ କର୍ମ ନିଯୁକ୍ତି ଯୋଜନା, ସ୍ୱଚ୍ଛଭାରତ ମିଶନ, ସାମାଜିକ ସୁରକ୍ଷା ଯୋଜନା, ଓଡ଼ିଶା ଜୀବିକା ମିଶନ, ବଡନାଳ ଜଳ ଯୋଗାଣ ପ୍ରକଳ୍ପର ବିଭିନ୍ନ ଅଧିକାରୀ ,ବ୍ଲକର ବିଭିନ୍ନ ସମିତି ସଭ୍ୟ ସଭ୍ୟାମାନେ ଯୋଗ ଦେଇ ଥିଲେ।

## ଆଦି କର୍ମଯୋଗୀ ଅଭିଯାନପ୍ରଶିକ୍ଷଣ କାର୍ଯ୍ୟକ୍ରମ

ରାୟଗଡ଼ା,୧୩।୯ (ସମିସ): ଆଦି କର୍ମଯୋଗୀ ଅଭିଯାନ ଅନ୍ତର୍ଗତ ୩-ଦିନିଆ ଆବାସିକ ପ୍ରଶିକ୍ଷଣ-କମ୍-ଡିଜାଇନ୍ କର୍ମଶାଳା ସିରିଗୁଡା ଏକଲବ୍ୟ ଆଦର୍ଶ ଆବାସିକ ବିଦ୍ୟାଳୟରେ ଆରମ୍ଭ ହୋଇଛି। ଏହି ପ୍ରଶିକ୍ଷଣ ୧୩ ରୁ ୧୫ ସେପ୍ଟେମ୍ବର ପର୍ଯ୍ୟନ୍ତ ୩ଦିନ ଧରି ଚାଲିବ। ଏହାକୁ ଜିଲ୍ଲା ପରିଷଦ ସିଡ଼ିଓ ଅକ୍ଷୟ କୁମାର ଖେମୁଣ୍ଡୁ ଉଦ୍‌ଘାଟନ କରିଥିଲେ। ପ୍ରଶିକ୍ଷଣ ପ୍ରାୟୋଗିକ ହେବା ଆବଶ୍ୟକ ଓ ଗ୍ରାମସ୍ତରରେ ଲୋକଙ୍କ ପାଇଁ କାମକୁ ଆସିବା ଉଚିତ୍ ବୋଲି ଶ୍ରୀ ଖେମୁଣ୍ଡୁ ମତ ଦେଇଥିଲେ। ଆଇଟିଡ଼ିଏ ପ୍ରକଳ୍ପ ପ୍ରଶାସକ ଏବଂ କାର୍ଯ୍ୟକ୍ରମର ନୋଡାଲ୍ ଅଫିସର୍ ଚନ୍ଦ୍ରକାନ୍ତ ମାଝୀ ଏହି ଅଭିଯାନର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ବିଷୟରେ କହିଥିଲେ। ଏହି କାର୍ଯ୍ୟକ୍ରମରେ ବ୍ଲକ ସ୍ତରୀୟ ମାଷ୍ଟର ଟ୍ରେନର ଓ ବିଡିଓ ସହିତ ବିଭିନ୍ନ ବିଭାଗୀୟ କର୍ମଚାରୀ ବ୍ଲକ ସ୍ତରୀୟ ମାଷ୍ଟର ଟ୍ରେନର ମାନଙ୍କୁ ନିଜ୍ ଅଭିଜ୍ଞତା ଓ ପ୍ରଶିକ୍ଷଣ ଦେଉଛନ୍ତି। ପ୍ରଶିକ୍ଷିତ ବ୍ଲକ ସ୍ତରୀୟ ମାଷ୍ଟର ଟ୍ରେନର ପରେ ଗ୍ରାମ ସ୍ତରରେ ଯୋଜନା ପ୍ରସ୍ତୁତିରେ ସହାୟତା କରିବେ। ଗ୍ରାମବାସୀମାନେ ସରକାରୀ ଯୋଜନାରୁ ଅଧିକ ଲାଭ ନେଇପାରିବେ। ଅଧିକାରୀମାନେ କହିଛନ୍ତି, ଏହି ପ୍ରଶିକ୍ଷଣ ଦ୍ୱାରା ଗ୍ରାମରେ ଜୀବିକା, ଶିକ୍ଷା, ସ୍ୱାସ୍ଥ୍ୟ ଓ ଅନ୍ୟାନ୍ୟ ସେବାଗୁଡ଼ିକ ଆଗକୁ ବଢ଼ିବ। ଏହା ସହିତ ଲୋକମାନଙ୍କର ସକ୍ରିୟ ଭାଗିଦାରି ବୃଦ୍ଧି ପାଇବାରେ ସରକାରୀ ଯୋଜନା ଅଧିକ ପ୍ରଭାବଶାଳୀ ହେବ।

## ଇନ୍ଦିରା ଗାନ୍ଧି ଜାତୀୟ ମୁକ୍ତ ବିଶ୍ୱବିଦ୍ୟାଳୟରେ ସ୍ୱଚ୍ଛତା ପକ୍ଷ

ରାୟଗଡ଼ା,୧୩।୯ (ସମିସ): ସ୍ୱଚ୍ଛତା ପଖୱାଡା ଅବସରରେ ଇଗ୍ନୋ ଦ୍ୱାରା ରାୟଗଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟରେ ବିଶାଳ ସ୍ୱଚ୍ଛତା କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷା ତଥା ଇଗ୍ନୋ ସମନ୍ୱୟକାରୀ ଡ଼. ସରସ୍ୱତୀ ରାୟଙ୍କ ନେତୃତ୍ୱରେ ଏହି କାର୍ଯ୍ୟକ୍ରମରେ ରେଡ୍‌କ୍ରସ, ଏନ୍‌ସିସି, ଏନ୍‌ଏସଏସ ସ୍ୱେଚ୍ଛାସେବୀ, ଅଧ୍ୟାପକ, ଅଧ୍ୟାପିକା ଓ ଛାତ୍ରଛାତ୍ରୀମାନେ ଅଂଶଗ୍ରହଣ କରିଥିଲେ। ମହାବିଦ୍ୟାଳୟ ପରିସର ସହିତ ବିଭିନ୍ନ ବିଭାଗ, ଶ୍ରେଣୀଗୃହ ଓ ଖେଳ ପଡିଆରେ ସ୍ୱଚ୍ଛତା କାର୍ଯ୍ୟ କରାଯାଇଥିଲା। ରେଡ୍ କ୍ରସ, ଏନ୍‌ସିସି, ଏନ୍‌ଏସଏସ ସ୍ୱେଚ୍ଛାସେବୀ ଓ ଛାତ୍ରଛାତ୍ରୀମାନେ ଝାଡୁ ହାତରେ ଧରି ପରିସରକୁ ପରିଷ୍କାର କରିଥିଲେ। ଏହି




ଉପଲକ୍ଷେ ଆୟୋଜିତ ସଭାରେ ଅଧ୍ୟକ୍ଷା ଡ଼.ରାୟ ସ୍ୱଚ୍ଛତାର ଗୁରୁତ୍ୱକୁ ଆଲୋକପାତ କରିଥିଲେ। ପି.ଜି. କାଉନସିଲ୍ ଚେୟାରମେନ ପି. ଅରୁଣ କୁମାର ସ୍ୱଚ୍ଛତା ହେଉଛି ସୁସ୍ଥ ସମାଜ ଓ ସୁସ୍ଥ ଜୀବନର ମୂଳ ଆଧାର ବୋଲି କହିଥିଲେ। ଅଧ୍ୟାପକ ସୁବ୍ରତ ପ୍ରଧାନ ତାଙ୍କର ବକ୍ତବ୍ୟରେ ସମସ୍ତଙ୍କୁ ସ୍ୱଚ୍ଛତାକୁ ସାମାଜିକ ଆନ୍ଦୋଳନ ରୂପେ ଗ୍ରହଣ କରିବା ପାଇଁ ଆହ୍ୱାନ କରିଥିଲେ। ଏହାପରେ ଦୁଇଜଣ ଛାତ୍ର-ପ୍ରତିନିଧି ସୁରଜ୍ ଓ ସୁଶୋଭନ୍ ମଧ୍ୟ ସ୍ୱଚ୍ଛତାରେ ଛାତ୍ରଛାତ୍ରୀମାନଙ୍କ ଭୂମିକା, ସଚେତନତା ସୃଷ୍ଟି କରିବା ଓ ସମାଜକୁ ଦିଗ୍ ଦର୍ଶନ କରିବା ବିଷୟରେ ମନ୍ତବ୍ୟ ରଖିଥିଲେ। ଏହି ସଭା ପରିଚାଳନାରେ ଅଧ୍ୟାପକ ଅଭିମନ୍ୟୁ ସିଂ, ପି. ବିନୟ ସହଯୋଗ କରିଥିଲେ।

## ଦଶହରା ପୂଜା କମିଟିର ସ୍ମରଣିକା ପ୍ରକାଶନ ନେଇ ବୈଠକ



ଜୟପୁର,୧୩।୯ (ସମିସ): ଜୟପୁର ଐତିହାସିକ ଦଶହରା ମହୋତ୍ସବରେ ପ୍ରକାଶ ପାଉଥିବା ସ୍ମରଣିକା ପତ୍ରିକା ‘ଅପରାଜିତା’ ପ୍ରକାଶନ ନେଇ ଦଶହରା ମହୋତ୍ସବ ପୂଜା କମିଟି ପକ୍ଷରୁ ଏକ ବୈଠକ ଆଜି ସଂଧ୍ୟାରେ ବିଧାୟକଙ୍କ ବାସଭବନ ଠାରେ ଅନୁଷ୍ଠିତ ହୋଇଯାଇଛି। ଅପରାଜିତା ସ୍ମରଣିକା ପତ୍ରିକାର ପୃଷ୍ଠପୋଷକ ତଥା ଜୟପୁର ବିଧାୟକ ତାରାପ୍ରସାଦ ବାହିନୀପତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ପ୍ରତ୍ୟେକ ବର୍ଷ ଭଳି ଚଳିତ ବର୍ଷ ଜୟପୁର ଐତିହ୍ୟ, ଗୌରବ ଓ ଗବେଷଣାତ୍ମକ ଲେଖାକୁ ନେଇ ଏହି ସ୍ମରଣିକା ପ୍ରକାଶ ପାଇବ ବୋଲି ଆଲୋଚନା କରାଯାଇଥିଲା। ଏହି ବୈଠକରେ ସ୍ମରଣିକାର ସମ୍ପାଦକ ଡ.ପରେଶ ରଥ, ସଂପାଦନା ମଣ୍ଡଳୀର ସଦସ୍ୟ ଡ.ସୁରେଶ ଦାଶ, ଶ୍ରୀନାଥ ମିଶ୍ର, ନବକୃଷ୍ଣ ରଥ, ହରିହର କରସୁଧା ପଟ୍ଟନାୟକ, ଡ. ସୁଧାଂଶୁ ଶେଖର ପଟ୍ଟନାୟକ, ନିହାର ରଞ୍ଜନ ବିଶୋୟୀ ପ୍ରମୁଖ ଉପସ୍ଥିତ ଥିଲେ।

## ଜୟପୁର ଆଇଟିଡିଏର ପ୍ରକଳ୍ପସ୍ତରୀୟ କମିଟି ବୈଠକ




କୋରାପୁଟ,୧୩।୯ (ସମିସ): ସ୍ଥାନୀୟ ସଦ୍‌ଭାବନା ସଭାଗୃହରେ ଜୟପୁର ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା ପକ୍ଷରୁ ୭୦ତମ ପ୍ରକଳ୍ପସ୍ତରୀୟ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି। ଅତିରିକ୍ତ ଜିଲ୍ଲାପାଳ ତପନ କୁମାର ନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ନବରଙ୍ଗପୁର ସାଂସଦ ବଳଭଦ୍ର ମାଝୀ, ,ଜୟପୁର ବିଧାୟକ ତାରା ପ୍ରସାଦ ବାହିନୀପତି, କୋରାପୁଟ ବିଧାୟକ ରଘୁରାମ ମାଛ, କୋଟପାଡ ବିଧାୟକ ରୁପୁ ଭତ୍ରା, କୋରାପୁଟ ସାଂସଦଙ୍କ ପ୍ରତିନିଧି ମନୋଜ ଆଚାର୍ଯ୍ୟ ଯୋଗଦେଇ ଜୟପୁର ଉପଖଣ୍ଡ ଅନ୍ତର୍ଗତ ବିଭିନ୍ନ ବ୍ଲକରେ ୨୦୨୫-୨୬ ଆର୍ଥିକ ବର୍ଷରେ କାର୍ଯ୍ୟକାରୀ ହେବାକୁ ଥିବା ପ୍ରକଳ୍ପ ଗୁଡ଼ିକର ଆକ୍ସନ ପ୍ଲାନକୁ ମଞ୍ଜୁରୀ ପ୍ରଦାନ କରିଥିଲେ। ଜୟପୁର ଆଇଟିଡିଏ ପ୍ରକଳ୍ପ ପ୍ରଶାସକ ତୃପ୍ତି ବରାଇ କାର୍ଯ୍ୟକ୍ରମରେ ଯୋଗଦେଇ ପରିଚାଳନା କରିଥିବା ବେଳେ ସହକାରୀ ନିର୍ବାହୀ ଯନ୍ତ୍ରୀ ଚୈତନ୍ୟ ବସ୍କି, ସହକାରୀ ଯନ୍ତ୍ରୀ ଗଗନ ବିହାରୀ ପତି, ପ୍ରୋଗ୍ରାମ ମ୍ୟାନେଜର ଦେବାଶିଷ ପଟ୍ଟନାୟକ ଏବଂ ଅନ୍ୟ କର୍ମଚାରୀ ପରିଚାଳନାରେ ସହଯୋଗ କରିଥିଲେ। ଜିଲ୍ଲା ମଙ୍ଗଳ ଅଧିକାରୀ ସୁନୀଲ କୁମାର ତାଣ୍ଡିଙ୍କ ସହ ଅନ୍ୟାନ୍ୟ ଅଧିକାରୀ ଏବଂ ବ୍ଲକ ଅଧ୍ୟକ୍ଷ ଓ ଅଧ୍ୟକ୍ଷା ମାନେ ଉପସ୍ଥିତ ଥିଲେ।

## ଲଚୁଗୁଡା ଗାଁରେ ଗୋଷ୍ଠୀ କେନ୍ଦ୍ର ଉଦ୍‌ଘାଟିତ



କାଶୀପୁର/ଟିକିରି ୧୩।୯ (ସମିସ) : ଉତ୍କଳ ଆଲୁମିନା, ହିଣ୍ଡାଲକୋ ଇଣ୍ଡଷ୍ଟ୍ରିଜ, ଆଦିତ୍ୟ ବିର୍ଲା ଗ୍ରୁପର ଏକ ସହଯୋଗୀ କମ୍ପାନୀ ଏହାର ସିଏସଆର୍ ଅନ୍ତର୍ଗତ କାଶୀପୁର ବ୍ଲକ ହାଡ଼ିଗୁଡା ପଞ୍ଚାୟତ ଅନ୍ତର୍ଗତ ଲଚ୍ଛୁଗୁଡ଼ା ଗ୍ରାମରେ ଏକ ଗୋଷ୍ଠୀ କେନ୍ଦ୍ର ଉଦ୍‌ଘାଟିତ ହୋଇଯାଇଛି। ଉତ୍କଳ ଆଲୁମିନା ସିଏସଆର ବିଭାଗ ପକ୍ଷରୁ ସ୍ଥାନୀୟ ପ୍ରଭାବିତ ଓ ପଶ୍ୱର୍ସ୍ଥ ଗ୍ରାମାଞ୍ଚଳବାସୀଙ୍କ ପାଇଁ ସର୍ବଦା ଆର୍ଥିକ, ସାମାଜିକ ତଥା ଗ୍ରାମାଞ୍ଚଳ ଭିତ୍ତିଭୂମି ବିକାଶ ଦିଗରେ କାର୍ଯ୍ୟ ଜାରି ରହିଛି। ଯୁବ ଓ ମହିଳାବର୍ଗଙ୍କ ମଧ୍ୟରେ କୌଶଳଭିତ୍ତିକ ଜୀବିକା ପ୍ରଦାନ ସହ ଶିକ୍ଷା, ସ୍ୱାସ୍ଥ୍ୟ ଉନ୍ନତି ଆଦି ଦିଗରେ ଉଲ୍ଲେଖନୀୟ ଭୂମିକା ନିର୍ବାହ କରିଛି। ଏହି କ୍ରମରେ ସ୍ଥାନୀୟ ଲଚ୍ଛୁଗୁଡା ଗ୍ରାମରେ ଗୋଷ୍ଠୀ କେନ୍ଦ୍ର ଉଦ୍‌ଘାଟିତ ହୋଇଛି। ଉକ୍ତ ଗୋଷ୍ଠୀ କେନ୍ଦ୍ର ସ୍ଥାନୀୟ ଗ୍ରାମବାସୀଙ୍କ ପାଇଁ ସାମାଜିକ ଓ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ ପାଇଁ ଉପଯୋଗ ହେବ। ଉକ୍ତ ଗୋଷ୍ଠୀ କେନ୍ଦ୍ର ଉଦଘାଟନୀ କାର୍ଯ୍ୟକ୍ରମରେ ଗ୍ରାମବାସୀ, ଏସଏଚଜି, ବିଦ୍ୟାଳୟ ଶିକ୍ଷାର୍ଥୀଙ୍କ ସମେତ କମ୍ପାନୀ ସିଏଆର୍ ମୁଖ୍ୟ ଲୋପାମୁଦ୍ରା ମିଶ୍ର, ପ୍ଲାଣ୍ଟ ସିଏସଆର ମୁଖ୍ୟ ଦିଗନ୍ତ ମହାନ୍ତି ଓ ଏଲଡିସି ଏଜିଏମ ଚନ୍ଦନ ଚୌଧୁରୀ ଉପସ୍ଥିତ ଥିଲେ। ଏଥିସହ ଉତ୍କଳ ଆଲୁମିନା ସିଏସ୍‌ଆର୍ ଟିମ ସଦସ୍ୟ ଯଥା ରୂପେନ ପଟ୍ଟନାୟକ, ସୁବାସ ଚନ୍ଦ୍ର ନାଏକ, ସତ୍ୟଭାମା ନାଏକ, ସୁଧୀର ନାଏକ, ଆଶିଷ କୁମାର ସାହୁ, ଗଜେନ୍ଦ୍ର ନାଏକ, କାର୍ତ୍ତିକେଶ୍ୱର ସାହୁ, ସୁସ୍ମିତା, କାମଦେବ ଓ ହେମଲତା ପ୍ରମୁଖ ଉପସ୍ଥିତ ଥିଲେ। ଅନ୍ୟପକ୍ଷେ ଏହି କାର୍ଯ୍ୟକ୍ରମରେ ସ୍ଥାନୀୟ ପିଆରଆଇ ସଦସ୍ୟ ଓ ଗ୍ରାମବାସୀମାନେ ମଧ୍ୟ ଉପସ୍ଥିତ ରହି ଉତ୍କଳ ଆଲୁମିନାର ଏହି ପଦକ୍ଷେପକୁ ସ୍ୱାଗତ ଜଣାଇଥିଲେ।

# ଜିଲ୍ଲା କ୍ରୀଡା ସଂସଦର ସାଧାରଣ ପରିଷଦ ବୈଠକ

ରାୟଗଡ଼ା,୧୩।୯ (ସମିସ):




ରାୟଗଡ଼ା ଜିଲ୍ଲା କ୍ରୀଡ଼ା ସଂଘର ସାଧାରଣ ପରିଷଦ ବୈଠକ ଆଜି ସ୍ଥାନୀୟ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଚିନ୍ତନ କକ୍ଷଠାରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ତଥା ଅଧ୍ୟକ୍ଷ କ୍ରୀଡା ସଂଘ ରାୟଗଡ଼ାର ଆଶୁତୋଷ କୁଲକର୍ଣ୍ଣିଙ୍କ ନିର୍ଦ୍ଦେଶ କ୍ରମେ ଅତିରିକ୍ତ ଜିଲ୍ଲାପାଳ ନବୀନ ନାୟକଙ୍କ ଅଧ୍ୟକ୍ଷତାରେ ଏହା ଅନୁଷ୍ଠିତ ହୋଇଥିଲା। ଦୀର୍ଘ ତିନି ବର୍ଷରୁ ଅଧିକ ସମୟ ଧରି କ୍ରୀଡା ସାଂସଦ ଗଠନ ହୋଇନଥିବାରୁ ଜିଲ୍ଲାପାଳ ଶ୍ରୀ କୁଲକର୍ଣ୍ଣିଙ୍କ ନିର୍ଦ୍ଦେଶରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ନାୟକ ବୈଠକ ପରିଚାଳନା କରିଥିଲେ। ଏହି ବୈଠକରେ ରାୟଗଡ଼ା ଉପଜିଲ୍ଲାପାଳ ରମେଶ କୁମାର ଜେନା, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ବସନ୍ତ କୁମାର ପ୍ରଧାନ, ଜିଲ୍ଲା କ୍ରୀଡ଼ା ଅଧିକାରୀ ଶେଖ ଆଲେନୁର, କ୍ରୀଡା ନିରୀକ୍ଷକ ହରିହରି ପାତ୍ର ପ୍ରମୁଖ ଯୋଗଦାନ କରି କ୍ରୀଡା ସଂସଦ ଗଠନ ସମ୍ପର୍କରେ ଆଲୋଚନା କରିଥିଲେ।

### ଅକ୍ଟୋବର ମାସରେ ହେବ ନିର୍ବାଚନ

ଜିଲ୍ଲା କ୍ରୀଡା ଅଧିକାରୀ ଆଲେନୁର ସଂଗଠନ ନିର୍ବାଚନ ପାଇଁ ନିର୍ଦ୍ଧାରିତ ପ୍ରକ୍ରିୟା ସମ୍ବନ୍ଧରେ ବିସ୍ତୃତ ଭାବରେ ଉପସ୍ଥାପନା କରିଥିଲେ। ବିଶେଷ କରି ସଂଘର ସଦସ୍ୟ, କେଉଁ ମାନେ ନିର୍ବାଚନ ପ୍ରକ୍ରିୟାରେ ଅଂଶଗ୍ରହଣ କରି ପାରିବେ, କେଉଁ ମାନଙ୍କୁ ଆମନ୍ତ୍ରିତ ସଦସ୍ୟ ଭାବରେ ନିଆଯିବ ସେ ବିଷୟରେ ବୁଝାଇଥିଲେ। ଜିଲ୍ଲା କ୍ରୀଡା ସଂସଦରେ ୭୫ ସଦସ୍ୟ, ସଦସ୍ୟା ଅଛନ୍ତି। ଯେଉଁମାନେ କି ନିର୍ବାଚନ ପ୍ରକ୍ରିୟାରେ ଅଂଶଗ୍ରହଣ କରି ପାରିବେ। ପୂର୍ବରୁ ନିର୍ଦ୍ଧାରିତ ନିର୍ଦ୍ଦେଶାବଳୀ ଅନୁଯାୟୀ ନିର୍ବାଚନ କରାଯିବ ନିମନ୍ତେ ସ୍ଥିର କରାଯାଇଛି। ଜିଲ୍ଲାପାଳଙ୍କ ଅନୁମୋଦନ କ୍ରମେ ଆସନ୍ତା ଅକ୍ଟୋବର ମାସରେ ଦିନ ଧାର୍ଯ୍ୟ କରାଯାଇ ନିର୍ବାଚନ କାର୍ଯ୍ୟ ଆୟୋଜନ କରାଯିବା ନିମନ୍ତେ ସମସ୍ତେ ମତ ପୋଷଣ କରିଥିଲେ। ଜିଲ୍ଲାର ବହୁ ସଂଖ୍ୟାରେ ସଦସ୍ୟ ସଦସ୍ୟା ମାନେ ଯୋଗଦାନ କରି କ୍ରୀଡା ସାଂସଦର ବିକାଶକୁ ନେଇ ନିଜ ନିଜର ମତାମତ ଦେଇଥିଲେ।

## ସଖୀ ୱାନ୍ ଷ୍ଟପ୍ କେନ୍ଦ୍ରରେ ଗର୍ଭବତୀ ନାବାଳିକା

ଉମରକୋଟ ,୧୩।୯ (ସମିସ): ଜଣେ ନାବାଳିକା ସାତମାସର ଗର୍ଭବତୀ ହେବା ପରେ ବାପା ମା’ ଓ ପୁଅ ଘରର ଲୋକେ ଝିଅକୁ ରଖିବା ପାଇଁ ମନା କରି ଦେଇଥିଲେ। ଖବର ପାଇଁ ଉକ୍ତ ନାବାଳିକାକୁ ଆଜି ସମନ୍ୱିତ ଶିଶୁ ପ୍ରକଳ୍ପ ବିଭାଗ, ଉମରକୋଟ ପକ୍ଷରୁ ଉଦ୍ଧାର କରାଯାଇଛି। ଉମରକୋଟ ଥାନା ଅଧୀନ ଏକ ଗ୍ରାମର ଜଣେ ୧୭ ବର୍ଷୀୟା ନାବାଳିକା ସାତ ମାସ ଗର୍ଭବତୀ ହେବା ପରେ ତାକୁ ତା ବାପା, ମା କିମ୍ବା ପୁଅ ଘର ଲୋକେ ରଖିବା ପାଇଁ ମନା କରିଦେଲେ। ଫଳରେ ଉକ୍ତ ନାବାଳିକା ଜଣଙ୍କ ଗ୍ରାମର ଲୋକଙ୍କ ଘରେ ଖାଇ ଗାଁ ରେ ବୁଲୁଥିଲା। ସ୍ଥାନୀୟ ଅଙ୍ଗନବାଡି କର୍ମୀ ଏହି ଖବର ଉମରକୋଟ ସିଡିପିଓ ସଂଯୁକ୍ତା ବେହେରାଙ୍କୁ ସୂଚନା ପ୍ରଦାନ କରିବା ପରେ ସିଡିପିଓଙ୍କ ନିର୍ଦ୍ଦେଶ କ୍ରମେ ସୁପରଭାଇଜର ଚନ୍ଦ୍ରିକା ବାଗ ଘଟଣାସ୍ଥଳରେ ପହଞ୍ଚି ସ୍ଥାନୀୟ ସରପଞ୍ଚ ଓ ଗ୍ରାମର କିଛି ଲୋକଙ୍କ ଉପସ୍ଥିତିରେ ବୈଠକ ବସିଥିଲା। ପରେ ନାବାଳିକାକୁ ଉଦ୍ଧାର କରି ସୁପରଭାଇଜର ଉମରକୋଟ ଆଣି ଆସିଥିଲେ। ତେବେ ନାବାଳିକା ୭ ମାସର ଗର୍ଭବତୀ ଅଛି ବୋଲି ଜଣାପଡ଼ିବା ପରେ ତୁରନ୍ତ ଅନ୍‌ଲାଇନ ମୋଡ଼ରେ ନବରଙ୍ଗପୁର ଚାଇଲଡ ୱେଲଫେୟାର କମିଟି ସମ୍ମୁଖରେ ଉପସ୍ଥାପନ କରାଯାଇଥିଲା। କମିଟିର ନିର୍ଦ୍ଦେଶ କ୍ରମେ ଉକ୍ତ ନାବାଳିକାକୁ ନବରଙ୍ଗପୁର ସଖୀ ୱାନ୍ ଷ୍ଟପ୍ କେନ୍ଦ୍ରରେ ରଖାଯାଇଛି। ଆଗାମୀ ଦିନରେ କେଉଁଠି ରହିବ ତାକୁ ନେଇ ନିଷ୍ପତି ହୋଇନାହିଁ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ରାଜସ୍ଥାନରୁ ୧୫ରେ...

ଏହାପରେ ଜୁନ ୨୯ରେ ଅର୍ଥାନ ୯ ଦିନ ପୂର୍ବରୁ ପୂରା ଦେଶକୁ ମୌସୁମୀ ପରିବ୍ୟାପ୍ତ ହୋଇଥିଲା। ସାଧରଣତଃ ଏହା ଜୁଲାଇ ୮ରେ ସାରା ଦେଶକୁ ସମ୍ପୂର୍ଣ୍ଣ ଭାବେ କଭର କରିଥାଏ। ଏଥର ସାରା ଦେଶରେ ଏପର୍ଯ୍ୟନ୍ତ ୮୩୫.୨ ମିମି ବର୍ଷା ହୋଇଛି। ସ୍ୱାଭାବିକ ଠାରୁ ଏହା ୭ ପ୍ରତିଶତ ଅଧିକ।

ଇତିମଧ୍ୟରେ ହିମାଚଳ ପ୍ରଦେଶର ବିଳାଶପୁରର ନାମହୋଲରେ ଶୁକ୍ରବାର ବିଳମ୍ବିତ ରାତିରେ ବାଦଲ ଫଟା ବର୍ଷା ହୋଇଥିଲା। ଫଳରେ ଆବର୍ଜନା ତଳେ ୧୦ଟି ଗାଡି ଦବି ଯାଇଛି। ଅନେକ ଘର ମଧ୍ୟ କ୍ଷତିଗ୍ରସ୍ତ ହୋଇଛି। ସେହିପରି ମଣ୍ଡି ଜିଲ୍ଲାର ଧର୍ମପୁରରେ ସପଡ଼ି ରୋହ ଗାଁରେ ଶନିବାର ସକାଳେ ଭୂସ୍ଖଳନ ହେବାରୁ ଅନେକ ଘର ପାଣିରେ ରହିଛି। ହିମାଚଳରେ ବର୍ଷା, ବନ୍ୟା ଓ ଭୂସ୍ଖଳନରେ ଏପର୍ଯ୍ୟନ୍ତ ମୋଟ ୩୮୬ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ରାଜ୍ୟରେ ଏଥର ସମାନ୍ୟଠାରୁ ଅଧିକ ୪୩ ପ୍ରତିଶତ ବର୍ଷା ହୋଇଛି। ଜୁନ୍ ୧ରୁ ସେପ୍ଟେମ୍ବର ୧୨ ପର୍ଯ୍ୟନ୍ତ ହାରାହାରି ୬୭୮.୪ ମିମି ବର୍ଷା ହୋଇଥାଏ। କିନ୍ତୁ ଏଥର ମୌସୁମୀ ଋତୁରେ ୯୬୭.୨ ମିମି ବର୍ଷା ହୋଇଛି। ଉତ୍ତରପ୍ରଦେଶର ଉନ୍ନାଓରେ ଗଙ୍ଗା ନଦୀର ଜଳସ୍ତର ବିପଦ ସଂକେତର ୨୩ ସେମି ଉଚ୍ଚରେ ରହିଛି। ଫଳରେ ୮୦ଟି ଗାଁ ବନ୍ୟା ଘେରରେ ରହିଛି। ୧୦୦ରୁ ଊର୍ଦ୍ଧ୍ୱ ପରିବାର ବାସହାର ହୋଇଛନ୍ତି। ହିମାଚଳରେ ଏପର୍ଯ୍ୟନ୍ତ ସାମାନ୍ୟଠାରୁ ୧୩୩ ପ୍ରତିଶତ ଅଧିକ ବର୍ଷା ହୋଇଛି।

### ଭାରତ-ପାକ୍...

କୁହାଯାଇଛି ଯେ ସାମାଜିକ ଗଣମାଧ୍ୟମରେ ପାକିସ୍ତାନୀ ଖେଳାଳି ଭାରତୀୟଙ୍କ ପ୍ରତି ଅପମାନସୂଚକ ଶବ୍ଦ ବ୍ୟବହାର କରୁଛନ୍ତି। ଏଭଳି ସ୍ଥିତିରେ ସେମାନଙ୍କ ସହିତ ଖେଳାଯିବା ଉଚିତ ନୁହେଁ। ପହଲଗାମ ଆକ୍ରମଣର ଶିକାର ପରିବାର ମଧ୍ୟ ଏହି ମ୍ୟାଚ୍‌କୁ ବିରୋଧ କରିଛନ୍ତି। ସେମାନେ କହିଛନ୍ତି ଯେ ପହଲଗାମ ଆତଙ୍କବାଦୀ ଆକ୍ରମଣରେ ଯେଉଁ ୨୬ ଜଣ ପ୍ରାଣ ହରାଇଛନ୍ତି,ସେମାନଙ୍କ ପ୍ରତି ବିସିସିଆଇର ଟିକିଏ ହେଲେ ସମବେଦନା ନାହିଁ।

ଅନ୍ୟପକ୍ଷରେ ବିଜେପି ନେତା ତଥା ପୂର୍ବତନ କେନ୍ଦ୍ର ମନ୍ତ୍ରୀ ଅନୁରାଗ ଠାକୁର କହିଛନ୍ତି ଯେ ଆତଙ୍କବାଦକୁ ସମର୍ଥନ କରୁଥିବା ପର୍ଯ୍ୟନ୍ତ ପାକିସ୍ତାନ ସହିତ ଦ୍ୱିପାକ୍ଷିକ ମ୍ୟାଚ୍ ନଖେଳିବାକୁ ଭାରତ ନିଷ୍ପତ୍ତି ନେଇଛି। କିନ୍ତୁ ବହୁଦେଶୀୟ ଟୁର୍ଣ୍ଣାମେଣ୍ଟରେ ଏହା ସମ୍ଭବ ନୁହେଁ, କାରଣ ଭାରତୀୟ ଟିମ୍‌କୁ ଏହା କ୍ଷତି ପହଞ୍ଚାଇବ।

ଦେଶ ଭିତରେ ଏହି ମ୍ୟାଚ୍‌କୁ ନେଇ ଉତ୍ତେଜନା ଦେଖାଦେଇଥିବା ବେଳେ ବିସିସିଆଇ ମୁହଁ ଖୋଲୁ ନାହିଁ। ତେବେ ଯାହା ଖବର ମିଳିଛି ଯେ ଏହାର ଅଧିକାରୀ ଆସନ୍ତାକାଲିର ମ୍ୟାଚ୍‌ରେ ଉପସ୍ଥିତ ରହିବେ ନାହିଁ। କେବଳ ଜଣେ ଅଧିକାରୀ ଉପସ୍ଥିତ ରହିବେ।

### ନୂଆପଡ଼ାରେ ହେବ...

ଜାରି ସୂଚନା ଅନୁସାରେ ସେପ୍ଟେମ୍ବର ୧୪ତାରିଖ ସୁଦ୍ଧା ମତଦାନ କେନ୍ଦ୍ରର ପୁନଃବ୍ୟବସ୍ଥାପନ ବା ପରିବର୍ତ୍ତନ ସହ ୧୫ତାରିଖରେ ସମନ୍ୱିତ ଚିଠା ଭୋଟର ତାଲିକା ପ୍ରକାଶ ପାଇବ। ସେହିଦିନଠାରୁ ସେପ୍ଟେମ୍ବର ୨୯ତାରିଖ ପର୍ଯ୍ୟନ୍ତ ଏହା ଉପରେ ଦାବି ଓ ଆପତ୍ତି ଦାଖଲ ଆହ୍ୱାନ, ଅକ୍ଟୋବର ୭ସୁଦ୍ଧା ଦାବି ଓ ଆପତ୍ତିର ସମାଧାନ ଏବଂ ଅକ୍ଟୋବର ୯ ତାରିଖରେ ଚୂଡ଼ାନ୍ତ ଭୋଟର ତାଲିକା ପ୍ରକାଶ ପାଇଁ ନିର୍ବାଚନ ଅଧିକାରୀ କାର୍ଯ୍ୟସୂଚୀ ଜାରି କରିଛନ୍ତି। ଏହାପରେ ମତଦାନ ପାଇଁ ପରବର୍ତ୍ତୀ ପ୍ରକ୍ରିୟା ଆରମ୍ଭ କରାଯିବ ବୋଲି ଜଣାପଡ଼ିଛି।

### ମେଲୋଡି ଗାର୍ଲଙ୍କୁ...

ଥାନା ପୋଖରାନ୍ ଭିଲେଜ୍‌ସ୍ଥିତ ଶ୍ରୀମାର୍ଗ ଗେଷ୍ଟହାଉସ୍ (ଓୟୋ)କୁ ଡକାଇଥିଲା। ଲୋକେସନ୍ ପଠାଇବା ସହ ଯୁବତୀଙ୍କ ରୁମ୍ ପାଖରୁ ଗେଷ୍ଟହାଉସ୍ ଆସିବାକୁ ଏକ କ୍ୟାବ ବୁକ୍ କରିଦେଇଥିଲା। ବୁଧବାର ଦିନ ପ୍ରାୟ ୧୨ଟା ବେଳକୁ ଯୁବତୀଜଣଙ୍କ ଉକ୍ତ ଗେଷ୍ଟହାଉସ୍‌ରେ ପହଞ୍ଚିଥିଲେ। ଗେଷ୍ଟହାଉସ୍‌ଟି ସାଧାରଣ ଘର ଭଳି ହୋଇଥିବାରୁ ଯୁବତୀଜଣଙ୍କ କିଛି ସନ୍ଦେହ କରିନଥିଲେ। ପୂର୍ବ ଯୋଜନା ମୁତାବକ, ଚନ୍ଦନ ଓ ପ୍ରସନ୍ନ ଯୁବତୀଙ୍କୁ ଥଣ୍ଡା ପାନୀୟରେ ନିଶା ଦେଇ ଅଚେତ କରିବା ପରେ ରୁମ ଭିତରେ ଜଣଙ୍କ ପରେ ଜଣେ ବାରମ୍ବାର ଦୁଷ୍କର୍ମ କରିଥିଲେ।

ଅପରାହ୍ଣରେ ଯୁବତୀଙ୍କ ଚେତା ଫେରିବା ବେଳକୁ ରୁମକୁ ବାହାର ପଟରୁ ତାଲା ପଡ଼ିଥିଲା। କବାଟ ବାଡ଼େଇବା ପରେ କେୟାରଟେକର୍ ରାଜେଶ ତାଲା ଖୋଲି ରୁମକୁ ଆସିଥିଲା। ରାଜେଶ ମଧ୍ୟ ଦୁଷ୍କର୍ମ କରିବାକୁ ଚାହୁଁଛି ବୋଲି ଯୁବତୀଙ୍କୁ କହିଥିଲା। ତା' କଥା ଶୁଣି ଯୁବତୀଜଣଙ୍କ କାନ୍ଦିବାରୁ ଚନ୍ଦନ ଓ ପ୍ରସନ୍ନ ରୁମରେ ପହଞ୍ଚିଥିଲେ। ପରେ ଏକ କାର୍ ଭଡ଼ା କରି ଯୁବତୀଙ୍କୁ ପଠାଇ ଦେଇଥିଲେ। କାର୍ ଚାଳକଜଣଙ୍କ ପୀଡ଼ିତାଙ୍କୁ ରସୁଲଗଡ଼ ଛକରେ ଛାଡ଼ି ପଳାଇଥିଲା। ସେହି ସମୟରେ ପୀଡ଼ିତାଙ୍କ ସାଙ୍ଗ ଫୋନ୍ କରିବାରୁ ସେ କାନ୍ଦି କାନ୍ଦି ସବୁ କଥା କହିଥିଲେ। ପୀଡ଼ିତାଙ୍କ ସାଙ୍ଗ ତାଙ୍କୁ ରସୁଲଗଡ଼ ଛକରୁ ଉଦ୍ଧାର କରି ଘରକୁ ନେଇଥିଲେ। ଏହାର ପରଦିନ ପୀଡ଼ିତାଙ୍କ ବଡ଼ ଭଉଣୀ ମହିଳା ଥାନାରେ ଅଭିଯୋଗ କରିବା ପରେ ପୁଲିସ ମାମଲା ରୁଜୁ କରିଥିଲା। ପୀଡ଼ିତାଙ୍କ ଡାକ୍ତରୀମାଇନା କରିବା ସହ ଭାରତୀୟ ନାଗରିକ ସୁରକ୍ଷା ସଂହିତା ଧାରା ୧୮୩ ଅନୁସାରେ ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ପୀଡ଼ିତାଙ୍କ ବୟାନ ରେକର୍ଡ କରିଥିଲା। ଆଜି ମୁଖ୍ୟ ଅଭିଯୁକ୍ତ ଚନ୍ଦନ, ପ୍ରସନ୍ନ ଓ କେୟାରଟେକର୍ ରାଜେଶକୁ ଗିରଫ କରି କୋର୍ଟଚାଲାଣ କରିଛି।

### ଭୁଶୁଡ଼ିଲା ମାର୍କେଟ୍...

ପଡ଼ିଥିଲା। ଫଳରେ କମ୍ପ୍ଲେକ୍ସର ଉପର ମହଲା ମଧ୍ୟ ଧରାଶାୟୀ ହୋଇଥିଲା। ସୌଭାଗ୍ୟବଶତଃ ଷ୍ଟଲ୍ ଭିତରେ କାମ କରୁଥିବା ଶ୍ରମିକମାନେ ଦୌଡ଼ି ବାହାରକୁ ଚାଲି ଆସିଥିଲେ। କିନ୍ତୁ ବେକେରୀ ସମ୍ମୁଖରେ ପାନ ଦୋକାନ କରି ପରିବାର ଚଳାଉଥିବା ବେକେରୀ ମାଲିକଙ୍କ ଭାଇ ଲୋକନାଥ ପାତ୍ର ଛାତ ତଳେ ଚାପି ହୋଇ ରହି ଯାଇଥିଲେ। ଖବର ପ୍ରଚାର ହେବା ମାତ୍ରେ ୬ଟି ଜେସିବି ମେସିନ୍ ସହ ଓଡ୍ରାଫ ଟିମ୍ କୋରାପୁଟ, ଜୟପୁର, ସେମିଳିଗୁଡା ଏବଂ ଲକ୍ଷ୍ମୀପୁର ଅଗ୍ନିଶମ ବିଭାଗ କର୍ମଚାରୀ ତଲାସୀ କୁକୁର ନେଇ ଘଟଣାସ୍ଥଳରେ ପହଞ୍ଚି ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲେ।

କୋରାପୁଟ ବିଧାୟକ ରଘୁରାମ ମାଛ, କୋଟପାଡ଼ ବିଧାୟକ ରୁପୁ ଭତ୍ରା, ଏସ୍‌ପି ରୋହିତ ବର୍ମା, ଅତିରିକ୍ତ ଜିଲ୍ଲାପାଳ ତପନ କୁମାର ନାୟକ, ପୌର ଅଧ୍ୟକ୍ଷ ଲଲାଟ ରଞ୍ଜନ ସେଠୀ ଏବଂ ଅନ୍ୟ ଅଧିକାରୀ ସେଠାରେ ପହଞ୍ଚିଥିଲେ। କଟର୍ ଦ୍ୱାରା ଛାତ କାଟି ଚାପି ହୋଇ ରହିଥିବା ଲୋକନାଥ ପାତ୍ରଙ୍କୁ ଗୁରୁତର ଅବସ୍ଥାରେ ତୁରନ୍ତ କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜ ଓ ହସପିଟାଲକୁ ନିଆଯାଇଥିଲା। ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। କମ୍ପେଲକ୍ସ ପ୍ରାୟ ୪୦ବର୍ଷ ପୁରୁଣା ଓ ଅତ୍ୟନ୍ତ ବିପଜ୍ଜନକ ଅବସ୍ଥାରେ ଥିବାରୁ ଜିଲ୍ଲା ପ୍ରଶାସନ ଏହାକୁ ବିପଦସଂକୁଳ ବୋଲି ଘୋଷଣା କରିଛି। କୌଣସି ବ୍ୟବସାୟୀ ବିଶ୍ୱାସ ରାୟ ମାର୍କେଟ୍ କମ୍ପ୍ଲେକ୍ସରେ ଦୋକାନ ନ ଖୋଲିବା ଏବଂ ଜନସାଧାରଣ ସେଠାକୁ ନଯିବା ପାଇଁ ପ୍ରଶାସନ ପକ୍ଷରୁ ଘୋଷଣା କରାଯାଇଛି। ଅନ୍ୟପକ୍ଷରେ, ମୃତକଙ୍କ ପରିବାରକୁ ଜିଲ୍ଲା ପ୍ରଶାସନ ପକ୍ଷରୁ ରେଡକ୍ରସ ପାଣ୍ଠିରୁ ୩୦ହଜାର ଟଙ୍କା ସହାୟତା ଦିଆଯାଇଛି ଏବଂ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୪ଲକ୍ଷ ଟଙ୍କାର ସହାୟତା ଯୋଗାଇ ଦେବାକୁ ଅନୁରୋଧ କରାଯାଇଥିବା ଅତିରିକ୍ତ ଜିଲ୍ଲାପାଳ ତପନ କୁମାର ନାୟକ ସୂଚନା ଦେଇଛନ୍ତି।

---

**ବିନା ଟେଣ୍ଡରରେ ମଧ୍ୟାହ୍ନଭୋଜନ ଚାଉଳ ପରିବହନ**

**ଠିକ୍ ସମୟରେ ସ୍କୁଲରେ ପହଞ୍ଚୁନି ଚାଉଳ**

# ମଧ୍ୟାହ୍ନଭୋଜନରେ ଛୁଆ ଖାଉଛନ୍ତି ମୁଢ଼ି, ବିସ୍କୁଟ

ବାରିପଦା,୧୩।୯(ସମିସ): ସ୍କୁଲ ଛାତ୍ରଛାତ୍ରୀଙ୍କୁ ନିୟମିତ ସ୍କୁଲ ଆସିବାକୁ ଆକୃଷ୍ଟ କରିବା ସହ ଉତ୍ତମ ପୋଷଣ ପ୍ରଦାନ ନିମନ୍ତେ କେନ୍ଦ୍ର ସରକାର ଦେଶରେ ପ୍ରଧାନମନ୍ତ୍ରୀ ପୋଷଣ ମଧ୍ୟାହ୍ନ ଭୋଜନ ଯୋଜନା କାର୍ଯ୍ୟକାରୀ କରିଛନ୍ତି। ଏହି ଯୋଜନା ମାଧ୍ୟମରେ ସମସ୍ତ ସ୍କୁଲ ଛାତ୍ରଛାତ୍ରୀଙ୍କୁ ବିଦ୍ୟାଳୟ ପରିସରରେ ମଧ୍ୟାହ୍ନ ଭୋଜନ ପ୍ରଦାନ କରାଯାଉଛି। ଜିଲ୍ଲାରେ ଏହି ଯୋଜନାର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଥିବା ବେଳେ ବର୍ଷକୁ ୮୩ ହଜାର କୁଇଣ୍ଟାଲ ଚାଉଳ ମଧ୍ୟାହ୍ନ ଭୋଜନ ବାବଦରେ ସରକାର ପ୍ରଦାନ କରୁଛନ୍ତି। କିନ୍ତୁ ବ୍ୟବସ୍ଥିତ ଢଙ୍ଗରେ ପରିଚାଳିତ ହେଉନାହିଁ। ବିଭିନ୍ନ ସମୟରେ ଜିଲ୍ଲାର ଅଧିକାଂଶ ସ୍କୁଲରେ ଚାଉଳ ଯୋଗାଣ ହେଉ ନଥିବାରୁ ଶିକ୍ଷକ ଶିକ୍ଷୟିତ୍ରୀ



ମୁଢ଼ି ବା ବିସ୍କୁଟ ପ୍ୟାକେଟ୍ କିଣି ପିଲାଙ୍କୁ ପ୍ରଦାନ କରୁଛନ୍ତି।

ମଧ୍ୟାହ୍ନଭୋଜନ ଯୋଜନା ରାଜ୍ୟ ସରକାରଙ୍କ ଦ୍ୱାରା ଜିଲ୍ଲା ଶିକ୍ଷାଧିକାରୀଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକାରୀ ହେଉଛି। ସ୍କୁଲଗୁଡ଼ିକୁ ଚାଉଳ ଯୋଗାଣ ତଥା ପରିବହନ ପାଇଁ ଜିଲ୍ଲା ଶିକ୍ଷାଧିକାରୀ ପ୍ରତିବର୍ଷ ଖୋଲା ଟେଣ୍ଡର ଆହ୍ୱାନ କରି ଯୋଗ୍ୟ ସଂସ୍ଥା ବା ବ୍ୟକ୍ତିଙ୍କୁ ଏଫସିଆଇ ବା ପିଇଜି ଗୋଦାମରୁ ମଧ୍ୟାହ୍ନ ଭୋଜନ ଚାଉଳ ନେଇ ସ୍କୁଲରେ ଯୋଗାଇବା ନିମନ୍ତେ ସରକାରୀ ଗାଇଡଲାଇନ୍ ରହିଛି। ରାଜ୍ୟ ସରକାର ଏହି ଚାଉଳ ପରିବହନ ପାଇଁ ଟେଣ୍ଡର୍‌ରେ କୁଇଣ୍ଟାଲ ପିଛା ସର୍ବାଧିକ ପରିବହନ ମୂଲ୍ୟ ୧୫୦ ଟଙ୍କା ଧାର୍ଯ୍ୟ

■ ସାନି ଟେଣ୍ଡର୍ ନ କରି ନିର୍ଦ୍ଦିଷ୍ଟ ଏଜେନ୍ସିକୁ ଅନୁଗ୍ରହ
■ ସୋମବାର କେନ୍ଦ୍ରମନ୍ତ୍ରୀଙ୍କୁ ଭେଟିବେ ଅନ୍ୟ ଟେଣ୍ଡର୍ ଆଶାୟୀ

କରିଛନ୍ତି। ମାତ୍ର ମୟୂରଭଞ୍ଜ ଜିଲ୍ଲାରେ ଦୀର୍ଘ ବର୍ଷ ହେଲା ନିୟମିତ ଟେଣ୍ଡର୍ କରା ନ ଯାଇ ନିର୍ଦ୍ଦିଷ୍ଟ ଏକ ଏଜେନ୍ସି ବା ବ୍ୟକ୍ତିଙ୍କ ପରିଚାଳିତ ଗୋଷ୍ଠୀ ଦ୍ୱାରା ମଧ୍ୟାହ୍ନ ଭୋଜନ ଚାଉଳ ପରିବହନ ଠିକା ସର୍ବାଧିକ ମୂଲ୍ୟରେ ପ୍ରଦାନ କରାଯାଉଛି। ଏହାକୁ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି।

ଏ ବାବଦରେ ବିଭିନ୍ନ ମହଲରେ ଅଭିଯୋଗ ହେବା ପରେ ଜିଲ୍ଲା ଶିକ୍ଷାଧିକାରୀ ଗତ ଜୁନ୍ ୧୮ରେ ଚାଉଳ ପରିବହନ ପାଇଁ ଟେଣ୍ଡର ଆହ୍ୱାନ କରିଥିଲେ। କିନ୍ତୁ ସେଥିରେ ନିର୍ଦ୍ଦିଷ୍ଟ ଏଜେନ୍ସିକୁ ସୁହାଇବା ଭଳି ସର୍ତ୍ତ ରଖାଯାଇଥିଲା। ଏନେଇ କମିଟିର ଚେୟାରମ୍ୟାନ୍ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଅଭିଯୋଗ କରିବାରୁ ପରବର୍ତ୍ତୀ ମୁହୂର୍ତ୍ତରେ ଟେଣ୍ଡର୍‌ରେ ସର୍ତ୍ତ ପରିବର୍ତ୍ତନ କରାଯାଇଥିଲା। ଟେଣ୍ଡର୍ ଖୋଲିବା ସମୟସୀମା ବୃଦ୍ଧି କରାଯିବା ସହ କିଛି ସର୍ତ୍ତରେ ମଧ୍ୟ ପରିବର୍ତ୍ତନ କରାଯାଇଥିଲା। କିନ୍ତୁ ପୁଣିଥରେ ସେଥିରେ ତ୍ରୁଟିପୂର୍ଣ୍ଣ ସର୍ତ୍ତାବଳୀ ଥିବାରୁ ଜୁଲାଇ ୩୦ରେ ଟେଣ୍ଡର୍ ଖୋଲାଯିବା ପରେ ମଧ୍ୟ କେହି ଚୟନ ହୋଇନଥିଲେ। ଏହି ଘଟଣା ଏକ ମାସରୁ ଅଧିକ ସମୟ ବିତିଯାଇଥିଲେ ହେଁ ଆଜିଯାଏ ସାନି ଟେଣ୍ଡର୍ ଆହ୍ୱାନ କରାଯାଇନାହିଁ।

ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀଙ୍କ ଅଧୀନରେ ଅଙ୍ଗବାଡ଼ି ସମୂହକୁ ଚାଉଳ, ଗହମ ଯୋଗାଉଥିବା ଏଜେନ୍ସି ଜରିଆରେ ମଧ୍ୟାହ୍ନ ଭୋଜନ ଚାଉଳ ପରିବହନ ଦାୟିତ୍ୱ ଦିଆଯାଇଛି। କିନ୍ତୁ ଉଦ୍‌ବେଗର କଥା ହେଲା, ସମ୍ପୃକ୍ତ ଏଜେନ୍ସି ମଧ୍ୟାହ୍ନଭୋଜନ ଚାଉଳ ପରିବହନ ଟେଣ୍ଡର୍ ପ୍ରକ୍ରିୟାରେ ଭାଗ ନେଇ ଅଯୋଗ୍ୟ ସାବ୍ୟସ୍ତ ହୋଇଥିଲା। ପୁଣି ପ୍ରଶାସନ ତାକୁ ଦାୟିତ୍ୱ ପ୍ରଦାନ କରିବା ପଛରେ ଥିବି ଅଭିସନ୍ଧି ତଦନ୍ତସାପେକ୍ଷ ବୋଲି ସାଧାରଣରେ ଦାବି ହେଉଛି। ଧାର୍ଯ୍ୟ ସମୟ ମଧ୍ୟରେ ଟେଣ୍ଡର୍ ପ୍ରକ୍ରିୟା ସମ୍ପନ୍ନ ନ କରି ବାରମ୍ବାର ସମୟସୀମ ବୃଦ୍ଧି କରି ଅସ୍ଥାୟୀ ପରିବହନ ଦାୟିତ୍ୱ ଦେବା ପଛରେ ମୂଳ ଯୋଗାଣକାରୀ ସଂସ୍ଥା କାର୍ଯ୍ୟ ତୁଲାଉଥିବା ଅଭିଯୋଗ ହୋଇଛି।

ଏ ସଂପର୍କରେ ଜିଲ୍ଲା ଶିକ୍ଷାଧିକାରୀ ପୂର୍ଣ୍ଣଚନ୍ଦ୍ର ସେଠୀଙ୍କୁ ପଚାରିବାରୁ ସେ କହିଛନ୍ତି ଯେ ଏକକ ଅଂଶଗ୍ରହଣକାରୀ କାରଣରୁ ଟେଣ୍ଡର୍ ବାତିଲ ହୋଇଯାଇଥିଲା। ଖୁବ୍‌ଶୀଘ୍ର ସାନି ଟେଣ୍ଡର ପ୍ରକ୍ରିୟା ଆରମ୍ଭ କରାଯିବ। ତେବେ ଟେଣ୍ଡର ସମୟରେ ଅନ୍ୟ ଜିଲ୍ଲାରେ ପ୍ରଣିତ ନିୟମାବଳୀ ପରି ମୟୂରଭଞ୍ଜ ଜିଲ୍ଲାରେ ନିୟମ କରାଯିବାକୁ ଆଶାୟୀମାନେ ସୋମବାର ମୟୂରଭଞ୍ଜ ଗସ୍ତରେ ଆସୁଥିବା କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କୁ ନିବେଦନ କରିବେ ବୋଲି ସୂଚନା ମିଳିଛି।

---

## ଏନ୍‌କାଉଣ୍ଟର୍‌ରେ ଦୁଇ ମାଓବାଦୀ ନିହତ

ମାଲକନାଗରି, ୧୩।୯(ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର ବିଜାପୁର ଜିଲ୍ଲାର ନ୍ୟାସନାଲ ପାର୍କ ଜଙ୍ଗଲରେ ପୁଲିସ୍ ଏନ୍‌କାଉଣ୍ଟର୍‌ରେ ଦୁଇ କୁଖ୍ୟାତ ମାଓବାଦୀ ନିହତ ହୋଇଛନ୍ତି। ମୃତ ଦୁଇ ମାଓବାଦୀଙ୍କ ମୁଣ୍ଡ ଉପରେ ୮ ଲକ୍ଷ ଟଙ୍କା ଲେଖାଏଁ ମୋଟ ୧୬ଲକ୍ଷ ଟଙ୍କାର ପୁରସ୍କାର ରାଶି ରହିଥିଲା। ସୂଚନାନୁଯାୟୀ, ଗତକାଲି ସନ୍ଧ୍ୟାରେ ଏହି ଗୁଳିବିନିମୟ ହୋଇଥିଲା। ମାଓ ଦମନ ପାଇଁ ଡିଆରଜି, ଏସ୍‌ଟିଏଫ୍ ଓ ସିଆରପିଏଫ୍‌ର ଯବାନମାନେ ତଲାସି ଅଭିଯାନ କରୁଥିବା ବେଳେ ଏହି ଗୁଳି ବିନିମୟ ଘଟିଥିଲା। ମାଓବାଦୀମାନେ ଯବାନଙ୍କ ସାମ୍ନା କରି ନପାରି ଛତ୍ରଭଙ୍ଗ ଦେଇଥିଲେ। ରାତିତମାମ ସେଠାରେ ଯବାନମାନେ ତଲାସି ଅଭିଯାନ ଜାରି ରଖିଥିବା ବେଳେ ଘଟଣାସ୍ଥଳରୁ ୨ ମାଓବାଦୀଙ୍କ ମରଶରୀର ସହ ୨ଟି ବନ୍ଧୁକ ଓ ବିପୁଳ ପରିମାଣର ମାଓ ବିସ୍ଫୋରକ ସାମଗ୍ରୀ ଜବତ ହୋଇଥିଲା। ପୁଲିସ ପାଇଁ ଏହା ଏକ ବଡ଼ ସଫଳତା ବୋଲି ବିଜାପୁର ଏସ୍‌ପି ଜିତେନ୍ଦ୍ର ଯାଦବ କହିଛନ୍ତି।

## ମାଓନେତ୍ରୀ ସୁଜାତାଙ୍କ ଆତ୍ମସମର୍ପଣ

ମାଲକନାଗରି,୧୩।୯(ସମିସ): ମାଓ ସଂଗଠନକୁ ପୁଣି ଏକ ବଡ଼ ଝଟ୍‌କା ଲାଗିଛି। କୁଖ୍ୟାତ ମାଓନେତ୍ରୀ ସୁଜାତା ତେଲେଙ୍ଗାନା ପୁଲିସ ନିକଟରେ ଆତ୍ମସମର୍ପଣ କରିଛନ୍ତି। ସେ ମାଓବାଦୀ କେନ୍ଦ୍ରୀୟ କମିଟି ସଦସ୍ୟ ଥିଲେ। ତାଙ୍କ ମୁଣ୍ଡ ଉପରେ ୧ କୋଟି ଟଙ୍କାର ପୁରସ୍କାର ରାଶି ରହିଥିଲା।

ସୂଚନାନୁଯାୟୀ, ସୁଜାତା ଦୀର୍ଘ ବର୍ଷ ଧରି ମାଓ ସଙ୍ଗଠନରେ ରହି ଅନେକ ହିଂସାକାଣ୍ଡର ନେତୃତ୍ୱ ନେଇଥିଲେ। ଗତ କିଛି ବର୍ଷ ଧରି ସଂଗଠନର ବିଭିନ୍ନ ଦାୟିତ୍ୱରେ ରହି କେନ୍ଦ୍ରୀୟ କମିଟିର ସଦସ୍ୟ ଭାବେ କାର୍ଯ୍ୟ କରୁଥିଲେ। ସେ ବିଭିନ୍ନ ହିଂସାକାଣ୍ଡ ଘଟାଇବା ପାଇଁ ସଠିକ୍ ରଣନୀତି ପ୍ରସ୍ତୁତ କରିବା ସହ ମାଷ୍ଟରମାଇଣ୍ଡ ଭାବେ କାର୍ଯ୍ୟ କରୁଥିଲେ।

**ମୁଣ୍ଡ ଉପରେ ଥିଲା କୋଟିଏ ଟଙ୍କାର ପୁରସ୍କାର**



ତେଲେଙ୍ଗାନା, ଆନ୍ଧ୍ର, ଓଡ଼ିଶା ସହ ଛତିଶଗଡ଼ର ଅନେକ ହିଂସାକାଣ୍ଡର ମଧ୍ୟ ସେ ନେତୃତ୍ୱ ନେଇଥିଲେ। ସୁଜାତା ନକ୍ସଲ ସଂଗଠନର ଦକ୍ଷିଣ ଉପ-ଜୋନାଲ କମିଟିର ବ୍ୟୁରୋ ଇନ୍‌ଚାର୍ଜ ମଧ୍ୟ ରହିଥିଲେ। ବିଶେଷକରି, ସେ ଛତିଶଗଡ଼ ବସ୍ତର୍ ଅଞ୍ଚଳରେ ସକ୍ରିୟ ରହିବା ସହ ମାଓ ସଙ୍ଗଠନକୁ ସକ୍ରିୟ ରଖିବାରେ ତାଙ୍କର ବଡ଼ ଭୂମିକା ଥିଲା। ସୁଜାତାଙ୍କ ସ୍ୱାମୀ ତଥା ନକ୍ସଲ କମାଣ୍ଡର୍ କିଶାନଜୀ ମଧ୍ୟ ଟପ୍ ମାଓନେତା ଭାବେ ସଂଗଠନ ପାଇଁ ବିଭିନ୍ନ ସ୍ଥାନରେ କାର୍ଯ୍ୟ କରୁଥିବା ବେଳେ ପଶ୍ଚିମବଙ୍ଗରେ ଯବାନଙ୍କ ଗୁଳିରେ ନିହତ ହୋଇଥିଲେ। ତେଲେଙ୍ଗାନା ଡିଜିପିଙ୍କ ନିକଟରେ ସେ ଆତ୍ମସମର୍ପଣ କରିଥିବା ବେଳେ ଏହା ମାଓ ସଙ୍ଗଠନ ପାଇଁ ଏକ ଶକ୍ତ ଧକ୍କା ବୋଲି କୁହାଯାଉଛି।

---

**ସହକାରୀ ଜିଲ୍ଲାପାଳ ସୁସ୍ମିତା ମିଞ୍ଜ ମୃତ୍ୟୁ ମାମଲା**

## ସତ୍ୟପାଠ ଦାଖଲ କରିବେ ଗୃହ ସଚିବ ଓ ଡିଜିପି

କଟକ,୧୩।୯(ସମିସ): ରାଉରକେଲାର ତତ୍କାଳୀନ ସହକାରୀ ଜିଲ୍ଲାପାଳ ସୁସ୍ମିତା ମିଞ୍ଜ ମୃତ୍ୟୁ ମାମଲାରେ ପୁଲିସ ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ବା ପଦକ୍ଷେପ ଗ୍ରହଣ କରିନଥିବା ଅଭିଯୋଗରେ ଦାୟର ମାମଲାକୁ ହାଇକୋର୍ଟ ଗୁରୁତ୍ୱର ସହ ଗ୍ରହଣ କରିଛନ୍ତି। ଏହି ମାମଲାରେ ସତ୍ୟପାଠ ଦେବାକୁ ରାଜ୍ୟ ଗୃହ ସଚିବ ଓ ପୁଲିସ ଡିଜିଙ୍କୁ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି ହାଇକୋର୍ଟ। ସୁସ୍ମିତାଙ୍କୁ ହତ୍ୟା କରାଯାଇଥିବା ଅଭିଯୋଗ ସହ ଏହାର କ୍ରାଇମବ୍ରାଞ୍ଚ ତଦନ୍ତ ପ୍ରାର୍ଥନା କରି ସୁସ୍ମିତାଙ୍କ ଭାଇ ସନ୍ଦୀପ ମିଞ୍ଜଙ୍କ ପକ୍ଷରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ ଚିତ୍ତରଂଜନ ଦାଶ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଆବେଦନକାରୀ ଆଣିଥିବା ଅଭିଯୋଗ ଉପରେ ପରବର୍ତ୍ତୀ ଶୁଣାଣି ସୁଦ୍ଧା ପୁଲିସ ପ୍ରଶାସନ ଜବାବ ରଖିବ। ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ଅକ୍ଟୋବର ୨୨ତାରିଖକୁ ଧାର୍ଯ୍ୟ କରାଯାଇଛି। ମାମଲାରୁ ପ୍ରକାଶ, ସୁସ୍ମିତାଙ୍କ ସନ୍ଦେହଜନକ ମୃତ୍ୟୁ ମାମଲାର କ୍ରାଇମବ୍ରାଞ୍ଚ ବା ଅନ୍ୟ ସ୍ୱାଧୀନ ଏଜେନ୍ସି ମାଧ୍ୟମରେ ତଦନ୍ତ ପାଇଁ ନିର୍ଦ୍ଦେଶ ଦିଆଯାଉ ବୋଲି ଦର୍ଶାଇ ହାଇକୋର୍ଟରେ ଏହି ମାମଲା ରୁଜୁ ହୋଇଛି। ପୀଡ଼ିତ ପରିବାର ଦେଇଥିବା ଏତଲା ପୁଲିସ ପଞ୍ଜୀକରଣ କରୁନାହିଁ। ଏଥିସହ ଘଟଣାର ମଧ୍ୟ ଉପଯୁକ୍ତ ତଦନ୍ତ ମଧ୍ୟ ପୁଲିସ କରୁନାହିଁ ବୋଲି ଆବେଦନରେ ଉଲ୍ଲେଖ କରାଯାଇଥିଲା। ଗତ ୨୦୨୩ ସେପ୍ଟେମ୍ବରରେ ସୁସ୍ମିତାଙ୍କ ମୃତଦେହ ଏକ ପୋଖରୀରୁ ମିଳିଥିଲା। ରାଉରକେଲା ପ୍ଲାଣ୍ଟସାଇଟ୍ ଥାନାରେ ଏ ସଂକ୍ରାନ୍ତରେ କେବଳ ଅପମୃତ୍ୟୁ ମାମଲା ରୁଜୁ କରାଯାଇଥିଲା। ପୂର୍ବରୁ ହାଇକୋର୍ଟଙ୍କ ନିର୍ଦ୍ଦେଶକ୍ରମେ ଆବେଦନକାରୀ ସାନି ଅଭିଯୋଗ କରିଥିଲେ। ହେଲେ ଏ ସଂକ୍ରାନ୍ତରେ କୌଣସି ପଦକ୍ଷେପ ନିଆଯାଇନଥିଲା। ମାମଲାରେ ଗୃହ ସଚିବ, ପୁଲିସ ଡିଜି, ରାଉରକେଲା ଏସପି, ଉଦିତନଗର ଥାନା, ପ୍ଲାଣ୍ଟ ସାଇଟ ଥାନା ଆଇଆଇସି, ଓ କ୍ରାଇମବ୍ରାଞ୍ଚ ଏଡିଜିଙ୍କୁ ପକ୍ଷଭୁକ୍ତ କରାଯାଇଛି। ଆବେଦନକାରୀଙ୍କ ତରଫରୁ ଆଇନଜୀବୀ ଶିବଶଙ୍କର ମହାନ୍ତି ମାମଲା ପରିଚାଳନା କରୁଛନ୍ତି।

**ଇନ୍‌ଷ୍ଟାଗ୍ରାମ୍‌ରୁ ପ୍ରେମ, ପ୍ରତାରଣା**

## ବିବାହ ପ୍ରତିଶ୍ରୁତି ଦେଇ ଦିବ୍ୟାଙ୍ଗ ଯୁବକଙ୍କଠାରୁ ଟଙ୍କା ଲୁଟ୍

ରାଜନଗର, ୧୩।୯(ସମିସ): ଇନ୍‌ଷ୍ଟାଗ୍ରାମ୍‌ରୁ ପ୍ରେମ, ପ୍ରେମରୁ ପ୍ରତାରଣା। ପ୍ରତାରଣାର ଶିକାର ହୋଇଛନ୍ତି ଜଣେ ଦିବ୍ୟାଙ୍ଗ ଯୁବକ। ପ୍ରେମ ଜାଲରେ ଫସାଇ, ବିବାହର ପ୍ରଲୋଭନ ଦେଖାଇ ଜଣେ ଯୁବତୀ ତାଙ୍କଠାରୁ ୧ ଲକ୍ଷ ୨୫ ହଜାର ଟଙ୍କା ଲୁଟି ନେଇଛି। ଠକେଇର ଶିକାର ଯୁବକଜଣଙ୍କ ହେଲେ, କେନ୍ଦ୍ରାପଡ଼ା ଜିଲ୍ଲା ରାଜନଗର ଥାନା ଅନ୍ତର୍ଗତ ପ୍ରହରାଜପୁର ଗ୍ରାମର ନବକିଶୋର ପ୍ରଧାନ।

ନବ ଜଣେ ଦିବ୍ୟାଙ୍ଗ। ଦୁର୍ଘଟଣାରେ ସେ ଡାହାଣ ଗୋଡ଼ ହରାଇବା ପରେ ଆନ୍ଧ୍ରପ୍ରଦେଶର ରାଜମହେନ୍ଦ୍ରୀଠାରେ ରହି ଟ୍ରେନରେ ଜିନିଷପତ୍ର ବିକ୍ରି କରି ପେଟ ପୋଷୁଥିଲେ। କିଛି ମାସ ତଳେ ରାଜନଗର ବ୍ଲକ୍ ବାଲିକଣା ଗ୍ରାମର ଜଣେ ଯୁବତୀଙ୍କ ସହ ଇନଷ୍ଟାଗ୍ରାମ୍‌ରେ ତାଙ୍କର ପରିଚୟ ହୋଇଥିଲା। ଚାଟିଂରୁ ଉଭୟଙ୍କ ଭିତରେ ପ୍ରେମସମ୍ପର୍କ ଗଢ଼ି ଉଠିଥିଲା। କିଛି ମାସ ଏମିତି ଚାଲିବା ପରେ ଯୁବତୀଜଣଙ୍କ ନବଙ୍କୁ ବିବାହର ପ୍ରତିଶ୍ରୁତି ଦେଇଥିଲେ ଏବଂ ବିଭିନ୍ନ ଆଳ ଦେଖାଇ ବିଭିନ୍ନ ପର୍ଯ୍ୟାୟରେ ତାଙ୍କଠାରୁ ୧ଲକ୍ଷ ୨୫ହଜାର ଟଙ୍କା ନେଇଥିଲେ। ତେବେ ନବ ବିବାହ ପାଇଁ କହିବାରୁ ଯୁବତୀଜଣଙ୍କ ତାଙ୍କୁ ବ୍ଲାକମେଲ୍ କରିବା ଆରମ୍ଭ କରିଦେଇଥିଲେ। ଟ୍ରେନ୍‌ରେ ଜିନିଷପତ୍ର ବିକି ନବ ଯାହା ସଞ୍ଚୟ କରିଥିଲେ, ତାହା ଯିବା ପରେ ଏବେ ନବ ହତୋତ୍ସାହିତ ହୋଇପଡ଼ିଛନ୍ତି। ଏ ସଂପର୍କରେ ସେ ରାଜନଗର ଥାନାରେ ଅଭିଯୋଗ କରିଥିବା ଜଣାପଡ଼ିଛି।

---

## ତୃତୀୟ ଶ୍ରେଣୀ ଛାତ୍ରକୁ ବାକ୍ସରେ ପୂରାଇଦେଲେ ସହପାଠୀ

**ଅଚେତ ଅବସ୍ଥାରେ ଉଦ୍ଧାର**

ବଣାଇଁ, ୧୩।୯(ସମିସ): ଜଣେ ତୃତୀୟ ଶ୍ରେଣୀ ଛାତ୍ରକୁ ସହପାଠୀ ଏକ ବାକ୍ସ ଭିତରେ ପୂରାଇଦେବା ଏବଂ ୪ ଘଣ୍ଟା ପରେ ଛାତ୍ରଜଣଙ୍କ ମୁମୂର୍ଷୁ ଅବସ୍ଥାରେ ଉଦ୍ଧାର ହେବା ଘଟଣା ସୁନ୍ଦରଗଡ଼ ଜିଲ୍ଲା ଗୁରୁଣ୍ଡିଆ ବ୍ଲକ୍ ଅଞ୍ଚଳରେ ଚର୍ଚ୍ଚାର ବିଷୟ ହୋଇଛି। ଜର୍ଡା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଆଜି ଏହି ଅଘଟଣ ଘଟିଛି। ସୂଚନାନୁସାରେ, ଶୁକ୍ରବାର ସ୍କୁଲ ହଷ୍ଟେଲରେ ରହୁଥିବା ଦୁଇ ଛାତ୍ରଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ଫଳରେ, ତୃତୀୟ ଶ୍ରେଣୀର ସ୍ୱସ୍ତିକ କିସାନ ନାମକ ଜଣେ ଛାତ୍ରକୁ ଅନ୍ୟ ଜଣେ ଛାତ୍ର ଏକ ବାକ୍ସରେ ବନ୍ଦ କରିଦେଇଥିଲା। ସ୍ୱସ୍ତିକ କ୍ଲାସ୍‌କୁ ନ ଆସିବାରୁ ଶିକ୍ଷକ ଏବଂ ଅନ୍ୟ ଛାତ୍ରଛାତ୍ରୀମାନେ ତାକୁ ଖୋଜାଖୋଜି କରିଥିଲେ। କିନ୍ତୁ ଦୀର୍ଘ ସମୟ ପରେ ମଧ୍ୟ ନ ପାଇବାରୁ ପ୍ରଧାନ ଶିକ୍ଷକ ତା' ପରିବାରଲୋକଙ୍କୁ ଖବର ଦେଇଥିଲେ। ବାପା-ମାଆ ମଧ୍ୟ ସ୍କୁଲରେ ପହଞ୍ଚି ଖୋଜାଖୋଜି କରିଥିଲେ। ତେବେ ଦୀର୍ଘ ୪ ଘଣ୍ଟା ପରେ ସ୍ୱସ୍ତିକର ବାକ୍ସକୁ ଖୋଲିବାରୁ ତା' ଭିତରେ ସେ ମୁମୂର୍ଷୁ ଅବସ୍ଥାରେ ଥିବା ଦେଖିବାକୁ ପାଇଥିଲେ। ଉଦ୍ଧାର କରିବା ପରେ ବାପା-ମାଆ ତାକୁ ସାଙ୍ଗରେ ଘରକୁ ନେଇଯାଇଥିଲେ। ଏ ସଂପର୍କରେ ପ୍ରଧାନ ଶିକ୍ଷକ ଗଙ୍ଗାଧର ସେଠଙ୍କ ପଚାରିବାରୁ ଛାତ୍ରଜଣଙ୍କ ବଡ଼ଛାତ୍ରଙ୍କ ମାଡ଼ ଭୟରେ ନିଜ ବାକ୍ସରେ ପଶି ଲୁଚି ରହିଥିବା କହିଥିଲେ।

## ୬୨୯ ଫୁଟ୍ ଛୁଇଁଲା ହୀରାକୁଦ ଜଳସ୍ତର

**ଖୋଲିଲା ୨ ଗେଟ୍**

ସମ୍ବଲପୁର, ୧୩।୯ (ସମିସ): ଶନିବାର ଅପରାହ୍ଣ ୩ଟା ସୁଦ୍ଧା ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୮.୯୧ ଫୁଟ୍ ଛୁଇଁଛି। ନଦୀବନ୍ଧର ବାମ ପାର୍ଶ୍ୱ ଓ ଡାହାଣ ପାର୍ଶ୍ୱର ଗୋଟିଏ ଲେଖାଏଁ ଏହିଭଳି ମୋଟ ୨ଟି ସ୍ଲୁଇସ୍ ଗେଟ୍ ଖୋଲାଯାଇ ବନ୍ୟାଜଳ ନିଷ୍କାସନ କରାଯାଉଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୧,୦୨,୪୯୪ ଘନଫୁଟ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚେନାଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୬୪,୩୭୫ ଘନଫୁଟ ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ ୩୨,୭୦୪ ଘନଫୁଟ ଜଳ ପ୍ରବାହିତ ହେଉଥିବା ବେଳେ ପାୱାର ଚେନାଲ ଦେଇ ୨୭,୦୬୯ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୪୩ ଘନଫୁଟ, କେନାଲ ପାଇଁ ୪,୩୫୯ ଘନଫୁଟ ଜଳ ନିଷ୍କାସିତ ହେଉଛି। ହୀରାକୁଦ ନଦୀବନ୍ଧର ଉପରମୁଣ୍ଡରେ ୩.୨୦ ମିମି ବର୍ଷା ହୋଇଥିବା ବେଳେ ତଳମୁଣ୍ଡରେ ୩.୨୮ ମିମି ବର୍ଷା ହୋଇଥିବା ସୂଚନା ମିଳିଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୮.୩୩ ଫୁଟ୍ ରହିଥିଲା।

**୩୦ଜିଲ୍ଲାରେ ରାଷ୍ଟ୍ରୀୟ ଲୋକ ଅଦାଲତ**

## ୩୦୬୬୯୫ ମାମଲାର ଫଏସଲା

କଟକ,୧୩।୯(ସମିସ): ଜାତୀୟ ଆଇନ ସେବା ପ୍ରାଧିକରଣ ପକ୍ଷରୁ ରାଜ୍ୟ ଆଇନ ସେବା ପ୍ରାଧିକରଣ ଆନୁକୁଲ୍ୟରେ ରାଜ୍ୟବ୍ୟାପୀ ୩୦ଗୋଟି ଜିଲ୍ଲା ଓ ବିଭିନ୍ନ ତାଲୁକ ସ୍ତରରେ ଆଜି ଚଳିତ ବର୍ଷର ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୋଟ ୩,୦୬,୬୯୫ଟି ମାମଲା ଫଏସଲା ହୋଇଛି ଓ ମୋଟ ୨୬୫କୋଟି ୨୬ଲକ୍ଷ ୯୫ହଜାର ୭୩୯ଟଙ୍କା କ୍ଷତିପୂରଣ ରାଶି ସ୍ଥିରୀକୃତ ହୋଇଛି। ସମାଧାନ ହୋଇଥିବା ମାମଲା ଗୁଡିକ ମଧ୍ୟରେ ପ୍ରାକ ମକଦ୍ଦମା ସ୍ତରୀୟ ୭୬୪୪ଟି ମାମଲା ଓ ବିଚାରାଧିନ କୋର୍ଟ ମାମଲା ୨୨୯୩୬ଟି ଓ ୨,୭୬,୦୯୩ଟି ରାଜସ୍ୱ ମାମଲା ଏହିପରି ମୋଟ ୩,୦୬,୬୯୫ଟି ମାମଲା ଫଏସଲା କରାଯାଇଛି। ଫଏସଲା ହୋଇଥିବା ବିଚାରାଧୀନ ମାମଲା ଗୁଡିକ ମଧ୍ୟରେ ୩୨୦ଟି ଫୌଜଦାରୀ (କ୍ରିମିନାଲ କମ୍ପାଉଣ୍ଡେବଲ), ଏନଆଇ ଆକ୍ଟ ମାମଲା ୨୨୦୦ଟି, ଟଙ୍କା ଅସୁଲି ମାମଲା ୬୮୨ଟି ଓ ୧୩୦୯ଟି ମୋଟରଯାନ ଦୁର୍ଘଟଣାଜନିତ ମାମଲା ଫଏସଲା କରାଯାଇପାରିଛି। ସେହିଭଳି ୬୭୦ଟି ପାରିବାରିକ ଓ ବୈବାହିକ ବିବାଦ(ବିବାହ ବିଚ୍ଛେଦ ବ୍ୟତୀତ), ୨ଟି ଜମି ଅଧିଗ୍ରହଣ ବିବାଦ, ୩୫ଟି ବିଦ୍ୟୁତ, ଜଳ ବିଲ୍ ସଂପର୍କିତ,୩୯ଟି ଶ୍ରମ ଓ ନିୟୋଜନ ସଂପର୍କିତ ୨୭୬୦୯୩ଟି ରାଜସ୍ୱ ମାମଲା,ଅନ୍ୟାନ୍ୟ ଫୌଜଦାରୀ ମାମଲା ୧୫,୩୭୯ଟି ,ଖାଉଟି ଓ କ୍ୱାସି ଜୁଡିସିଆଲ ମାମଲା ୩୨ଟି,୨୨୨୮ଟି ଅନ୍ୟାନ୍ୟ ଦେୱାନୀ ମାମଲା ,ରାଜ୍ୟ ଖାଉଟି ବିବାଦ ସମାଧାନ ଆୟୋଗ ୨ଟି,ଡିଆରଟି ମାମଲା୮ଟି , ଶିକ୍ଷା ଟ୍ରିବୁନାଲ ମାମଲା ୮ଟି, ଶ୍ରମ ଅଦାଲତ ମାମଲା ୨ଟି,ଶିଳ୍ପ ଟ୍ରିବୁନାଲ ମାମଲା ୨ଟି ଅନ୍ତର୍ଭୁକ୍ତ ବୋଲି ରାଜ୍ୟ ଆଇନସେବା ପ୍ରାଧିକରଣ ପକ୍ଷରୁ ସୂଚନା ଦିଆଯାଇଛି। ହାଇକୋର୍ଟ ମୁଖ୍ୟ ବିଚାରପତି ତଥା ରାଜ୍ୟ ଆଇନ ସେବା ପ୍ରାଧିକରଣର ମୁଖ୍ୟ ଉପଦେଷ୍ଟା ଜଷ୍ଟିସ ହରିଶ ଟଣ୍ଡନ, ରାଜ୍ୟ ଆଇନ ସେବା ପ୍ରାଧିକରଣର କାର୍ଯ୍ୟନିର୍ବାହୀ ଅଧ୍ୟକ୍ଷ ଜଷ୍ଟିସ ମାନସ ରଂଜନ ପାଠକଙ୍କ ପ୍ରତ୍ୟକ୍ଷ ମାର୍ଗଦର୍ଶନରେ ଏହି ଲୋକ ଅଦାଲତ ରାଜ୍ୟର ବିଭିନ୍ନ ଜିଲ୍ଲା,ତାଲୁକ ଓ ଟ୍ରିବୁନାଲ ସ୍ତରରେ ଅନୁଷ୍ଠିତ ହୋଇଥିଲା।


**୨୬୫କୋଟି ଟଙ୍କା କ୍ଷତିପୂରଣ ରାଶି ସ୍ଥିରୀକୃତ**

**ଛାତ୍ରଙ୍କ ଆଖିରେ ସହପାଠୀ ଫେଭି-କୁଇକ୍ ଲଗାଇବା ଘଟଣା**

## ପ୍ରଧାନ ଶିକ୍ଷକ ନିଲମ୍ବିତ

ଫିରିଙ୍ଗିଆ, ୧୩।୯ (ସମିସ): କନ୍ଧମାଳ ଜିଲ୍ଲା ଫିରିଙ୍ଗିଆ ବ୍ଲକ୍ ସଲାଗୁଡ଼ା ପଞ୍ଚାୟତ ସଲାଗୁଡ଼ା ସେବାଶ୍ରମରେ ୮ ଜଣ ତୃତୀୟ ଓ ଚତୁର୍ଥ ଶ୍ରେଣୀ ଛାତ୍ରଙ୍କ ଆଖିରେ ସହପାଠୀ ଫେଭିକୁଇକ ଲଗାଇବା ଘଟଣାରେ କାର୍ଯ୍ୟାନୁଷ୍ଠାନ ହୋଇଛି। ଜିଲ୍ଲାପାଳ ବେଦଭୂଷଣ ଏହି ଘଟଣାରେ ସ୍କୁଲର ପ୍ରଧାନଶିକ୍ଷକ ମନୋରଞ୍ଜନ ସାହୁଙ୍କୁ ନିଲମ୍ବନ କରିଛନ୍ତି। କାର୍ଯ୍ୟରେ ଅବହେଳା, ବିଦ୍ୟାଳୟରେ ଅନୁପସ୍ଥିତ ରହିବା ନେଇ ଏହି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି।

ସୂଚନାଯୋଗ୍ୟ, ଗୁରୁବାର ରାତିରେ ସେବାଶ୍ରମରେ ସମସ୍ତେ ଖାଇପିଇ ଶୋଇଥିବା ବେଳେ ୪ର୍ଥ ଓ ୫ମରେ ପଢୁଥିବା ୮ ଛାତ୍ରଙ୍କ ଆଖିରେ ସେମାନଙ୍କର କିଛି ସହପାଠୀ ଫେଭିକୁଇକ୍ ଲଗାଇ ଦେଇଥିଲେ। ସେମାନଙ୍କ ମଧ୍ୟରୁ ୭ ଜଣଙ୍କୁ ଗୁରୁତର ଅବସ୍ଥାରେ ଫୁଲବାଣୀ ଜିଲ୍ଲା ଚିକିତ୍ସାଳୟକୁ ଅଣାଯାଇଥିଲା। ସେମାନଙ୍କ ମଧ୍ୟରୁ ଜଣଙ୍କ ଅବସ୍ଥା ଭଲ ନ ଥିବା ଜଣାପଡ଼ିଛି। ବିଦ୍ୟାଳୟରେ ଶିକ୍ଷକଙ୍କ ଅବହେଳାରୁ ଏଭଳି ଘଟିଥିବାରୁ ଅଞ୍ଚଳରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି।



# ଓଡ଼ିଆ ସଂସ୍କୃତି, ପରମ୍ପରା ଓ ପର୍ଯ୍ୟଟନ ବିକାଶର କଥା କହୁଛି ଲହରୀ





**କୋଲକାତା ଅନ୍ତର୍ଜାତୀୟ ଚଳଚ୍ଚିତ୍ର ମହୋତ୍ସବ ଓ ମେଲବୋର୍ଣ୍ଣ ଚଳଚ୍ଚିତ୍ର ମହୋତ୍ସବରେ ପ୍ରଦର୍ଶିତ ହୋଇ ପ୍ରଶଂସା ସାଉଁଟିବା ପରେ 'ଲହରୀ' ବଡ଼ ପରଦାରେ ମୁକ୍ତିଲାଭ କରିଛି। ଏହି ସିନେମାରେ ରହିଛି ମାଟିର କଥା ଓ ଓଡ଼ିଶାର ସଂସ୍କୃତି, ପରମ୍ପରା ଓ ପର୍ଯ୍ୟଟନ ବିକାଶର କଥା। ସାମାଜିକ ଜୀବନରେ ମୂଳ ତତ୍ତ୍ୱ ସହ ନିଜକୁ ଯୋଡ଼ି ରଖିବା ଓ ବାପ ପୁଅର ସମ୍ପର୍କ ଉପରେ ଆଧାରିତ ଏହାର କାହାଣୀ ଦର୍ଶକଙ୍କୁ ବେଶ୍ ପସନ୍ଦ ଆସିଥିବା ପ୍ରଥମ ଦିନରୁ ଜଣାପଡ଼ିଛି।**

ଅନ୍ତର୍ଜାତୀୟ ଖ୍ୟାତିସମ୍ପନ୍ନ ଓ ଜାତୀୟ ପୁରସ୍କାରପ୍ରାପ୍ତ ଚଳଚ୍ଚିତ୍ର ନିର୍ଦ୍ଦେଶକ ଅମର୍ତ୍ତ୍ୟ ଭଟ୍ଟାଚାର୍ଯ୍ୟ ଫିଲ୍ମର ନିର୍ଦ୍ଦେଶନା ଦେଇଥିବା ବେଳେ ପ୍ରଯୋଜନା କରିଛନ୍ତି ଓଡ଼ିଶାର ଲୋକପ୍ରିୟ ଅଭିନେତ୍ରୀ ତଥା ସ୍ୱନାମଧନ୍ୟ ଯୁବ ନିର୍ମାତ୍ରୀ ଝିଲିକ୍ ଭଟ୍ଟାଚାର୍ଯ୍ୟ। ଏଥିରେ ବିଭିନ୍ନ ଭୂମିକାରେ ଚୌଧୁରୀ ଜୟପ୍ରକାଶ ଦାସ, ଚୌଧୁରୀ ବିକାଶ ଦାସ, ସ୍ମୃତି ମହଲା, ଦୀପାନ୍ୱିତ ଦାସ ମହାପାତ୍ର, ସୁଶାନ୍ତ ମିଶ୍ର, ହର ରଥ, ପ୍ରସେନଜିତ୍, ସ୍ୱସ୍ତିକ ଚୌଧୁରୀ ପ୍ରମୁଖ ଅଭିନୟ କରିଥିବା ବେଳେ ଲୋକପ୍ରିୟ ତାରକା ଦେବାଶିଷ ପାତ୍ର ଅତିଥି କଳାକାର ଭୂମିକାରେ ଏବଂ ସୁପରଷ୍ଟାର ବାବୁଶାନ ମହାନ୍ତିଙ୍କୁ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକାରେ ଦେଖିବାକୁ ମିଳିଛି। ସିନେମାରେ ଥିବା 'ଝିଅର ସ୍କୁ ଟା ଢିଲା..' ଗୀତଟି ଏବେ ଟ୍ରେଣ୍ଡିଙ୍ଗରେ ରହିଥିବା ବେଳେ ଏଥିରେ କଣ୍ଠଦାନ କରିଛନ୍ତି ଗୌରବ ଆନନ୍ଦ ଓ ନବ୍ୟା ଜାଇତି। ସାରା ଓଡ଼ିଶାରେ ୩୧ଟି ପ୍ରେକ୍ଷାଳୟରେ ମୁକ୍ତିଲାଭ କରିଥିବା ଏହି ସିନେମାର ଗ୍ରାଣ୍ଡ ପ୍ରିମିୟର ରାଜଧାନୀର ଏସ୍‌ପ୍ଲାନେଡ୍ ସିନେପଲିସରେ ଅନୁଷ୍ଠିତ ହୋଇଯାଇଛି। ବରିଷ୍ଠ ରାଜନେତା ପ୍ରଫୁଲ୍ଲ ଚନ୍ଦ୍ର ଘଡ଼ାଇ ମୁଖ୍ୟଅତିଥି ଭାବେ ଯୋଗଦେଇ କେକ୍ କାଟିବା ସହ 'ଲହରୀ'ର ଟିମ୍ ସଦସ୍ୟଙ୍କୁ ଶୁଭେଚ୍ଛା ଜଣାଇଥିଲେ। ବୁକ୍ ମାଇଁ ଶୋ' ପ୍ରଥମ ଦିନ ପ୍ରତ୍ୟେକ ଟିକଟ୍ ଉପରେ ୫୦ ପ୍ରତିଶତ ରିହାତି ଥିବା ବେଳେ ପ୍ରଥମ ଦିନର ପ୍ରଥମ ଶୋ ହାଉସଫୁଲ୍ ଦେଖିବାକୁ ମିଳିଥିଲା। ସିନେମାଟି ଉଭୟ କଳାତ୍ମକ ଏବଂ ବ୍ୟାବସାୟିକ ଦୃଷ୍ଟିକୋଣରୁ ବେଶ୍ ଭଲ ହୋଇଛି ବୋଲି ଦର୍ଶକ ମତବ୍ୟକ୍ତ କରିଛନ୍ତି। ■

# ବଡ଼ ବଜେଟ୍‌ର 'ଚ୍ୟାଲେଞ୍ଜ'





ଚଳିତ ଦଶହରାରେ ମୁକ୍ତିଲାଭ କରିବ ବିଗ୍ ବଜେଟ ନୂଆ ଓଡ଼ିଆ ସିନେମା 'ଚ୍ୟାଲେଞ୍ଜ'। ଅର୍ଦ୍ଧେନ୍ଦୁ ସାହୁ, ଏଲିନା ସାମନ୍ତରାୟ, ପୁପିନ୍ଦର ସିଂହ, ଲିପି ମହାପାତ୍ର, ହରିହର ମହାପାତ୍ର ଏବଂ ପୁନିତ ଇଶାର୍‌ଙ୍କୁ ନେଇ ନିର୍ମାଣ ହୋଇଛି ଏହି ବଡ଼ ବଜେଟ୍‌ର ସିନେମା। ଏଥିରେ ଆକ୍ସନ ଷ୍ଟାର୍ ଅର୍ଦ୍ଧେନ୍ଦୁଙ୍କ ଜବରଦସ୍ତ ଆକ୍ସନ ଦେଖିବାକୁ ପାଇବେ ଦର୍ଶକେ। ଏହାସହ ପୁପିନ୍ଦର, ଲିପିଙ୍କ ପୁରୁଣା ଯୋଡ଼ିକୁ ପୁଣି ଥରେ ମନେ ପକାଇବେ। 'ଆଦିଲକ୍ଷ୍ମୀ ଏଣ୍ଟରଟେନମେଣ୍ଟ ବ୍ୟାନର୍'ରେ ଆଦିକନ୍ଦ ସାହୁଙ୍କ ପ୍ରଯୋଜନାରେ ଜୀ ସାର୍ଥକର ସହଭାଗିତାରେ ପ୍ରସ୍ତୁତ ହୋଇଥିବା ଏହି ଚଳଚ୍ଚିତ୍ରକୁ ସାଇ କିରଣ ମଙ୍ଗରାଜ ନିର୍ଦ୍ଦେଶନା ଦେଇଛନ୍ତି। କାହାଣୀ ଓ ଚିତ୍ରନାଟ୍ୟ ରଚନା କରିଛନ୍ତି ମାନସ ପଡ଼ିଆରୀ। ସିନେମାର ଚିତ୍ରତ୍ତୋଳନ କରିଛନ୍ତି ପ୍ରତାପ ରାଉତ ଏବଂ ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି ଗୌରଭ ଆନନ୍ଦ। ତେବେ ଏହା ଦଶହରାରେ ଦର୍ଶକଙ୍କର ଯଥେଷ୍ଟ ମନୋରଞ୍ଜନର ଖୋରାକ ଯୋଗାଇବ ବୋଲି ପ୍ରଯୋଜନା ସଂସ୍ଥା ପ୍ରକାଶ କରିଛନ୍ତି। ■

## ପରଦା ପଛର କାହାଣୀ

# ଅଭିନେତ୍ରୀଙ୍କୁ ବଞ୍ଚାଇବାକୁ ନିଆଁକୁ ଡେଇଁଥିଲେ ଅଭିନେତା

୧୯୫୭ ମସିହାରେ ମୁକ୍ତିଲାଭ କରିଥିଲା କଲ୍ଟ୍ କ୍ଲାସିକ୍ ଫିଲ୍ମ 'ମଦରଇଣ୍ଡିଆ'। ଏହି ଫିଲ୍ମରେ ଅଭିନେତ୍ରୀ ନର୍ଗିସ୍, ଅଭିନେତା ସୁନିଲ ଦତ୍ତ ଏବଂ ରାଜେନ୍ଦ୍ର କୁମାର ଚମତ୍କାର ଅଭିନୟ କରିଛନ୍ତି। ଏଥିରେ ନର୍ଗିସ୍ ଦୁଇଜଣ ଅଭିନେତାଙ୍କ ମାଆ ଚରିତ୍ରରେ ଅଭିନୟ କରିଥିଲେ। ନିକଟରେ ଏହି ଫିଲ୍ମ ସହ ଜଡ଼ିତ ଏକ ରୋଚକୀୟ ଫଟୋ ସାମ୍ନାକୁ ଆସିଛି। ଯେଉଁଥିରେ ଅଭିନେତା ନିଜ ଜୀବନକୁ ବାଜି ଲଗାଇ ଅଭିନେତ୍ରୀଙ୍କୁ ବଞ୍ଚାଇ ଥିଲେ। 'ମଦର ଇଣ୍ଡିଆ'ର ସୁଟିଂ ସମୟରେ ସେଟ୍‌ରେ ନିଆଁ ଲାଗିଯାଇଥିଲା। ଅଧିକାଂଶ କ୍ରିଉ ମେମ୍ବର ଓ ଅଭିନେତ୍ରୀ ସେହି ନିଆଁ ମଧ୍ୟରେ ଫସି ରହିଥିଲେ। ନର୍ଗିସଙ୍କୁ ନିଆଁରେ ଦେଖି ଅଭିନେତା ତାଙ୍କୁ ବଞ୍ଚାଇବାକୁ ଭୟଙ୍କର ନିଆଁ ମଧ୍ୟକୁ ଝାସ ଦେଇଥିଲେ। ଅଭିନେତ୍ରୀଙ୍କୁ ବଞ୍ଚାଇବା ପାଇଁ ସୁନୀଲ ଦତ୍ତ ସେହି ନିଆଁରେ ଫସି ଯାଇଥିଲେ। ଏଥିରେ ତାଙ୍କ ମୁହଁର କିଛି ଅଂଶ ଜଳି ଯାଇଥିଲା। ସୁନୀଲ ସୁସ୍ଥ ହେବା ଯାଏ ତାଙ୍କ ସହିତ ରହି ନର୍ଗିସ୍ ଦେଖାଶୁଣା କରିଥିଲେ। ଏହି ସମୟରେ ଦୁହିଁଙ୍କ ମଧ୍ୟରେ ପ୍ରେମ ସମ୍ପର୍କ ଗଢ଼ି ଉଠିଥିଲା। କିଛି ଦିନ ପରେ ନର୍ଗିସଙ୍କୁ ବିବାହ ପାଇଁ ସୁନୀଲ ଦତ୍ତ ପ୍ରସ୍ତାବ ଦେଇଥିଲେ। ପ୍ରଥମେ ମନା କରିବା ପରେ ଦ୍ୱିତୀୟ ଥର ନର୍ଗିସ୍ ବିବାହ ପାଇଁ ରାଜି ହୋଇଥିଲେ। ଏହାପରେ ୧୯୫୮ ମସିହାରେ ଦୁହେଁ ବିବାହ କରିଥିଲେ।




ନିକଟରେ ସାମାଜିକ ଗଣମାଧ୍ୟମରେ ସୁନିଲ ଦତ୍ତ ଓ ନର୍ଗିସଙ୍କ ଏକ ଫଟୋ ଭାଇରାଲ୍ ହୋଇଥିବା ଦେଖିବାକୁ ମିଳିଛି। ଏହା 'ମଦର ଇଣ୍ଡିଆ' ଫିଲ୍ମର ନିଆଁ ଲାଗିବା ସମୟର ଦୃଶ୍ୟ ବୋଲି ଜଣାପଡ଼ିଛି। ■

# ୨୨ରୁ ଆଓ ନେକ୍ସଟ୍‌ରେ ଘମାଘୋଟ୍



ଓଡ଼ିଶାର ବିଭିନ୍ନ ଫିଲ୍ମ ହଲ୍‌ରେ ଦର୍ଶକଙ୍କ ଭଲ ପାଇବା ସାଉଁଟିବା ପରେ ଓଡ଼ିଆ ହାଇ-ଆକ୍ସନ ଫିଲ୍ମ 'ଘମାଘୋଟ୍' ଆସନ୍ତା ସେପ୍ଟେମ୍ବର ୨୨ ତାରିଖରୁ ଓଡ଼ିଶାର ଲୋକପ୍ରିୟ ଷ୍ଟ୍ରିମିଂ ପ୍ଲାଟଫର୍ମ 'ଆଓ ନେକ୍ସଟ୍'ରେ ଡିଜିଟାଲ ପ୍ରିମିୟର ହେବାକୁ ଯାଉଛି। କୌଶିକ ଦାସଙ୍କ ଦ୍ୱାରା ପ୍ରଯୋଜିତ ଓ ରାଜା.ଡି.ଙ୍କ ନିର୍ଦ୍ଦେଶିତ ଫିଲ୍ମ 'ଘମାଘୋଟ୍' ଗତ ମାର୍ଚ୍ଚ ମାସରେ ହଲ୍‌ରେ ରିଲିଜ ହୋଇ ବକ୍ସ ଅଫିସ୍‌ରେ ହିଟ୍ ହୋଇଥିଲା। ଜବରଦସ୍ତ ଡ୍ରାମା ଏବଂ ଆକର୍ଷଣୀୟ କାହାଣୀ ସହିତ ଏହି ଫିଲ୍ମଟି ଗ୍ୟାଙ୍ଗ ୱାର୍‌ର ଅନ୍ଧାର ଦୁନିଆର ଗଭୀରତାକୁ ଅତି ସରଳ ଭାବରେ ଦର୍ଶକଙ୍କ ପାଖରେ ପହଞ୍ଚାଇ ଥିଲା । ନିର୍ଦ୍ଦେଶକ କହିଛନ୍ତି ଯେ, ଆକ୍ସନ୍ ସିକ୍ୱେନ୍ସ ଗୁଡ଼ିକ ରଶି ବିନା ପ୍ରଦର୍ଶନ କରାଯାଇଥିଲା। ଫଳରେ ଫାଇଟ୍ ଦୃଶ୍ୟଗୁଡ଼ିକ ଅତ୍ୟନ୍ତ ନିଛକ ଏବଂ ବାସ୍ତବବାଦୀ ହୋଇଛି। ଫିଲ୍ମରେ ଅଭିଷେକ ପଣ୍ଡା, ଦୀପକ ପରିଡ଼ା, ବିଶ୍ୱଜିତ ରାଉତ, ଜୋଣ୍ଟି, ଆକାଶ ହୋତା, ଆକାଶ ରାଉତ, ସନ୍ଦୀପ ମିଶ୍ର, ସନୋଜ କୁମାର, ଗୋଲ୍ଡି ଦାସ, ଶକ୍ତି, ରାଜେଶ କୁମାର ସାହୁ, ତପି ମିଶ୍ର, ଆଇମନ୍ ପ୍ରଧାନ, ଶୈଳେନ୍ଦ୍ର ସାମନ୍ତରାୟ ଏବଂ କ୍ରୀଷ୍ଣା କରଙ୍କ ପରି ପ୍ରତିଭାଶାଳୀ କଳାକାରମାନେ ନିଜର ଅଭିନୟର ଯାଦୁ ଦେଖାଇଛନ୍ତି । ତେବେ ଯେଉଁ ଦର୍ଶକମାନେ ଫିଲ୍ମଟିକୁ ହଲରେ ଦେଖି ପାରି ନ ଥିଲେ ସେମାନେ ସେପ୍ଟେମ୍ବର ୨୨ରୁ ଆଓ ନେକ୍ସଟରେ ଏହି ଓଡ଼ିଆ ହାଇ-ଆକ୍ସନ ଫିଲ୍ମ ଦେଖିପାରିବେ । ■

# 'ଓଡ଼ିଶାର ବେଷ୍ଟ ସିନେ ଷ୍ଟାର୍‌ର ଖୋଜ୍'ରେ ରଞ୍ଜିତ ବେଦୀ



ଜୀ ସାର୍ଥକରେ ପ୍ରସାରିତ ହେଉଥିବା ଓଡ଼ିଶାର ବଡ଼ ରିୟାଲିଟି ଶୋ' "ଓଡ଼ିଶାର ବେଷ୍ଟ ସିନେ ଷ୍ଟାରର ଖୋଜ୍" ମଞ୍ଚରେ ମୁମ୍ବାଇ ଚଳଚ୍ଚିତ୍ର ଇଣ୍ଡଷ୍ଟ୍ରିର ବରିଷ୍ଠ ଅଭିନେତା ତଥା ପ୍ରଖ୍ୟାତ ଖଳନାୟକ ରଞ୍ଜିତ ବେଦୀ ଅତିଥି ବିଚାରକ ଭାବେ ଯୋଗ ଦେଇଛନ୍ତି। ଓଡ଼ିଶାର ପ୍ରତିଟି କୋଣ ଅନୁକୋଣରେ ଥିବା ପ୍ରତିଭାବାନ କଳାକାର ସୃଷ୍ଟି କରିବା ପାଇଁ ଜୀ ସାର୍ଥକ ଯେଉଁ ପ୍ଲାଟଫର୍ମ ଯୋଗାଇଦେଉଛି ସେଥିପାଇଁ ଚ୍ୟାନେଲକୁ ସାଧୁବାଦ ଜଣାଇଛନ୍ତି ରଞ୍ଜିତ। ପରିଶ୍ରମ କଲେ ନିଶ୍ଚିତ ଭାବେ ଜଣେ ଜଣେ ସୁପ୍ରତିଷ୍ଠିତ କଳାକାର ହୋଇପାରିବେ ବୋଲି ସେ କହିଛନ୍ତି। ତେବେ ଏହି ଶୋ' ହେଉଛି ଏକ ଅନନ୍ୟ ପ୍ରତିଭା ଖୋଜିବାର ପ୍ରୟାସ। ଏହି ରିୟାଲିଟି ଶୋ'ରେ ବିଭିନ୍ନ ନାଟକୀୟ ଦୃଶ୍ୟଠାରୁ ଆରମ୍ଭ କରି କମେଡି ଡ୍ରାମା ସହ ଆକ୍ସନ ସିକ୍ୱେନ୍ସ ପର୍ଯ୍ୟନ୍ତ ନିଜର ପ୍ରତିଭା ଦ୍ୱାରା ଏହି ମଞ୍ଚକୁ ଜୀବନ୍ତ କରିବେ ପ୍ରତିଯୋଗୀ। ବିଭିନ୍ନ ପର୍ଯ୍ୟାୟରେ ପ୍ରତିଯୋଗୀମାନେ ନିଜର କଳା ପ୍ରଦର୍ଶନ କରିବେ ଓ ଗ୍ରାଣ୍ଡ ଫିନାଲେରେ ଜଣେ ଅଭିନେତା ଓ ଅଭିନେତ୍ରୀ ବିଜୟୀ ମୁକୁଟ ପିନ୍ଧିବେ। ସେମାନଙ୍କୁ ଆଗାମୀ ଜୀ ସାର୍ଥକ ଫିଲ୍ମସ ଓ ମ୍ୟୁଜିକ ଭିଡିଓରେ ମୁଖ୍ୟ କଳାକାର ଭାବରେ ଲଞ୍ଚ କରାଯିବ। ଏହି ରିୟାଲିଟି ଶୋ'ରେ ବିଚାରକ ଭାବରେ ଶ୍ରୀତମ, ଲିପି ଏବଂ ନମ୍ରତା ଥାପ୍ପା ରହିଛନ୍ତି। ଉପସ୍ଥାପନା ଦାୟିତ୍ୱ ତୁଲାଉଛନ୍ତି ଅଭିନେତ୍ରୀ ଅନନ୍ୟା ଏବଂ ଅଭିନେତା ରଞ୍ଜନ। ■

ସାକ୍ଷାତକାର

# "ସଫଳ କଳାକାର ହେବା ମୋର ଲକ୍ଷ୍ୟ"

## ରିତିକ୍ ପାଣିଗ୍ରାହୀ



ଭାଷା ଅପେକ୍ଷା ଭାବନାକୁ ନୃତ୍ୟ ଅଧିକ ଗଭୀର ଭାବରେ ପ୍ରସାର କରିବାରେ କ୍ଷମତା ପ୍ରଦାନ କରିଥାଏ। ଅଙ୍ଗଭଙ୍ଗୀ ମାଧ୍ୟମରେ ଜଣେ ନୃତ୍ୟଶିଳ୍ପୀ ନିଜର ସଂସ୍କୃତି ଓ ପରମ୍ପରାକୁ ଉଜ୍ଜୀବିତ ରଖିପାରନ୍ତି। ତେବେ ଖୁବ୍ କମ୍ ନୃତ୍ୟଶିଳ୍ପୀଙ୍କ ଭାଗ୍ୟ ତାଙ୍କୁ କଳାକାର ସଜାଇଦିଏ। ଏମିତି ଜଣେ ଉଦୀୟମାନ କଳାକାର ହେଉଛନ୍ତି ରାଉରକେଲାର ରିତିକ୍ ପାଣିଗ୍ରାହୀ। 'ଡିଓଡି' ଓ 'ବିଗ୍ ବ୍ରେକ୍-୨' ପରି ରିଆଲିଟି ଶୋ'ରେ ସେ ନିଜର ପ୍ରତିଭା ଦେଖାଇଥିଲେ। 'ଡିଓଡି' ପ୍ଲାଟ୍‌ଫର୍ମରେ ଫାଇନାଲିଷ୍ଟ ଟପ୍ ୧୮ ରେ ରହିଥିଲେ। ଅନେକ ଷ୍ଟେଜ୍ ପ୍ରୋଗ୍ରାମରେ ସେ ଦର୍ଶକଙ୍କ ମନ ଜିଣିଛନ୍ତି। ୪ରୁ ୫ଟି ମ୍ୟୁଜିକ୍ ଭିଡିଓରେ ସେ କାମ କରିସାରିଛନ୍ତି। 'ମଙ୍ଗୁଳା କନ୍ୟା' ତାଙ୍କର ପ୍ରଥମ ଧାରାବାହିକ। ତେବେ ଅଭିନୟ ଜଗତକୁ ସେ କେମିତି ଆସିଲେ, ଏଥିପାଇଁ ସେ କେତେ ସଂଘର୍ଷ କରିଛନ୍ତି ଜାଣିବା ତାଙ୍କଠାରୁ।

**ନୃତ୍ୟଶିଳ୍ପୀରୁ ଅଭିନେତା କେମିତି ହେଲେ?**

● ପିଲାଟିଦିନରୁ ନୃତ୍ୟ ପ୍ରତି ମୋର ଦୁର୍ବଳତା ଥିଲା। ମୁଁ ସୁପରଷ୍ଟାର୍ ଶାହରୁଖ ଖାନ୍‌ଙ୍କ ବହୁତ ବଡ଼ ପ୍ରଶଂସକ। ବିଭିନ୍ନ ଷ୍ଟେଜ୍ ପ୍ରୋଗ୍ରାମରେ ନୃତ୍ୟ କରିଛି। ଡ୍ୟାନ୍ସ ଓଡ଼ିଶା ଡ୍ୟାନ୍ସ (ଡିଓଡି) ରେ ଭାଗ ନେଇ ଏଥିରେ ଟପ୍ ୧୮ ଯାଏଁ ରହିଛି। ବାପୀ ପଲେଇ ସାର୍ ଓ ରୋଜା ରଣା ମାଡାମ୍ ହେଉଛନ୍ତି ମୋ ନୃତ୍ୟ ଗୁରୁ/ ଗୁରୁମା। ଦଶମ ପରେ ମୁଁ 'ବିଗ୍ ବ୍ରେକ୍-୨' ରିଆଲିଟି ଶୋ'କୁ ଯାଇଥାଏ। ସେଠି ଟପ୍ ୧୬ ଯାଏଁ ଯାଇଥିଲି। 'ଏ ଜାଇଫୁଲ' ମୋର ପ୍ରଥମ ମ୍ୟୁଜିକ୍ ଭିଡିଓ। ମୋର ବିପକ୍ଷରେ ଥିଲେ ଗାର୍ଗୀ। ଏହି ଭିଡିଓଟି ମୋର ୨୬ ଲକ୍ଷ ଭିଉ ଯାଇଥିଲା। ପରେ କିଛି ୟୁଟ୍ୟୁବ୍ ଚ୍ୟାନେଲର କାମ କରିଛି। 'ଲଭ୍ ଟ୍ୟୁନ୍' ସମେତ ୫ଟି ମ୍ୟୁଜିକ୍ ଆଲବମ୍ କରିବାକୁ ମୋତେ ସୁଯୋଗ ମିଳିଛି। ତାହାରି ଭିତରେ ମୋତେ ଅଭିନୟ କରିବାକୁ ବି ଇଚ୍ଛା ଥାଏ। ସ୍ନାତକ ପଢ଼ା ସମୟରେ ସିଦ୍ଧାର୍ଥ ଟିଭିର 'ମଙ୍ଗୁଳା କନ୍ୟା' ଧାରାବାହିକ ପାଇଁ ଅଡିସନ୍ ଦେବାକୁ ମୋତେ ସୁଯୋଗ ମିଳିଲା। ଏଥିରେ ମୁଖ୍ୟ ନାୟକ ଅନୁରାଗ ଚରିତ୍ରରେ କାମ କରିଥିଲି।

**ପ୍ରଥମ ପ୍ରୋଜେକ୍ଟରେ ଦର୍ଶକ ଗ୍ରହଣ କରିଥିଲେ କି?**

● "ମଙ୍ଗୁଳା କନ୍ୟା' ଧାରାବାହିକରେ ଅନ୍ୟ ଜଣଙ୍କ ସ୍ଥାନରେ ଏହି ଚରିତ୍ର ମୋତେ ମିଳିଥିଲା। ପ୍ରଥମ ପ୍ରୋଜେକ୍ଟରେ ଦର୍ଶକଙ୍କଠାରୁ ଆଶାଠାରୁ ଅଧିକ ଭଲପାଇବା ପାଇଥିଲି। ଯେହେତୁ ପ୍ରଥମ ଧାରାବାହିକରେ ବରିଷ୍ଠ କଳାକାରଙ୍କ ସହ କାମ କରୁଥିଲି। ରାତି ରାତି ସୁଟ୍ କରିବା, ପାଠ ପାଇଁ ସମୟ ଦେବା, ସଂଳାପ କହିବା ଆଦି ସବୁ ପାଇଁ ସମୟ ଲାଗିଥିଲା। ବରିଷ୍ଠ କଳାକାରଙ୍କଠାରୁ ବହୁତ କିଛି ଶିଖିବାକୁ ମୋତେ ସୁଯୋଗ ମିଳିଥିଲା।

**ପଢ଼ା ଆଉ ଅଭିନୟ ପାଇଁ କେମିତି ସମୟ ଦିଅନ୍ତି?**

● ଯେତେ କାମ କଲେ ବି ପାଠକୁ ଗୁରୁତ୍ୱ ଦେଇଆସିଛି। ଡ୍ୟାନ୍ସ, ମ୍ୟୁଜିକ୍ ଭିଡିଓ ଏବଂ ଧାରାବାହିକକୁ ବାଦ୍ ଦେଲେ, ଅନେକ ଗୁଡ଼ିଏ ବିଜ୍ଞାପନ କରିଛି। ଯେହେତୁ ମୁଁ ମାସ୍ କମ୍ୟୁନିକେସନ ଆଣ୍ଡ ଜର୍ଣ୍ଣାଲିଜିମ୍‌ରେ ସ୍ନାତକୋତ୍ତର କରିଥିଲି। ଏବେ ଏକ ଇଭେଣ୍ଟ କମ୍ପାନୀର ମିଡିଆ ପ୍ଲାନର ଭାବେ କାମ କରୁଛି। କାର୍ଯ୍ୟବ୍ୟସ୍ତତା ଯୋଗୁଁ ଅଭିନୟଠାରୁ ଦୂରେଇ ଯାଇଛି। ଭଲ କାହାଣୀ ମିଳିଲେ ମୁଁ ନିଶ୍ଚିତ କାମ କରିବି। ଏଥିପାଇଁ ପ୍ରସ୍ତୁତ ଜାରି ରଖିଛି। ଅଭିନୟ ମୋର ନିଶା, ଚାକିରି ମୋର ପେଶା।

**ଡ୍ରିମ୍ ରୋଲ୍?**

● ଡ୍ରିମ୍ ରୋଲର ସ୍ୱପ୍ନ ମୁଁ ଦେଖିନି। କିନ୍ତୁ ହଁ ଜୀବନ ଥିବା ଯାଏଁ ମୁଁ ଅଭିନୟ ଆଉ ନୃତ୍ୟ ଜାରି ରଖିବି। ସଫଳ କଳାକାରଟିଏ ହେବା ମୋର ଲକ୍ଷ୍ୟ। ତେଣୁ ମୋତେ ଯେଉଁ ଚରିତ୍ର ମିଳିଲେ ମୁଁ କରିବି।

**ଅଭିନୟକୁ ମାର୍ଜିତ କରିବାକୁ କେମିତି ପ୍ରସ୍ତୁତ ହେବା ଦରକାର?**

● ପ୍ରଥମେ ନିଜର ଗୋଲ୍ ସେଟ୍ କରନ୍ତୁ। ଫିଲ୍ମ ଲାଇନ୍‌ରେ ଯିବେ, କ'ଣ କରିପାରିବେ ତାହାକୁ ଗୁରୁତ୍ୱ ଦେଇ ଆଗକୁ ବଢ଼ନ୍ତୁ। ସବୁ ଲାଇନ୍‌ରେ କଷ୍ଟ ଆଉ ସଂଘର୍ଷ କରିବାକୁ ପଡ଼ିଥାଏ। ରାତିରାତି ସଫଳ ହେବାକୁ ଇଚ୍ଛା ନ ରଖି କଠିନ ପରିଶ୍ରମ କରନ୍ତୁ। ଚେଷ୍ଟା କରି ବିଫଳ ହେବାରେ ମଜା ଥାଏ। ସେହିପରି ସ୍କ୍ରିପ୍ଟ ଯାହା ମାଗୁଛି ତା' ଅନୁସାରେ ଅଭିନୟ କରିଲେ ଏହା ପ୍ରଶଂସନୀୟ ହୋଇଥାଏ। ■

# ଭାରତ-ପାକିସ୍ତାନ ହାଇଭୋଲ୍ଟେଜ୍ ମୁକାବିଲା ଆଜି

ଦୁବାଇ, ୧୩।୯ (ଏଜେନ୍ସି): ବିଶ୍ୱ କ୍ରିକେଟର ଦୁଇ ଶକ୍ତି ତଥା ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ଭାରତ ଓ ପାକିସ୍ତାନ ମଧ୍ୟରେ ଏସିଆ କପ୍ କ୍ରିକେଟର ଗ୍ରୁପ୍-ବି' ମୁକାବିଲା ଆସନ୍ତାକାଲି ବା ରବିବାର ଏଠାରେ ଖେଳାଯିବ। ଏହାକୁ ଏକ ହାଇଭୋଲ୍ଟେଜ ମ୍ୟାଚ୍ ବା ଆଉ କେତେକ ମହାମୁକାବିଲା ଭାବେ ବର୍ଣ୍ଣନା କରୁଥିଲେ ମଧ୍ୟ ଏଥର ସେଭଳି ଉତ୍ସାହ ନାହିଁ। ବିଶେଷ କରି ଭାରତ ଓ ପାକିସ୍ତାନ ଯେଉଁଠାରେ ଖେଳିଲେ ମଧ୍ୟ ଏମାନଙ୍କ ମୁକାବିଲା ପୂର୍ବରୁ ଟିକଟ ଅଧଘଣ୍ଟା ମଧ୍ୟରେ ବିକ୍ରି ହୋଇଯାଇଥାଏ। କିନ୍ତୁ ଏଠାରେ ତାହା ଦେଖିବାକୁ ମିଳିନାହିଁ। ୨୫,୦୦୦ କ୍ଷମତା ବିଶିଷ୍ଟ ଦୁବାଇ ଇଣ୍ଟରନ୍ୟାସନାଲ ଷ୍ଟାଡିୟମ୍‌ରେ ଏଯାଏ ଅନେକ ଟିକଟ ବିକ୍ରି ହୋଇପାରି ନାହିଁ। ଏହାର କାରଣ ଯାହା ହେଉନା କାହିଁକି ମ୍ୟାଚ୍‌ରେ ଷ୍ଟାଡିୟମ୍ ପୂରା କରିବାକୁ ଆୟୋଜକମାନେ କୌଣସି ଉଦ୍ୟମ ଛାଡୁନାହାନ୍ତି ଓ ସମସ୍ତ ଟିକଟ ବିକ୍ରି ହୋଇଯିବ ବୋଲି ଆଶା ରଖିଛନ୍ତି। ଏହା ମଧ୍ୟରେ ଉଭୟ ଦଳ ଗୋଟିଏ ଲେଖାଏଁ ଗ୍ରୁପ୍-ଲିଗ୍ ମ୍ୟାଚ୍ ଖେଳିସାରିଛନ୍ତି। ଉଭୟ ଦଳ ପ୍ରଥମ ମୁକାବିଲାକୁ ସହଜରେ ଜିତିଥିଲାବେଳେ ଆସନ୍ତାକାଲି ମ୍ୟାଚ୍‌ରେ ଯେଉଁ ଦଳ ଜିତିବ, ସେହି ଦଳ ଗ୍ରୁପରେ ପ୍ରଥମସ୍ଥାନ ଅଧିକାର କରିବ ଓ ପ୍ରଥମେ ସୁପର-୪'ରେ ପ୍ରବେଶ କରିବ। ଏଣୁ ଭାରତକୁ ହରାଇବା ଲାଗି ପାକିସ୍ତାନ ଦଳ କୌଣସି ସାମାନ୍ୟତମ ସୁଯୋଗକୁ ହାତଛଡ଼ା କରିବ ନାହିଁ ବୋଲି ଆଶାକରାଯାଉଛି।



ଭାରତର ସୂର୍ଯ୍ୟକୁମାର ଯାଦବ ଓ ପାକିସ୍ତାନର ସଲମାନ ଅଲି ଆଘା ପ୍ରଥମଥର ଏସିଆ କପ୍‌ରେ ଦଳର ନେତୃତ୍ୱ ନେଉଛନ୍ତି। ଏଣୁ ସମର୍ଥକଙ୍କ ନିକଟରେ ଏମାନେ ଏତେ ଅଧିକ ଲୋକପ୍ରିୟତା ହାସଲ କରିପାରିନାହାନ୍ତି। ଏହାର ଅର୍ଥ ନୁହେଁ ଯେ ସେମାନଙ୍କ ନିକଟରେ ଦକ୍ଷତା ନାହିଁ। ଭାରତୀୟ ଦଳ ବିଶ୍ୱକପ୍ ଚାମ୍ପିଅନ ହୋଇଥିଲାବେଳେ ପାକିସ୍ତାନ ଟିକେ ପଛରେ ପଡ଼ିଛି। ଉଭୟ ଦେଶ ମୁକାବିଲା ବେଳେ ଏଭଳି ତଥ୍ୟର କିଛି ମୂଲ୍ୟ ନ ଥାଏ। ଏଣୁ ଏହି ମ୍ୟାଚ୍‌ର ଫଳାଫଳ ଏକତରଫା ହେଉ କି ପ୍ରତିଦ୍ୱନ୍ଦ୍ୱିତାମୂଳକ, ଷ୍ଟାଡିୟମ ନିଶ୍ଚିତ ଭରପୁର ରହିବ।

## ● ନୂଆ ଖେଳାଳିଙ୍କ ଆକର୍ଷଣ କମ୍

ଏସିଆ କପ୍‌ରେ ଏଥର ଭାଗନେଇଥିବା ଅନେକ ଖେଳାଳି ନବାଗତ। ଘରୋଇ ତଥା ଫ୍ରାଞ୍ଚାଇଜ୍ କ୍ରିକେଟର ସଫଳତାକୁ ନେଇ ଉଭୟ ଦେଶର ଦଳ ଗଠନ କରାଯାଇଛି। ଯେହେତୁ ଏହା ଟି-୨୦ ଫର୍ମାଟରେ ଖେଳାଯାଉଛି, ସେଥିଲାଗି ଯୁବ ଖେଳାଳିଙ୍କୁ ଗୁରୁତ୍ୱ ଦିଆଯାଉଛି। ଉଭୟ ଅଧିନାୟକ

ଆଜିର ମ୍ୟାଚ୍

**ଭାରତ-ପାକିସ୍ତାନ**
ସ୍ଥାନ : ଦୁବାଇ
ଖେଳ ଆରମ୍ଭ : ରାତି ୮ଟା
ପ୍ରସାରଣ : ସୋନି ସ୍ପୋର୍ଟ୍ସ ନେଟୱର୍କ

ଉଭୟ ଦେଶର ଖେଳାଳି ସେମାନଙ୍କ ପ୍ରିମିୟର ଲିଗ୍‌ରେ ଶ୍ରେଷ୍ଠତ୍ୱ ପ୍ରଦର୍ଶନ କରିଛନ୍ତି। ସୂର୍ଯ୍ୟକୁମାର ଯାଦବଙ୍କ ନେତୃତ୍ୱରେ ଗଠିତ ଭାରତୀୟ ଦଳର ୧ରୁ ୧୧ ନମ୍ବର ଖେଳାଳିଙ୍କ ନିକଟରେ ମ୍ୟାଚ୍ ଜିତାଇବାର ଦକ୍ଷତା ରହିଛି। ପାକିସ୍ତାନର ଖେଳାଳିମାନେ ମଧ୍ୟ କମ୍ ନୁହଁନ୍ତି। କିନ୍ତୁ ଏମାନଙ୍କ ମଧ୍ୟରେ ଯିଏ ଜିତୁ ନା କାହିଁକି, ମୁକାବିଲା ଅଧିକାଂଶ ସମୟ ଏକତରଫା ହୋଇଥାଏ। ପ୍ରଥମ ମ୍ୟାଚ୍‌ରେ ଭାରତ ଯେପରି ୪.୩ ଓଭରରେ ବା ପାୱାରପ୍ଲେ'ରେ ମ୍ୟାଚ୍ ଜିତିଲା ତାହା ଅନ୍ୟ ଦଳପ୍ରତି ଏକ ଚେତାବନୀ। ବୋଲର ହୁଅନ୍ତୁ କିମ୍ବା ବ୍ୟାଟର ଏମାନେ ଯେ କୌଣସି ପ୍ରତିଦ୍ୱନ୍ଦ୍ୱୀଙ୍କୁ ଏକତ୍ର ହୋଇ ପରାଜିତ କରିବାର ଅନେକ ନଜର ରହିଛି। ବିଶ୍ୱଚାମ୍ପିଅନ ଭାରତୀୟ ଦଳ ଦମ୍ ଦେଖାଇବ ବୋଲି ଆଶା କରାଯାଉଛି।

### ରେକର୍ଡରେ ଭାରତ ଆଗୁଆ

୧୩ ବର୍ଷ ହେଲା ଭାରତ ଓ ପାକିସ୍ତାନ ମଧ୍ୟରେ ଦ୍ୱିପାକ୍ଷିକ କ୍ରିକେଟ ସିରିଜ୍ ଖେଳାଯାଉନାହିଁ। ଉଭୟ ଦେଶ ରାଜନୈତିକ ବାତାବରଣ ଯୋଗୁଁ ଅନ୍ୟ ଦେଶକୁ ଲୋକପ୍ରିୟ କ୍ରିକେଟକୁ ପଠାଇବାକୁ ଚାହୁଁ ନାହାନ୍ତି। କିନ୍ତୁ କ୍ରିକେଟ ଖେଳର ସର୍ବୋଚ୍ଚ ସଂସ୍ଥା ଆଇସିସି ଦ୍ୱାରା ଆୟୋଜିତ ଟୁର୍ଣ୍ଣାମେଣ୍ଟରେ ଉଭୟ ଦଳ ପରସ୍ପର ସହ ଖେଳୁଛନ୍ତି। ୨୦୦୭ରେ ପ୍ରଥମଥର ଆୟୋଜିତ ଟି-୨୦ ବିଶ୍ୱକପ୍‌ରେ ଉଭୟ ଦଳ ପରସ୍ପର ସହ ଭେଟାଭେଟି ହୋଇଥିଲେ। ବିଶ୍ୱ କ୍ରିକେଟରେ ୨୦୦୭ ସେପ୍ଟେମ୍ବର ୧୪ରେ ଉଭୟ ଦଳ ପରସ୍ପର ସହ ପ୍ରଥମ ମ୍ୟାଚ୍ ଖେଳିଥିଲେ। ଏବେ ଏସିଆ କପ୍‌ରେ ଦୀର୍ଘ ୧୮ ବର୍ଷ ପରେ ସେହି ସେପ୍ଟେମ୍ବର ୧୪ରେ ଉଭୟଙ୍କ ମଧ୍ୟରେ ୧୪ତମ ଟି-୨୦ ମୁକାବିଲା ଅନୁଷ୍ଠିତ ହେବ। ଏହା ପୂର୍ବରୁ ଖେଳାଯାଇଥିବା ୧୩ଟି ମଧ୍ୟରୁ ପ୍ରଥମ ମ୍ୟାଚ୍‌ଟି ଟାଇ ରହିଥିଲା। ତତ୍‌କାଳୀନ ନିୟମ ଅନୁଯାୟୀ ଭାରତ ବୋଲ ଆଉଟରେ ଏହି ମ୍ୟାଚ୍‌କୁ ଜିତିଥିଲା। ଭାରତ ମଧ୍ୟ ଫାଇନାଲରେ ପାକିସ୍ତାନକୁ ୫ ରନ୍‌ରେ ହରାଇ ପ୍ରଥମ ଟାଇଟଲ ଜିତିଥିଲା। ଉଭୟଙ୍କ ମଧ୍ୟରେ ଖେଳାଯାଇଥିବା ୧୨ଟି ପୂର୍ଣ୍ଣାଙ୍ଗ ମୁକାବିଲା ମଧ୍ୟରୁ ଭାରାତ ୯ଟିରେ ଓ ପାକିସ୍ତାନ ମାତ୍ର ୩ଟିରେ ବିଜୟୀ ହୋଇଛି। ଏସିଆ କପ୍‌ରେ ୩ଟି ଟି-୨୦ ମୁକାବିଲାରୁ ଭାରତ ୨ଟିରେ ଜିତିଛି। କିନ୍ତୁ ଉଭୟ ଦଳ ମଧ୍ୟରେ ଖେଳାଯାଇଥିବା ଶେଷ ୫ଟି ମୁକାବିଲା ମଧ୍ୟରୁ ଭାରତ ୩ଟି ଓ ପାକିସ୍ତାନ ୨ଟି ମ୍ୟାଚ୍‌ରେ ବିଜୟୀ ହୋଇଛି। ଏଣୁ ଗତ ୫ଟି ମୁକାବିଲାରେ ଭାରତ ସହ କଡା ଟକ୍କର ଦେଇଛି ପାକିସ୍ତାନ। ଏଠାରେ ମଧ୍ୟ ସମାନ ଅବସ୍ଥା ଦେଖିବାକୁ ମିଳିବ ବୋଲି ଆଶା କରାଯାଉଛି।

### ଖେଳାଳି ତାଲିକା

**ଭାରତ:** ସୂର୍ଯ୍ୟକୁମାର ଯାଦବ (ଅଧିନାୟକ), ଶୁବମନ ଗିଲ (ଉପଅଧିନାୟକ), ଅଭିଷେକ ଶର୍ମା, ସଞ୍ଜୁ ସାମସନ, ଜିତେଶ ଶର୍ମା (ଉଭୟ ୱିକେଟରକ୍ଷକ), ତିଳକ ବର୍ମା, ହାର୍ଦ୍ଦିକ ପାଣ୍ଡ୍ୟା, ଶିବମ ଦୁବେ, ରିଙ୍କୁ ସିଂ, ଅକ୍ଷର ପଟେଲ, କୁଲଦୀପ ଯାଦବ, ବରୁଣ ଚକ୍ରବର୍ତ୍ତୀ, ଯଶପ୍ରୀତ୍ ବୁମ୍‌ରା, ଅର୍ଶଦୀପ ସିଂହ, ହର୍ଷିତ ରାଣା।

**ପାକିସ୍ତାନ:** ସଲମାନ ଅଲି ଆଘା (ଅଧିନାୟକ), ଆବ୍ରାର ଅହମ୍ମଦ୍, ଫହୀମ ଅଶ୍ରଫ୍, ଫକର ଜମାନ, ହାରିସ୍ ରୌଫ୍, ହାସନ ଅଲି, ହାସନ ନୱାଜ, ହୁସେନ ତଲତ, ଖୁସ୍‌ଦିଲ ଶାହ, ମହମ୍ମଦ୍ ହାରିସ୍ (ୱିକେଟରକ୍ଷକ), ମହମ୍ମଦ୍ ନୱାଜ, ମହମ୍ମଦ୍ ୱାସିମ୍, ସାହିବଜାଦା ଫରହାନ, ସାଇମ ଆୟୁବ, ସଲମାନ ମିର୍ଜା, ସାହିନ ଆଫ୍ରିଦୀ ଓ ସୁଫିୟାନ ମୁକୀମ୍।

## ବୋଲିଂରେ ଦମ୍ ଦେଖାଇଲା ଶ୍ରୀଲଙ୍କା

ଆବୁଧାବି, ୧୩।୯ (ଏଜେନ୍ସି): ଏସିଆ କପ୍‌ରେ ପ୍ରଥମ ମ୍ୟାଚ୍ ଖେଳିଥିବା ଶ୍ରୀଲଙ୍କା ଦଳ ଆଜି ଏଠାରେ ଦମ୍ ଦେଖାଇଛି। ଦଳ ଟସ୍ ଜିତି ପ୍ରଥମେ ବୋଲିଂ ନେବା ପରେ ଜଣଙ୍କ ପରେ ଜଣେ ବାଂଲାଦେଶୀ ବ୍ୟାଟରଙ୍କୁ ପାଭିଲିୟନ ପଠାଇ ଶ୍ରୀଲଙ୍କା ଆତଙ୍କ ସୃଷ୍ଟି କରିବାରେ ସମର୍ଥ ହୋଇଥିଲା। ୧୦ମ ଓଭର ଖେଳ ଶେଷ ସୁଦ୍ଧା ପ୍ରଥମେ ବ୍ୟାଟିଂ କରି ବାଂଲାଦେଶ ୫ ୱିକେଟ ହରାଇ ୫୩ ରନ୍ ସଂଗ୍ରହ କରିନେଇଛି। ଏହି ସମୟରେ ଦଳ ପକ୍ଷରୁ ଜେକର ଅଲି ୪ ରନ୍‌ରେ ବ୍ୟାଟିଂ କରୁଥିଲେ। ଦଳର ଦୁଇ ଓପନର ତାନ୍‌ଜିଦ୍ ହାସନ ସମିମ ଓ ପରଭେଜ ହୋସେନ ଏମନ ଖାତା ଖୋଲିପାରି ନାହାନ୍ତି। ସେହିପରି ନିର୍ଭରଯୋଗ୍ୟ ତୋହିଦ୍ ହୃଦୟ ୮ ଓ ମେହଦୀ ହାସନ ମିରାଜ ୯ ରନ୍ କରିପାରିଥିଲେ। ୫ମ ଖେଳାଳିଭାବେ ଅଧିନାୟକ ଲିଟନ ଦାସ ୨୮ ରନ୍‌ରେ ଆଉଟ ହୋଇଥିଲେ। ଶ୍ରୀଲଙ୍କା ପକ୍ଷରୁ ଲେଗ୍ ସ୍ପିନର ୱାନିନ୍ଦୁ ହାସରଙ୍ଗା ୨ଟି, ନୁୱାନ ଥୁସରା ଓ ଦୁଷ୍ମନ୍ତ ଚାମୀରା ଗୋଟିଏ ଲେଖାଏଁ ୱିକେଟ ନେଇଛନ୍ତି। ହୃଦୟ ରନ୍‌ଆଉଟ ହୋଇଥିଲେ।

ଗତକାଲି ଖେଳାଯାଇଥିବା ମ୍ୟାଚ୍‌ରେ ଓମାନକୁ ୯୩ ରନ୍‌ରେ ହରାଇ ପାକିସ୍ତାନ ଏସିଆ କପ୍ ଗ୍ରୁପ୍-ଏ' ମ୍ୟାଚ୍‌ରେ ପ୍ରଥମ ବିଜୟ ହାସଲ କରିଥିଲା। ପାକିସ୍ତାନ ନିର୍ଦ୍ଧାରିତ ୨୦ ଓଭରରେ ୭ ୱିକେଟ ହରାଇ ୧୬୦ ରନ୍ କରିଥିଲା। ଦଳ ପକ୍ଷରୁ ଯୁବ ଖେଳାଳି ମହମ୍ମଦ୍ ହାରିସ୍‌ଙ୍କ ୬୬ ରନ୍ କରିଥିଲେ। ଜବାବରେ ଦଳ ୧୬.୪ ଓଭରରେ ମାତ୍ର ୬୭ ରନ୍ କରି ଅଲଆଉଟ ହୋଇଯାଇଥିଲା।

## ସୁଟିଂ ବିଶ୍ୱକପ୍‌ରେ ସ୍ୱର୍ଣ୍ଣ ଜିତିଲେ ଇଶା



ନିନବୋ, ୧୩।୯ (ଏଜେନ୍ସି): ଚାଇନାରେ ଚାଲିଥିବା ଆଇଏସ୍‌ଏସ୍‌ଏଫ୍ ରାଇଫଲ/ପିସ୍ତଲ ସୁଟିଂ ବିଶ୍ୱକପ୍‌ରେ ଭାରତର ଇଶା ସିଂ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି। ଶନିବାର ଅନୁଷ୍ଠିତ ମହିଳା ୧୦ ମିଟର ଏୟାର ପିସ୍ତଲ ଇଭେଣ୍ଟରେ ଇଶା ପୋଡିୟମର ପ୍ରଥମ ସ୍ଥାନରେ ରହି ଏହି ସଫଳତା ପାଇଥିଲେ। ଫାଇନାଲରେ ଇଶା ଓ ଘରୋଇ ଚାଇନା ସୁଟର୍ ୟାଓ ଜିଆନଜୁନଙ୍କ ମଧ୍ୟରେ କଡ଼ା ଟକ୍କର ଦେଖିବାକୁ ମିଳିଥିଲା। ଶେଷରେ ଇଶା ମାତ୍ର ୦.୧ ସ୍କୋରରେ ବାଜିମାତ୍ କରି ଚାମ୍ପିଅନ ହୋଇଥିଲେ। ଇଶା ୨୪୨.୬ ସ୍କୋର କରିଥିଲେ। ସେହିଭଳି ଜିଆନଜୁନ ୨୪୨.୫ ସ୍କୋର ସହ ଅଳ୍ପକେ ଶୀର୍ଷ ସ୍ଥାନ ହରାଇଥିଲେ। ଡିଫେଣ୍ଡିଂ ଅଲିମ୍ପିକ ଚାମ୍ପିଅନ ଦକ୍ଷିଣ କୋରିଆର ଓହ ୟେଜିନ ୩ୟ ସ୍ଥାନରେ ରହି କାଂସ୍ୟ ପଦକରେ ସନ୍ତୁଷ୍ଟ ରହିଥିଲେ।

## ମହିଳା ଫୁଟ୍‌ବଲ୍ ଚୟନ କମିଟିରେ ଶ୍ରଦ୍ଧାଞ୍ଜଳି ଅଧ୍ୟକ୍ଷା

ଭୁବନେଶ୍ୱର, ୧୩।୯ (ସମିସ): ଫୁଟ୍‌ବଲ ଆସୋସିଏସନ ଅଫ୍ ଓଡ଼ିଶା (ଫାଓ) ପକ୍ଷରୁ ଶନିବାର ରାଜ୍ୟ ମହିଳା ଫୁଟ୍‌ବଲର ନୂତନ ଚୟନ କମିଟି ଗଠନ କରାଯାଇଛି। ଜାତୀୟ ଦଳର ପୂର୍ବତନ ଅଧିନାୟିକା ତଥା ଫାଓ ଯୁଗ୍ମ ସମ୍ପାଦକ ଶ୍ରଦ୍ଧାଞ୍ଜଳି ସାମନ୍ତରାୟ ଉଭୟ ସିନିଅର ଓ ଜୁନିଅର ଦଳ ଚୟନ କମିଟିର ଅଧ୍ୟକ୍ଷା ନିଯୁକ୍ତ ହୋଇଛନ୍ତି। ସିନିଅର ଚୟନ କମିଟିରେ ରଞ୍ଜିତା ମହାନ୍ତି, ଗୀତାଞ୍ଜଳି ଖୁଣ୍ଟିଆ, ଗାୟତ୍ରୀ ମଲ୍ଲିକ ଓ ସସ୍ମିତା ମଲ୍ଲିକ ସଦସ୍ୟ ରହିଛନ୍ତି। ସେହିଭଳି ସରିତା ଜୟନ୍ତୀ ବେହେରା, ମମତା କୁମାରୀ ସାମନ୍ତ, ଆଲୋଚନା ସେନାପତି, ସୁପ୍ରଭା ସାମଲ ଓ ସ୍ୱର୍ଣ୍ଣମୟୀ ସାମଲ ଜୁନିଅର ଚୟନ କମିଟିରେ ସଦସ୍ୟ ଭାବେ ସ୍ଥାନ ପାଇଛନ୍ତି। ବିଭିନ୍ନ ଜାତୀୟସ୍ତରୀୟ ସିନିଅର ଓ ଜୁନିଅର ଟୁର୍ଣ୍ଣାମେଣ୍ଟ ଲାଗି ଏହି କମିଟି ଦଳ ଚୟନ କରିବ। ଏହି ଅବସରରେ ଫାଓ ସମ୍ପାଦକ ଆଶୀର୍ବାଦ ବେହେରାଙ୍କ ସମେତ ଅନ୍ୟ କର୍ମକର୍ତ୍ତା ସମସ୍ତଙ୍କୁ ଅଭିନନ୍ଦନ ଜଣାଇଛନ୍ତି।



## ଦୁଲୀପ ଟ୍ରଫି: ଡ୍ରାଇଭର ସିଟ୍‌ରେ କେନ୍ଦ୍ରାଞ୍ଚଳ

ବେଙ୍ଗାଲୁରୁ, ୧୩।୯ (ଏଜେନ୍ସି): ଏଠାରେ ଚାଲିଥିବା ଦୁଲୀପ୍ ଟ୍ରଫି ଫାଇନାଲ ମୁକାବିଲାରେ ଦକ୍ଷିଣାଞ୍ଚଳ ବିପକ୍ଷରେ କେନ୍ଦ୍ରାଞ୍ଚଳ ଦୃଢ଼ସ୍ଥିତିରେ ରହିଛି। ୩୬୨ ରନ ପଛରେ ଥାଇ ଦ୍ୱିତୀୟ ପାଳି ଆରମ୍ଭ କରିଥିବା ଦକ୍ଷିଣାଞ୍ଚଳ ଶନିବାର ୩ୟ ଦିବସ ଷ୍ଟମ୍ପ ସୁଦ୍ଧା ୩୩ ଓଭରରେ ୨ ୱିକେଟ ହରାଇ ୧୨୯ ରନ ସଂଗ୍ରହ କରିଛି। ଆଠ ୱିକେଟ୍ ବଳକା ଥାଇ ପାଳି ପରାଜୟ ଏଡ଼ାଇବା ଲାଗି ଦକ୍ଷିଣାଞ୍ଚଳ ଆହୁରି ୨୩୩ ରନ ଆବଶ୍ୟକ କରୁଛି। ପୂର୍ବରୁ ଶନିବାର ସକାଳେ କେନ୍ଦ୍ରାଞ୍ଚଳ ଏହାର ଅସମାପ୍ତ ପ୍ରଥମ ପାଳି ସ୍କୋର ୩୮୪/୫ରୁ ବ୍ୟାଟିଂ ଆରମ୍ଭ କରି ୫୧୧ ରନରେ ସୀମିତ ରହିଥିଲା। ୧୩୭ ରନ କରି ଅପରାଜିତ ରହିଥିବା ଯଶ ରାଠୋଡ ଆଜି ୧୯୪ ରନରେ ଆଉଟ୍ ହୋଇ ଅଳ୍ପକେ ଦ୍ୱିଶତକରୁ ବଞ୍ଚିତ ହୋଇଥିଲେ। ଦକ୍ଷିଣାଞ୍ଚଳର ଦୁଇ ବୋଲର ଗୁରଜାପନୀତ୍ ସିଂହ ଓ ଅଙ୍କିତ ଶର୍ମା ୪ଟି ଲେଖାଏ ୱିକେଟ୍ ନେଇଥିଲେ। ଏହି ମ୍ୟାଚରେ ପ୍ରଥମେ ବ୍ୟାଟିଂ କରିଥିବା ଦକ୍ଷିଣାଞ୍ଚଳ ୧୪୯ ରନରେ ଅଲ୍‌ଆଉଟ୍ ହୋଇଥିଲା। ଖେଳ ଆହୁରି ୨ ଦିନ ବାକି ଥିବାରୁ କେନ୍ଦ୍ରାଞ୍ଚଳ ମ୍ୟାଚକୁ ନିଜ ନିୟନ୍ତ୍ରଣରେ ରଖିଛି।

## ୩୦ ଲିଟର ମାତୃକ୍ଷୀର ଦାନ କଲେଣି ଜ୍ୱାଲା



ହାଇଦରାବାଦ୍, ୧୩।୯ (ଏଜେନ୍ସି): ପୂର୍ବତନ ଭାରତୀୟ ବ୍ୟାଡ୍‌ମିଣ୍ଟନ ଖେଳାଳି ଜ୍ୱାଲା ଗୁଟ୍ଟା ଏକ ଅନନ୍ୟ ପ୍ରୟାସ ଆରମ୍ଭ କରିଛନ୍ତି। ଯାହାକୁ ନେଇ ସେ ବର୍ତ୍ତମାନ ବେଶ୍ ଚର୍ଚ୍ଚାରେ ରହିଛନ୍ତି। ଗତ ଏପ୍ରିଲରେ ମାତୃତ୍ୱ ଲାଭ କରିଥିବା ୪୨ ବର୍ଷୀୟା ଜ୍ୱାଲା ସମ୍ପ୍ରତି ହାଇଦରାବାଦର ଏକ ସରକାରୀ ହସ୍ପିଟାଲକୁ ପ୍ରତିଦିନ ନିଜର ୬୦୦ ଗ୍ରାମ ମାତୃକ୍ଷୀର ଦାନ କରୁଛନ୍ତି। ଯେଉଁ ନବଜାତ ଶିଶୁମାନଙ୍କର ମା ନାହାନ୍ତି ସେମାନଙ୍କୁ ସାହାଯ୍ୟ କରିବାକୁ ଜ୍ୱାଲା ନିଜର ଅତିରିକ୍ତ କ୍ଷୀରକୁ ଦାନ କରିବା ଭଳି ମହନୀୟ ନିଷ୍ପତ୍ତି ନେଇଛନ୍ତି। ଛୋଟ ଓ ନିଷ୍ପାପ ଶିଶୁଙ୍କ ଜୀବନ ବଞ୍ଚାଇବା ଲାଗି ସେ ଆରମ୍ଭ କରିଥିବା ଏହି ପ୍ରୟାସକୁ ନେଇ ତାଙ୍କୁ ଚାରିଆଡୁ ପ୍ରଶଂସା କରାଯାଉଛି। ତାଙ୍କର ଏହି କାର୍ଯ୍ୟକୁ ପ୍ରେରଣାଦାୟୀ ଭାବେ ଦେଖାଯାଉଛି। ରିପୋର୍ଟ ଅନୁସାରେ ଜ୍ୱାଲା ସେପ୍ଟେମ୍ବର ୧୨ ସୁଦ୍ଧା ମୋଟ୍ ୩୦ ଲିଟର କ୍ଷୀର ଦାନ କରିସାରିଲେଣି। ଉଲ୍ଲେଖଯୋଗ୍ୟ, ଜ୍ୱାଲା ୨୦୦୫ରେ ସାଥୀ ଖେଳାଳି ଚେତନ ଆନନ୍ଦଙ୍କୁ ବିବାହ କରିଥିଲେ। ୨୦୧୧ରେ ଉଭୟଙ୍କ ମଧ୍ୟରେ ବିଚ୍ଛେଦ ଘଟିଥିଲା। ଏହାପରେ ଜ୍ୱାଲା ୨୦୨୧ରେ ତାମିଲ ଅଭିନେତା ବିଷ୍ଣୁ ବିଶାଲଙ୍କୁ ଦ୍ୱିତୀୟ ବିବାହ କରିଥିଲେ।

## ଫାଇନାଲରେ ଲକ୍ଷ୍ୟ, ସାତ୍ତ୍ୱିକ-ଚିରାଗ

ନୂଆଦିଲ୍ଲୀ, ୧୩।୯ (ଏଜେନ୍ସି): ଚଳିତ ହଂକଂ ଓପନ୍ ବ୍ୟାଡ୍‌ମିଣ୍ଟନର ଦୁଇଟି ଇଭେଣ୍ଟରେ ଭାରତୀୟ ଖେଳାଳିମାନେ ଫାଇନାଲରେ ପ୍ରବେଶ କରିଛନ୍ତି। ପୁରୁଷ ସିଙ୍ଗଲ୍ସ ସେମିଫାଇନାଲରେ ଲକ୍ଷ୍ୟ ସେନ୍ ୨୩-୨୧, ୨୨-୨୦ ସିଧାସଳଖ ଗେମରେ ଚାଇନିଜ ତାଇପେଇର ଚୋଉ ତିଏନଙ୍କୁ ପରାସ୍ତ କରି ଫାଇନାଲ୍‌ରେ ପହଞ୍ଚିଛନ୍ତି। ଅପରପକ୍ଷରେ ପୁରୁଷ ଡବଲ୍ସରେ ସାତ୍ତ୍ୱିକସାଇରାଜ ରାନକିରେଡ୍ଡୀ ଓ ଚିରାଗ ସେଟ୍ଟୀ ଯୋଡ଼ି ମଧ୍ୟ ଟାଇଟଲ୍ ଲଢ଼େଇରେ ଅବତୀର୍ଣ୍ଣ ହୋଇଛନ୍ତି। ସାତ୍ତ୍ୱିକ-ଚିରାଗ ଯୋଡ଼ି ସେମିରେ ୨୧-୧୭, ୨୧-୧୫ରେ ଚାଇନିଜ ତାଇପେଇ ଯୋଡ଼ିଙ୍କୁ ପରାସ୍ତ କରିଥିଲେ।


■ କଳିଙ୍ଗରେ ଏସୀୟ ଟିଟି ଟିମ୍ ଚାମ୍ପିଅନସିପ

## ଭାଗନେବେ ୨୨ ଦେଶର ୪୫୦ ଖେଳାଳି

ଭୁବନେଶ୍ୱର,୧୩।୯ (ସମିସ): ଏସୀୟ ଟେବଲ ଟେନିସର ଟିମ୍ ଚାମ୍ପିଅନସିପ୍ ପ୍ରଥମଥର ଆଇକନିକ କଳିଙ୍ଗ ଷ୍ଟାଡିୟମ୍‌ରେ ଅକ୍ଟୋବର ୧୧ରୁ ଆରମ୍ଭ ହେବ। ଏହି ପ୍ରତିଯୋଗିତା ଲାଗି ରାଜ୍ୟ ଟିଟି ଖେଳାଳି ଓ ସମର୍ଥକ ତଥା କ୍ରୀଡ଼ାପ୍ରେମୀଙ୍କ ମଧ୍ୟରେ ଉତ୍ସାହ ପରିଲକ୍ଷିତ ହୋଇଛି। ବିଶେଷକରି ଟିଟିରେ ଏସିଆ ମହାଦେଶର ବିକଳ୍ପ ଏଯାଏ ସୃଷ୍ଟି ହୋଇପାରିନାହିଁ। ବିଶ୍ୱରେ ଚୀନ୍ ଏକ ଅପରାଜେୟ ଦଳ ଭାବେ ପ୍ରତିଷ୍ଠା ଲାଭ କରିଛି। ଦକ୍ଷିଣ କୋରିଆ, ଜାପାନ, ମାଲେସିଆ ଓ ଇଣ୍ଡୋନେସିଆ ମଧ୍ୟ ବିଶ୍ୱରେ ପ୍ରତିଷ୍ଠା ଲାଭ କରିଛନ୍ତି। ଏଠାରେ ଦୁଇଟି ଗୁରୁତ୍ୱପୂର୍ଣ୍ଣ ଘଟଣା ଘଟିବାକୁ ଯାଉଛି। ଗୋଟିଏ ହେଉଛି ଲଣ୍ଡନରେ ହେବାକୁ ଥିବା ୨୦୨୬ ୱାର୍ଲ୍ଡ ଟିମ୍ ଚାମ୍ପିଅନସିପ୍ ଲାଗି ପ୍ରସ୍ତୁତି ଏବଂ ଦ୍ୱିତୀୟଟି ହେଉଛି ଏସୀୟ ଟେବଲ ଟେନିସ ୟୁନିଅନ୍‌ର କାର୍ଯ୍ୟନିର୍ବାହୀ ବୋର୍ଡ ବୈଠକ। ଅକ୍ଟୋବର ୧୩ରେ ବୈଠକ ହେବାର କାର୍ଯ୍ୟକ୍ରମ ଥିଲାବେଳେ ୧୫ରେ ପ୍ରତିଯୋଗିତା ଶେଷ ହେବ।

### ଦ୍ୱିତୀୟ ଟି-୨୦ରେ ଦକ୍ଷିଣ ଆଫ୍ରିକା ଧରାଶାୟୀ

## ସଲ୍ଟଙ୍କ ଶତକରେ ଇଂଲଣ୍ଡର ରେକର୍ଡ ବିଜୟ



ମାଞ୍ଚେଷ୍ଟର, ୧୩।୯ (ଏଜେନ୍ସି): ଓପନର୍ ଫିଲ୍ସ ସଲ୍ଟଙ୍କ ବିସ୍ଫୋରକ ଶତକ ବଳରେ ଏଠାରେ ଖେଳାଯାଇଥିବା ଦ୍ୱିତୀୟ ଟି-୨୦ରେ ଘରୋଇ ଇଂଲଣ୍ଡ ରେକର୍ଡ ୧୪୬ ରନରେ ଦକ୍ଷିଣ ଆଫ୍ରିକାକୁ ପରାସ୍ତ କରିଛି। ଟି-୨୦ରେ ରନ ବ୍ୟବଧାନରେ ଇଂଲଣ୍ଡର ଏହା ସର୍ବବୃହତ ବିଜୟ ହୋଇଛି। ପୂର୍ବରୁ ପ୍ରଥମ ଟି-୨୦କୁ ୧୪ ରନରେ ହାରିଥିବା ଇଂଲଣ୍ଡ ଏଥିସହ ସିରିଜକୁ ୧-୧'ର ସମାନସ୍ତରକୁ ଆଣିଛି। ରବିବାର ନିର୍ଣ୍ଣାୟକ ତଥା ୩ୟ ଟି-୨୦ ଖେଳାଯିବ।

ଏହି ମ୍ୟାଚରେ ଟସ୍ ହାରି ଇଂଲଣ୍ଡ ବ୍ୟାଟିଂ ଆମନ୍ତ୍ରଣ ପାଇଥିଲା। ଇଂଲଣ୍ଡ ପାଇଁ ଦୁଇ ଓପନର୍ ଜୋଶ୍ ବଟଲର ଓ ଫିଲ୍ସ ସଲ୍ଟ ବିଧ୍ୱଂସୀ ବ୍ୟାଟିଂ କରି ପ୍ରଥମ ୬ ଓଭରରେ ୧୦୦ ଓ ୮ ଓଭରରେ ରେକର୍ଡ ୧୨୬ ଉଠାଇଥିଲେ। ଅଭିଜ୍ଞ ବଟଲର ୩୦ ବଲରେ ୮୩ ରନ କରି ଆଉଟ୍ ହୋଇଥିଲେ। ଏହି ବିସ୍ଫୋରକ ପାଳିରେ ସେ ୮ ଚୌକା ଓ ୭ ଛକା ମାରିଥିଲେ। ଏହାପରେ ଅନ୍ୟତମ ଓପନର୍ ସଲ୍ଟ କିନ୍ତୁ ତାଙ୍କ ଦ୍ରୁତ ବ୍ୟାଟିଂ ଜାରି ରଖିଥିଲେ। ୩୯ ବଲରେ ଶତକ ହାସଲ କରିଥିବା ସଲ୍ଟ ୬୦ ବଲରୁ ୧୪୧ ରନ (୧୫ଟି ଚୌକା ଓ ୮ଟି ଛକା) କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଫଳରେ ଇଂଲଣ୍ଡ ୨ ୱିକେଟ୍‌ରେ ୩୦୪ ରନର ବିଶାଳ ସ୍କୋର ଠିଆ କରାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଜାକବ ବେଥେଲ ୨୬ ଓ ଅଧିନାୟକ ହ୍ୟାରୀ ବ୍ରୁକ ଅପରାଜିତ ୪୨ ରନ କରିଥିଲେ। ଜବାବରେ ଦକ୍ଷିଣ ଆଫ୍ରିକା ବିପର୍ଯ୍ୟୟର ସମ୍ମୁଖୀନ ହୋଇ ୧୫୮ ରନରେ ଅଲ୍‌ଆଉଟ୍ ହୋଇଥିଲା। ଏହି ମ୍ୟାଚରେ ଇଂଲଣ୍ଡ ଏକାଧିକ ରେକର୍ଡ କରିଛି। ଟି-୨୦ରେ ୩ୟ ଦଳ ଭାବେ ଇଂଲଣ୍ଡ ୩୦୦ ରନ ଅତିକ୍ରମ କରିଛି। କିନ୍ତୁ ଟେଷ୍ଟ ମାନ୍ୟତାପ୍ରାପ୍ତ ଦୁଇ ଦେଶ ମଧ୍ୟରେ ଅନୁଷ୍ଠିତ ଏକ ଟି-୨୦ରେ ପ୍ରଥମଥର ଦଳଗତ ସ୍କୋର ୩୦୦ ଡେଇଁଛି। ପୂର୍ବରୁ ୨୦୨୪ରେ ବାଂଲାଦେଶ ବିପକ୍ଷରେ ଭାରତ ୬ ୱିକେଟ୍‌ରେ ୨୯୭ ରନ କରିଥିଲା। ତେବେ ଟି-୨୦ରେ ସର୍ବାଧିକ ଦଳଗତ ସ୍କୋର ଜିମ୍ବାୱେ (୩୪୪/୪ ବନାମ ଗାମ୍ବିଆ) ନାମରେ ରହିଛି।

## ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା ଟେକ୍‌ନିକାଲ କମିଟିରେ ଗଗନେନ୍ଦୁ



ଭୁବନେଶ୍ୱର, ୧୩।୯ (ସମିସ): ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ାର ୫ମ ସଂସ୍କରଣ ଆସନ୍ତା ନଭେମ୍ବରରେ ରାଜସ୍ଥାନରେ ଖେଳାଯିବ। ଜୟପୁରର ପୂର୍ଣ୍ଣିମା ବିଶ୍ୱବିଦ୍ୟାଳୟ ଓ ରାଜସ୍ଥାନ ବିଶ୍ୱବିଦ୍ୟାଳୟ ମିଳିତ ଭାବେ ଏହି ମେଗା ଇଭେଣ୍ଟକୁ ଆୟୋଜିତ କରିବେ। ଏହି ପ୍ରତିଯୋଗିତାରେ ୨୦ଟି ଇଭେଣ୍ଟରେ ୮୦୦୦ରୁ ଊର୍ଦ୍ଧ୍ୱ ଆଥ୍‌ଲେଟ୍ ଅଂଶଗ୍ରହଣ କରିବାର ସମ୍ଭାବନା ରହିଛି। ଏଥିଲାଗି ସର୍ବଭାରତୀୟ ବିଶ୍ୱବିଦ୍ୟାଳୟ ସଂଘ (ଏଆଇୟୁ) ପକ୍ଷରୁ କିଟ୍ ବିଶ୍ୱବିଦ୍ୟାଳୟର ଡ. ଗଗନେନ୍ଦୁ ଦାଶଙ୍କୁ ଏକ ବଡ଼ ଦାୟିତ୍ୱ ପ୍ରଦାନ କରାଯାଇଛି। ଗେମ୍ସ ଟେକନିକାଲ କଣ୍ଡକ୍ଟ କମିଟି (ଜିଟିସିସି)ରେ ପୂର୍ବାଞ୍ଚଳରୁ ସଦସ୍ୟ ଭାବେ ଗଗନେନ୍ଦୁଙ୍କୁ ମନୋନୀତ କରାଯାଇଛି। ଏଥିଲାଗି କିଟ୍ ଓ କିସ୍ ବିଶ୍ୱବିଦ୍ୟାଳୟ ପକ୍ଷରୁ ତାଙ୍କୁ ଅଭିନନ୍ଦନ ଜଣାଯାଇଛି।

ଯୁବ ଏସିଆନ ହ୍ୟାଣ୍ଡବଲ୍

## ଭାରତୀୟ ଦଳରେ ସୁପ୍ରଜିତ ଓ ସ୍ୱସ୍ତିକ; ଗୌରୀ ପ୍ରଶିକ୍ଷକ

ଭୁବନେଶ୍ୱର, ୧୩।୯ (ସମିସ): ଜୋର୍ଡାନର ରାଜଧାନୀ ଅମାନ ସହରରେ ସେପ୍ଟେମ୍ବର ୧୫ ତାରିଖରୁ ଯୁବ ଏସିଆନ ହ୍ୟାଣ୍ଡବଲ ଚାମ୍ପିଅନସିପ (୧୭ ବର୍ଷରୁ କମ୍)ର ପ୍ରଥମ ସଂସ୍କରଣ ଅନୁଷ୍ଠିତ ହେବ। ଏଥିଲାଗି ଘୋଷିତ ଭାରତୀୟ ଦଳରେ ଓଡ଼ିଶାର ଦୁଇଜଣ ଖେଳାଳି ସ୍ଥାନ ପାଇଛନ୍ତି। ସେମାନେ ହେଲେ ସୁପ୍ରଜିତ ବେହେରା ଓ ସ୍ୱସ୍ତିକ ମହାପ୍ରସାଦ। ସେହିଭଳି ଯୁବ ଭାରତୀୟ ହ୍ୟାଣ୍ଡବଲ ଦଳର ପ୍ରଶିକ୍ଷକ ଭାବେ ଓଡ଼ିଶାର ଗୌରୀ ଶଙ୍କର ମିଶ୍ର ଜୋର୍ଡାନ ଯାତ୍ରା କରିଛନ୍ତି। ଏହି ଅବସରରେ ଓଡ଼ିଶା ହ୍ୟାଣ୍ଡବଲ୍ ସଂଘ ପକ୍ଷରୁ ସଭାପତି ବିପ୍ଳବ ଚୌଧୁରୀ, ସମ୍ପାଦକ ମାନସ ସିଂ, କୋଷାଧ୍ୟକ୍ଷ ଶୀତେନ୍ଦ୍ରନାଥ ଦାସ ପ୍ରମୁଖ ଏହି ତିନିଜଣଙ୍କୁ ଶୁଭେଚ୍ଛା ଓ ଶୁଭକାମନା ଜଣାଇଛନ୍ତି।



ଏସିଆ କପ୍ ମହିଳା ହକି

## ଆଜି ଭାରତ-ଚୀନ୍ ଫାଇନାଲ ମୁକାବିଲା



ହାଙ୍ଗଝୋଉ,୧୩।୯ (ଏଜେନ୍ସି): ଭାରତ ଓ ଚୀନ୍ ମଧ୍ୟରେ ଚଳିତ ଏସିଆ କପ୍ ମହିଳା ହକି ପ୍ରତିଯୋଗିତାର ଫାଇନାଲ ମୁକାବିଲା ହେବ। ଏହି ମ୍ୟାଚଟି ରବିବାର ଭାରତୀୟ ସମୟ ସନ୍ଧ୍ୟା ୫ଟା ୩୦ରୁ ଆରମ୍ଭ ହେବ। ଆଜି ତଥା ଶନିବାର ଖେଳାଯାଇଥିବା ସୁପର-୪'ର ଶେଷ ପର୍ଯ୍ୟାୟ ଶେଷ ଲିଗ୍ ମ୍ୟାଚ୍‌ରେ ଚୀନ୍ ୧-୦ ଗୋଲରେ ଦକ୍ଷିଣ କୋରିଆକୁ ପରାସ୍ତ କରିବା ପରେ ଭାରତ ଫାଇନାଲ ଖେଳିବା ରାସ୍ତା ପରିଷ୍କାର କରିନେଇଥିଲା।

କୋରିଆ ପରାଜିତ ହେବା ପରେ ଚୀନ୍ ୩ଟି ମ୍ୟାଚ୍‌ରୁ ୩ଟିରେ ବିଜୟୀ ହୋଇ ସୁପର-୪'ରେ ପ୍ରଥମ ସ୍ଥାନ ଅଧିକାର କରି ଫାଇନାଲରେ ସ୍ଥାନ ପକ୍କା କରିଥିଲା। ପୂର୍ବରୁ ଭାରତ ୧-୧ ଗୋଲ୍‌ରେ ଜାପାନ ସହ ମ୍ୟାଚ୍ ଡ୍ର ରଖିବା ଫଳରେ ଫାଇନାଲ ଖେଳିବା ନେଇ ଆଶଙ୍କା ପ୍ରକାଶ ପାଇଥିଲା। କିନ୍ତୁ ଦଳ ୩ଟି ମ୍ୟାଚ୍‌ରୁ ଗୋଟିଏ ବିଜୟ, ଗୋଟିଏ ଡ୍ର ଓ ଗୋଟିଏ ପରାଜୟରୁ ୪ ପଏଣ୍ଟ ପାଇ ସୁପର-୪'ରେ ଦ୍ୱିତୀୟସ୍ଥାନରେ ରହିଥିଲା। ସୁପର-୪'ରେ ଚୀନ୍ ଓ ଭାରତ ପ୍ରଥମ ଦୁଇଟି ସ୍ଥାନ ଅଧିକାର କରି ଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଥିଲେ।

ଜାପାନ ବିପକ୍ଷରେ ଭାରତ ଆଜି ଖେଳିଥିବା ମ୍ୟାଚ୍‌ରେ ଭାରତ ଆରମ୍ଭରୁ ସୁଯୋଗ ପାଇ ଏହାର ସଦ୍‌ବ୍ୟବହାର କରିଥିଲା। ଖେଳର ପ୍ରଥମ କ୍ୱାର୍ଟରର ୭ମ ମିନିଟରେ ନେହାଙ୍କଠାରୁ ପାସ୍ ପାଇ ବିଉଟି ଡୁଙ୍ଗ ଡୁଙ୍ଗ୍ ଗୋଲ ଦେବାରେ ସମର୍ଥ ହୋଇଥିଲେ। ଏହି ଗୋଲ ପରେ ଭାରତୀୟ ଖେଳାଳି ଉତ୍ସାହିତ ହୋଇଥିଲାବେଳେ ଜାପାନ ଖେଳାଳିମାନେ ଆକ୍ରମଣାତ୍ମକ ହୋଇପଡ଼ିଥିଲେ। ଏହା ପରେ ଜାପାନ ଏକାଧିକ ଆକମଣ ରଚନା କରିଥିଲେ ମଧ୍ୟ ଗୋଲ ଦେଇ ପାରି ନ ଥିଲା। ଖେଳର ଶେଷ ସମୟରେ ଅର୍ଥାତ୍ ୫୮ତମ ମିନିଟ୍‌ରେ ସିହୋ କୋବାୟାକା ଗୋଲ ଶୁଝାଇ ଦେଇଥିଲେ। ଅବଶିଷ୍ଟ ସମୟରେ କେହି କାହାରିକୁ ଗୋଲ ଦେଇ ନପାରିବା ଫଳରେ ଖେଳ ୧-୧ ଗୋଲରେ ସମାନସ୍ତରରେ ରହିଥିଲା।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS